

▶ପୃଷ୍ଠା ୧୧ ଦେଖନ୍ତୁ...



- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-22 ◆WEDNESDAY ◆16 JULY 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୨୨ ◆ବୁଧବାର ◆୧୬ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ନିର୍ଯାତନା ନିଆଁ କ୍ରୋଧରେ ଜଳୁଛି ଓଡ଼ିଶା

## ଆଜି ବିଜେଡିର ବାଲେଶ୍ୱର ବନ୍ଦ, ଲୋକସେବା ଭବନ ଘେରାଉ

■ **ଭୁବନେଶ୍ୱର, ୧୫।୭ (ସମିସ):** ସାରା ଓଡ଼ିଶା ସ୍ତବ୍ଧ। ବିଫଳ ସରକାରୀ ବ୍ୟବସ୍ଥା, ଶାସନ ଗାଦିରେ ବସିଥିବା ନେତାଙ୍କ ଚରମ ଦାୟିତ୍ୱହୀନତା ଜଣେ ଛାତ୍ରୀର ଜୀବନ ନେଇଗଲା। ବ୍ୟବସ୍ଥା ବିରୋଧରେ ବିଦ୍ରୋହ କରିଥିବା ସୌମ୍ୟାଶ୍ରୀ ଜୀବନଯୁଦ୍ଧରେ ହାରିଗଲା। ବାରମ୍ବାର ଅଭିଯୋଗ ପରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ନ ହେବାରୁ ସରକାର, ଶିକ୍ଷାନୁଷ୍ଠାନ କର୍ତ୍ତୃପକ୍ଷ, ନିଜ ଦଳର ନେତାଙ୍କ ଉପରୁ ଆସ୍ଥା ହରାଇ ନିଜ ଦେହରେ ନିଆଁ ଲଗାଇ ଦେଲା। ଶେଷରେ ବ୍ୟବସ୍ଥାକୁ ବିଦ୍ରୂପ କରି ଆଖି ବୁଜିଦେଲା। ରାତାରାତି ସୌମ୍ୟାଶ୍ରୀର ଶବକୁ ସରକାର ପୁଲିସ ଲଗାଇ ତା'ର ଗାଁକୁ ପଠାଇଦେଲେ। ବାଲେଶ୍ୱରର ସୁଦୂର ପଳାଶିଆ ଗାଁ ମାଟିରେ ସୌମ୍ୟାଶ୍ରୀଙ୍କ ଚିତା ଜଳିଛି ଓ ଏହି ଚିତାରେ ମଧ୍ୟ ଜଳିଛି ସରକାରଙ୍କ

### ଜନ୍ମମାଟି ପଳାସିଆରେ ସୌମ୍ୟାଶ୍ରୀଙ୍କ ଅନ୍ତିମ ସଂସ୍କାର

ବାହାସ୍ଫୋଟ, ଦମ୍ଭ, ବେପରୁଆ ମାନସିକତା। ଯାହାକୁ ନେଇ ସାରା ରାଜ୍ୟରେ ସୃଷ୍ଟି ହୋଇଛି କ୍ଷୋଭ, କ୍ରୋଧ। ମାଲକାନଗିରିରୁ ମୟୂରଭଞ୍ଜ ଯାଏ ଉଠିଛି ପ୍ରତିବାଦର ସ୍ୱର। ସରକାର କ'ଣ ଏମିତି ଚାଲେ ବୋଲି ରାଜ୍ୟବାସୀ ଏବେ ପ୍ରଶ୍ନ କରୁଛନ୍ତି। ସୌମ୍ୟାଶ୍ରୀର ଅକାଳ ମୃତ୍ୟୁ ପାଇଁ ଉତ୍ତରଦାୟୀ କିଏ ? ଶାସନ ଓ ବ୍ୟବସ୍ଥାର ଦୋଛକିରେ ଚାଲିଗଲା ନୀରିହ ଛାତ୍ରୀର ଜୀବନ। ଏକ ପକ୍ଷରେ ବିଜେଡି ଏହାର ନିରପେକ୍ଷ ଓ ନ୍ୟାୟିକ ତଦନ୍ତ ଦାବି କରିଥିବା ବେଳେ ଦଳମତ ନିର୍ବିଶେଷରେ ସାଧାରଣରେ ଏଥିରେ ସମ୍ପୃକ୍ତ ବ୍ୟକ୍ତି ବିଶେଷଙ୍କ ବିରୋଧ କଠୋର କାର୍ଯ୍ୟାନୁଷ୍ଠାନ ଦାବି ହେଉଛି। ଅକାଳରେ ସୌମ୍ୟାଶ୍ରୀଙ୍କ ମୃତ୍ୟୁ ସାରା ରାଜ୍ୟକୁ ସ୍ତବ୍ଧ କରିଦେଇଥିବା ସୁଦୂର ▶ପୃଷ୍ଠା-୭

### କଂଗ୍ରେସର ଓଡ଼ିଶା ବନ୍ଦ ୧୭ରେ



## ଏକ ସଂଗଠିତ ହତ୍ୟା: ରାହୁଲ



■ **ଭୁବନେଶ୍ୱର, ୧୫।୭ (ସମିସ):** ଏଫ୍‌ଏମ୍ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ନେଇ ଡବଲ ଇଂଜିନ ସରକାରକୁ ଭର୍ତ୍ସନା କରିଛନ୍ତି ଲୋକସଭାର ବିରୋଧୀଦଳ ନେତା


### ନ୍ୟାୟ ପାଇଁ ଲଢ଼ି ଆତ୍ମାହୁତି: ପ୍ରିୟଙ୍କା

ରାହୁଲ ଗାନ୍ଧୀ। ସେ କହିଛନ୍ତି ଯେ ଓଡ଼ିଶାରେ ନ୍ୟାୟ ପାଇଁ ଲଢୁଥିବା ଝିଅର ମୃତ୍ୟୁ ବିଜେପିର ବ୍ୟବସ୍ଥା ଦ୍ୱାରା ଏକ ସିଧାସଳଖ ହତ୍ୟା। ସାହସୀ ଛାତ୍ରୀ ଯୌନ ଶୋଷଣ ବିରୋଧରେ ସ୍ୱର ଉଠାଇଥିଲେ; କିନ୍ତୁ ନ୍ୟାୟ ବଦଳରେ ତାଙ୍କୁ ବାରମ୍ବାର ଧମକ, ହଇରାଣ, ଅପମାନିତ କରାଯାଇଥିଲା। ଯେଉଁମାନେ ତାଙ୍କୁ ସୁରକ୍ଷା ଦେବା କଥା, ସେମାନେ ତାଙ୍କୁ ଭାଙ୍ଗି ଚାଲିଥିଲେ। ପ୍ରତ୍ୟେକ ଥର ପରି ଏଥର ମଧ୍ୟ ବିଜେପିର ବ୍ୟବସ୍ଥା ଅଭିଯୁକ୍ତଙ୍କୁ ସୁରକ୍ଷା ଦେଇ ଚାଲିଥିଲା। ଫଳରେ ଏକ ନିର୍ଦ୍ଦୋଷ ଝିଅ ନିଜକୁ ଜାଳି ଦେବାକୁ ବାଧ୍ୟ ହୋଇଥିଲା। ଓଡ଼ିଶା ହେଉ କି ମଣିପୁର, ଦେଶର ଝିଅମାନେ ଜଳୁଛନ୍ତି, ଭାଙ୍ଗି ପଡୁଛନ୍ତି, ମରୁଛନ୍ତି; କିନ୍ତୁ ପ୍ରଧାନମନ୍ତ୍ରୀ ଚୁପ୍ ବସିଛନ୍ତି। ଦେଶ ପ୍ରଧାନମନ୍ତ୍ରୀଙ୍କ ନୀରବତା ଚାହେଁ ନାହିଁ, ▶ପୃଷ୍ଠା-୭

## ଯୋଜନାବଦ୍ଧ ଅନ୍ୟାୟ: ନବୀନ

### ବିଫଳ ବ୍ୟବସ୍ଥା, ଆନୁଷ୍ଠାନିକ ବିଶ୍ୱାସଘାତକତା

### ମୃତ୍ୟୁର ଉତ୍ତରଦାୟୀ ରୁହନ୍ତୁ କ୍ଷମତାସୀନ ବ୍ୟକ୍ତି



■ **ଭୁବନେଶ୍ୱର, ୧୫।୭ (ସମିସ):** ଏମ୍ସରେ ଚିକିତ୍ସିତ ଥିବା ବାଲେଶ୍ୱର ଫକୀର ମୋହନ ମହାବିଦ୍ୟାଳୟ ଛାତ୍ରୀଙ୍କ ମୃତ୍ୟୁ ପ୍ରସଙ୍ଗରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଛାତ୍ରୀଙ୍କ ମୃତ୍ୟୁ ଏକ ଯୋଜନାବଦ୍ଧ ଅନ୍ୟାୟ ଏବଂ ଏଥିପାଇଁ ବିଫଳ ସରକାରୀ ବ୍ୟବସ୍ଥା ଦାୟୀ ବୋଲି ଉଲ୍ଲେଖ କରି ଏହା ବିଶ୍ୱାସଘାତକତାରୁ କିଛି କମ୍ ନୁହେଁ ବୋଲି କହିଛନ୍ତି। କେହି ଜଣେ ଉତ୍ତରଦାୟିତ୍ୱ ନେଇ ଘଟଣାର ହସ୍ତକ୍ଷେପ କରିଥିଲେ, ହୁଏତ ଝିଅଟିର ଜୀବନ ବଞ୍ଚିଯାଇଥାନ୍ତା। ତେଣୁ କେବଳ କଲେଜ କର୍ତ୍ତୃପକ୍ଷ ନୁହନ୍ତି; କ୍ଷମତାରେ ଥିବା ବ୍ୟକ୍ତିମାନେ ମଧ୍ୟ ଏଥିପାଇଁ ଉତ୍ତରଦାୟୀ ହୁଅନ୍ତୁ। ରାଜ୍ୟପାଳ ସୁନିଶ୍ଚିତ କରନ୍ତୁ ବୋଲି ନବୀନ ଅନୁରୋଧ କରିଛନ୍ତି। ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ନବୀନ କହିଛନ୍ତି ଯେ ଏମ୍ସରେ ଚିକିତ୍ସିତ ହେଉଥିବା ବାଲେଶ୍ୱର ଏଫଏମ କଲେଜ ପୀଡ଼ିତା ଛାତ୍ରୀଙ୍କ ଦେହାନ୍ତ ବିଷୟରେ ଜାଣି ମୁଁ ଦୁଃଖିତ ଓ ▶ପୃଷ୍ଠା-୭

## ବଢ଼ିବ ତଦନ୍ତ ପରିସର: ରାଜସ୍ୱ ମନ୍ତ୍ରୀ

■ **ଭୁବନେଶ୍ୱର, ୧୫।୭ (ସମିସ):** ଫକୀର ମୋହନ ମହାବିଦ୍ୟାଳୟର ଛାତ୍ରୀ ଆତ୍ମହତ୍ୟା ଘଟଣାରେ ପୂର୍ବରୁ ଲାଗିଥିବା ଦଫା ବଦଳିବା ସହ ତଦନ୍ତ ପରିସର ଆହୁରି ବଢ଼ିବ। ରାଜ୍ୟ ବିଜେପି କାର୍ଯ୍ୟାଳୟରେ ଉଚ୍ଚସ୍ତରୀୟ ବୈଠକ ପରେ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ଗଣମାଧ୍ୟମକୁ ଏହି ସୂଚନା ଦେଇଛନ୍ତି। ଘଟଣାରେ ସାମଗ୍ରିକ ବିଷୟ ସମ୍ପର୍କରେ ସମ୍ପୂର୍ଣ୍ଣ ତଥ୍ୟ ସଂଗ୍ରହ କରୁଛୁ। ଗୁଡ଼ିଏ ତଥ୍ୟ ହାସଲ ହୋଇଥିବା ବେଳେ କିଛି ତଥ୍ୟ ହସ୍ତଗତ ହେବା ବାକି ରହିଛି। ସମ୍ପୂର୍ଣ୍ଣ ତଥ୍ୟ ହାସଲ ପାଇଁ କିଛି ସମୟ ଲାଗିବ। ଆମେ ଏପରି ଏକ ବ୍ୟବସ୍ଥା ତିଆରି କରିବା, ଯେପରି ଆଉ କେହି ଏପରି ଅଭାବନୀୟ ପରିସ୍ଥିତିର ସମ୍ମୁଖୀନ ହେବେ ନାହିଁ। ଏଥିପାଇଁ ଟିକେ ସମୟ ଆବଶ୍ୟକ ହେବ ବୋଲି ସେ କହିଛନ୍ତି। ▶ପୃଷ୍ଠା-୭

## ଦୋଷୀଙ୍କୁ କଠୋର ଦଣ୍ଡ: ମୁଖ୍ୟମନ୍ତ୍ରୀ

**୨୦ ଲକ୍ଷ ଟଙ୍କାର ସହାୟତା ଘୋଷଣା**

■ **ଭୁବନେଶ୍ୱର, ୧୫।୭ (ସମିସ):** ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ପୀଡ଼ିତା ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଦେହାନ୍ତ ଖବରରେ ଗଭୀର ଶୋକବ୍ୟକ୍ତ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ଏହାସହ ମୁଖ୍ୟମନ୍ତ୍ରୀ ଦିବଂଗତ ଛାତ୍ରୀଙ୍କ ପରିବାରର ନିକଟତମ ଆତ୍ମୀୟଙ୍କ ପାଇଁ ରିଲିଫ ପାଣ୍ଠିରୁ ୨୦ ଲକ୍ଷ ଟଙ୍କାର ସହାୟତା ଘୋଷଣା କରିଛନ୍ତି। ଦିବଂଗତ ଆତ୍ମାର ସଦଗତି ପାଇଁ ପ୍ରାର୍ଥନା କରିବା ସହ ସମ୍ପୃକ୍ତ ଘଟଣାର ଉପଯୁକ୍ତ ତଦନ୍ତ କରି ସମସ୍ତ ଦୋଷୀଙ୍କୁ ଆଇନ ଅନୁଯାୟୀ କଠୋରରୁ ଅତି କଠୋର ଦଣ୍ଡ ବିଧାନ କରିବା ପାଇଁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି।

## ଅଧ୍ୟକ୍ଷଙ୍କ ବିରୋଧରେ ଲାଗିଲା ସଙ୍ଗୀନ ଦଫା

■ **ବାଲେଶ୍ୱର, ୧୫।୭(ସମିସ):** ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁ ଘଟଣାରେ ଗତକାଲି ଗିରଫ ହୋଇଥିବା ନିଲମ୍ବିତ ଅଧ୍ୟକ୍ଷ ଦିଲ୍ଲୀପ ଘୋଷଙ୍କୁ ୧୪ଦିନ ପାଇଁ ବିଚାର ବିଭାଗୀୟ ହାଜତକୁ ପଠାଯାଇଛି। ଗିରଫ ଅଧ୍ୟକ୍ଷଙ୍କ ନାମରେ ୭ଟି ସଙ୍ଗୀନ ଦଫା ଲଗାଯାଇଛି। ଏହା ଭିତରେ ଛାତ୍ରୀଙ୍କୁ ଆତ୍ମହତ୍ୟା କରିବା ପାଇଁ ପରୋକ୍ଷରେ ପ୍ରବର୍ତ୍ତାଇବା (ବିଏନ୍‌ଏସ୍-୧୦୮) ଭଳି ସଂଗିନ୍ ଦଫା ରହିଛି। ସେହିପରି ଅନ୍ୟ ଦଫାଗୁଡ଼ିକ ହେଲା, ଶାରୀରିକ ନିର୍ଯାତନା ଦେବା ବିଏନ୍‌ଏସ୍-୭୫(୨), ଶାରୀରିକ ସମ୍ପର୍କ ରଖିବା ପାଇଁ ଇଚ୍ଛା ପ୍ରକାଶ କରିବା ବିଏନ୍‌ଏସ୍-୭୮(୨), କଥାରେ କିମ୍ବା ଇଙ୍ଗିତରେ ଶାରୀରିକ ସମ୍ପର୍କ ରଖିବା ପାଇଁ ବାଧ୍ୟ କରିବା ବିଏନ୍‌ଏସ୍-୭୯, ଧମକ ଦେବା ବିଏନ୍‌ଏସ୍-୩୫୧(୨), ଜାଣିଶୁଣି ପ୍ରମାଣ ଲୁଚାଇବା ବିଏନ୍‌ଏସ୍-୨୩୮ ଏବଂ ମିଳିତ ଭାବେ ଷଡ଼ଯନ୍ତ୍ର କରିବା ବିଏନ୍‌ଏସ୍-୬୧(୨) ଇତ୍ୟାଦି।

## ଫ୍ୟାକ୍ଟ ଫାଇଣ୍ଡିଂ କମିଟି ଗଠନ କଲା ୟୁଜିସି

■ **ଭୁବନେଶ୍ୱର, ୧୫।୭ (ସମିସ):** ବାଲେଶ୍ୱର ଫକୀର ମୋହନ କଲେଜ ଛାତ୍ରୀ ଆତ୍ମହତ୍ୟା ଘଟଣାର ତଦନ୍ତ ପାଇଁ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ଙ୍କ ପକ୍ଷରୁ ମଙ୍ଗଳବାର ଏକ ୪ ଜଣିଆ ଫ୍ୟାକ୍ଟ ଫାଇଣ୍ଡିଂ ଟିମ୍ ଗଠନ ହୋଇଛି। କମିଟିର ଅଧ୍ୟକ୍ଷ ଭାବେ ନୂଆଦିଲ୍ଲୀସ୍ଥିତ ଗୁରୁଗୋବିନ୍ଦ ସିଂ ଇନ୍ଦ୍ରପ୍ରସ୍ଥ ବିଶ୍ୱବିଦ୍ୟାଳୟର ପ୍ରଫେସର ରାଜ କୁମାର ମିତ୍ତଲଙ୍କ ସମେତ ୟୁଜିସିର ପୂର୍ବତନ ସଦସ୍ୟ ପ୍ରଫେସର ସୁଷମା ଯାଦବ, ଗୁଜରାଟ ବିଶ୍ୱବିଦ୍ୟାଳୟର କୁଳପତି ଡଃ ନିରଜା ଗୁପ୍ତା ଏବଂ ସଂଯୋଜକ ଭାବେ ଡଃ ଅସୀମା ମଙ୍ଗଳା(ୟୁଜିସି ଯୁଗ୍ମ ସଚିବ) ରହିଛନ୍ତି। ଏହି କମିଟି ବାଲେଶ୍ୱରରେ ସରଜମିନ୍ ତଦନ୍ତ କରିବା ସହ ଛାତ୍ରୀମାନଙ୍କ ସୁରକ୍ଷା ଓ ନିରାପତ୍ତା ନେଇ ଶିକ୍ଷାନୁଷ୍ଠାନ ଦ୍ୱାରା କ'ଣ ପଦକ୍ଷେପ ନିଆଯାଇଥିଲା ତାହା ▶ପୃଷ୍ଠା-୭

# ମହାକାଶରୁ ଫେରିଲେ ଶୁଭାଂଶୁ

## କାଲିଫର୍ଣ୍ଣିଆ ଉପକୂଳରେ ସୁରକ୍ଷିତ ଅବତରଣ



**୧୨.୨ ନିୟୁତ କିମି ଯାତ୍ରା କରି ପ୍ରତ୍ୟାବର୍ତ୍ତନ**

■ **କାଲିଫର୍ଣ୍ଣିଆ, ୧୫।୭ (ଏଜେନ୍ସି):** ଭାରତର ଗଗନଯାନ ଯାତ୍ରୀ ତଥା ଗ୍ରୁପ୍ କ୍ୟାପ୍ଟେନ ଶୁଭାଂଶୁ ଶୁକ୍ଲା ପୃଥିବୀକୁ ଫେରିଛନ୍ତି। ପ୍ରଥମ ଭାରତୀୟ ମହାକାଶ ଯାତ୍ରୀ ଭାବେ ସେ ଅନ୍ତର୍ଜାତୀୟ ମହାକାଶ ଷ୍ଟେସନ (ଆଇଏସଏସ)କୁ ଯାଇଥିଲେ। ଆଇଏସଏସରେ ଦୀର୍ଘ ୧୮ ଦିନ ରହିବା ପରେ ଦୀର୍ଘ ୨୨.୫ ଘଣ୍ଟାର ଯାତ୍ରା କରି ଶୁଭାଂଶୁ ମଙ୍ଗଳବାର ଅପରାହ୍ନ ୩ଟା୨ରେ ସାନ୍ ଡିଏଗୋ ନିକଟସ୍ଥ କାଲିଫର୍ଣ୍ଣିଆ ଉପକୂଳରେ ଅବତରଣ କରିଛନ୍ତି। ସ୍ପେସ୍‌ଏକ୍ସର 'କ୍ରୁ କ୍ୟାପ୍‌ସୁଲ ଗ୍ରେସ' ଶୁଭାଂଶୁଙ୍କ ସହିତ ଅନ୍ୟ ତିନି ମହାକାଶ ଯାତ୍ରୀଙ୍କୁ ଧରି ସୁରକ୍ଷିତ ଭାବେ ମହାସାଗରରେ ପଡ଼ିଛି। ଏହାର ୫୦ ମିନିଟ ପରେ ଏହି ମହାକାଶଯାନରୁ ଶୁଭାଂଶୁଙ୍କୁ ବାହାରକୁ ବାହାର କରାଯାଇଥିଲା। ସେ ଅଗଷ୍ଟ ୧୭ରେ ଭାରତ ଫେରିବେ ବୋଲି କେନ୍ଦ୍ରମନ୍ତ୍ରୀ ଜିତେନ୍ଦ୍ର ସିଂହ କହିଛନ୍ତି। ଏହି ଐତିହାସିକ ଯାତ୍ରା ପାଇଁ ଶୁଭାଂଶୁଙ୍କୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସ୍ୱାଗତ ଜଣାଇଛନ୍ତି। ଶୁଭାଂଶୁ ନିଜ ସମର୍ପଣ, ସାହସ ଦ୍ୱାରା ଅନେକ ସ୍ୱପ୍ନକୁ ପ୍ରେରଣା ଯୋଗାଇଛନ୍ତି। ଏହା ଭାରତର ନିଜସ୍ୱ ମହାକାଶ ଅଭିଯାନ ଗଗନଯାନ ଦିଗରେ ଆଉ ଏକ ମାଇଲଖୁଣ୍ଟ ସାବ୍ୟସ୍ତ ହୋଇଛି ବୋଲି ମୋଦୀ କହିଛନ୍ତି। ପୁଅ ଫେରିବାକୁ ନେଇ ଶୁଭାଂଶୁଙ୍କ ▶ପୃଷ୍ଠା-୭

## ଆଜି ପ୍ରବଳ ବର୍ଷା ଆଶଙ୍କା

■ **ଭୁବନେଶ୍ୱର, ୧୫।୭ (ସମିସ):** ଦକ୍ଷିଣ-ପୂର୍ବ ଗାଙ୍ଗେୟ ପଶ୍ଚିମବଙ୍ଗ ଉପତ୍ୟକା, ବାଂଲାଦେଶ ଉପକୂଳ ଅଞ୍ଚଳରେ ସକ୍ରିୟ ଥିବା ଅବପାତ ସାମାନ୍ୟ ଦୁର୍ବଳ ହୋଇ ସଦୃଶ ଲଘୁଚାପର ରୂପ ନେଇଛି। ବର୍ତ୍ତମାନ ଏହା ଉତ୍ତର ଝାଡ଼ଖଣ୍ଡ ଓ ସଂଲଗ୍ନ ଅଞ୍ଚଳ ଉପରେ ସକ୍ରିୟ ରହିଥିବା ବେଳେ ଆଗାମୀ ୨୪ ଘଣ୍ଟା ଯାଏଁ ପଶ୍ଚିମ ଉତ୍ତର-ପଶ୍ଚିମ ଦିଗରେ ଗତି କରି ଝାଡ଼ଖଣ୍ଡ, ଦକ୍ଷିଣ ବିହାର ଓ ଉତ୍ତରପ୍ରଦେଶ ମୁହାଁ ହେବ। ଏହାର ପ୍ରଭାବରେ ଓଡ଼ିଶାର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ଜାରି ରହିଛି। ମଙ୍ଗଳବାର ରାତିରେ ଭୁବନେଶ୍ୱର ସମେତ ରାଜ୍ୟର କିଛି ସ୍ଥାନରେ ଭଲ ବର୍ଷା ହୋଇଥିବା ବେଳେ ଆଉ ଦୁଇ ତିନି ଦିନ ପର୍ଯ୍ୟନ୍ତ କିଛି କିଛି ବର୍ଷା ଜାରି ରହିବାର ସମ୍ଭାବନା ରହିଛି।



ବିଶେଷକରି ଉତ୍ତର-ପଶ୍ଚିମ ଓଡ଼ିଶାରେ ଦୁଇ ଦିନ ପର୍ଯ୍ୟନ୍ତ ବର୍ଷାର ପ୍ରଭାବ ଜାରି ରହିବା ସହ ଏହି ସମୟରେ କିଛି କିଛି ସ୍ଥାନରେ ପ୍ରବଳ ବର୍ଷା ସମ୍ଭାବନା ରହିଛି। ଏହା ପ୍ରଭାବରେ ମହାନଦୀ, ବୁଢ଼ାବଳଙ୍ଗ, ସୁବର୍ଣ୍ଣରେଖା, ବ୍ରାହ୍ମଣୀ ଆଦି ନଦୀରେ ଜଳସ୍ତର ବୃଦ୍ଧି ଆଶଙ୍କା ରହିଛି। ଫଳରେ ଏହି ସବୁ ନଦୀରେ ବନ୍ୟା ସୃଷ୍ଟି ହେବାର ମଧ୍ୟ ଆଶଙ୍କା ରହିଛି। ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି ଯେ ଆସନ୍ତା ୨୪ଘଣ୍ଟା ପାଇଁ ବିଶେଷ କରି ଓଡ଼ିଶାର ମୟୂରଭଞ୍ଜ, କେନ୍ଦୁଝର, ଝାରସୁଗୁଡ଼ା, ସମ୍ବଲପୁର, ସୁନ୍ଦରଗଡ ଜିଲ୍ଲା ପାଇଁ ଜଳଭଣ୍ଡାର ଓ ଏହାର ଆଖପାଖ ଅଞ୍ଚଳରେ ଜଳ ପ୍ରବାହ ସ୍ଥିତି ଯୋଗୁଁ ସାମ୍ଭାବ୍ୟ ଅଚାନକ ବନ୍ୟା ପରିସ୍ଥିତି ବା ଫ୍ଲାସଫ୍ଲଡ ହେବାର ସମ୍ଭାବନା ରହିଛି। ଏନେଇ ସ୍ଥାନୀୟ ବାସିନ୍ଦାମାନଙ୍କୁ ସତର୍କ ରହିବା ପାଇଁ ସୂଚୀତ କରାଯାଇଛି। ବନ୍ୟା ଦ୍ୱାରା ପନିପରିବା ଫସଲ ଚାଷ ପ୍ରଭାବିତ ହେବାର ସମ୍ଭାବନା ରହିଛି। ଅତ୍ୟଧିକ ଜଳ ପ୍ରବାହ ଯୋଗୁଁ ଜଳବନ୍ଦୀ ଭଳି ବିଭିନ୍ନ ସମସ୍ୟା ଉପୁଜିପାରେ ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି। ଆଗାମୀ ୧୮ କିମ୍ବା ୧୯ ବେଳକୁ ଆନ୍ଧ୍ର ନିକଟସ୍ଥ ସମୁଦ୍ର ମଧ୍ୟରେ ଆଉ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବାର ସମ୍ଭାବନା ରହିଥିବା ବେଳେ ପରବର୍ତ୍ତୀ ସମୟରେ ଏହା ଉତ୍ତର ବଙ୍ଗୋପସାଗରରେ ମିଆଁମାର ଦେଇ ଆସୁଥିବା ଏକ ଲଘୁଚାପ ସହ ୨୪-୨୫ ବେଳକୁ ମିଶିବ। ପରବର୍ତ୍ତୀ ସମୟରେ ଏହା ଲଘୁଚାପ କିମ୍ବା ସୁଦୃଶ ଲଘୁଚାପ ରୂପେ ଓଡ଼ିଶା/ପଶ୍ଚିମବଙ୍ଗ ଦେଇ ଗତି କରିବାର ସମ୍ଭାବନା ରହିଛି।

## ୨୦ ଲକ୍ଷ ଲୋକଙ୍କ ପେଟକୁ ଦାନା ବନ୍ଦ

■ **ଭୁବନେଶ୍ୱର, ୧୫।୭ (ସମିସ):** ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ୨୦ଲକ୍ଷ ୫୮ ହଜାର ଲୋକ ଇ-କେୱାଇସି କରିନାହାନ୍ତି। ସେଥିପାଇଁ ସେମାନଙ୍କ ଚାଉଳ ବନ୍ଦ କରାଯାଇଛି। ସେମାନେ ଇ-କେୱାଇସି କରିବା ପରେ ସରକାର ଚାଉଳ ଦେବେ। ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଆଜି ଗଣମାଧ୍ୟମକୁ ଦେଇଛନ୍ତି ଏପରି ସୂଚନା। ସେ କହିଛନ୍ତି ଯେ ଇ-କେୱାଇସି କରିନଥିବା ଲୋକଙ୍କ ପାଇଁ ୩ ମାସ ଅପେକ୍ଷା କରାଯିବ ଓ କାର୍ଡଗୁଡ଼ିକୁ ସେହି ସମୟରେ ଅଚଳ ଅବସ୍ଥାରେ ରହିବ। ଯଦି ୩ ମାସ ଭିତରେ ସେମାନେ ଇ-କେୱାଇସି ନ କରିବେ, କାର୍ଡଗୁଡ଼ିକୁ କାଟି ଦିଆଯିବ।

ରାସନ କାର୍ଡରେ ଥିବା ଅଯୋଗ୍ୟ ହିତାଧିକାରୀଙ୍କୁ ଚିହ୍ନଟ ପାଇଁ ସରକାର ଇ-କେୱାଇସି ବ୍ୟବସ୍ଥା ଆରମ୍ଭ କରିଥିଲେ। ଯେଉଁମାନେ ଏହି ପ୍ରକ୍ରିୟାରେ କୌଣସି କାରଣବଶତଃ ସାମିଲ ହୋଇପାରିବେନି, ସେମାନଙ୍କ ଘରକୁ ଯାଇ ଯୋଗାଣ ବିଭାଗର ଅଧିକାରୀମାନେ ତାଙ୍କର ସ୍ଥିତବସ୍ଥା ଯାଞ୍ଚ କରିବେ। ସେମାନେ ରାଜ୍ୟ ବାହାରେ ଥିଲେ ଅବା କୌଣସି କାରଣବଶତଃ ଇ-କେୱାଇସି କରିପାରିନଥିବେ, ଯାଞ୍ଚ କରି ସେହି ଅନୁସାରେ ପଦକ୍ଷେପ ନେବେ। ବାସ୍ତବରେ କେତେ ଯୋଗ୍ୟ ହିତାଧିକାରୀ

### ଚିନ୍ତାରେ ପ୍ରବାସୀ ଶ୍ରମିକ ଓ ବରିଷ୍ଠ ନାଗରିକ

ରାସନ ପାଉଛନ୍ତି, ଚିହ୍ନଟ ପାଇଁ ଯୋଗାଣ ବିଭାଗ ଏଭଳି ବ୍ୟବସ୍ଥା ଆପଣାଇଛି ବୋଲି ଯୋଗାଣ ମନ୍ତ୍ରୀ ସେତେବେଳେ କହିଥିଲେ; ମାତ୍ର ଏବେ ଇ-କେୱାଇସି କରିନଥିବା ଲୋକଙ୍କୁ ରାସନ ମିଳିବନି ବୋଲି ମନ୍ତ୍ରୀ କହିବା ଅନେକଙ୍କ ପାଇଁ ଚିନ୍ତା ବଢ଼ାଇଛି। ଏହାପରେ ରାଜ୍ୟ ବାହାରେ କାମ କରୁଥିବା ଦାଦନ ଶ୍ରମିକଙ୍କର ଭାଳେଣି ପଡ଼ିଛି। ସେମାନେ ବାହାରେ ରହୁଥିବାରୁ ଇ-କେୱାଇସି କରିପାରୁନାହାନ୍ତି। ଏପରିସ୍ଥଳେ ଚାଉଳ ନ ମିଳିଲେ ଗରିବ ଲୋକ କେମିତି ଗୁଜୁରାଣ ମେଣ୍ଟାଇବେ ଏବେ ସେହି ଚିନ୍ତା ସମସ୍ତଙ୍କୁ ଘାରୁଛି।

ବର୍ଷକ ତଳେ ରାଜ୍ୟରେ ଇ-କେୱାଇସି ଆରମ୍ଭ ହୋଇଥିଲା। ରାସନ ଡିଲର୍‌ମାନେ ପରିବାର ସମସ୍ତଙ୍କର ଆଧାରକାର୍ଡ ଅନୁସାରେ ଇ-କେୱାଇସି କରୁଥିଲେ। ବାହାରେ ରହୁଥିବା ଲୋକମାନେ ଅସୁବିଧାରେ ପଡ଼ିଲେ। ସରକାର କହିଲେ, ଜନସେବା କେନ୍ଦ୍ର ସାହାଯ୍ୟରେ ବି ଲୋକମାନେ ନିଜର ଇ-କେୱାଇସି ଅପ୍‌ଡେଟ୍ କରିବେ। ହେଲେ ଏହି ସୁବିଧା ଉପଲବ୍ଧ ହୋଇପାରିଲା ନାହିଁ। ତେଣୁ ଲୋକମାନେ ବାହାରେ ରହୁଥିବାରୁ ଏହି ପ୍ରକ୍ରିୟାରେ ସାମିଲ ▶ପୃଷ୍ଠା-୭


## ଓଡ଼ିଶାର ଗାଁ ନେଇଯିବ ଆନ୍ଧ୍ର !

■ **ପାରଳାଖେମୁଣ୍ଡି/ ରାୟଗଡ଼, ୧୫।୭ (ସମିସ):** ଗଜପତି ଜିଲ୍ଲା ସୀମାନ୍ତରେ ପୁଣି ଆନ୍ଧ୍ର ଦାଦାଗିରି କରିଛି। କିଛି ଦିନ ହେଲା ରାୟଗଡ଼ ବ୍ଲକ୍ ଗଙ୍ଗାବାଡ଼ ପଞ୍ଚାୟତର ଅମରିଙ୍ଗି, ମାଣିକପାଟଣା, ବୁରୁସିଂ ଆଦି ଗ୍ରାମାଞ୍ଚଳକୁ ଆନ୍ଧ୍ରର ତହସିଲଦାର, ଆର୍‌ଆଇ ଏବଂ କିଛି ଅଜଣା ବ୍ୟକ୍ତି ବିଶେଷ ଆସି ଗ୍ରାମବାସୀଙ୍କୁ ଆନ୍ଧ୍ରରେ ମିଶିବାକୁ ପ୍ରବର୍ତ୍ତାଉଛନ୍ତି। ଏପରିକି, ଏଠାରେ ଥିବା ସମସ୍ତ ଭିତ୍ତିଭୂମିଗୁଡ଼ିକ ଆନ୍ଧ୍ର ସରକାରଙ୍କ ବୋଲି ଦାବି କରି ପ୍ରଚାରପ୍ରସାର କରିଥିଲେ। ଏ ସମ୍ପର୍କରେ ଅଭିଯୋଗ ହେବା ପରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଆଜି ପାରଳାଖେମୁଣ୍ଡି ଉପଜିଲ୍ଲାପାଳ ଅନୁପ ପଣ୍ଡାଙ୍କ ସମେତ ଅଧିକାରୀ ଓ ଗାରାବନ୍ଧ ଥାନା ଅଧିକାରୀ ପ୍ରଶାନ୍ତ କୁମାର ନିଶିକାଙ୍କ ସହ ପୁଲିସ୍ ସଦଳବଳେ ପହଞ୍ଚି ତଦନ୍ତ କରିଛନ୍ତି। ବିବାଦୀୟ ଗ୍ରାମାଞ୍ଚଳକୁ ଯାଇ ସେଠାକାର ଅଧିବାସୀଙ୍କ ସହ ଆଲୋଚନା କରି ଘଟଣା ସମ୍ପର୍କରେ ପଚାରି ବୁଝିଛନ୍ତି।



ଏନେଇ ପାରଳାଖେମୁଣ୍ଡି ଉପଜିଲ୍ଲାପାଳ ଶ୍ରୀ ପଣ୍ଡା କହିଛନ୍ତି ଯେ, ଗତ କିଛିଦିନ ହେଲା ଆନ୍ଧ୍ରର ଅଧିକାରୀ ଓ ବ୍ୟକ୍ତି ବିଶେଷ ଆସି ଓଡ଼ିଶାର ଗ୍ରାମାଞ୍ଚଳରେ ପଶି ଧମକ ଚମକ ଦେବା ସହ ଏହି ଗ୍ରାମଗୁଡ଼ିକ ନିଜର ବୋଲି ଦାବି କରିଥିଲେ। ସେମାନେ ଯେଉଁ ଗ୍ରାମକୁ ଯାଇଛନ୍ତି, ସେଗୁଡ଼ିକ ସମ୍ପୂର୍ଣ୍ଣ ଭାବେ ଓଡ଼ିଶା ତଥା ଗଜପତି ଜିଲ୍ଲାରେ ରହିଛି। ଏହି ଗ୍ରାମରେ ପ୍ରଶାସନ ପକ୍ଷରୁ ସମସ୍ତ ଭିତ୍ତିଭୂମି କରାଯାଇଛି। କୋଠଘରଠାରୁ ଆରମ୍ଭ କରି ସିସିରୋଡ୍, ଫରେଷ୍ଟ ଅଫିସ, ପ୍ରଧାନମନ୍ତ୍ରୀ ଆବାସ ଯୋଜନାଠାରୁ ଆରମ୍ଭ କରି ରାଜ୍ୟ ସରକାରଙ୍କ ବିଭିନ୍ନ ଯୋଜନା ଉପଲବ୍ଧ କରାଯାଇଛି। ଏପରିକି, ଏହି ଗ୍ରାମଗୁଡ଼ିକ ରାଜସ୍ୱ ସର୍କଲରେ ରହିଥିବାର ସମସ୍ତ ଦସ୍ତାବିଜ୍ ଅଛି। ସେମାନେ ଆସି ଏଠାକୁ ଅଯଥାରେ ଲୋକଙ୍କୁ ବିଭ୍ରାନ୍ତ କରୁଛନ୍ତି। ଆନ୍ଧ୍ରରୁ କେହି ପ୍ରଶାସନିକ ଅଧିକାରୀ କିମ୍ବା କୌଣସି ବ୍ୟକ୍ତିବିଶେଷ ଆସି ଅପପ୍ରଚାର କଲେ, ସେମାନଙ୍କୁ ଅଟକ ରଖି ପୁଲିସ କିମ୍ବା ପ୍ରଶାସନକୁ ଜଣାଇବାକୁ ଶ୍ରୀ ପଣ୍ଡା ପରାମର୍ଶ ଦେଇଛନ୍ତି। ଏହି ସମସ୍ୟା ଦୀର୍ଘ ବର୍ଷ ଧରି ଏହି ଅଞ୍ଚଳରେ ▶ପୃଷ୍ଠା-୭

# ଅଭିନେତା ଧୀରଜ କୁମାରଙ୍କ ପରଲୋକ



ମୁମ୍ବାଇ, ୧୫।୭ (ଏଜେନ୍ସି): ଅଭିନେତା ତଥା ନିର୍ଦ୍ଦେଶକ ଧୀରଜ କୁମାରଙ୍କ ପରଲୋକ ହୋଇଛି। ତାଙ୍କୁ ୭୯ ବର୍ଷ ହୋଇଥିଲା। ନିଃଶ୍ୱାସପ୍ରଶ୍ୱାସରେ ସମସ୍ୟା ହେବା ଯୋଗୁଁ ତାଙ୍କୁ ସୋମବାର କୋକିଲାବେନ ଧୀରୁଭାଇ ଅମ୍ବାନୀ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସ୍ୱାସ୍ଥ୍ୟାବସ୍ଥା ଜଟିଳ ହେବାରୁ ତାଙ୍କୁ ଭେଣ୍ଟିଲେଟରରେ ରଖା ଯାଇଥିଲା। ଶେଷରେ ମଙ୍ଗଳବାର ଦ୍ୱିପହରେ ସେ ପ୍ରାଣ ହରାଇ ଥିଲେ। ସେ ନିମୋନିଆରେ ଆକ୍ରାନ୍ତ ଥିଲେ। ଶୁକ୍ରବାର ସକାଳେ ଭିଲେ ପାର୍ଲେ ସ୍ଥିତ ପବନହଂସ ଶ୍ମଶାନରେ ତାଙ୍କ ଅନ୍ତିମ ସଂସ୍କାର କରାଯିବ। ଚଳଚ୍ଚିତ୍ର ହୀରା ପନ୍ନା, ରୋଟି କପଡ଼ା ଏବଂ ମକାନ, ବହାରେଂ ଫୁଲ ବରସାଓ ଭଳି ଅନେକ ସୁପରହିଟ୍ ଚଳଚ୍ଚିତ୍ରରେ ଧୀରଜ ଅଭିନୟ କରିଥିଲେ। ମିଲି, ଘର କି ଲକ୍ଷ୍ମୀ ବେଟିଆଁ ଏବଂ ମାଏକା ଆଦିରେ ସେ ନିର୍ଦ୍ଦେଶନା ଦେଇଥିଲେ। ତାଙ୍କ ମୃତ୍ୟୁରେ ସିନେ ଜଗତରେ ଶୋକର ଛାୟା ଖେଳି ଯାଇଛି।

# ଆତ୍ମସମର୍ପଣ ପରେ ରାହୁଲ ଗାନ୍ଧୀଙ୍କୁ ଜାମିନ

ଲକ୍ଷ୍ନୌ, ୧୫।୭ (ଏଜେନ୍ସି): ଭାରତୀୟ ସେନା ବିରୋଧରେ ବିବାଦୀୟ ଟିପ୍ପଣୀ ଦେବା ମାମଲାରେ ଲୋକସଭା ବିରୋଧୀ ଦଳ ନେତା ତଥା କଂଗ୍ରେ ସାଂସଦ ରାହୁଲ ଗାନ୍ଧୀ ମଙ୍ଗଳବାର ଦ୍ୱିପହରେ ଲକ୍ଷ୍ନୌ କୋର୍ଟରେ ଆତ୍ମସମର୍ପଣ କରିଛନ୍ତି। ଏହାର ୫ ମିନିଟ ପରେ ଆବେଦନ ଉପରେ ବିଚାର କରି କୋର୍ଟ ତାଙ୍କୁ ଜାମିନ ପ୍ରଦାନ କରିଥିଲେ। ଆଡିସନାଲ ଚିଫ୍ ଜୁଡିସିଆଲ ମାଜିଷ୍ଟ୍ରେଟ ଆଲୋକ ବର୍ମା ୨୦ ହଜାର ଟଙ୍କାର ଦୁଇଟି ବଣ୍ଡରେ ରାହୁଲଙ୍କୁ ଜାମିନ ଦେଇଥିଲେ। ରାହୁଲ ପ୍ରାୟ ୩୦ ମିନିଟ ପାଇଁ କୋର୍ଟ ଭିତରେ ରହିଥିଲେ। ପୂର୍ବରୁ ଏହି ମାମଲାରେ ତାଙ୍କୁ କୋର୍ଟ ସମନ ଜାରି କରିଥିଲେ।

# ଶହେ କ୍ରାଇମ ଧାରାବାହିକ ଦେଖି ସ୍ୱାମୀଙ୍କୁ ହତ୍ୟା

ମୁଜଫରପୁର, ୧୫।୭ (ଏଜେନ୍ସି): ବିହାର ମୁଜଫରପୁରରୁ ଚାଞ୍ଚଲ୍ୟକର ମାମଲା ସାମ୍ନାକୁ ଆସିଛି। ପରକୀୟାପ୍ରୀତି ସନ୍ଦେହ କରି ସ୍ତ୍ରୀ ସ୍ୱାମୀଙ୍କୁ ହତ୍ୟା କରିଛି। ତେବେ ଏହି ହତ୍ୟା ପାଇଁ ସ୍ତ୍ରୀ ଶହେରୁ ଅଧିକ କ୍ରାଇମ ଧାରାବାହିକ ଦେଖିଥିଲେ। ଗୁଗଲ ଏବଂ ୟୁଟ୍ୟୁବରୁ ହତ୍ୟା କେମିତି କରନ୍ତି ତାହା ଶିଖିଥିଲେ। ପରେ ନୋଟ୍ ବନାଇ ହତ୍ୟା ଷଡ଼ଯନ୍ତ୍ର କରିଥିଲେ। ଗତ ୭ ତାରିଖରେ ଏହି ହତ୍ୟାକାଣ୍ଡ ଘଟିଥିଲାବେଳେ ପୁଲିସ ୧୩ ତାରିଖରେ ପତ୍ନୀ ସବା ଫରଦୋସଙ୍କୁ ଗିରଫ କରିଥିଲା। ସେ ଜେରା ସମୟରେ ଏହା ସ୍ୱୀକାର କରିଛନ୍ତି। ଫରଦୋସ କହିଛନ୍ତି ଯେ ସେ ଅଧିକାରୀ ହେବାକୁ ଚାହୁଁଥିଲେ। ୨୦୧୨ରେ ସେ ସମୟରେ ପଞ୍ଚାୟତ ରୋଜଗାର ସେବକ ଭାବେ କାର୍ଯ୍ୟ କରୁଥିବା ମୁମତାଜଙ୍କୁ ବିବାହ କରିଥିଲେ। ଉଭୟଙ୍କର ତିନି ଶିଶୁ ଅଛନ୍ତି। କିଛି ଦିନ ତଳେ ଅନ୍ୟ ଜଣେ ମହିଳାଙ୍କ ସହ ସ୍ୱାମୀ ସମ୍ପର୍କ ରଖିଥିବା ସେ ଜାଣିବାକୁ ପାଇଥିଲେ। ଏହାକୁ ବିରୋଧ କଲେ ମାର୍‌ପିଟ କରୁଥିଲେ। ଶେଷରେ ଅତିଷ୍ଠ ହୋଇ ୧୭ ଥର ଛୁରା ମାରି ସ୍ୱାମୀଙ୍କୁ ହତ୍ୟା କରିଥିଲି।

# ଛାତ୍ରୀଙ୍କୁ ଦୁଷ୍କର୍ମ କରି ୨ ଅଧ୍ୟାପକ ଓ ବନ୍ଧୁ ଗିରଫ



ବେଙ୍ଗାଲୁରୁ, ୧୫।୭ (ଏଜେନ୍ସି): ଗୁରୁ ଏବଂ ଶିଷ୍ୟର ସମ୍ପର୍କକୁ ବଦ୍‌ନାମ କରିବା ଭଳି ଘଟଣା ସମାଜରେ ବଢ଼ିବାରେ ଲାଗିଛି। ଏବେ ଏଭଳି ଏକ ମାମଲା ବେଙ୍ଗାଲୁରୁରୁ ସାମ୍ନାକୁ ଆସିଛି। ଏଠାକାର ଏକ ଘରୋଇ କଲେଜର ପଦାର୍ଥ ବିଜ୍ଞାନ ଅଧ୍ୟାପକ ନରେନ୍ଦ୍ର ଏବଂ ଜୀବ ବିଜ୍ଞାନ ଅଧ୍ୟାପକ ସନ୍ଦୀପ ଏବଂ ତାଙ୍କ ବନ୍ଧୁ ଅନୁପ ମିଶି ଜଣେ ଛାତ୍ରୀଙ୍କୁ ଅନେକ ଥର ଦୁଷ୍କର୍ମ କରିଛନ୍ତି। ଏହି ମାମଲାରେ ତିନି ଜଣଙ୍କୁ ଗିରଫ କରାଯାଇଛି। ବେଙ୍ଗାଲୁରୁ ପୁଲିସ ସୂଚନା ଅନୁଯାୟୀ ନରେନ୍ଦ୍ର ଛାତ୍ରୀଙ୍କୁ ନୋଟ୍ ଦେବା ବାହାନାରେ ବେଙ୍ଗାଲୁରୁ ଡାକିଥିଲେ। ପରେ ତାଙ୍କ ବନ୍ଧୁ ଅନୁପଙ୍କ ଘରକୁ ନେଇ ବଳାତ୍କାର କରିଥିଲେ। ଏହା ପରେ ପୀଡିତାଙ୍କ ସହ ନରେନ୍ଦ୍ରର ଏକ ଭିଡିଓ କ୍ଲିପ୍‌କୁ ସନ୍ଦୀପ ରେକର୍ଡ କରି ନେଇଥିଲେ। ସେ ଏହି ଆଧାରରେ ପୀଡିତାଙ୍କୁ ବ୍ଲାକମେଲ୍ କରି ଅନେକ ଦିନ ଧରି ବଳାତ୍କାର କରିଥିଲେ। ତୃତୀୟ ଅଭିଯୁକ୍ତ ଅନୁପ ମଧ୍ୟ ତାଙ୍କ ପ୍ରକୋଷ୍ଠକୁ ଆସୁଥିବାର ସିସିଟିଭି ଫୁଟେଜ୍ ଥିବା ଦାବି କରି ଛାତ୍ରୀଙ୍କୁ ଧମକ ଦେଇଥିଲେ। ମାସେ ତଳେ ଏହି ଘଟଣା ଘଟିଥିଲା। କିନ୍ତୁ କିଛି ଦିନ ତଳେ ଛାତ୍ରୀ ମାତାପିତାଙ୍କୁ ଏହି ସୂଚନା ଦେଇଥିଲେ।

# 'ସଞ୍ଜୟ ଦତ୍ତଙ୍କ ଯୋଗୁଁ ମୁମ୍ବାଇରେ ହୋଇଥିଲା ବିସ୍ଫୋରଣ'

ନୂଆଦିଲ୍ଲୀ, ୧୫।୭ (ଏଜେନ୍ସି): ମୁମ୍ବାଇରେ ୧୯୯୩ରେ ହୋଇଥିବା ବୋମା ବିସ୍ଫୋରଣକୁ ଅଟକା ଯାଇ ପାରିଥାନ୍ତା। ଅଭିନେତା ସଞ୍ଜୟ ଦତ୍ତ ଚାହିଁଥିଲେ ଏହା ହୋଇ ନ ଥାଆନ୍ତା। ସେ ଯେଉଁ ଗାଡ଼ିରୁ ଏକେ-୪୭ ବନ୍ଧୁକ ଧରିଥିଲେ ତାହାର ସୂଚନା ପୁଲିସକୁ ଯଦି ଦେଇଥାନ୍ତେ ତେବେ କେବେ ବି ବିସ୍ଫୋରଣ ହୋଇ ନ ଥାଆନ୍ତା। ବରିଷ୍ଠ ଓକିଲ ତଥା ରାଜ୍ୟସଭା ସାଂସଦ ଉଜ୍ଜ୍ୱଳ ନିକମ ଏହି ଦାବି କରିଛନ୍ତି। ସେ ଏକ ସାକ୍ଷାତକାରରେ କହିଛନ୍ତି ଯେ ବିସ୍ଫୋରଣର କିଛି ଦିନ ପୂର୍ବରୁ ଆତଙ୍କବାଦୀ ଦାଉଦ ଇବ୍ରାହିମ ଗୋଷ୍ଠୀର ସଦସ୍ୟ ଆବୁ ସାଲେମ (ଅସ୍ତ୍ରଶସ୍ତ୍ର ଭର୍ତ୍ତି ଏକ ଭ୍ୟାନ୍ ଧରି ସଞ୍ଜୟ ଦତ୍ତଙ୍କ ଘରକୁ ଆସିଥିଲା। ଏଥିରେ ହ୍ୟାଣ୍ଡ ଗ୍ରେନେଡ୍ ଏବଂ ଏକେ-୪୭ ଥିଲା। ସଞ୍ଜୟ ଏଥିରୁ କିଛି ଅସ୍ତ୍ରଶସ୍ତ୍ର ନେଇଥିଲା। ପରେ ସେ ସମସ୍ତ ଅସ୍ତ୍ରଶସ୍ତ୍ର ଫେରାଇ ଏକେ-୪୭ ରଖିଥିଲେ। ସେ ଏ ବିଷୟରେ ପୁଲିସକୁ ସୂଚନା ନ ଦେବାରୁ ୧୩ ବୋମା ବିସ୍ଫୋରଣ ହୋଇଥିଲା। ଏଥିରେ ୨୫୭ ଜଣଙ୍କ ମୃତ୍ୟୁ ହୋଇଥିଲା।

# ୫ ବର୍ଷରେ ୬୫ ବିମାନ ଇଞ୍ଜିନ ବନ୍ଦ

ନୂଆଦିଲ୍ଲୀ, ୧୫।୭ (ଏଜେନ୍ସି): ଭାରତରେ ଗତ ୫ ବର୍ଷରେ ଉଡ଼ାଣ କରିବା ସମୟରେ କିମ୍ବା ଆକାଶ ମାର୍ଗରେ ଥିବାବେଳେ ୬୫ ବିମାନର ଇଞ୍ଜିନ ବନ୍ଦ (ସଟ୍‌ଡାଉନ) ହୋଇଯାଇଛି। ଅର୍ଥାତ୍ ମାସକୁ ଅତିକମରେ ଗୋଟିଏ ବିମାନର ଇଞ୍ଜିନ ବନ୍ଦ ହୋଇଛି। ତେବେ ସବୁ ମାମଲାରେ ପାଇଲଟ୍ ଗୋଟିଏ ଇଞ୍ଜିନରେ ବିମାନକୁ ନିକଟସ୍ଥ ବିମାନବନ୍ଦରକୁ ପହଞ୍ଚାଇବାରେ ସଫଳ ହୋଇଛନ୍ତି। ଏକ ସୂଚନା ଅଧିକାର (ଆରଟିଆଇ) ବଳରେ ଡିଜିସିଏ ପକ୍ଷରୁ ଟାଇମ୍ସ ଅଫ୍ ଇଣ୍ଡିଆକୁ ଏହି ସୂଚନା ମିଳିଛି। ରିପୋର୍ଟରୁ ଜଣାପଡ଼ିଛି ଯେ ୨୦୨୪ ଜାନୁଆରୀ ୧ରୁ ୨୦୨୫ ମେ' ୩୧ ମଧ୍ୟରେ ୧୭ ମାସରେ ୧୧ ବିମାନ 'ମେଡେ'କଲ୍ କରିଛନ୍ତି। ଏଥିରେ ଯାନ୍ତ୍ରିକ ତ୍ରୁଟି ସୂଚନା ଦିଆଯାଇଥିଲା ଏବଂ ଜରୁରୀ ଅବତରଣ ପାଇଁ ଅନୁମତି ମଗା ଯାଇଥିଲା। ଏହା ମଧ୍ୟରୁ ୪ଟି ବିମାନ କେବଳ ହାଇଦରାବାଦରେ ଅବତରଣ କରିଥିଲା।



## ପ୍ରତି ମାସରେ ଗୋଟିଏ ବିମାନର ଇଞ୍ଜିନ ବନ୍ଦ

## ୧୭ ମାସରେ ୧୧ 'ମେଡେ' କଲ୍ ଆସିଛି

ଏହି ଆରଟିଆଇ ରିପୋର୍ଟରେ ଦୁର୍ଘଟଣାଗ୍ରସ୍ତ ବୋଇଂ ଡ୍ରିମଲାଇନର ଏବଂ ଜୁନ୍ ୧୯ରେ ଇଣ୍ଡିଗୋର ଗୌହାଟୀ-ଚେନ୍ନାଇ ବିମାନ ସାମିଲ ନାହିଁ। ଇନ୍ଧନ କମ୍ ହେବା ଯୋଗୁଁ ଏହି ବିମାନର ଗତିପଥକୁ ପରିବର୍ତ୍ତନ କରାଯାଇଥିଲା।

ଫ୍ରେଞ୍ଚ ଶବ୍ଦ 'ମେଡେ'ର ଅର୍ଥ ମୋତେ ବଞ୍ଚାଅ। ସାଧାରଣତଃ ରେଡିଓ ମାଧ୍ୟମରେ ଏଟିସି କିମ୍ବା ଆଖପାଖର ଅନ୍ୟ ବିମାନକୁ ଏହି ବାର୍ତ୍ତା ଦିଆଯାଇଥାଏ। ତୁରନ୍ତ ସହାୟତା ଲାଗି ତଥା ଜରୁରୀ ସ୍ଥିତିର ମୁକାବିଲା ପାଇଁ ଏହି ସଙ୍କେତ ବ୍ୟବହାର କରାଯାଇଥାଏ। ଅହମଦାବାଦ ବିମାନ ଦୁର୍ଘଟଣା ପୂର୍ବରୁ ମଧ୍ୟ ପାଇଲଟ ଏହି ବାର୍ତ୍ତା ଦେଇ ସହାୟତା ମାଗିଥିଲେ। କିନ୍ତୁ ଏହା ପୂର୍ବରୁ ବିମାନ ଦୁର୍ଘଟଣାଗ୍ରସ୍ତ ହୋଇଯାଇଥିଲା। ଏହାର ପ୍ରାଥମିକ ରିପୋର୍ଟ ଆସିବା ପରେ ଦିନକ ତଳେ ଡିଜିସିଏ ସବୁ ବୋଇଂ ବିମାନର ଇନ୍ଧନ ସ୍ୱିଚ୍ ଯାଞ୍ଚ କରିବା ପାଇଁ ଏୟାରଲାଇନ୍ସ ଗୁଡିକୁ ନିର୍ଦ୍ଦେଶ ଦେଇଥିଲା। ଏଏଆଇବିର ଯାଞ୍ଚ ରିପୋର୍ଟରେ କୁହାଯାଇଥିଲା ଯେ ଚେତାବନୀ ସତ୍ତ୍ୱେ ଏଆଇ-୧୭୧ ବିମାନର ଉଡ଼ାଣ କରାଯାଇଥିଲା। ଉଡ଼ାଣ ଆରମ୍ଭ ହେବା ପୂର୍ବରୁ ପାଇଲଟ 'ଷ୍ଟାବ୍ ପୋସ୍ ଏକ୍ସଡିସିଆର' ନାମକ ଚେତାବନୀ ଦେଇଥିଲେ। ବିମାନର ସନ୍ତୁଳନ ବଜାୟ ରଖୁଥିବା ସେନ୍‌ସର୍ ଫେଲ୍ ହୋଇପାରେ ବୋଲି ଏହା ବାର୍ତ୍ତା ଦେଉଛି। କିନ୍ତୁ ଏହାକୁ ଅଣଦେଖା କରାଯାଇଥିଲା।

**ଅହମଦାବାଦ ଦୁର୍ଘଟଣାର ୪ ସପ୍ତାହ ପୂର୍ବରୁ ବ୍ରିଟେନ ଦେଇଥିଲା ଚେତାବନୀ**

# ବୋଇଂ ବିମାନର 'ଇନ୍ଧନ ସ୍ୱିଚ୍' ଯାଞ୍ଚ କରି ବଦଳାଅ




ଲଣ୍ଡନ, ୧୫।୭ (ଏଜେନ୍ସି): ବୋଇଂ ବିମାନର ରକ୍ଷଣାବେକ୍ଷଣକୁ ନେଇ ବ୍ରିଟେନ ବେସାମରିକ ବିମାନ ଚଳାଚଳ କର୍ତ୍ତୃପକ୍ଷ (ସିଏଏ) ଚାଞ୍ଚଲ୍ୟକର ତଥ୍ୟ ଦେଇଛନ୍ତି। ଅହମଦାବାଦ ବିମାନ ଦୁର୍ଘଟଣାର ଚାରି ସପ୍ତାହ ପୂର୍ବରୁ ବୋଇଂ ବିମାନର 'ଫୁଏଲ କଣ୍ଟ୍ରୋଲ ସ୍ୱିଚ୍'କୁ ନେଇ ଚେତାବନୀ ଜାରି କରାଯାଇଥିଲା ବୋଲି କୁହାଯାଇଛି। ସିଏଏ ମେ'୧୫ରେ ଏ ନେଇ ଏୟାରଲାଇନ୍ସ ମାନଙ୍କ ନିମନ୍ତେ ନିର୍ଦ୍ଦେଶ ଜାରି କରିଥିଲା। ଆମେରିକାର ଫେଡେରାଲ ଆଭିଏସନ ଆଡମିନିଷ୍ଟ୍ରେସନ (ଏଫଏଏ) ନିର୍ଦ୍ଦେଶ ପାଳନ କରିବାକୁ କୁହାଯାଇଥିଲା। ବୋଇଂ ୭୩୭, ୭୫୭, ୭୬୭, ୭୭୭ ଏବଂ ୭୮୭ ବିମାନର 'ଫୁଏଲ ସଟ୍‌ଅଫ୍ ଭାଲ୍‌ଭ ଆକ୍‌ଚ୍ୟୁଏଟର୍ସ'କୁ ସମ୍ଭାବ୍ୟ ବିପଦ କୁହାଯାଇଥିଲା। ବ୍ରିଟେନ ଆସୁଥିବା ସବୁ ଏୟାରଲାଇନ୍ସକୁ ଏହି ନିର୍ଦ୍ଦେଶ ଜାରି କରି ଏହ ଭାଲ୍‌ଭ୍ସ ଯାଞ୍ଚ କରିବାକୁ କୁହାଯାଇଥିଲା। ଆବଶ୍ୟକ ପଡ଼ିଲେ ବଦଳାଇବାକୁ କିମ୍ବା ମରାମତି କରିବାକୁ କିମ୍ବା ପ୍ରତିଦିନ ବାଧ୍ୟତାମୂଳକ ଭାବେ ଯାଞ୍ଚ କରିବାକୁ ସିଏଏ ପକ୍ଷରୁ କୁହାଯାଇଥିଲା। ଅହମଦାବାଦରେ ଦୁର୍ଘଟଣାଗ୍ରସ୍ତ ଡ୍ରିମ୍‌ଲାଇନର ୭୮୭ ବିମାନରେ ମଧ୍ୟ ଏଭଳି ହୋଇଥିଲା। ପ୍ରାଥମିକ ଯାଞ୍ଚ ରିପୋର୍ଟରେ ଫୁଏଲ ସ୍ୱିଚ ବନ୍ଦ ଥିବାରୁ ଦୁର୍ଘଟଣା ଘଟିଲା ବୋଲି କୁହାଯାଇଛି। ସୂଚନାଯୋଗ୍ୟ ଯେ 'ଫୁଏଲ ସଟ୍‌ଅଫ୍ ଭାଲ୍‌ଭ' ଏକ ଗୁରୁତ୍ୱପୂର୍ଣ୍ଣ ସୁରକ୍ଷା ଡିଭାଇସ। ଏହା ଆବଶ୍ୟକ ପଡ଼ିଲେ ଇଞ୍ଜିନକୁ ଇନ୍ଧନ ଯୋଗାଣ ବନ୍ଦ କରିଦେଇଥାଏ। ଇଞ୍ଜିନରେ ନିଆଁ ଲାଗିଲେ, ଜରୁରୀ ଅବତରଣ ଏବଂ ରକ୍ଷଣାବେକ୍ଷଣ ସମୟରେ ଏହାକୁ ବ୍ୟବହାର କରାଯାଇଥାଏ।

# ଚୀନ୍‌ରେ ଜିନ୍‌ପିଙ୍ଗଙ୍କୁ ଭେଟିଲେ ବିଦେଶମନ୍ତ୍ରୀ

ବେଜିଂ, ୧୫।୭ (ଏଜେନ୍ସି): ଏସ୍‌ସିଓ ସମ୍ମିଳନୀ ଅବସରରେ ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର ମଙ୍ଗଳବାର ଚୀନ୍ ରାଷ୍ଟ୍ରପତି ସି ଜିନପିଙ୍ଗଙ୍କୁ ଭେଟିଛନ୍ତି। ଭାରତ ଏବଂ ଚୀନ୍ ସମ୍ପର୍କରେ ହୋଇଥିବା ଅଗ୍ରଗତି ବିଷୟରେ ସେ ଜିନପିଙ୍ଗଙ୍କୁ ସୂଚନା ଦେଇଥିବା ଟ୍ୱିଟ କରି କହିଛନ୍ତି। ଏହାକୁ ନେଇ କଂଗ୍ରେସ ନେତା ରାହୁଲ ଗାନ୍ଧୀ ତାଙ୍କୁ ନିଶାଣ କରିଛନ୍ତି। ସେ କହିଛନ୍ତି ଯେ ବିଦେଶ ମନ୍ତ୍ରୀ ଭାରତର ବିଦେଶ ନୀତିକୁ ବର୍ବାଦ କରୁଛନ୍ତି। ଭାବୁଛି ଚୀନ୍ ବୈଦେଶିକ ମନ୍ତ୍ରୀ ଆସି ମୋଦୀଙ୍କୁ ଚୀନ୍-ଭାରତ ସମ୍ପର୍କରେ ହୋଇଥିବା ଅଗ୍ରଗତି ବିଷୟରେ ଅବଗତ କରାଇବେ। ବୈଦେଶିକ ମନ୍ତ୍ରୀ ଏବେ ଭାରତର ବୈଦେଶିକ ନୀତିକୁ ନଷ୍ଟ କରିବା ଉଦ୍ଦେଶ୍ୟରେ ସର୍କସ୍ ଚଲାଉଛନ୍ତି।

## ଜୟଶଙ୍କର ବିଦେଶ ନୀତିକୁ ବର୍ବାଦ କରୁଛନ୍ତି: ରାହୁଲ

ଅନ୍ୟପକ୍ଷରେ ଜୟଶଙ୍କର ଏସ୍‌ସିଓର ବିଦେଶମନ୍ତ୍ରୀଙ୍କ ବୈଠକରେ ସାମିଲ ହୋଇ ଆତଙ୍କବାଦକୁ ନେଇ କଡ଼ା ବାର୍ତ୍ତା ଦେଇଛନ୍ତି। ସେ କହିଛନ୍ତି ଯେ ଏସ୍‌ସିଓ ସଦସ୍ୟ ଏହାର ଉଦ୍ଦେଶ୍ୟ ପ୍ରତି ପ୍ରତିବଦ୍ଧ ରହିବା ଉଚିତ। ଆତଙ୍କବାଦକୁ ନେଇ କୌଣସି ସାଲିସ କରାନଯିବା ଉଚିତ। ସେ ଏପ୍ରିଲ ୨୨ ର ପହଲଗାମ ଆକ୍ରମଣ ବିଷୟରେ ମଧ୍ୟ ଉଲ୍ଲେଖ କରିଛନ୍ତି। ଜମ୍ମୁ ଏବଂ କଶ୍ମୀରର ପର୍ଯ୍ୟଟନ ଅର୍ଥନୀତିକୁ କ୍ଷତି ପହଞ୍ଚାଇବା ସହିତ ଧାର୍ମିକ ବିଭାଜନକୁ ଉଗ୍ର କରିବା ପାଇଁ ଜାଣିଶୁଣି ଏହି ଆକ୍ରମଣ କରାଯାଇଥିଲା ବୋଲି ସେ କହିଛନ୍ତି। ଅନ୍ତର୍ଜାତୀୟ ଆଶା ଆକାଂକ୍ଷାକୁ ସମ୍ମାନ ଦେଇ ଭାରତ ଏହାର ଜବାବ ଦେଇଛି। ଭାରତ ଯାହା କରିଛି ଠିକ୍ କରିଛି। ଏହା ଆଗକୁ ମଧ୍ୟ ଜାରି ରହିବ। ଅପରେସନ ସିନ୍ଦୂରରେ ଚୀନ୍ ପାକିସ୍ତାନକୁ ସହାୟତା କରିଥିବାବେଳେ ଜୟଶଙ୍କର ବେଜିଂରୁ ଏହି ବାର୍ତ୍ତା ଦେଇଛନ୍ତି। ସେ ଚୀନ୍ ଏବଂ ପାକିସ୍ତାନର ନାମ ନ ନେଇ ଏହି ଦେଶକୁ ସମାଲୋଚନା କରିଛନ୍ତି। ତିନି ଶତ୍ରୁ ଆତଙ୍କବାଦ, ବିଚ୍ଛିନ୍ନତାବାଦ ଏବଂ ଉଗ୍ରବାଦର ମୁକାବିଲା ପାଇଁ ଏସ୍‌ସିଓ ପ୍ରତିଷ୍ଠା କରାଯାଇଥିଲା। ଏହି ସବୁ ଏକାଠି ଆସିଥାନ୍ତି। ଏହା ଆହ୍ୱାନର ମୁକାବିଲା ପାଇଁ ଏସ୍‌ସିଓ ନିଜ ଉଦ୍ଦେଶ୍ୟରେ ସ୍ଥିର ରହିବା ଆବଶ୍ୟକ। ସେ ଚୀନ୍‌ର ବିଆରଆଇ ପ୍ରକଳ୍ପକୁ ମଧ୍ୟ ନିଶାଣ କରିଛନ୍ତି। ଏସ୍‌ସିଓ ରାଷ୍ଟ୍ରମାନେ ପାରସ୍ପରିକ ସ୍ୱାର୍ଥ, ସାର୍ବଭୌମ ଏବଂ ଆଞ୍ଚଳିକ ଅଖଣ୍ଡତାକୁ ସମ୍ମାନ ଦେବା ଉଚିତ ବୋଲି ଜୟଶଙ୍କର କହିଛନ୍ତି।



# ମସ୍କୋରେ ଆକ୍ରମଣ କରିବାକୁ ଜେଲେଁସ୍କିଙ୍କୁ କହିଲେ ଟ୍ରମ୍ପ



ୱାସିଂଟନ, ୧୫।୭ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଆଭିମୁଖ୍ୟ ବଦଳି ଯାଇଛି। ରୁଷ୍-ୟୁକ୍ରେନ ଯୁଦ୍ଧ ବନ୍ଦ କରିବାକୁ ଚାହୁଁଥିବା ଟ୍ରମ୍ପ ଏବେ ଏହାକୁ ଉଗ୍ର କରିବାକୁ ପଦକ୍ଷେପ ନେଉଛନ୍ତି। ସେ ରୁଷ୍ କ୍ଷେତ୍ରରେ ଜୋରଦାର ଆକ୍ରମଣ କରିବା ପାଇଁ ୟୁକ୍ରେନ ରାଷ୍ଟ୍ରପତି ଭୋଲ୍‌ଡାମିର ଜେଲେଁସ୍କିଙ୍କୁ କହିଛନ୍ତି। ଉପଯୁକ୍ତ ଅସ୍ତ୍ରଶସ୍ତ୍ର ଦେଲେ ମସ୍କୋ ଏବଂ ସେଣ୍ଟ ପିଟର୍ସବର୍ଗରେ ଆକ୍ରମଣ କରିପାରିବ କି ବୋଲି ପଚାରିଛନ୍ତି। ଏହାର ଉତ୍ତରରେ ଜେଲେଁସ୍କି ହଁ କରିଛନ୍ତି। ଗତ ୪ ତାରିଖରେ ଫୋନ୍ ବାର୍ତ୍ତାଳାପ ସମୟର ଏହି ଘଟଣା ମଙ୍ଗଳବାର ସାମ୍ନାକୁ ଆସିଛି। ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ସହ ଆଲୋଚନା ବିଫଳ ହେବାର ଦିନକ ପରେ ଟ୍ରମ୍ପ ଜେଲେଁସ୍କିଙ୍କୁ ଏହା କହିଥିଲେ। ଏହି ଆଲୋଚନାରେ ପୁଟିନ ଅସ୍ତ୍ରବିରତି ପାଇଁ ମନା କରିଦେଇଥିଲେ। ଏହାକୁ ନେଇ ଟ୍ରମ୍ପ ପ୍ରଶାସନ ରୁଷ୍‌ରେ କଥାରେ ଏବଂ କାମରେ ଭିନ୍ନତା ରହୁଛି ବୋଲି କହିଥିଲା। ଏହା ବିଫଳ ହେବା ପରେ ଆମେରିକା ପୁଣି ୟୁକ୍ରେନକୁ ଅସ୍ତ୍ରଶସ୍ତ୍ର ଯୋଗାଣ ଆରମ୍ଭ କରିଥିଲା।

**ସାଂସଦ କଙ୍ଗନାଙ୍କ ଖୁଲାସା**

# ୭୦ ଦିନ କାମ କରିବାକୁ ପଡ଼ିବ କହିଥିଲା ବିଜେପି



**ମନ୍ତ୍ରୀ ହେବାକୁ ରଖିଥିଲେ ଆଶା**

ମଣ୍ଡି, ୧୫।୭ (ଏଜେନ୍ସି): ଅଭିନେତ୍ରୀରୁ ରାଜନେତ୍ରୀ ପାଲଟି ଥିବା ମଣ୍ଡି ସାଂସଦ କଙ୍ଗନା ରାଣାୱତ ଏକ ସାକ୍ଷାତକାରକୁ ନେଇ ଚର୍ଚ୍ଚାରେ ଅଛନ୍ତି। ସାଂସଦ ଭାବେ କାମ କରିବାକୁ ମଜା ଆସୁନାହିଁ ବୋଲି ସେ କହିଛନ୍ତି। ସେ ବଡ଼ ଖୁଲାସା କରି କହିଛନ୍ତି ଯେ ଟିକେଟ ଦେବା ସମୟରେ ୬୦ରୁ ୭୦ ଦିନ କାମ କରିବାକୁ ପଡ଼ିବ ବୋଲି ବିଜେପି ପକ୍ଷରୁ କୁହାଯାଇଥିଲା। ଏହା ନିଜ କାମ କରିପାରିବେ ବୋଲି ଉଲ୍ଲେଖ କରାଯାଇଥିଲା। କିନ୍ତୁ ଏବେ ଏହା ଅଧିକ ଚାହିଦା ଥିବା ଚାକିରି ପରି ଲାଗୁଛି। ସଚ୍ଚୋଟ ରହି ରାଜନୀତିରେ ନିଜ ସ୍ଥିତି ବଜାୟ ରଖିବାକୁ କଙ୍ଗନା ମହଙ୍ଗା ସଉକ କହିଛନ୍ତି। ନିଜ ସଂସଦୀୟ କ୍ଷେତ୍ରର ଜନତାଙ୍କ ପାଖକୁ ଯିବା ପାଇଁ ତାଙ୍କର ସବୁ ଦରମା ଖର୍ଚ୍ଚ ହେଇ ଯାଉଛି। ରୋଷେୟା ଏବଂ ଡ୍ରାଇଭରଙ୍କୁ ଦରମା ଦେବାରେ ଦରମାର ସିଂହ ଭାଗ ଖର୍ଚ୍ଚ ହେଉଛି। କିଛି କର୍ମଚାରୀଙ୍କ ସହ ନିଜ ନିର୍ବାଚନ କ୍ଷେତ୍ରକୁ ଯାତ୍ରା କଲେ ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ ହେଉଛି। କଙ୍ଗନା କେନ୍ଦ୍ରରେ କ୍ୟାବିନେଟ ମନ୍ତ୍ରୀ ହେବାକୁ ମଧ୍ୟ ଆଶା ରଖିଥିଲେ। ଏଥିପାଇଁ ସେ ଯୋଗ୍ୟ ଥିଲେ ବୋଲି କହିଛନ୍ତି।

**କ୍ରିକେଟର ଯଶ୍ ଦୟାଲଙ୍କ ଗିରଫ ଉପରେ ରୋକ୍**

# 'ଜଣକୁ ୫ ବର୍ଷ ପର୍ଯ୍ୟନ୍ତ ବୋକା ବନାଇ ହେବନି'

ପ୍ରୟାଗରାଜ, ୧୫।୭ (ଏଜେନ୍ସି): କ୍ରିକେଟର ଯଶ୍ ଦୟାଲଙ୍କ ଗିରଫ ଉପରେ ଆହ୍ଲାବାଦ ହାଇକୋର୍ଟ କଟକଣା ଲଗାଇ ଦେଇଛନ୍ତି। ଜଣକୁ ଦିନେ କି ଦୁଇ ଦିନ ବୋକା ବନା ଯାଇପାରେ, କିନ୍ତୁ ୫ ବର୍ଷର ସମ୍ପର୍କରେ କାହାକୁ ମୂର୍ଖ ବନା ଯାଇପାରିବ ନାହିଁ ବୋଲି ଜଷ୍ଟିସ ସିଦ୍ଧାର୍ଥ ବର୍ମା ଏବଂ ଅନିଲ କୁମାରଙ୍କ ଖଣ୍ଡପୀଠ କହିଛନ୍ତି। ୟୁଟ୍ୟୁବର ସୀମା ଭିତରୁ ବାହାରକୁ ବାହାର ବୋଲି କହିଥିଲେ। ଯଶ୍‌ଙ୍କ ଆବେଦନ ଉପରେ ବିଚାର କରି ହାଇକୋର୍ଟ ବିରୋଧୀ ପକ୍ଷକୁ ନୋଟିସ ଜାରି କରିବା ସହ ଜବାବ ମାଗିଛନ୍ତି। ଏହି କ୍ରିକେଟର ଜଣେ ଯୁବତୀଙ୍କୁ ବିବାହ ପ୍ରତିଶ୍ରୁତି ଦେଇ ଯୌନ ଉତ୍ପୀଡ଼ନ ଦେଇଥିବା ଅଭିଯୋଗ ହୋଇଛି। ଅଭିଯୋଗକାରିଣୀ କହିଛନ୍ତି ଯେ ଉଭୟେ ୫ ବର୍ଷ ତଳେ ପରସ୍ପରକୁ ଭେଟିଥିଲେ। ପରେ ଯଶ ବିବାହ କରିବାକୁ ମନା କରିଦେଇଥିଲେ ଏବଂ ଅନ୍ୟ ମହିଳାଙ୍କ ସହ ସମ୍ପର୍କ ରଖିଥିଲେ। ଗତ ୬ ତାରିଖରେ ସେ ଦୟାଲଙ୍କ ବିରୋଧରେ ଗାଜିଆବାଦର ଇନ୍ଦିରାପୁରମ ଥାନାରେ ଏତଲା ଦେଇଥିଲେ।

# ୟେମେନରେ ଭାରତୀୟ ନର୍ସ ନିମିଷାଙ୍କ ମୃତ୍ୟୁଦଣ୍ଡ ସ୍ଥଗିତ

ସନା, ୧୫।୭ (ଏଜେନ୍ସି): ୟେମେନରେ ମୃତ୍ୟୁଦଣ୍ଡ ପାଇଥିବା ଭାରତୀୟ ନର୍ସ ନିମିଷା ପ୍ରିୟାଙ୍କୁ ବଡ଼ ଆଶ୍ୱସ୍ତି ମିଳିଛି। ନିର୍ଯାତନା ଦେଉଥିବା ଜଣେ ପୁରୁଷଙ୍କ ହତ୍ୟା ମାମଲାରେ ମୃତ୍ୟୁଦଣ୍ଡ ଦିଆଯିବାର ଦିନକ ପୂର୍ବରୁ ମଙ୍ଗଳବାର ତାଙ୍କ ଦଣ୍ଡକୁ ସାମୟିକ ସମୟ ପାଇଁ ସ୍ଥଗିତ ରଖାଯାଇଛି। ରିପୋର୍ଟ ଅନୁଯାୟୀ ସାମାଜିକ କର୍ମୀଙ୍କ ଗୋଷ୍ଠୀ ଏବଂ ପ୍ରଭାବଶାଳୀ ଧାର୍ମିକ ନେତା ଏହି ମାମଲାରେ ଦଖଲ ଦେଇଥିଲେ। ଏହା ପରେ ନିମିଷାଙ୍କ ଦଣ୍ଡାଦେଶ ଦିନକ ପାଇଁ ସ୍ଥଗିତ ରଖାଯାଇଛି। ପୀଡ଼ିତଙ୍କ ପରିବାର ଏଥିପାଇଁ ରାଜି ହୋଇଛନ୍ତି। ତେବେ ତାଙ୍କୁ ମୁକ୍ତ କରାଯିବ ନାହିଁ କିମ୍ବା ଭାରତ ପଠାଯିବ ନାହିଁ। ଏବେ ନିମିଷା ୟେମେନର ରାଜଧାନୀ ସନାରେ ଅଛନ୍ତି। ଏଠାରେ ହୁତି ବିଦ୍ରୋହୀଙ୍କ କର୍ତ୍ତୃତ୍ୱ ରହିଛି। କିନ୍ତୁ ହୁତି ବିଦ୍ରୋହୀଙ୍କ ସହ ଭାରତର କୌଣସି କୂଟନୈତିକ ସମ୍ପର୍କ ନାହିଁ। ଦିନକ ତଳେ କେନ୍ଦ୍ର ସରକାର ଏହି ମାମଲାରେ ସୁପ୍ରିମକୋର୍ଟରେ ହାତ ଟେକି ଦେଇଥିଲେ। ମୃତ୍ୟୁଦଣ୍ଡ ଅଟକାଇବାକୁ ଯାହା କରିବା କଥା ତାହା କରିଛୁ ବୋଲି କହିଥିଲେ। ଏହି ଦଣ୍ଡ ଟାଳିବାକୁ 'ବ୍ଲଡ୍ ମନି' (ମୃତ୍ୟୁଦଣ୍ଡ ରୋକିବା ପାଇଁ ଅର୍ଥ) ଶେଷ ବିକଳ୍ପ ରହିଛି ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଥିଲା। କିନ୍ତୁ ଏ ପର୍ଯ୍ୟନ୍ତ ପୀଡ଼ିତଙ୍କ ପରିବାର ମଧ୍ୟ ବ୍ଲଡ ମନି ସ୍ୱୀକାର କରିବାକୁ ସହମତ ହୋଇନାହାନ୍ତି।

**ଦୁଇ ଦେଶର ଧର୍ମଗୁରୁଙ୍କ ମଧ୍ୟରେ ଆଲୋଚନା**

**ଆଜି ନିମିଷାଙ୍କୁ ଗୁଳି ମରା ଯାଇଥାନ୍ତା**



ରିପୋର୍ଟ ଅନୁଯାୟୀ ଭାରତର କଣ୍ଠପୁରମର ଗ୍ରାଣ୍ଡ ମୁଫତି ଏପି ଅବୁବାକର ମୁସଲିୟାର ଏବଂ ୟେମେନର ପ୍ରସିଦ୍ଧ ସୁଫି ବିଦ୍ୱାନ ଶେଖ୍ ହବିବ୍ ଉମର ବିନ୍ ହାଫିଜ୍ ଏହି ପ୍ରସଙ୍ଗରେ ଆଲୋଚନା କରୁଛନ୍ତି। ଏଥିରେ ୟେମେନର ସୁପ୍ରିମକୋର୍ଟର ଜଣେ ବିଚାରପତି ଏବଂ ମୃତକଙ୍କ ଭାଇ ମଧ୍ୟ ସାମିଲ ଅଛନ୍ତି। ଏ ବିଷୟରେ ଆଲୋଚନା ଲାଗି ୟେମେନର ଶେଖ୍ ହବିବଙ୍କୁ ଶେଖ୍ ମନାଇ ଥିଲେ। ପ୍ରଥମ ଥର ପୀଡିତଙ୍କ ପରିବାରର ଜଣେ ଘନିଷ୍ଠ ସଦସ୍ୟ ମଧ୍ୟ କଥାବାର୍ତ୍ତା କରିବାକୁ ରାଜି ହୋଇଛନ୍ତି। ସରିଆ ଆଇନ ଅନୁଯାୟୀ ଏହି ଆଲୋଚନା ଜାରି ରହିଛି। ଏହା ଅଧିନରେ ଦୋଷୀଙ୍କୁ ବିନା ସର୍ତ୍ତରେ କିମ୍ବା ବ୍ଲଡ ମନି ବଦଳରେ କ୍ଷମା ପ୍ରଦାନ କରିବା ପାଇଁ ପୀଡ଼ିତ ପରିବାରକୁ ଆଇନଗତ ଅଧିକାର ପ୍ରଦାନ କରୁଛି।

**ଲିଙ୍ଗ ବଦଳାଇ ବିବାହ କରିଥିବା ଦାବି**

# ଫ୍ରାନ୍ସ ରାଷ୍ଟ୍ରପତିଙ୍କ ପତ୍ନୀ ପୁରୁଷ!

ପ୍ୟାରିସ, ୧୫।୭ (ଏଜେନ୍ସି): ଭିଏତନାମ ଗସ୍ତରେ ସ୍ୱାମୀ ତଥା ଫ୍ରାନ୍ସ ରାଷ୍ଟ୍ରପତି ଇମାନୁଏଲ ମାକ୍ରନଙ୍କୁ ମୁଥ ମାରି ଚର୍ଚ୍ଚାରେ ଆସିଥିବା ପ୍ରଥମ ମହିଳା ବ୍ରିଗିଟ ମାକ୍ରନ ଏବେ ସମ୍ବାଦର ସିରୋନାମାରେ ଅଛନ୍ତି। ସେ ମହିଳା ନୁହେଁ, ବରଂ ପୁରୁଷ ବୋଲି ଚର୍ଚ୍ଚା ହେଉଛି। ଦୁଇ ମହିଳା ୟୁଟ୍ୟୁବର ଏହି ଦାବି କରିଛନ୍ତି। ଉଭୟେ କହିଥିଲେ ଯେ ବ୍ରିଗିଟଙ୍କ ପ୍ରକୃତ ନାମ ଜିନ୍-ମିସେଲ ଗ୍ରୋଗ୍ରେନକ୍ସ ଥିଲା। ସେ ଲିଙ୍ଗ ବଦଳାଇ ଇମାନୁଏଲ ମାକ୍ରନଙ୍କୁ ବିବାହ କରିଥିଲେ। ଏହି ଭିଡିଓ ଜୋର୍‌ସୋରରେ ଭାଇରାଲ ହୋଇଥିଲା। ତେବେ ଏହା ବିରୋଧରେ ବ୍ରିଗିଟ୍ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ସୂଚନା ଅନୁଯାୟୀ ବ୍ରିଗିଟଙ୍କ ଭାଇଙ୍କ ନାମ ହେଉଛି ଗ୍ରୋଗ୍ରେନକ୍ସ। ଉଭୟେ ପ୍ରାୟ ଏକାପରି ଦେଖିବାକୁ। ବ୍ରିଗିଟ୍ ପ୍ରଥମେ ଏହାକୁ ନେଇ ପ୍ୟାରିସକ ଏକ କୋର୍ଟରେ ମାମଲା ରୁଜୁ କରିଥିଲେ। କୋର୍ଟ ୨୦୨୩ ସେପ୍ଟେମ୍ବରରେ ଉଭୟ ମହିଳାଙ୍କୁ ଦୋଷୀ ସାବ୍ୟସ୍ତ କରି ବ୍ରିଗିଟଙ୍କୁ ୭ ଲକ୍ଷ ଟଙ୍କା ଏବଂ ତାଙ୍କ ଭାଇଙ୍କୁ ୫ ଲକ୍ଷ ଟଙ୍କା ଦେବାକୁ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ଗତ ୧୦ ତାରିଖରେ ପ୍ୟାରିସର ଆଉ ଏକ ଅଦାଲତ ଏହି ନିଷ୍ପତ୍ତିକୁ ପଲଟାଇ ଦେଇଥିଲେ। ତେଣୁ ଏବେ ବ୍ରିଗିଟ ଏବଂ ତାଙ୍କ ଭାଇ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି।

ଏହି ମାମଲା ୨୦୨୧ର। ସେତେବେଳ ଅମଣ୍ଡାଇନ ରୟ ନାମକ ମହିଳା ୟୁଟ୍ୟୁବର ସାମ୍ବାଦିକା ନତାଶା ରେଙ୍କୁ ସାକ୍ଷାତକାର ଦେଇ ବ୍ରିଗିଟ ପୁରୁଷ ବୋଲି ଦାବି କରିଥିଲେ। ଏହା ଜାଣିବା ପାଇଁ ସେ ତିନି ବର୍ଷ ପର୍ଯ୍ୟନ୍ତ ଅନୁସନ୍ଧାନ କରିଥିବା କହିଥିଲେ। ଆମେରିକାରେ ମଧ୍ୟ ଏହି ମାମଲା ବ୍ୟାପିବାରେ ଲାଗିଥିଲା। ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସମର୍ଥକ ଥିବା ଦୁଇ ସାମ୍ବାଦିକ କ୍ୟାଣ୍ଡେସ ଓଭେନ୍ସ ଏବଂ ଟକର କାର୍ଲସନ ଏହାକୁ ଖୋରାକ ଯୋଗାଇ ଥିଲେ। ଏ ସମ୍ବନ୍ଧିତ ଅନେକ ଭିଡିଓକୁ ଉଭୟେ ସାମାଜିକ ଗଣମାଧ୍ୟମରେ ଛାଡ଼ିଥିଲେ। ଏହା ମାନବ ଇତିହାସର ସବୁଠାରୁ ବଡ଼ ରାଜନୈତିକ ଦୁର୍ନୀତି ବୋଲି କହିଥିଲେ। ବ୍ରିଗିଟ ଏବଂ ତାଙ୍କ ଭାଇ ବାସ୍ତବରେ ଜଣେ ବୋଲି କହିଥିଲେ। ତେବେ ଏହାକୁ ନେଇ ଫ୍ରାନ୍ସ ରାଷ୍ଟ୍ରପତି ଦୁଇ ସାମ୍ବାଦିକଙ୍କୁ ନୋଟିସ ଜାରି କରିଥିଲେ।



ଏହା ପୂର୍ବରୁ ଫ୍ରାନ୍ସ ସାମ୍ବାଦିକା ନତାଚା ରେ ୨୦୧୭ରେ ବ୍ରିଗିଟ ପୁରୁଷ ବୋଲି ଦାବି କରିଥିଲେ। ଏହି ଅଭିଯୋଗ ପରେ ନାତାଚାଙ୍କୁ ଦେଶରେ ହଇରାଣ କରାଯାଇଥିଲା। ସେଥିପାଇଁ ସେ ଚଳିତ ବର୍ଷ ରୁଷ୍‌କୁ ରାଜନୈତିକ ଶରଣ ମାଗିଥିଲେ। ଫ୍ରାନ୍ସ ସରକାର ମତପ୍ରକାଶର ସ୍ୱାଧୀନତାକୁ ଚାପି ଦେଉଥିବା ଅଭିଯୋଗ କରିଥିଲେ। ସୂଚନାଯୋଗ୍ୟ ଯେ ଇମାନୁଏଲ ମାକ୍ରନ ଏବଂ ତାଙ୍କ ପତ୍ନୀଙ୍କ ବୟସ ମଧ୍ୟରେ ଥିବା ତାରତମ୍ୟକୁ ନେଇ ଉଭୟେ ସାମାଜିକ ଗଣମାଧ୍ୟମରେ ଚର୍ଚ୍ଚାରେ ଅଛନ୍ତି। ଫ୍ରାନ୍ସ ରାଷ୍ଟ୍ରପତିଙ୍କ ଠାରୁ ତାଙ୍କ ପତ୍ନୀ ୨୪ ବର୍ଷ ବଡ଼।

# କାନ୍ଥ ଭୁଶୁଡ଼ି ୨ ମହିଳା ମୃତ




ରାଉରକେଲା/କୋଇଡା,୧୫।୭(ସମିସ): ବଣାଇଁ ଉପଖଣ୍ଡ କୋଇଡ଼ା ବ୍ଲକ୍‌ର ପୃଥକ୍ ପୃଥକ୍ ଦୁଇଟି ସ୍ଥାନରେ ଲଗାଣ ବର୍ଷା ଯୋଗୁଁ କାନ୍ଥ ଭୁଶୁଡ଼ି ୨ଜଣ ମହିଳାଙ୍କ ମୃତ୍ୟୁ ହୋଇଛି। କୋଇଡ଼ା ବ୍ଲକ୍ କାଲଟା ଫାଣ୍ଡି ଲୋହାରତୋଡା ଗାଁରେ ଘରେ ଶୋଇଥିବା ବେଳେ ଘରର ମାଟି କାନ୍ଥ ପଡ଼ିଯିବାରୁ ଜଣେ ବୟସ୍କ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତ ମହିଳା ହେଲେ, ବନଦୁଇ ବାଗେ (୭୦)। ସେହିପରି କୋଇଡା ବ୍ଲକ୍‌ର ମୋଟୁହନୁମାନ ଗ୍ରାମରେ ବର୍ଷା ଯୋଗୁଁ କାନ୍ଥ ପଡ଼ି ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତ ମହିଳାଜଣଙ୍କ ହେଲେ, ମୋଟୁହନୁମାନ ଗ୍ରାମର ଦମାଣି ସେଠ୍। ଦମାଣି ଶୋଇଥିବା ବେଳେ ବର୍ଷାରେ ଭିଜିଥିବା ଘରର ମାଟି କାନ୍ଥ ତାଙ୍କ ଉପରେ ପଡ଼ିଯିବାରୁ କାନ୍ଥରେ ଚାପି ହୋଇ ତାଙ୍କର ମୃତ୍ୟୁ ହୋଇଛି। ଦୁଇ ଦିନ ହେଲା କୋଇଡ଼ା ଅଞ୍ଚଳରେ ପ୍ରବଳ ବର୍ଷା ଯୋଗୁଁ ଅଧିକାଂଶ ମାଟି ଘରଗୁଡ଼ିକ ଦୁର୍ବଳ ହେବା ସହ ବିପଦପୂର୍ଣ୍ଣ ହୋଇପଡ଼ିଛି। କାଲଟା ଫାଣ୍ଡି ପୁଲିସ୍ ଦୁଇମହିଳାଙ୍କ ଶବ ଉଦ୍ଧାର କରି ବ୍ୟବଚ୍ଛେଦ ନିମନ୍ତେ ପଠାଇଛି। ମୃତା ମହିଳାଙ୍କ ପରିବାରବର୍ଗଙ୍କୁ ଉପଯୁକ୍ତ କ୍ଷତିପୂରଣ ପାଇଁ ସାଧାରଣରେ ଦାବି ହୋଇଛି।

# ବିଦ୍ୟୁତ୍ ଆଘାତରେ ମାମୁ-ଭଣଜା ମୃତ

ଭଦ୍ରକ, ୧୫।୭ (ସମିସ): ବିଦ୍ୟୁତ୍ ଆଘାତରେ ମାମୁ-ଭଣଜା ମୃତ। ଭଦ୍ରକ ଗ୍ରାମାଞ୍ଚଳ ଥାନା ଅଧୀନ ଦୈସିଂ ପଞ୍ଚାୟତର ଆଦିବାସୀ ସାହିରେ ଏଭଳି ଏକ ଅଭାବନୀୟ ଘଟଣା ଘଟିଛି। ମୃତକଦ୍ୱୟ ହେଲେ, ନିଧି ମୁଣ୍ଡା ଓ ତାଙ୍କ ଭଣଜା ନବ ମୁଣ୍ଡା (୫)। ସୂଚନାନୁସାରେ, ଆଜି ଅପରାହ୍ଣରେ ନବ ଗାଁ ନିକଟରେ ମାଙ୍କଡ଼ପଲଙ୍କୁ ଗୋଡ଼ାଉଥିଲା। ଏହି ସମୟରେ ତଳେ ପଡ଼ିଥିବା ଏକ ବିଦ୍ୟୁତ୍ ତାର ସଂସ୍ପର୍ଶରେ ଆସିବାରୁ ଛିଟିକି ତଳେ ପଡ଼ିଯାଇଥିଲା। ଏହା ଦେଖି ପାଖରେ ଥିବା ନିଧି ତାଙ୍କୁ ବଞ୍ଚାଇବାକୁ ଉଦ୍ୟମ କଲା ବେଳେ ସେ ମଧ୍ୟ ବିଦ୍ୟୁତ୍ ସଂସ୍ପର୍ଶରେ ଆସିଥିଲେ। ସ୍ଥାନୀୟ ଲୋକେ ବିଦ୍ୟୁତ୍ ସଂଯୋଗ କାଟି ଦୁହିଁଙ୍କୁ ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। ହେଲେ ସେଠାରେ ଡାକ୍ତର ଉଭୟଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ଯୁବନେତା ସୌମେନ୍ଦ୍ର ସାହୁ ପ୍ରମୁଖ ଡାକ୍ତରଖାନାରେ ପହଞ୍ଚି ଶୋକବ୍ୟକ୍ତ କରିଥିଲେ।

# ଶିକାରୀଙ୍କଠାରୁ ୩ ହାତୀଦାନ୍ତ ଜବତ

ନୀଳଗିରି, ୧୫।୭ (ସମିସ): ମାସେ ପରେ ନୀଳଗିରି ବନ ବିଭାଗକୁ ସଫଳତା ମିଳିଛି। ଗତ ଜୁନ୍ ୧୫ ତାରିଖରେ କୁଲଡ଼ିହା ଅଭୟାରଣ୍ୟ ପୁଟିବନ୍ଧ ହୁଡ଼ିସାହି ନିକଟରୁ ଜବତ ହୋଇଥିବା ଗଳିତ ଦନ୍ତା ହାତୀର ଦୁଇଟି ଦାନ୍ତ ଜବତ କରିବା ସହ ଦୁଇ ଅଭିଯୁକ୍ତଙ୍କୁ ଗିରଫ କରିଛି। ସେମାନେ ହେଲେ, କେସିପୁର ପଞ୍ଚାୟତ ବେତକଟା ଗ୍ରାମର ସୁଶାନ୍ତ ନାୟକ ଓରଫ୍ ଟୁଟୁ ଓ ଅନ୍ୟ ଜଣେ ବାପି। ବିଶେଷସୂତ୍ରରୁ



ଖବର ପାଇ ବାଲେଶ୍ୱର ଏସିଏଫଓ ଦିଗନ୍ତ ଶୋଭନ ଚାନ୍ଦ ଏବଂ କୁଲଡ଼ିହା ରେଞ୍ଜ ଅଧିକାରୀ ସୁବ୍ରତ କୁମାର ବେହେରାଙ୍କ ତତ୍ତ୍ୱାବଧାନରେ ଏକ ଟିମ୍ ବରହମପୁର ପୁଲିସ ସହାୟତାରେ ଆଜି ସୁଶାନ୍ତର ଘର ଉପରେ ଚଢ଼ଉ କରି ଦାନ୍ତ ଦୁଇଟିକୁ ଜବତ କରିଛି। ସେହିପରି, ଏହି ଟିମ୍ ତେଲିପାଳ ପଞ୍ଚାୟତ ଭଗାବନ୍ଧ ଗ୍ରାମର ଦିନା ମୁର୍ମୁଙ୍କ ଘର ଉପରେ ଚଢ଼ଉ କରି ଏକ ପୁରୁଣା ହାତୀଦାନ୍ତ ଜବତ କରିବା ସହ ତାଙ୍କୁ ହେପାଜତକୁ ନେଇ ଅଧିକ ତଦନ୍ତ ଚଳାଇଛି। ସୂଚନାଯୋଗ୍ୟ, କୁଲଡ଼ିହା ଅଭୟାରଣ୍ୟ ପୁଟିବନ୍ଧ ହୁଡ଼ିସାହି ନିକଟରୁ ବନ ବିଭାଗ ଗତ ଜୁନ୍ ୧୫ତାରିଖରେ ଏକ ଗଳିତ ହାତୀର ମୃତଦେହ ଜବତ କରିଥିଲା। ପରେ ଏହି ଘଟଣାର ତଦନ୍ତ କରି ବନ ବିଭାଗ ୫ ଶିକାରୀଙ୍କୁ ବିଭାଗ ଗିରଫ କରିଥିଲେ ହେଁ ମୁଖ୍ୟ ଆସାମୀ ସୁଶାନ୍ତ ଏବଂ ହାତୀର ଦାନ୍ତଦ୍ୱୟକୁ ଠାବ କରିବାରେ ବିଫଳ ହୋଇଥିଲା।

# ହାତଗୋଡ଼ କାଟି ମାରିଦେଲେ

ବ୍ରହ୍ମପୁର, ୧୪।୭ (ସମିସ): ବ୍ରହ୍ମପୁର ଏମ୍‌କେସିଜି ମେଡ଼ିକାଲ ଖେଳପଡ଼ିଆସ୍ଥିତ ହେଟାବନ୍ଧ ସମ୍ମୁଖରେ ଥିବା ଏକ ଖୋଲା ପଡ଼ିଆରୁ ଜଣେ ଯୁବକଙ୍କ ଖଣ୍ଡବିଖଣ୍ଡିତ ଗଳିତ ମୃତଦେହ ଜବତ କରିଛି ବୈଦ୍ୟନାଥପୁର ଥାନା ପୁଲିସ।

- ପଡ଼ିଆରୁ ଖଣ୍ଡବିଖଣ୍ଡିତ ମୃତଦେହ ଉଦ୍ଧାର
- ସନ୍ଧାନୀ କୁକୁର, ସାଇଣ୍ଟିଫିକ୍ ଟିମ୍‌ର ତନାଘନା



ମୃତକଙ୍କ ପରିଚୟ ମିଳିପାରି ନଥିବା ବେଳେ ତାଙ୍କ ଦୁଇହାତର ପାପୁଲି ଏବଂ ପାଦ ତଳର କିଛି ଅଂଶ ନଥିବା ଦେଖିବାକୁ ମିଳିଛି। ପାରିପାର୍ଶ୍ୱିକ ସ୍ଥିତିରୁ ଏହା ଏକ ଯୋଜନାବଦ୍ଧ ହତ୍ୟାକାଣ୍ଡ ବୋଲି ସନ୍ଦେହ କରାଯାଉଛି। ଦୁର୍ବୃତ୍ତମାନେ ଯୁବକଙ୍କୁ ଅନ୍ୟତ୍ର ହତ୍ୟା କରି ସେଠାରେ ଫିଙ୍ଗିଦେଇଥିବା ଅନୁମାନ କରାଯାଉଛି। ଏପରିକି, ହତ୍ୟା ପରେ ସେମାନେ ତାଙ୍କ ପାପୁଲି ଓ ଗୋଡ଼କୁ କାଟି ଦେଇଥିବା ସନ୍ଦେହ କରାଯାଉଛି। ଆଜି ଖେଳ ପଡ଼ିଆକୁ ଆସିଥିବା କିଛି ଯୁବକ ଉକ୍ତ ମୃତଦେହ ଦେଖି ପୁଲିସକୁ ଖବର ଦେଇଥିଲେ। ପୁଲିସ ସନ୍ଧାନୀ କୁକୁର ଓ ସାଇଣ୍ଟିଫିକ୍ ଟିମ ସହାୟତାରେ ତନାଘନା କରିଥିଲା। ମୃତଦେହକୁ ଜବତ କରି ବର୍ତ୍ତମାନ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି। ବ୍ୟବଚ୍ଛେଦ ରିପୋର୍ଟ ମିଳିବା ପରେ ମୃତ୍ୟୁର କାରଣ ସ୍ପଷ୍ଟ ହେବ କୁହାଯାଇଛି।

# ୩ କଲରାପତରିଆ ବାଘଛାଲ ଜବତ; ୭ ଅଟକ

ବାରିପଦା, ୧୫।୭(ସମିସ): ମୟୂରଭଞ୍ଜ ଜିଲ୍ଲା ବଡ଼ସାହି ଓ ଖୁଣ୍ଟା ଥାନା ଅଞ୍ଚଳରେ ଚଢ଼ଉ କରି ବନବିଭାଗ ୩ଟି କଲରାପତରିଆ ବାଘ ଛାଲ ଜବତ କରିବା ସହ ଏହି ବେଆଇନ କାରବାର ଘଟଣାରେ ୭ଅଭିଯୁକ୍ତଙ୍କୁ ଅଟକ ରଖିଛି। ତଦନ୍ତରେ ବାଧା ଉପୁଜିବା ଆଶଙ୍କାରେ ବିଭାଗ ପକ୍ଷରୁ ଅଭିଯୁକ୍ତମାନଙ୍କ ପରିଚୟ ପ୍ରଦାନ କରାଯାଇନାହିଁ। ବୁଧବାର ସମସ୍ତ ତଥ୍ୟ ପ୍ରଦାନ କରାଯିବ ବୋଲି ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ନିର୍ଦ୍ଦେଶକ ତଥା ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ ଡ. ପ୍ରକାଶ ଚାନ୍ଦ ଗୋଗେନାନୀ ସୂଚନା ଦେଇଛନ୍ତି।

**ଗ୍ରାହକ ବେଶରେ ଡିଲ୍ କଲା, ରାତି ଅଧିଆ ମାଡ଼ି ବସିଲା**

ସୂଚନାଯୋଗ୍ୟ, ବାଘ ଛାଲ ଡିଲ୍ ଚାଲିଥିବା ନେଇ ବନ ବିଭାଗର ସ୍ୱତନ୍ତ୍ର ଗୁଇନ୍ଦା ଟିମ୍‌କୁ ଏକ ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଥିଲା। ଗ୍ରାହକ ବେଶରେ କିଛି ବନ କର୍ମଚାରୀ ପ୍ରଥମେ ଅଭିଯୁକ୍ତମାନଙ୍କ ସହ ଡିଲ୍ କରିଥିଲେ। ଘଟଣାରେ ସତ୍ୟତା ଥିବା ଜଣାପଡ଼ିବା ପରେ ସୋମବାର ବିଳମ୍ବିତ ରାତିରେ ବଡ଼ସାହି ଥାନା ପାଉଁଶିଆ ଗ୍ରାମର ଗୁରୁପ୍ରସାଦ ପାତ୍ରଙ୍କ ଘରେ ଅତର୍କିତ ଚଢ଼ଉ କରି ୨ଟି ବାଘଛାଲ ଜବତ କରିବା ସହ ଅଭିଯୁକ୍ତକୁ ଅଟକ ରଖିଥିଲା। ପରେ ଖୁଣ୍ଟା ଥାନା ଅଧୀନ ପଶୁଦା ଗ୍ରାମରେ ଚଢ଼ଉ କରି ଗୋଟିଏ ବାଘ ଛାଲ ଜବତ କରିଥିଲା। ଉଭୟ ଘଟଣାରେ ସମ୍ପୃକ୍ତ ଥିବା ୭ଜଣଙ୍କୁ ଅଟକ ରଖି ପଚରାଉଚରା ଜାରି ରହିଛି।

**ରେଭେନ୍ସା ବିଶ୍ୱବିଦ୍ୟାଳୟ ସମାବର୍ତ୍ତନ ସମାରୋହ**

# ରେଭେନ୍ସା ଏକ ଜୀବନ୍ତ ଇତିହାସ: ରାଷ୍ଟ୍ରପତି

କଟକ,୧୫।୭(ସମିସ): 'ସ୍ୱତନ୍ତ୍ର ପ୍ରଦେଶ ଗଠନ ଏବଂ ସ୍ୱାଧୀନତା ସଂଗ୍ରାମର ମୂକସାକ୍ଷୀ ହେଉଛି ରେଭେନ୍ସା ଶିକ୍ଷାନୁଷ୍ଠାନ। ସମୟ ସହ ପାଦ ମିଶାଇ ରେଭେନ୍ସା ଆଗକୁ ବଢ଼ୁଛି। ଏହି ଶିକ୍ଷାନୁଷ୍ଠାନ ପୁରୁଣା, କିନ୍ତୁ ପୁରୁଣାକାଳିଆ ନୁହେଁ। ରେଭେନ୍ସାର ବିଦ୍ୟାର୍ଥୀ ଦେଶବିଦେଶରେ ଗୌରବ ଅର୍ଜନ କରିଛନ୍ତି। ଇଟା, ପଥରରେ ଗଢ଼ା ଏକ ନିର୍ଜୀବ ଅଟ୍ଟାଳିକା ନୁହେଁ, ବରଂ ରେଭେନ୍ସା ଓଡ଼ିଶାର ଜୀବନ୍ତ ଇତିହାସ।' ଆଜି ସେଭେନ ପିଲାର ଅଫ ୱିଜଡମଠାରେ ରେଭେନ୍ସା ବିଶ୍ୱବିଦ୍ୟାଳୟର ୧୩ତମ ସମାବର୍ତ୍ତନ ସମାରୋହରେ ଯୋଗଦେଇ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଏହା କହିଛନ୍ତି।

ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ ରାଷ୍ଟ୍ରପତି କହିଥିଲେ ଯେ, ନିଜେ ଚାକିରି କରିବା ଓ ରୋଜଗାରକ୍ଷମ ହେବାର ଅର୍ଥ ନୁହେଁ ସଫଳତା; ଜଣେ ଉଦ୍ୟୋଗୀ ହେଲେ ସଫଳତା ଆପେଆପେ ମିଳିପାରିବ। ସଫଳତା ତାକୁ କହିବା ଯେତେବେଳେ ଅନ୍ୟଙ୍କୁ ଚାକିରି ଦେଇପାରିବା। କଟକ ମାଟି ଉଦ୍ୟୋଗୀ ହେବାକୁ ପ୍ରେରଣା ଦେଇଥାଏ। ଉତ୍କଳ ଗୌରବ ମଧୁସୂଦନ ଦାସ ଏଠାରେ ଉତ୍କଳ ଟ୍ୟାନେରୀ ଜୋତା କାରଖାନା ପ୍ରତିଷ୍ଠା କରିଥିଲେ। ପରାଧୀନ ଭାରତରେ ମଧୁବାବୁଙ୍କ ଏଭଳି ପ୍ରଚେଷ୍ଟା ପାଇଁ ସେ ମହାତ୍ମା ଗାନ୍ଧୀଙ୍କଠାରୁ ପ୍ରଶଂସିତ ହୋଇଥିଲେ। ଭବିଷ୍ୟତରେ ଭାରତ ବିଶ୍ୱଗୁରୁ ହେବ, ଏ ଦିଗରେ ରେଭେନ୍ସାର ଭୂମିକା ଗୁରୁତ୍ୱପୂର୍ଣ୍ଣ ରହିବ ବୋଲି ସେ କହିଛନ୍ତି।

କାର୍ଯ୍ୟକ୍ରମରେ ଅନ୍ୟତମ ଅତିଥି ଭାବେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଯୋଗଦେଇ ଓଡ଼ିଆଙ୍କ ପାଇଁ




ରେଭେନ୍ସା ପବିତ୍ର ମାଟି ବୋଲି କହିଥିଲେ। ଭାରତକୁ ଇଂରେଜମୁକ୍ତ କରିବା ନିମନ୍ତେ ଯେଉଁ ଜନଆନ୍ଦୋଳନର ସୂତ୍ରପାତ ହୋଇଥିଲା, ସେଥିରେ ରେଭେନ୍ସାର ଭୂମିକା ଗୁରୁତ୍ୱପୂର୍ଣ୍ଣ ଥିଲା। ଭାଷାଭିତ୍ତିକ ରାଜ୍ୟ ଗଠନ ହେଉ କି ଓଡ଼ିଶାର ନବସୃଜନର ପରିକଳ୍ପନା କ୍ଷେତ୍ରରେ ଏହି ଶିକ୍ଷାନୁଷ୍ଠାନ ମଙ୍ଗ ଧରିଥିଲା। ଅନେକ ମହାନୁଭବଙ୍କ ବୌଦ୍ଧିକ ବୀଜରୋପଣ ରେଭେନ୍ସାରୁ ହୋଇଛି ବୋଲି ସେ କହିଥିଲେ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନିଜ ଅଭିଭାଷଣରେ ରେଭେନ୍ସା ଏକ ବ୍ରାଣ୍ଡ ବୋଲି ଅଭିହିତ କରିଥିଲେ। ଅନେକ ସୁଯୋଗ୍ୟ ସନ୍ତାନଙ୍କୁ ରେଭେନ୍ସା ଜନ୍ମ ଦେଇଛି। ସାମାଜିକ, ଅର୍ଥନୈତିକ ଏବଂ ସାଂସ୍କୃତିକ ଜାଗରଣରେ ରେଭେନ୍ସାର ଅବଦାନ ଅବିସ୍ମରଣୀୟ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ।

ଅନ୍ୟତମ ଅତିଥି ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଥିଲେ ଯେ ୨୦୩୬ ବିକଶିତ ଓଡ଼ିଶା ଏବଂ ୨୦୪୭ ବିକଶିତ ଭାରତ ଗଠନରେ ରେଭେନ୍ସା ପ୍ରୟୋଗଶାଳା ସାଜିବ। ଏଥିପାଇଁ ରାଜ୍ୟ ସରକାର ଶିକ୍ଷାର ବିକାଶ ପାଇଁ ବିଭିନ୍ନ ପଦକ୍ଷେପ ନେଉଛନ୍ତି। ରାଜ୍ୟପାଳ ତଥା ବିଶ୍ୱବିଦ୍ୟାଳୟର କୁଳାଧିପତି ଡ. ହରିବାବୁ କମ୍ଭମପାଟି ସମାରୋହରେ ଅଧ୍ୟକ୍ଷତା କରି ରେଭେନ୍ସା ବିଶ୍ୱବିଦ୍ୟାଳୟକୁ ଶିକ୍ଷାର ମନ୍ଦିର ବୋଲି ଅଭିହିତ କରିଥିଲେ। କୁଳପତି ପ୍ରଫେସର ସଞ୍ଜୟ କୁମାର ନାୟକ ସ୍ୱାଗତ ଭାଷଣ ଦେଇଥିଲେ। ଏହି ଅବସରରେ ପରମାଣୁ ଶକ୍ତି ଆୟୋଗର ପ୍ରାକ୍ତନ ଅଧ୍ୟକ୍ଷ ତଥା ଭାବା ଆଟୋମିକ ରିସର୍ଚ୍ଚ ସେଣ୍ଟରର ପ୍ରାକ୍ତନ ନିର୍ଦ୍ଦେଶକ ଡଃ ଅଜିତ କୁମାର ମହାନ୍ତିଙ୍କୁ ଡକ୍ଟର ଅଫ ସାଇନ୍ସ, ସାଂସଦ ଡଃ ଭର୍ତ୍ତୃହରି ମହତାବ, ଓଡ଼ିଶାର ପ୍ରଥମ ବ୍ରେଲ ପ୍ରେସ ପ୍ରତିଷ୍ଠାତା ତଥା ଦୃଷ୍ଟିହୀନ ସାମାଜିକ କର୍ମୀ ବିଜୟ କୁମାର ରଥ ଓ ପରିବେଶ ସଂରକ୍ଷକ ପଦ୍ମଶ୍ରୀ ସାବରମତିଙ୍କୁ ସମ୍ମାନସୂଚକ ଡକ୍ଟର ଅଫ ଲିଟିରେଚର ପ୍ରଦାନ କରାଯାଇଥିଲା। ଏହି ସମାରୋହରେ ୨୦୨୩ ଶିକ୍ଷାବର୍ଷର ୧୦୬ ବିଦ୍ୟାର୍ଥୀଙ୍କୁ ପୁରସ୍କୃତ କରାଯାଇଥିଲା। ତନ୍ମଧ୍ୟରୁ ୨୯ ଜଣଙ୍କୁ ସ୍ନାତକ ସ୍ୱର୍ଣ୍ଣପଦକ, ୨ଜଣଙ୍କୁ ସର୍ବୋତ୍ତମ ସ୍ନାତକ, ୩୨ଜଣଙ୍କୁ ସ୍ନାତକୋତ୍ତର ସ୍ୱର୍ଣ୍ଣପଦକ, ୪୨ଜଣଙ୍କୁ ପିଏଚଡି ସନନ୍ଦ ଏବଂ ଜଣଙ୍କୁ ଡିଲିଟ୍ ପ୍ରଦାନ କରାଯାଇଥିଲା। ସେହିପରି ୨୦୨୪ ପାଇଁ ୧୧୮ ଛାତ୍ରଛାତ୍ରୀ ପୁରସ୍କୃତ ହୋଇଥିଲେ। ୨୯ଜଣଙ୍କୁ ସ୍ନାତକ ସ୍ୱର୍ଣ୍ଣପଦକ, ୨ଜଣଙ୍କୁ ସର୍ବୋତ୍ତମ ସ୍ନାତକ, ୨୭ଜଣଙ୍କୁ ସ୍ନାତକୋତ୍ତର ସ୍ୱର୍ଣ୍ଣପଦକ, ୩ଜଣଙ୍କୁ ବୋରାସମ୍ବର ସେନାପତି ତର୍କ ପଦକ, ୫୬ଜଣଙ୍କୁ ପିଏଚଡି ସନନ୍ଦ ଏବଂ ଜଣଙ୍କୁ ଡିଏସ୍‌ସି ସମ୍ମାନ ପ୍ରଦାନ କରାଯାଇଥିଲା। ୨୦୨୫ ପାଇଁ ୧୦୫ ମଧ୍ୟରୁ ୨୬ଜଣଙ୍କୁ ସ୍ନାତକ ସ୍ୱର୍ଣ୍ଣପଦକ, ୨ଜଣଙ୍କୁ ସର୍ବୋତ୍ତମ ସ୍ନାତକ, ୨୭ଜଣଙ୍କୁ ସ୍ନାତକୋତ୍ତର ସ୍ୱର୍ଣ୍ଣ ପଦକ, ୪ଜଣଙ୍କୁ ବୋରାସମ୍ବର ସେନାପତି ତର୍କ ପଦକ ଏବଂ ୪୬ଜଣଙ୍କୁ ପିଏଚଡି ସନନ୍ଦ ପୁରସ୍କାର ଦିଆଯାଇଥିଲା। କୁଳସଚିବ କାହ୍ନୁଚରଣ ମଲ୍ଲିକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

**ଫକୀରମୋହନ କଲେଜ ଛାତ୍ରୀ ମୃତ୍ୟୁ ଘଟଣା**

# ୮ ଘଣ୍ଟିଆ ବାଲେଶ୍ୱର ବନ୍ଦ ଆଜି




ଭୁବନେଶ୍ୱର/ବାଲେଶ୍ୱର,୧୫।୭(ସମିସ): ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ବିଇଡି ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁ ଘଟଣାରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି କରି ବିଜେଡି ପକ୍ଷରୁ ବୁଧବାର ୮ ଘଣ୍ଟିଆ ବାଲେଶ୍ୱର ଜିଲ୍ଲା ବନ୍ଦ ଡାକରା ଦିଆଯାଇଛି। ସ୍ଥାନୀୟ ଏକ ହୋଟେଲରେ ପୂର୍ବତନ

- ବୁଧବାର ସକାଳ ୬ରୁ ଅପରାହ୍ଣ ୨ଟା ପର୍ଯ୍ୟନ୍ତ ବନ୍ଦ
- ଲୋକସେବା ଭବନ ବି ଘେରିବ ଦଳ

ସାଂସଦ ଇଂ ରବୀନ୍ଦ୍ର କୁମାର ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦିଆଯାଇଛି। ଏହି ବନ୍ଦ ସକାଳ ୬ଟାରୁ ଆରମ୍ଭ ହୋଇ ଦିନ ୨ଟା ପର୍ଯ୍ୟନ୍ତ ବଳବତ୍ତର ରହିବ। ଅପରପକ୍ଷେ, ରାଜଧାନୀ ଭୁବନେଶ୍ୱରରେ ମଧ୍ୟ ଆସନ୍ତାକାଲି ଦଳ ପକ୍ଷରୁ ଲୋକସେବା ଭବନ ଘେରାଉ କରାଯିବ। ଏହି ଘେରାଉ କାର୍ଯ୍ୟକ୍ରମ ସକାଳ ୧୦ଟାରୁ ଆରମ୍ଭ ହେବ ବୋଲି ବିଜେଡିର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର କହିଛନ୍ତି।

ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ଜେନା କହିଥିଲେ, ସରକାରଙ୍କ ନିଷ୍କ୍ରିୟତା ପାଇଁ ନ୍ୟାୟରୁ ବଂଚିତ ସୌମ୍ୟାଶ୍ରୀ ଏପରି ଚରମ ପଦକ୍ଷେପ ନେଇଛନ୍ତି। କିନ୍ତୁ ତାଙ୍କ ବଳିଦାନ ବ୍ୟର୍ଥ ଯିବ ନାହିଁ। ତାଙ୍କ ବିୟୋଗରେ ବିଜେଡି ସଭାପତି ନବୀନ ପଟ୍ଟନାୟକ ଗଭୀର ଦୁଃଖ ପ୍ରକାଶ କରିବା ସହ ରାଜ୍ୟ ସରକାରଙ୍କ ବ୍ୟବସ୍ଥା ଉପରେ ପ୍ରଶ୍ନ ଉଠାଇଛନ୍ତି। ଏହି କ୍ରମରେ ୧୬ ତାରିଖ, ବୁଧବାର ଦିନ ବିଜୁ ଜନତା ଦଳ ପକ୍ଷରୁ ସକାଳ ୬ଟାରୁ ଅପରାହ୍ଣ ୨ଟା ପର୍ଯ୍ୟନ୍ତ ବାଲେଶ୍ୱର ଜିଲ୍ଲା ବନ୍ଦ ଡାକରା ଦିଆଯାଇଛି। ଏହି ବନ୍ଦ ଶାନ୍ତିପୂର୍ଣ୍ଣ ଭାବରେ ଅନୁଷ୍ଠିତ ହେବ। ବନ୍ଦ ପାଳନ ସମୟରେ ଜରୁରୀକାଳୀନ ସେବା ଜାରି ରହିବ। କିନ୍ତୁ ଦୋକାନ ବଜାର, ଗାଡି ମୋଟର, ବସ, ଟ୍ରେନ, ସ୍କୁଲ ଓ କଲେଜ ସବୁ ବନ୍ଦ ରହିବ। ଏହି ବନ୍ଦ ପାଳନକୁ ଜିଲ୍ଲାବାସୀ ସହଯୋଗ କରିବାକୁ ଶ୍ରୀ ଜେନା ନିବେଦନ କରିଛନ୍ତି।

# ସରକାରଙ୍କ ଶବଦାହ କଲା କଂଗ୍ରେସ

ଭୁବନେଶ୍ୱର, ୧୫।୭ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଓ ଉଚ୍ଚ ଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ପ୍ରତୀକାତ୍ମକ ଶବଦାହ କରିଛି ଯୁବ କଂଗ୍ରେସ। ଯୁବ କଂଗ୍ରେସର କର୍ମକର୍ତ୍ତାମାନେ ଏକ ରାଲିରେ ଆସି ରାମମନ୍ଦିର ନିକଟସ୍ଥ ବିଜେପି କାର୍ଯ୍ୟାଳୟ ପାଖରେ "ରାମ ନାମ ସତ୍ୟହେ, ହରିନାମ ସତ୍ୟହେ" ଉଚ୍ଚାରଣ କରି ଦୁଇଟି କୋକେଇ କାନ୍ଧେଇଥିଲେ। କୋକେଇରେ ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କର ଦୁଇଟି ଫ୍ଲେକ୍ସ ନିର୍ମିତ ଶବ ରଖାଯାଇଥିଲା। ସେପଟେ ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀଙ୍କ ଶବ ତାଙ୍କ ନିଜ ଗାଁରେ ଦାହ ହେଉଥିବା ବେଳେ ଭୁବନେଶ୍ୱରରେ ବିଜେପି କାର୍ଯ୍ୟାଳୟ ନିକଟରେ ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କର ଫ୍ଲେକ୍ସ ନିର୍ମିତ ଶବଦାହ କରାଯାଇଥିଲା। ଶବଦାହର ସମସ୍ତ ବିଧି ଏହି କାର୍ଯ୍ୟକ୍ରମରେ ଅନୁସରଣ କରାଯାଇଥିଲା।

କାର୍ଯ୍ୟକ୍ରମ ଅବସରରେ ଯୁବ କଂଗ୍ରେସ ସଭାପତି ରଣଜିତ ପାତ୍ର କହିଛନ୍ତି ଯେ ମୋହନ ସରକାରର ପ୍ରତୀକାତ୍ମକ ଶବଦାହ କରାଯାଇଛି। ଏହି ସରକାରରେ ନାରୀ ଅସୁରକ୍ଷିତ। ବାଲେଶ୍ୱର ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିକୁ ମୁଖ୍ୟମନ୍ତ୍ରୀ କି ଶିକ୍ଷାମନ୍ତ୍ରୀ ବା ସମଗ୍ର ମୋହନ ସରକାରର ବ୍ୟବସ୍ଥା ନ୍ୟାୟ ଦେଇପାରିଲା ନାହିଁ। ତେଣୁ ମୁଖ୍ୟମନ୍ତ୍ରୀ ଓ ଶିକ୍ଷାମନ୍ତ୍ରୀଙ୍କର ଇସ୍ତଫା ଦାବି ସହ ଏହି କାର୍ଯ୍ୟ ହୋଇଛି ବୋଲି ସେ କହିଛନ୍ତି।




ଭୁବନେଶ୍ୱର କଂଗ୍ରେସ ସାଂସଦ ପ୍ରାର୍ଥୀ ସୟଦ ୟାସିର ନୱାଜ କହିଛନ୍ତି ଯେ ଏହି ଘଟଣାରେ ବିଜେପି, ମୋହନ ସରକାର ଏବଂ ଏବିଭିପିର ଅସଲମୁଖା ଖୋଲିଯାଇଛି। ଉଭୟ ଅଧ୍ୟକ୍ଷ ଓ ଅଧ୍ୟାପକଙ୍କୁ କଲେଜ ବାହାରେ ଥିବା ହେଲ୍ପ-ଡେସ୍କଠାରେ ଏବିଭିପି ପକ୍ଷରୁ ସମ୍ମାନିତ କରାଯାଇଥିଲା। ସୁତରାଂ ଏହି ଅପରାଧୀ ଦୁଇଜଣ ଏବିଭିପି ସଂଗଠନ ସହ ସୁ-ସମ୍ପର୍କ ରହିଥିଲା। ଛାତ୍ରୀଟି ଏବିଭିପି ସଂଗଠନର ଜଣେ ସଭ୍ୟା। ମାତ୍ର ଦୁଃଖର ବିଷୟ, ଛାତ୍ରୀର ଗୁହାରି ନ ଶୁଣିଥିବା ସରକାର ବିରୋଧରେ ଏବିଭିପି ଏପର୍ଯ୍ୟନ୍ତ ଆନ୍ଦୋଳନ କରୁନାହିଁ କି ଶବ୍ଦଟିଏ କହୁନାହିଁ। ଛାତ୍ରୀର ହାତକୁ ଆତ୍ମଦାହ କରିବାପାଇଁ କିଏ ସେ ପେଟ୍ରୋଲ ଓ ଦିଆସିଲି ବଢ଼ାଇଦେଲା ଏବଂ ଆତ୍ମଦାହ କରିବାପାଇଁ ଉସୁକାଇଲା, ତାହାର ଉପଯୁକ୍ତ ତଦନ୍ତ କରାଯାଉ ବୋଲି ସେ କହିଛନ୍ତି। ଛାତ୍ରୀ ସୌମ୍ୟାଶ୍ରୀ ଆତ୍ମହତ୍ୟା କରିନି ବରଂ ବିଜେପି, ମୋହନ ସରାକର ଏବଂ ଏବିଭିପି ତାଙ୍କୁ ହତ୍ୟା କରିଛି ବୋଲି ୟାସିର୍ କହିଛନ୍ତି।

# ମୋହନ ସରକାର ଶାସନ କରିବା ପାଇଁ ସମସ୍ତ ନୈତିକତା ହରାଇଛନ୍ତି : କଂଗ୍ରେସ

ଭୁବନେଶ୍ୱର,୧୫।୭(ସମିସ): ଫକୀରମୋହନ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁ ପରେ ଆସନ୍ତା ୧୭ ତାରିଖରେ ଓଡ଼ିଶା ବନ୍ଦ ଡାକରା ଦିଆଯାଇଛି। ଏହା ଆତ୍ମହତ୍ୟା ନୁହେଁ, ଏହା ଏକ ବ୍ୟବସ୍ଥାକୃତ ହତ୍ୟା ବୋଲି ଉଲ୍ଲେଖ କରି କଂଗ୍ରେସ ସମେତ ୮ ଟି ମିଳିତ ବିରୋଧୀ ଦଳ ତରଫରୁ ବନ୍ଦ ଡାକରା ଦିଆଯାଇଛି। ବାଲେଶ୍ୱର ସାଂସଦ, ବିଧାୟକ, ଜିଲ୍ଲାପାଳ ଏବଂ ଏସପିଙ୍କୁ ତଦନ୍ତ ପରିସରଭୁକ୍ତ କରାଯିବା ସହ ୧୭ ଜୁଲାଇରେ ଓଡ଼ିଶା ବନ୍ଦକୁ ଜନସାଧାରଣ ସମର୍ଥନ ଦେଇ ସଫଳ କରିବା ପାଇଁ ବିରୋଧୀ ଦଳମାନେ ନିବେଦନ କରିଛନ୍ତି।

ଏହାସହିତ ତିନି ଦିନ ଧରି ସମଗ୍ର ରାଜ୍ୟରେ କ୍ୟାଣ୍ଡେଲ୍ ଶୋଭାଯାତ୍ରା ଓ ଶ୍ରଦ୍ଧାଞ୍ଜଳି ସଭା ଆୟୋଜନ କରାଯିବ।

ଛାତ୍ର-ଛାତ୍ରୀଙ୍କ ମନ୍ଦିର ହେଉଛି ଶିକ୍ଷାନୁଷ୍ଠାନ। ସେଠାରେ ଛାତ୍ର ଛାତ୍ରୀଙ୍କର ନିରାପତ୍ତା ନାହିଁ। ଭୟଙ୍କର ଦୁର୍ନୀତି, ଜାଲିଆତି, ପାଠର ଅନ୍ତର, ମାର୍କ ପାଇଁ ମାନସିକ ଚାପ, କ୍ୟାରିୟର ପାଇଁ ଯୌନ ନିର୍ଯାତନା ଭଳି ଘଟଣା ଘଟିବା ଅତ୍ୟନ୍ତ ଉଦବେଗଜନକ ଏବଂ ଚିନ୍ତାଜନକ। ଫକୀର ମୋହନ ମହାବିଦ୍ୟାଳୟ ଘଟଣା ଏହି ଘୃଣ୍ୟ କାର୍ଯ୍ୟର ଏକ ପ୍ରତିଫଳନ । ଏହି କେଳେଙ୍କାରୀ ସାଙ୍ଗକୁ ମାଲକାନଗିରିରେ ସାମ୍ବାଦିକଙ୍କୁ ହତ୍ୟା, ଗଞ୍ଜାମ ଜିଲ୍ଲାରେ ପୁଣି ମହିଳାଙ୍କୁ ଗଣ ଦୁଷ୍କର୍ମ, ଗୋପାଳପୁରରେ ଯୁବତୀଙ୍କୁ ଗଣଦୁଷ୍କର୍ମ, ଧରାକୋଟରେ ଦଳିତଙ୍କ ଉପରେ ପାଶବିକ ଅତ୍ୟାଚାର, ଶିମିଳିପାଳ ଅଭୟାରଣ୍ୟରେ ଜଙ୍ଗଲ ବିଭାଗ କର୍ମଚାରୀଙ୍କ ଦ୍ୱାରା ଆଦିବାସୀ ମହିଳାଙ୍କ ଉପରେ ଯୌନ ନିର୍ଯାତନା, ମାଲକାନଗିରିରେ ଖ୍ରୀଷ୍ଟିଆନ ସମ୍ପ୍ରଦାୟଙ୍କ ଉପରେ ଆକ୍ରମଣ, ରାଜ୍ୟ ତମାମ୍ ବଙ୍ଗଳା ଭାଷାଭାଷୀ ନାଗରିକଙ୍କୁ ଅଯଥା ଗିରଫ ଓ ଡିଟେନସନ, ବିଏମସି ଅଧିକାରୀଙ୍କ ଉପରେ ବିଜେପି କର୍ମୀ ମାନେ ବର୍ବର ଆକ୍ରମଣ କରିବା, ନୀଳଗିରି ବିଧାୟକଙ୍କ ମହିଳା ନେତ୍ରୀଙ୍କ ପ୍ରତି ଅଶାଳୀନ ମନ୍ତବ୍ୟ, ରଥଯାତ୍ରା ପରିଚାଳନାରେ ଅବହେଳା ଯୋଗୁଁ ଶ୍ରଦ୍ଧାଳୁଙ୍କ ମୃତ୍ୟୁ ଓ ଅନେକ ଗୁରୁତର ଭାବେ ଆହତ ଇତ୍ୟାଦି ସମସ୍ତ ଘଟଣାରେ ମୋହନ ସରକାରଙ୍କ ବିଫଳତା, ବ୍ୟର୍ଥତା, ଅପାରଗତା ପ୍ରମାଣିତ ହୋଇଛି। ରାଜ୍ୟରେ ଜଙ୍ଗଲରାଜ ଚାଲିଛି। ସମଗ୍ର ପୁଲିସ୍ ବିଭଗ ସ୍ଥାଣୁ ପାଲଟିଛି। ଓଡ଼ିଶା ରାଜ୍ୟ ବର୍ତ୍ତମାନ୍ ଅପରାଧୀଙ୍କ ଚରାଭୂଇଁ ହୋଇଛି। ମୋହନ ମାଝୀ ସରକାର ଶାସନ କରିବାର ସମସ୍ତ ନୈତିକ ଅଧିକାର ହରାଇଛନ୍ତି ବୋଲି ମିଳିତ ବିରୋଧୀ ଦଳ ପ୍ରକାଶ କରିଛନ୍ତି। ବିଜେପି ଶାସନର ଜଙ୍ଗଲରାଜ ବିରୋଧରେ ମାନବିକ ଅଧିକାର ପାଇଁ ୧୭ ଜୁଲାଇ ରେ ଓଡ଼ିଶା ବନ୍ଦ ପାଳନ କରାଯିବ। ଆଜି ପୂର୍ବାହ୍ନ କଂଗ୍ରେସ ଭବନରେ ଅନୁଷ୍ଠିତ ମିଳିତ ସାମ୍ବାଦିକ ସମ୍ମିଳନୀରେ ରେ କଂଗ୍ରେସ ପକ୍ଷରୁ ପିସିସି ସଭାପତି ଭକ୍ତ ଚରଣ ଦାସ, କଂଗ୍ରେସ ବିଧାୟକ ଦଳର ନେତା ରାମଚନ୍ଦ କାଡାମ୍, ସିପିଆଇ ରାଜ୍ୟ ସମ୍ପାଦକ ଆଶିଷ କାନୁନଗୋ, ସିପିଆଇ (ଏମ୍) ରାଜ୍ୟ ସମ୍ପାଦକ ସୁରେଶ ଚନ୍ଦ୍ର ପାଣିଗ୍ରାହୀ, ସିପିଆଇ(ଏମ୍‌ଏଲ)-ଲିବେରେସନ୍ ରାଜ୍ୟ ସମ୍ପାଦକ ଯୁଧିଷ୍ଠିର ମହାପାତ୍ର, ଅଲ୍ ଇଣ୍ଡିଆ ଫରୱାର୍ଡ ବ୍ଲକ୍ ରାଜ୍ୟ ସାଧାରଣ ସମ୍ପାଦକ ଜ୍ୟୋତି ରଞ୍ଜନ ମହାପାତ୍ର, ଏନ୍‌ସିପି ରାଜ୍ୟ ସଭାପତି ବିକ୍ରମ ସ୍ୱାଇଁ, ଏସପି ରାଜ୍ୟ ସାଧାରଣ ସମ୍ପାଦକ ପ୍ରତାପ ବାରିକ, ଆର୍‌ଜେଡି ରାଜ୍ୟ ସାଧାରଣ ସମ୍ପାଦକ ହେମନ୍ତ କୁମାର ପ୍ରମୁଖ ରାଜ୍ୟ ନେତୃବୃନ୍ଦ ଉପସ୍ଥିତ ଥିଲେ।


# ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବିକଲା ବିଜେଡି

**କାର୍ଯ୍ୟରତ ବିଚାରପତିଙ୍କ ଦ୍ୱାରା ବିଚାର ବିଭାଗୀୟ ତଦନ୍ତ ହେଉ**

ଭୁବନେଶ୍ୱର,୧୫।୭(ସମିସ): ଫକୀର ମୋହନ ସ୍ୱୟଂଶାସିତ କଲେଜ ଛାତ୍ରୀ ଆତ୍ମାହୂତି ଘଟଣାରେ ପୀଡ଼ିତାଙ୍କ ମୃତ୍ୟୁ ଘଟଣାରେ ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଇସ୍ତଫା ଦାବି କରିଛି ବିଜେଡି। ଏହା ସହ ଦଳ ପକ୍ଷରୁ ଘଟଣାର ବିଚାର ବିଭାଗୀୟ ତଦନ୍ତ ଦାବି କରିଛି।

ଶଙ୍ଖ ଭବନ ଠାରେ ଆଜି ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର, ଉପସଭାପତି ସଞ୍ଜୟ କୁମାର ଦାସବର୍ମା, ଉପସଭାପତି ପ୍ରତାପ ଜେନା ଏଫଏମ କଲେଜ ଛାତ୍ରୀ ମୃତ୍ୟୁ ଘଟଣାରେ ସରକାରୀ ଉଦାସନୀତା ଏବଂ ବିଫଳତାକୁ ନେଇ ପ୍ରବଳ ବର୍ଷିଛନ୍ତି। ଶ୍ରୀ ମିଶ୍ର କହିଛନ୍ତି ଯେ ଏହି ଘଟଣା ସମଗ୍ର ରାଜ୍ୟବାସୀଙ୍କୁ ଆନ୍ଦୋଳିତ କରିଛି । ପୀଡିତା ଛାତ୍ରୀ ଦୀର୍ଘ ୬ ମାସ ଧରି ନ୍ୟାୟ ପାଇଁ ସଂଗ୍ରାମ କରି ବିଫଳ ହେବା ପରେ, ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀ ଇତ୍ୟାଦିଙ୍କୁ ସାମାଜିକ ଗଣମାଧ୍ୟମ ଏକ୍ସରେ ଟ୍ୱିଟ୍ କରି ନ୍ୟାୟ ଭିକ୍ଷା କରିଥିଲା । ସମସ୍ତ କ୍ଷେତ୍ରରୁ ନ୍ୟାୟ ପାଇବାରେ ବିଫଳ ହେବା ପରେ, ଛାତ୍ରୀ ଜଣକ ଆତ୍ମାହୂତି ଭଳି ଚରମ ନିଷ୍ପତ୍ତି ନେଇଥିଲା । ସରକାରୀ ବ୍ୟବସ୍ଥାରେ ଥିବା ତ୍ରୁଟି ଓ ସରକାରଙ୍କ ଅପାରଗତାକୁ ବିରୋଧ କରି ଜୁଲାଇ ୧୬ ତାରିଖ (ବୁଧବାର) ବାଲେଶ୍ୱର ବନ୍ଦ ଡାକରା ଦିଆଯାଇଛି ଓ ଆଜିଠାରୁ ଆରମ୍ଭ ହୋଇଥିବା କଲେଜ ଷ୍ଟ୍ରାଇକ ଦାବି ପୂରଣ ହେବା ଯାଏଁ ଜାରି ରହିବ।

ସଞ୍ଜୟ କୁମାର ଦାସବର୍ମା କହିଛନ୍ତି ଯେ ଏହି ଘଟଣାରେ ଅଭିଯୁକ୍ତ ଅଧ୍ୟାପକ, କଲେଜ ଅଧ୍ୟକ୍ଷଙ୍କ ବ୍ୟତୀତ ମୃତ ଛାତ୍ରୀ ଯେଉଁ ଯେଉଁମାନଙ୍କ ନିକଟରେ ଅଭିଯୋଗ କରିଥିଲା



ସେହି ବ୍ୟକ୍ତିମାନଙ୍କୁ ମଧ୍ୟ ତଦନ୍ତ ପରିସରଭୁକ୍ତ କରିବା ଦରକାର। ଏହାଛଡା ଏହି ଘଟଣା ଘଟିବା ବେଳକୁ ଯେଉଁମାନେ ଭିଡିଓ କରୁଥିଲେ, ଯେଉଁମାନେ ତାକୁ ଉସକେଉଥିଲେ ଓ ଯେଉଁମାନେ କଲେଜ ଦ୍ୱାରା ଗଠିତ ହୋଇଥିବା ତଦନ୍ତ କମିଟିରେ ରହି ତଦନ୍ତକୁ ବାଟବଣା କରିଥିଲେ ସେମାନେ ମଧ୍ୟ ଏହି ଘଟଣାରେ ଦାୟୀ । ତେଣୁ ସେମାନେ ମଧ୍ୟ ତଦନ୍ତ ପରିସରଭୁକ୍ତ ହେବା ଦରକାର ବୋଲି ସେ କହିଛନ୍ତି।

ବରିଷ୍ଠ ନେତା ପ୍ରତାପ ଜେନା କହିଛନ୍ତି ଯେ ମୃତ ଛାତ୍ରୀ ନିଜର ଅଭିଯୋଗକୁ ସାଂସଦ, ବିଧାୟକ, ଉଚ୍ଚଶିକ୍ଷା ମନ୍ତ୍ରୀ, ମୁଖ୍ୟମନ୍ତ୍ରୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ଇତ୍ୟାଦିଙ୍କୁ ଜଣାଇଥିଲେ ମଧ୍ୟ କେହି ଅଭିଯୋଗ ଉପରେ କର୍ଣ୍ଣପାତ କରିନଥିଲେ । ଏହାଛଡ଼ା ସେ ଏସ୍‌ପିଙ୍କ ପାଖରେ ଲିଖିତ ଅଭିଯୋଗ କରିଥିଲେ; କିନ୍ତୁ ତାଙ୍କ ଅଭିଯୋଗକୁ ନ୍ୟାୟ ଦେବା ତ ଦୂରର କଥା, କେସ୍ ପଞ୍ଜିକୃତ କରାଗଲା ନାହିଁ। ଏହା ହୋଇଥିଲେ ଛାତ୍ରୀ ଜଣକ ହୁଏତ ଏଭଳି ଚରମ ପଦକ୍ଷେପ ନେବାରୁ ନିବୃତ ରହିଥାନ୍ତେ। ଏହାଦ୍ୱାରା ପୁଲିସ ପ୍ରଶାସନ ଓ ନ୍ୟାୟ ବ୍ୟବସ୍ଥା ଉପରେ ସାଧାରଣ ଲୋକଙ୍କ ଭରସା ଉଠିଯାଉଛି। କେବଳ ସରକାରୀ ଅଧିକାରୀ ମାନେ ନୁହେଁ ନିର୍ବାଚିତ ଜନପ୍ରତିନିଧିମାନେ ମଧ୍ୟ ଉତ୍ତରଦାୟୀ ହେବା ଉଚିତ। ତେଣୁ ଯେଉଁମାନେ ଛାତ୍ରୀଙ୍କ ଅଭିଯୋଗକୁ ଅଣଦେଖା କରିଛନ୍ତି ସେମାନେ ସମସ୍ତେ ଏହି ଛାତ୍ରୀର ମୃତ୍ୟୁ ପାଇଁ ଦାୟୀ । ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷା ମନ୍ତ୍ରୀ ଏହି ଘଟଣାର ନୈତିକ ଦାୟିତ୍ୱ ନେଇ ନିଜ ପଦରୁ ଇସ୍ତଫା ଦେବା ଦରକାର। ଏହି ଘଟଣାର ତଦନ୍ତ ଏକ କାର୍ଯ୍ୟରତ ବିଚାରପତିଙ୍କ ଦ୍ୱାରା ବିଚାର ବିଭାଗୀୟ ତଦନ୍ତ ପାଇଁ ବିଜେଡି ଦାବି କରିଛି।

ସକାଳ THE SAKALA



# ଏଫ୍‌ଏମ୍ କଲେଜ ଛାତ୍ରୀ ମୃତ୍ୟୁ ଘଟଣାରେ ବିଜେଡିର ବିକ୍ଷୋଭ


ନିମାପଡ଼ା



ନିମାପଡ଼ା କଲେଜ ସମ୍ମୁଖ


ବ୍ରହ୍ମଗିରି

ନିମାପଡ଼ା,୧୫।୭ (ସମିସ): ବାଲେଶ୍ୱରସ୍ଥିତ ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମହତ୍ୟା ଘଟଣାରେ ମଙ୍ଗଳବାର ନିମାପଡ଼ା ବିଜୁ ଜନତା ଦଳ ପକ୍ଷରୁ ରାସ୍ତାରୋକ ସହ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ନିମାପଡ଼ା ନେତା ଦିଲ୍ଲୀପ ନାୟକଙ୍କ ନେତୃତ୍ୱରେ ଶତାଧିକ କର୍ମୀ ଦୋଳବେଦୀ ଛକରେ ମୃତ ଛାତ୍ରୀଙ୍କ ପରିବାରକୁ ଉଚିତ୍ ନ୍ୟାୟ ପ୍ରଦାନ ସହ ଦୋଷୀମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି ନାରା ଦେବା ସହ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଓ ଉଚ୍ଚ ଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ କୁଶପୁତ୍ତଳିକା ଦାହ କରିଥିଲେ। ଏହି ବିକ୍ଷୋଭ ପ୍ରଦର୍ଶନ ସମୟରେ ପୁରୀ ଜିଲ୍ଲା ପର୍ଯ୍ୟବେକ୍ଷକ ସୁବ୍ରତ ଛାଟୋଇ, ଭାଗ୍ୟଧର ଖଟୋଇ, ଯୁବ ସଂଗଠକ ମାନସ ପ୍ରଧାନ, କାଉନ୍‌ସିଲର ଧନୁର୍ଦ୍ଧର ଦାଶ, ବରିଷ୍ଠ କର୍ମୀ ପୂର୍ଣ୍ଣଚନ୍ଦ୍ର ସାହୁ, ଦ୍ୱିଜବର ପ୍ରଧାନ, ପୂର୍ବତନ ସରପଞ୍ଚ ଅକ୍ଷୟ ପଢ଼ିଆରୀ, ଜିଲ୍ଲା ପରିଷଦ ସଭ୍ୟ ରବୀନ୍ଦ୍ରନାଥ ମଲ୍ଲିକ, ସସ୍ମିତା ନାୟକ, ବିଜୟ ପଟ୍ଟନାୟକ, ଯୁବ ନେତା ଚିନ୍ତାମଣୀ ବରାଳ, ରବୀନ୍ଦ୍ର ଦାଶ, ରଶ୍ମିରଞ୍ଜନ ପଣ୍ଡା, ପ୍ରକାଶ ତ୍ରିପାଠୀ, ପଦ୍ମନାଭ ବାରିକ, ମିହିର କଲିମ ଅଲ୍ଲି, ନାରୀନେତ୍ରୀ ସରିତା ମହାପାତ୍ରଙ୍କ ସମେତ ହଜାର ହଜାର କର୍ମୀ ଯୋଗଦେଇଥିଲେ।


ପିପିଲି

**ନିମାପଡ଼ା କଲେଜ ସମ୍ମୁଖ :** ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମହତ୍ୟା ଘଟଣାରେ ମଙ୍ଗଳବାର ନିମାପଡ଼ା ମହାବିଦ୍ୟାଳୟ ସମ୍ମୁଖରେ ଏଆଇଏସ୍‌ଏଫ୍ ଛାତ୍ର ସଂଗଠନ ପକ୍ଷରୁ ମହାବିଦ୍ୟାଳୟ ଫାଟକ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ନିମାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟର ଏଆଇଏସ୍‌ଏଫ୍ ସଂଗଠନର ସୋନାଲି ପ୍ରଧାନଙ୍କ ନେତୃତ୍ୱରେ ମୃତକଙ୍କ ପରିବାରକୁ ଉଚିତ୍ ନ୍ୟାୟ ଓ ଉଚ୍ଚ ଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବି କରି ହୋହଲ୍ଲା କରିଥିଲେ। ଏହି ଘଟଣାକୁ କେନ୍ଦ୍ରକରି ଛାତ୍ରଛାତ୍ରୀମାନେ ସେହି କଲେଜର ପ୍ରଶାସନିକ ଅଧିକାରୀ, ପୁଲିସ ପ୍ରଶାସନ ଏବଂ ରାଜ୍ୟ ସରକାରଙ୍କ ନିଷ୍କ୍ରିୟତାକୁ ନେଇ ତୀବ୍ର ନିନ୍ଦା କରିଛନ୍ତି।

**ବ୍ରହ୍ମଗିରି :** ମଙ୍ଗଳବାର ବାଲେଶ୍ୱର ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାୟର ଛାତ୍ରୀ ସୌମ୍ୟାଶ୍ରୀ ମୃତ୍ୟୁ ଘଟଣାରେ ନ୍ୟାୟ ଓ ଉପଯୁକ୍ତ ତଦନ୍ତ ପାଇଁ ଛାତ୍ରଛାତ୍ରୀମାନେ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ବ୍ରହ୍ମଗିରି ଅଲାରନାଥ ମହାବିଦ୍ୟାଳୟ ଗେଟ୍ ସମ୍ମୁଖରେ ଶତାଧିକ ବିଜୁ ଯୁବ ଛାତ୍ର ଜନତା ଦଳ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ପୁରୀ-ସାତପଡ଼ା ୩୧୬ ନମ୍ବର ଜାତୀୟ ରାଜପଥକୁ କଲେଜ ଛକଠାରେ ଟାୟାର ଜାଳି ଅବରୋଧ କରିଥିଲେ। ବିଜୁ ଯୁବ ଛାତ୍ର ଜନତା ଦଳ ନେତୃତ୍ୱରେ ଛାତ୍ରଛାତ୍ରୀମାନେ ରାସ୍ତା ଅବରୋଧ କରିବା ସହିତ ବିଜେପି ସରକାରଙ୍କ ବିରୋଧରେ ନାରାବାଜୀ କରିଥିଲେ। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ଉଚ୍ଚ ଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବି କରିବା ସହ କୁଶପୁତ୍ତଳିକା ଦାହ କରିଥିଲେ। ଅନୁରୂପ ଭାବେ ବିଜୁ ଛାତ୍ର ଜନତା ଦଳ ପକ୍ଷରୁ ଆନ୍ଦୋଳନ କରାଯାଇଥିଲା। ଆନ୍ଦୋଳନକାରୀମାନେ ରାଜରାସ୍ତା ୧ ଘଣ୍ଟା ଧରି ଅଚଳ କରିଥିଲେ।

**ପିପିଲି :** ସୌମ୍ୟାଶ୍ରୀଙ୍କ ମୃତ୍ୟୁକୁ ନେଇ ସାରା ରାଜ୍ୟରେ ବିକ୍ଷୋଭ ପ୍ରଦର୍ଶନ ଚାଲିଛି। ରାଜ୍ୟ ସରକାରଙ୍କ ବିରୋଧରେ ସବୁଠି ବିକ୍ଷୋଭ ପ୍ରଦର୍ଶନ ଚାଲିଥିବାବେଳେ ପିପିଲିରେ ମଧ୍ୟ ସମାନ ସ୍ଥିତି ଦେଖିବାକୁ ମିଳିଛି। ମୃତ ଛାତ୍ରୀ ସୌମ୍ୟାଶ୍ରୀଙ୍କ ପାଇଁ ରାଜରାସ୍ତାରେ ବିକ୍ଷୋଭ ପ୍ରଦର୍ଶନ ସହ ମୁଖ୍ୟମନ୍ତ୍ରୀଙ୍କ କୁଶପୁତ୍ତଳିକା ଦାହ କରିଛି ପିପିଲି ବିଜେଡି। ପୂର୍ବତନ ବିଧାୟକ ରୁଦ୍ର ପ୍ରତାପ ମହାରଥୀଙ୍କ ନେତୃତ୍ୱରେ ଶତାଧିକ ବିଜେଡି କର୍ମୀ ପିପିଲି ହାଟ ଛକଠାରେ ଏକତ୍ରିତ ହୋଇ ରାଜ୍ୟ ସରକାରଙ୍କ ବିରୋଧରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଛାତ୍ରୀଙ୍କ ଜୀବନ ବଞ୍ଚାଇବାରେ ସରକାର ବିଫଳ ହୋଇଛନ୍ତି ବୋଲି ବ୍ଲକ୍ ବିଜେଡି ସଭାନେତ୍ରୀ ଜ୍ୟୋସ୍ନାରାଣୀ ପୃଷ୍ଟି ଅଭିଯୋଗ କରିଛନ୍ତି। ଏହି ଅବସରରେ ବିଜେଡି ପକ୍ଷରୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ କୁଶପୁତ୍ତଳିକା ଦାହ କରାଯାଇଥିଲା। କାର୍ଯ୍ୟକ୍ରମରେ ରାଜ୍ୟ ବିଜୁ ଯୁବ ଜନତା ଦଳ ସମ୍ପାଦକ ବିଶ୍ୱଜିତ୍ ଦାଶ, ବ୍ଲକ୍ ଅଧକ୍ଷା ପ୍ରତିନିଧି ଦେବାଶିଷ ନନ୍ଦ, ବରିଷ୍ଠ ନେତା ଆର୍ତ୍ତବନ୍ଧୁ ସାମନ୍ତରାୟ, ବିରଜା ପ୍ରସାଦ ପଟ୍ଟନାୟକ, ସତ୍ୟନାରାୟଣ ବସ୍ତିଆ, ଜୟନ୍ତ ଦାସ, ସୌମ୍ୟରଞ୍ଜନ ବେହେରା, ପର୍ଶୁରାମ ମହାପାତ୍ର, ପିପିଲି ଏନ୍‌ଏସି ଅଧକ୍ଷ ସେକ୍ ବାବୁ, ଆଶିଷ ବରାଳ, ଲିପିକା ମହାପାତ୍ର, ଝୁନା ମଲ୍ଲିକ, ବିଜୟ ପରିଡ଼ା ପ୍ରମୁଖ ସାମିଲ ହୋଇଥିଲେ।

**ଗୋପ:** ସୌମ୍ୟାଶ୍ରୀଙ୍କ ଆତ୍ମହତ୍ୟା ଘଟଣାକୁ ଗୋପ ବ୍ଲକ୍ ବିଜେଡି ପକ୍ଷରୁ ମହିଳା ଓ ଶିଶୁ କଲ୍ୟାଣ ବିଭାଗ ମନ୍ତ୍ରୀ ତଥା ଉପ ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ଉଚ୍ଚଶିକ୍ଷା ବିଭାଗ ମନ୍ତ୍ରୀ ସୁର୍ଯ୍ୟବଂଶୀ ସୂରଜ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଇସ୍ତଫା ଦାବି କରି ଗୋପ ବଜାରଠାରେ କୁଶପୁତ୍ତଳିକା ଦାହ କରିଥିଲେ। ଏହି କାର୍ଯ୍ୟକ୍ରମରେ ପୂର୍ବତନ ପଞ୍ଚାୟତ ସମିତି ଉପାଧ୍ୟକ୍ଷ ନିରଞ୍ଜନ ମହାପାତ୍ର, ଗୋପ ବ୍ଲକ୍ ଅଧକ୍ଷା ଝୁନୁ ମଲ୍ଲିକ, ମହେଶ୍ୱର ସ୍ୱାଇଁ, କୁନା ଦାସ, ରମେଶ ବାରିକଙ୍କ ସମେତ ଶତାଧିକ ବିଜେଡି କର୍ମୀ ସାମିଲ୍ ହୋଇ ରାଜ୍ୟ ସରକାରଙ୍କ ବିରୋଧରେ ନାରାବାଜି କରି ସରକାରଙ୍କ ବିରୋଧରେ ନାରାବାଜି ଦେଇଥିଲେ।

**ଡେଲାଙ୍ଗ:** ଡେଲାଙ୍ଗ ବ୍ଲକ୍‌ର ଅଗ୍ରଣୀ ସ୍ୱେଚ୍ଛାସେବୀ ଅନୁଷ୍ଠାନ ପ୍ରଭାତ କ୍ଲବ୍ ପକ୍ଷରୁ ଏଫ୍‌ଏମ୍ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ଶୋକସଭା ଓ କ୍ୟାଣ୍ଡଲ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏଥିରେ କ୍ଲବ୍‌ର ସଭାପତି ସନ୍ତୋଷ ମହାନ୍ତି, ମୁଖ୍ୟ ପରିଚାଳନା କମିଟି ସଦସ୍ୟ ଗନ୍ଧର୍ବ ପ୍ରଧାନ, କୋଷାଧକ୍ଷ ସ୍ୱାଗତ ବରାଳ, ସଦସ୍ୟ ପ୍ରବୋଧ ନାୟକ, ଲିଙ୍ଗରାଜ ସ୍ୱାଇଁ, ସୁକାନ୍ତ ସାହୁ, ସୁମନ୍ତ ପ୍ରଧାନ, ଅଜୟ ମଲ୍ଲିକ, ସରୋଜ ବିଶ୍ୱାଳ, ସିପିଆଇଏମ୍‌ଏଲ୍ ନେତା ଅଶୋକ ପ୍ରଧାନ, କଂଗ୍ରେସ ନେତା ବିଶ୍ୱକେଶନ ହରିଚନ୍ଦନ ମହାପାତ୍ର, ଯୁବନେତା ନିର୍ମଳ ପରିଡ଼ା, ଅଶ୍ରୁମୋଚନ ପ୍ରଧାନ, ରାମଚନ୍ଦ୍ର ମହାରଣା, କିଷାନ ପଟ୍ଟନାୟକଙ୍କ ସମେତ ଶତାଧିକ ଜନସାଧାରଣ ସାମିଲ୍ ହୋଇଥିଲେ। ପରିବାରକୁ ୨ କୋଟି କ୍ଷତିପୂରଣ, ରାଜ୍ୟ ସରକାରଙ୍କ ଉଚ୍ଚ ଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଓ ନାୟିକ ତଦନ୍ତ ପାଇଁ ଦାବି କରିଥିଲେ। ଏହା ସହିତ ଆସନ୍ତା ୧୭ ତାରିଖରେ ଓଡ଼ିଶା ବନ୍ଦକୁ ସଫଳ କରିବା ପାଇଁ ଶ୍ରୀ ପ୍ରଧାନ ଜନସାଧାରଣଙ୍କୁ ନିବେଦନ କରିଛନ୍ତି।

**ସାକ୍ଷୀଗୋପାଳ :** ସୌମ୍ୟାଶ୍ରୀଙ୍କ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ସତ୍ୟବାଦୀ ବ୍ଲକ୍ କଂଗ୍ରେସ କମିଟି ପକ୍ଷରୁ ସ୍ଥାନୀୟ ଓଡ଼ିଆ ବିଶ୍ୱବିଦ୍ୟାଳୟ ଫାଟକ ସମ୍ମୁଖରେ ମଙ୍ଗଳବାର ରାତି ୯ଟା ସମୟରେ ଏକ ଦୀପଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସତ୍ୟବାଦୀ ବ୍ଲକ୍ କଂଗ୍ରେସ କମିଟି ସଭାପତି ସୁବାସ ଚନ୍ଦ୍ର ମହାପାତ୍ର, ଯୁବ ଓ ଛାତ୍ର ସଂଗଠନର କର୍ମକର୍ତ୍ତାମାନେ ଯୋଗଦେଇଥିଲେ।

## ବିଦ୍ୟୁତ୍ ତାର ଚୋରିକରି ଧରାପଡ଼ିଲେ ୪

ନିମାପଡ଼ା,୧୫।୭ (ସମିସ): ବିଦ୍ୟୁତ୍ ତାର ଚୋରି ଅଭିଯୋଗରେ ନିମାପଡ଼ା ପୁଲିସ ୪ଜଣ ଚୋରଙ୍କୁ ଗିରଫ କରି ମଙ୍ଗଳବାର କୋର୍ଟ ଚାଲଣ କରିଛି। ନିମାପଡ଼ାସ୍ଥିତ ରିଲାଏନ୍ସ ପେଟ୍ରୋଲ୍ ପମ୍ପ ପଛପଟ ଗହୀରରେ ୩୩ କେଭି ଲାଇନ୍ ନୂଆ କାମ ଚାଲିଥିବାବେଳେ ଦୁର୍ବୃତ୍ତମାନେ ଗତ ରବିବାର ବିଳମ୍ବିତ ରାତିରେ ଖୁଣ୍ଟିରେ ଟଣାଯାଇଥିବା



ତାରକୁ କାଟୁଥିବା ସମୟରେ ବିଦ୍ୟୁତ୍ ବିଭାଗର ପାଟ୍ରୋଲିଂ ସ୍କ୍ୱାଡ୍ ହାତରେ ଧରାପଡ଼ିଥିଲେ। ଏ ସମ୍ପର୍କରେ କମ୍ପାନୀର ପ୍ରୋଜେକ୍ଟ ମ୍ୟାନେଜର ଇଂ. ରାକେଶ କୁମାର ସାହୁ ନିମାପଡ଼ା ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତିକରି ପୁଲିସ ଏସ୍.କେ. ଜାହିର, ଏସ୍.କେ. ବାବୁ, ମାଧବ ଦାସ ଓ ମୃତ୍ୟୁଞ୍ଜୟ ଭୋଇଙ୍କ ନାମରେ ଏକ ମାମଲା ରୁଜୁକରି କୋର୍ଟ ଚାଲଣ କରିଥିବା ଜଣାପଡ଼ିଛି।

## ଧରାହେଲେ ୨ ବାଇକ୍ ରେସର୍

ଗମ୍ଭାରୀପଦା,୧୫।୭ (ସମିସ): ଗତ ୧୧ ତାରିଖରେ 'ସକାଳ'ରେ ଅମାନିଆ ବାଇକ୍ ଚାଳକଙ୍କ ତାଣ୍ଡବ ଖବର ପ୍ରକାଶ ପାଇବା ପରେ କାକଟପୁର ପୁଲିସ ଏବେ ଆକ୍ସନ ମୋଡ୍‌ରେ ଅଛି। ମଙ୍ଗଳବାର କାକଟପୁର ପୁଲିସ ଏଭଳି ଏକ ବାଇକ୍ ରେସରକୁ ଧରିବାରେ ସଫଳ ହୋଇଛି। ଏକ କଳା ପଲ୍‌ସର ବାଇକ୍ ଦ୍ରୁତଗତିରେ ବିସ୍ଫୋରକ ଶବ୍ଦ ପ୍ରଦୂଷଣ କରି କାକଟପୁରରେ ପଇଁତରା ମାରୁଥିବା ସମୟରେ କାକଟପୁର ପୁଲିସ ଉକ୍ତ ୨ ରେସରଙ୍କୁ ଧରିବାରେ ସଫଳ ହୋଇଛି। ସମ୍ପୃକ୍ତ ରେସରଙ୍କ ନାମ ଏସ୍.କେ ତୁସିଫ, କାକଟପୁର ଥାନା ଅନ୍ତର୍ଗତ ଆଜମପୁର ଗ୍ରାମର ମୌଲାନା ଲିଆକ୍‌ୱାତ। ଉକ୍ତ ପଲ୍‌ସରର ସାଇଲେନ୍ସର କଟାଯିବା ସହିତ ଉକ୍ତ ଯୁବକଙ୍କ ନିକଟରୁ ୫ ହଜାର ଟଙ୍କା ଜରିମାନା ଆଦାୟ ହୋଇଥିବା ନେଇ କାକଟପୁର ଥାନା ଅଧିକାରୀ ଉମେଶ ସାହୁ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

କାକଟପୁର-ଅସ୍ତରଙ୍ଗ ରାସ୍ତାରେ କିଛି ଅମାନିଆ ବାଇକ୍ ରେସର୍ ଦ୍ରୁତଗତିରେ ଗାଡ଼ି ଚାଳନା କରୁଛନ୍ତି। ଏହାକୁ ଯିଏ ଦେଖିବ ଛାତି ଥରିଉଠିବ। ଏମାନେ ରାସ୍ତାରେ କ୍ଷିପ୍ର ଗତିରେ ଗାଡ଼ି ଚଳାଇ ଆତଙ୍କ ସୃଷ୍ଟି କରୁଛନ୍ତି। ବିଶେଷ କରି ବିଦ୍ୟାଳୟ ଓ କଲେଜ ଛୁଟି ସମୟରେ ଏହି ରୋଡ୍ ରୋମିଓଙ୍କ ବାଇକ୍ ଚାଳନା ଦେଖିବାକୁ ମିଳୁଛି। ବାଟରେ ଯାଉଥିବା ଅନ୍ୟ ପଥଚାରୀ, ସାଇକଲ ଆରୋହୀ, ଅନ୍ୟ ଚଳନ୍ତା ଗାଡ଼ିଗୁଡ଼ିକ ବି ଏମାନଙ୍କ ଭୟରେ ଦିଗହରା ହୋଇଯାଆନ୍ତି। କମ୍ପାନୀରୁ ଏମାନେ ଲକ୍ଷ ଲକ୍ଷ ଟଙ୍କା ଦେଇ ବାଇକ୍ କିଣି ପରେ ଭୟଙ୍କର ଶବ୍ଦ ସୃଷ୍ଟି କରୁଥିବା ସାଇଲେନ୍ସର ଲଗାଇ ବାଇକ୍ ରେସ୍ କରନ୍ତି। ଅନେକ ସମୟରେ କିଛି ରେସର ନିଶା ସେବନ କରି ଏଭଳି ବେପରୁଆ ଗାଡ଼ି ଚଳାଇ ଅନ୍ୟମାନଙ୍କୁ ମଧ୍ୟ ଦୁର୍ଘଟଣାରେ ପକାଇବା ଦୃଶ୍ୟ ବହୁଥର ସାମ୍ନାକୁ ଆସିଛି। ଏ ସଂକ୍ରାନ୍ତରେ 'ସକାଳ'ରେ ଖବର ପ୍ରକାଶ ପାଇବା ପରେ ଥାନା ଅଧିକାରୀ ଉମେଶ ସାହୁ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ।

**● ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି କଟୁରିରେ ଆକ୍ରମଣ ଘଟଣା**

## ଏସ୍‌ପିଙ୍କ ହସ୍ତକ୍ଷେପ ପରେ ଅଭିଯୁକ୍ତ ମାନସ ଗିରଫ

ଡେଲାଙ୍ଗ,୧୫।୭ (ସମିସ): ଡେଲାଙ୍ଗ ଥାନା ଅଧୀନ ସାଦପଡ଼ା ଗ୍ରାମରେ ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି କଟୁରିରେ ଆକ୍ରମଣ କରିବା ଘଟଣାରେ ପୁଲିସ ଅଭିଯୁକ୍ତ ମାନସ ପ୍ରଧାନ(୩୨)କୁ ଗିରଫ କରି କୋର୍ଟ ଚାଲାଣ କରିଛି।

ଘଟଣା ଅନୁଯାୟୀ, ଜେନାପୁର ପଞ୍ଚାୟତ ସାଦପଡ଼ା ଗ୍ରାମର ସୁମନ୍ତ ପ୍ରଧାନ(୩୦) ଓ ମାନସ ପ୍ରଧାନଙ୍କ ପରିବାର ମଧ୍ୟରେ ଅନେକ ଦିନ ହେଲା ଜମିବାଡ଼ିକୁ ନେଇ ବିବାଦ ଲାଗିରହିଥିଲା। ଏହି ବିବାଦ ଉଗ୍ରରୂପ ନେବାରୁ ମାନସ ଓ ତାଙ୍କର କିଛି ସହଯୋଗୀ କଟୁରିରେ ପୁଅ ସୁମନ୍ତକୁ ଆକ୍ରମଣ କରିଥିବା ନେଇ ସୁମନ୍ତଙ୍କ ମାଆ ଥାନାରେ ଅଭିଯୋଗ କରିଥିଲେ। କଟୁରି ଚୋଟରେ ସୁମନ୍ତଙ୍କ ମୁଣ୍ଡରେ ଶକ୍ତ ଆଘାତ ଲାଗିଥିଲା। ଗୁରୁତର ଅବସ୍ଥାରେ ତାଙ୍କୁ ଡେଲାଙ୍ଗ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରେ ପୁରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଓ ଭୁବନେଶ୍ୱର କ୍ୟାପିଟାଲ ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା। ଗତ ୯ ତାରିଖ ଦିନ ଏହି ଘଟଣା ଘଟିଥିବାବେଳେ ମାନସ ପୁଲିସକୁ ଦୀର୍ଘ ଦିନ ଧରି ଚକ୍‌ମା ଦେଇ ଅସୁଥିବା ଓ ପୁଲିସ ତଦନ୍ତରେ କୋହଳ କରୁଥିବା ନେଇ ପରିବାର ଲୋକେ ପୁରୀ ଏସ୍‌ପିଙ୍କ ଦ୍ୱାରସ୍ଥ ହୋଇଥିଲେ। ଏସ୍‌ପିଙ୍କ ହସ୍ତକ୍ଷେପ ପରେ ଡେଲାଙ୍ଗ ପୁଲିସ ତତ୍ପରତା ଦେଖିବାକୁ ମିଳିଥିଲା। ୬ ଦିନ ହେବ ଫେରାର୍ ଥିବା ମାନସକୁ ମଙ୍ଗଳବାର ଡେଲାଙ୍ଗ-ପିପିଲି ରାସ୍ତାରୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଥିବା ଥାନା ଅଧିକାରୀ ଶ୍ୟାମଘନ ବାରିକ ସୂଚନା ଦେଇଛନ୍ତି।

### କେନାଲ ଖନନ ଅନିୟମିତତା ପ୍ରସଙ୍ଗ

## ଚାଷୀଙ୍କ ଅଭିଯୋଗକୁ ଅଧିକାରୀଙ୍କ ଫୁ

ଅସ୍ତରଙ୍ଗ,୧୫।୭ (ସମିସ): କାକଟପୁର ଜଳସେଚନ ବିଭାଗ ଦ୍ୱାରା ଅସ୍ତରଙ୍ଗରେ କେନାଲ ସଫେଇରେ ହୋଇଥିବା ବ୍ୟାପକ ଅନିୟମିତତା ପ୍ରସଙ୍ଗକୁ ନେଇ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରସାରଣ ପରେ ଘଟଣାସ୍ଥଳରେ ପହଞ୍ଚିଥିଲେ ବିଭାଗୀୟ ଅଧିକାରୀ। କିନ୍ତୁ ଦୁଃଖର କଥା ଉକ୍ତ କେନାଲ ସଫେଇ କାର୍ଯ୍ୟ କରୁଥିବା ଠିକାଦାରଙ୍କୁ ଘଣ୍ଟ ଘୋଡ଼ାଇ ଚାଷୀଙ୍କ ଅଭିଯୋଗକୁ ଫୁ କରିଦେଇଛନ୍ତି ବିଭାଗୀୟ ଅଧିକାରୀ। କେନାଲ ଖନନର ଅନିୟମିତତା ଆଡ଼କୁ ଦୃଷ୍ଟି ନିକ୍ଷେପ କରିବାକୁ ଇଚ୍ଛା ପ୍ରକାଶ କରି ନ ଥିଲେ ସମ୍ପୃକ୍ତ ସହକାରୀ ଇଞ୍ଜିନିୟର ଓ ଜୁନିୟର ଇଞ୍ଜିନିୟର। ଘଟଣାସ୍ଥଳରେ ଜଣେ ଚାଷୀ ଦେଇଥିବା ଭିଡିଓ ବୟାନକୁ



ଅଧିକାରୀଙ୍କ ଗୋଚରକୁ ଅଣାଯାଇଥିଲେ ହେଁ ଏହି ଭିଡିଓ ସଫେଇ ପୂର୍ବର କହି ଅଭିଯୋଗକୁ ଏଡ଼ାଇ ଦେଇଛନ୍ତି। ସମ୍ପୃକ୍ତ ଠିକାଦାରଙ୍କୁ ଘଣ୍ଟ ଘୋଡ଼ାଇବାକୁ ଯାଇ ଉକ୍ତ କାର୍ଯ୍ୟ ସୂଚାରୁ ରୂପେ ଚାଲୁଛି ବୋଲି ସଫେଇ ଦେଇଛନ୍ତି। ଅନ୍ୟପକ୍ଷରେ ମେସିନ ଦ୍ୱାରା ହେଉଥିବା କାମ ସମ୍ପର୍କିତ ପ୍ରଶ୍ନକୁ ମଧ୍ୟ ଏଡ଼ାଇ ଯାଇଛନ୍ତି। ବଟ ଉପର ମୁଣ୍ଡରୁ ପାଣି ନ ଆସିଲେ କେମିତି କେନାଲରେ ପାଣି ଆସିବ ବୋଲି ଯୁକ୍ତି ବାଢ଼ିଛନ୍ତି ଜଳସମ୍ପଦ ଅଧିକାରୀ। ସ୍ଥାନୀୟ ଅଞ୍ଚଳର ବୁଦ୍ଧିଜୀବୀମାନେ ଅଧିକାରୀଙ୍କ ଏଭଳି ତଦନ୍ତ ଓ ଯୁକ୍ତିକୁ ନେଇ କ୍ଷୋଭ ପ୍ରକାଶ କରିଥିବାବେଳେ ଏହାର ଉଚ୍ଚସ୍ତରୀୟ ତଦନ୍ତ କରିବାକୁ ଦାବି କରିଛନ୍ତି।

**● କଣାସରେ ଲାଗିରହିଛି ଝାଡ଼ାବାନ୍ତି**

## ୧୫ ଦିନ ହେଲା ଥମୁନି; ପୁଣି ୨୦ ଆକ୍ରାନ୍ତ

କଣାସ,୧୫।୭ (ସମିସ): କଣାସ ବ୍ଲକ୍‌ରେ ୧୫ଦିନ ହେଲା ଝାଡ଼ାବାନ୍ତି ଲାଗିରହିଥିବା ବେଳେ ମଙ୍ଗଳବାର କରମଳା ଗ୍ରାମରୁ ଗୋଟିଏ ପରିବାରର ୪ଜଣ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇ କଣାସ ଗୋଷ୍ଠୀ



ସ୍ୱାସ୍ଥ୍ୟକେନ୍ଦ୍ର ଭର୍ତ୍ତି ହୋଇଛନ୍ତି। ଏଥିସହ ଅନ୍ୟ ପଞ୍ଚାୟତର ବିଭିନ୍ନ ଗ୍ରାମରୁ ୧୬ଜଣ ଝାଡ଼ାବାନ୍ତି ରୋଗୀ ଚିକିତ୍ସିତ ହେଉଛନ୍ତି। ଦୀର୍ଘ ୧୫ ଦିନ ହେଲା ଏଠାରେ ଝାଡ଼ାବାନ୍ତି ଲାଗିରହିଛି। ଏ ସମ୍ପର୍କରେ କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଭାରପ୍ରାପ୍ତ ଅଧିକାରୀ ଡାକ୍ତର କ୍ଷମାନିଧି ସେଠୀଙ୍କୁ ପଚାରିବାରୁ, ସେ କୁହନ୍ତି ଜନସାଧାରଣଙ୍କ ସଚେତନତା ଅଭାବରୁ ଝାଡ଼ାବାନ୍ତି ଲାଗିରହିଛି। ବିଶେଷକରି ଗ୍ରାମବାସୀମାନେ ପାଇଖାନା ବ୍ୟବହାର ନ କରି ବାହାରେ ମଳତ୍ୟାଗ କରୁଥିବା ଏବଂ ନଦୀନାଳର ବିଶୁଦ୍ଧ ପାଣିକୁ ବ୍ୟବହାର କରୁଥିବାରୁ ଝାଡ଼ାବାନ୍ତି ଲାଗିରହିଛି। ପ୍ରକାଶ ଥାଉକି, ୩ ମାସ ତଳେ ଗଡ଼ିଶାଗୋଦା ଅଞ୍ଚଳରେ ନୂଆଗାଁ, ନଈକୂଳପାଟଣା, ଗଡ଼ିଶାଗୋଦା, ଯାମଳଗୋଦା, ଯାଗୁଲେଇପଦର, କଳାପଦର, ଗୋପିନାଥପୁର ଗ୍ରାମରେ ଦୀର୍ଘ ୧ ମାସ ଧରି ଝାଡ଼ାବାନ୍ତି ଲାଗିରହିବା ଏବଂ ୬ଜଣ ବ୍ୟକ୍ତିଙ୍କର ମୃତ୍ୟୁ ହେବାରୁ ବ୍ଲକ୍ ପ୍ରଶାସନ, ଜିଲ୍ଲା ପ୍ରଶାସନ, ରାଜ୍ୟ ପ୍ରଶାସନର ମୁଣ୍ଡବ୍ୟଥାର କାରଣ ହୋଇପଡ଼ିଥିଲା।

### ରାସନ ବଣ୍ଟନ କେନ୍ଦ୍ରରେ ଡିଲର ପରିବର୍ତ୍ତନକୁ ନେଇ ଅସନ୍ତୋଷ

## ବିଡିଓଙ୍କ ଦ୍ୱାରସ୍ଥ ହେଲେ ନନ୍ଦିଗୋଦା ଗ୍ରାମବାସୀ

କଣାସ,୧୫।୭ (ସମିସ): କଣାସ ବ୍ଲକ୍ ବିଜିପୁର ପଞ୍ଚାୟତ ନନ୍ଦିଗୋଦା ଗ୍ରାମରେ ରାସନ ସାମଗ୍ରୀ ବଣ୍ଟନ କେନ୍ଦ୍ରରେ ଅସନ୍ତୋଷ ଉପୁଜିଛି। ଏଠାରେ ନିଯୁକ୍ତ ଥିବା ଡିଲରଙ୍କୁ ବଦଳାଇ ଅନ୍ୟଜଣେ ନୂତନ ଡିଲରଙ୍କୁ ନିଯୁକ୍ତ କରିଛନ୍ତି ବ୍ଲକ୍ ପ୍ରଶାସନିକ ଅଧିକାରୀ। ଏନେଇ ୧୧୮ ଜଣ ମହିଳା ମଙ୍ଗଳବାର କଣାସ ବ୍ଲକ୍ ବିଡିଓଙ୍କ ନିକଟରେ ପହଞ୍ଚି ଏକ ଦାବିପତ୍ର ପ୍ରଦାନ କରିଥିବା ଜଣାପଡ଼ିଛି। ତତ୍ ସହିତ ବ୍ଲକ୍ ଯୋଗାଣ ଅଧିକାରୀଙ୍କ ନିକଟରେ ମଧ୍ୟ ଦାବିପତ୍ର ପ୍ରଦାନ କରିଛନ୍ତି।

ଖବର ନେବାରେ ଜଣାପଡ଼ିଛି, ନନ୍ଦିଗୋଦା ଗ୍ରାମବାସୀମାନେ ପୂର୍ବରୁ ଯେଉଁ ଡିଲରଙ୍କଠାରୁ ରାସନ ଚାଉଳ ନେଉଥିଲେ ପ୍ରଶାସନିକ ଅଧିକାରୀ ତାଙ୍କୁ ବଦଳାଇ ନୂତନ ଡିଲରଙ୍କଠାରୁ ଚାଉଳ ନେବାକୁ ନିର୍ଦ୍ଦେଶ ଦେଇଥିଲେ। ଏନେଇ ମଙ୍ଗଳବାର ୧୧୮ ଜଣ ମହିଳା କଣାସ ବ୍ଲକ୍ କାର୍ଯ୍ୟାଳୟରେ ପହଞ୍ଚି ବିଡିଓ ସୌମ୍ୟରଞ୍ଜନ ସ୍ୱାଇଁ ଏବଂ ଯୋଗାଣ ଅଧିକାରିଣୀ କବିତା ବେହେରାଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି।



### ସାକ୍ଷୀଗୋପାଳ ରେଳ ଓଭରବ୍ରିଜ୍ ନିର୍ମାଣ ନିମନ୍ତେ ମାପଚୁପ ଆରମ୍ଭ

# ବ୍ୟବସାୟୀଙ୍କ ପକ୍ଷରୁ ବଜାର ରାସ୍ତା ଅବରୋଧ

ସାକ୍ଷୀଗୋପାଳ,୧୫।୭ (ସମିସ): ଚିନ୍ତାରେ ସାକ୍ଷୀଗୋପାଳ ବଜାରରେ ବ୍ୟବସାୟ କରୁଥିବା ବ୍ୟବସାୟୀ। ଥଇଥାନ ଓ ସହାୟତାକୁ ଗୁରୁତ୍ୱ ନ ଦେଇ ସାକ୍ଷୀଗୋପାଳ-ଅଳଗୁମ ରାସ୍ତାରେ ସାକ୍ଷୀଗୋପାଳ ବଜାର ମୁଖ୍ୟ ରାସ୍ତାରେ ରହିଥିବା ରେଳ ଫାଟକ ଉପରେ ଓଭରବ୍ରିଜ୍ ନିର୍ମାଣ ନିମନ୍ତେ ମଙ୍ଗଳବାର ପୂର୍ବାହ୍ନ ୧୦ଟାରୁ ଭୂମି ଚିହ୍ନଟ ପ୍ରକ୍ରିୟା ଆରମ୍ଭ ହୋଇଛି। ପ୍ରକଳ୍ପ ନିମନ୍ତେ ଅଧିଗ୍ରହଣ କରାଯିବାକୁ ଥିବା ଜୟପୁର ପଞ୍ଚାୟତ ଓ ପେଣ୍ଠପଡ଼ା ପଞ୍ଚାୟତରେ ବ୍ୟକ୍ତିଗତ ଜମି ୨.୫୩୫ ଏକର। ସରକାରୀ ଜମି ୨.୬୬ ଏକର ହୋଇଥିବାବେଳେ ଦେବୋତ୍ତର ଜମି ହେଉଛି ୧.୮୪୦ ଏକର। ମଙ୍ଗଳବାର ଆରମ୍ଭ ହୋଇଥିବା ଭୂମି ଚିହ୍ନଟ ପ୍ରକ୍ରିୟାକୁ ସାକ୍ଷୀଗୋପାଳ ବଜାରରେ ବ୍ୟବସାୟ କରୁଥିବା ବ୍ୟବସାୟୀ ଓ ବ୍ୟାବସାୟିକ ପ୍ରତିନିଧି ବଜାର କମିଟିର ବରିଷ୍ଠ ସଦସ୍ୟ ବିଷ୍ଣୁପ୍ରସାଦ ମିଶ୍ର, ସଞ୍ଜୀବ ଦାଶ, ଅମିୟ ସ୍ୱାଇଁ, ପୂର୍ବତନ ସରପଞ୍ଚ ଶଙ୍କର୍ଷଣ ପ୍ରଧାନଙ୍କ ସମେତ ଅନ୍ୟମାନେ ଏହି ଚିହ୍ନଟ ପ୍ରକ୍ରିୟା ବନ୍ଦ କରିବା ପାଇଁ ଉପସ୍ଥିତ ଅଧିକାରୀମାନଙ୍କୁ ଅନୁରୋଧ କରିଥିଲେ। ଏହା ସହିତ ବ୍ୟବସାୟୀମାନେ ସାକ୍ଷୀଗୋପାଳ ବଜାର ରାସ୍ତାକୁ ଅବରୋଧ କରି ରାସ୍ତା ଉପରେ ବସି ରହି ସତ୍ୟବାଦୀ ବିଧାୟକ ଘଟଣାସ୍ଥଳକୁ ଆସି ଏହି ସମସ୍ୟା ସମାଧାନ ଉପରେ ସହଯୋଗ କରିବା ପାଇଁ ଦାବି କରିଥିଲେ। ତେଣୁ ଚିହ୍ନଟ ପ୍ରକ୍ରିୟା ବନ୍ଦ କରାଯାଇଥିଲା। ପରେ ସତ୍ୟବାଦୀ ତହସିଲ୍‌ଦାର ସନ୍ତୋଷ ପାଣିଗ୍ରାହୀ ଓ ଅତିରିକ୍ତ ତହସିଲ୍‌ଦାର ଓମ୍ ପ୍ରକାଶ ପରିଡ଼ାଙ୍କ ହସ୍ତକ୍ଷେପ ପରେ ବ୍ୟବସାୟୀମାନେ ରାସ୍ତାରୁ ଅବରୋଧ ଉଠାଇବା ସହ ଆଉ ଗୋଟିଏ ଦିନ ଅର୍ଥାତ ବୁଧବାର ପର୍ଯ୍ୟନ୍ତ ଚିହ୍ନଟ ପ୍ରକ୍ରିୟା ବନ୍ଦ ରଖିବାକୁ ଅନୁରୋଧ କରିଥିଲେ। ଏହି ସର୍ତ୍ତରେ ରାଜି ହୋଇ

### ବ୍ୟବସାୟୀଙ୍କ ଥଇଥାନକୁ ଗୁରୁତ୍ୱ ଦିଆଯାଉନି: ସଂଘ


ତହସିଲ୍‌ଦାର ଶ୍ରୀ ପାଣିଗ୍ରାହୀ ମଙ୍ଗଳବାର ଅପରାହ୍ନ ୧ଟାରୁ ବୁଧବାର ପୂର୍ବାହ୍ନ ୧୦ଟା ପର୍ଯ୍ୟନ୍ତ ଚିହ୍ନଟ ପ୍ରକ୍ରିୟା ବନ୍ଦ ରଖିବା ପାଇଁ ରାଜି ହୋଇଥିଲେ। ସତ୍ୟବାଦୀ ଅତିରିକ୍ତ ତହସିଲ୍‌ଦାର ଶ୍ରୀ ପରିଡ଼ା ଓ ସହକାରୀ ଜିଲ୍ଲାପାଳ ଆଶୁତୋଷ ଦେଙ୍କ ଦ୍ୱାରା ଗଠିତ ଦୁଇଟି କମିଟି ଦ୍ୱାରା ଏହି ଚିହ୍ନଟ ପ୍ରକ୍ରିୟା ଆରମ୍ଭ କରାଯାଇଛି। ଏହି କମିଟିରେ ପେଣ୍ଠପଡ଼ା ପଞ୍ଚାୟତ ଭୂମି ଅଧିଗ୍ରହଣ ନିମନ୍ତେ ସତ୍ୟବାଦୀ ଅତିରିକ୍ତ ତହସିଲ୍‌ଦାର ଶ୍ରୀ ପରିଡ଼ା ମୁଖ୍ୟ ରହିଥିବାବେଳେ ତାଙ୍କ ଟିମ୍‌ରେ (ଆର୍ ଆଣ୍ଡ ବି) ଡିଭିଜନ ପୁରୀର ଯନ୍ତ୍ରୀ ଜିତେନ୍ଦ୍ର ବେହେରା, ଆର୍‌ଆଇ ପ୍ରଶାନ୍ତ ଜେନା, ଅମିନ ଶିଖର ଜେନା, ଶକ୍ତି ପ୍ରସାଦ ଶତପଥୀ ଓ ସହାୟକ ହେମନ୍ତ କୁମାର ପ୍ରଧାନ ପ୍ରମୁଖ ରହିଛନ୍ତି। ଅନ୍ୟ କମିଟି ପେଣ୍ଠପଡ଼ା ଓରଫ ଗୋପାଳପୁର ପାଟଣା ନିମନ୍ତେ ସହକାରୀ ଜିଲ୍ଲାପାଳ ଆଶୁତୋଷ ଦେ, ପୁରୀ (ଆର୍ ଆଣ୍ଡ ବି) ଯନ୍ତ୍ରୀ ସ୍ମୃତିରଞ୍ଜନ ଦଳାଇ, ଆର୍‌ଆଇ ଅଙ୍ଗଦ କୁମାର ଭୋଇ, ରଶ୍ମି ରଞ୍ଜନ ସିଂ, ଅମିନ ମୃତ୍ୟୁଞ୍ଜୟ ସିଂ, ଅକ୍ଷୟ ସାହୁ ରହିଛନ୍ତି। ସତ୍ୟବାଦୀ ତହସିଲ୍‌ଦାର ସନ୍ତୋଷ ପାଣିଗ୍ରାହୀ ଉପସ୍ଥିତ ରହି ଏହି କାର୍ଯ୍ୟ ସମ୍ପାଦନା କରୁଛନ୍ତି।

ପ୍ରକାଶ ଥାଉକି, ନିର୍ମାଣ ହେବାକୁ ଥିବା ଏହି ଓଭରବ୍ରିଜ୍‌ର ଲମ୍ବ ହେଉଛି ୬୨୨ ମିଟର। ଓଭରବ୍ରିଜ୍ ସହ ଉଭୟ ପଟେ ଆପ୍ରୋଚ୍ ରୋଡ୍‌କୁ ମିଶାଇ ସମୁଦାୟ ୮୬ ଫୁଟ୍ ପ୍ରକଳ୍ପ ନିମନ୍ତେ ରହିବ। ସାକ୍ଷୀଗୋପାଳ ବସ୍‌ଷ୍ଟାଣ୍ଡଠାରୁ ଅଳଗୁମ ଯାଉଥିବା ରାସ୍ତାର ମଧ୍ୟ ଭାଗରୁ ଉଭୟ ପାର୍ଶ୍ୱରେ ୪୩ ଫୁଟ୍ ଲେଖାଏଁ ଚିହ୍ନଟ କରାଯାଉଛି। ବୁଧବାର ଏହି ପ୍ରକଳ୍ପ ନିମନ୍ତେ ହେବାକୁ ଥିବା ମାପଚୁପ ନିମନ୍ତେ ବ୍ୟାପକ ପୁଲିସ ମୁତୟନ କରାଯିବ ବୋଲି ଜଣାପଡ଼ିଛି।

ଏହାକୁ ନେଇ ମଙ୍ଗଳବାର ସନ୍ଧ୍ୟାରେ ସାକ୍ଷୀଗୋପାଳ ବଜାର ବ୍ୟବସାୟୀ ସଙ୍ଘ ତରଫରୁ କ୍ଷତିପୂରଣ ଓ ଥଇଥାନ ନିମନ୍ତେ ସ୍ଥାନୀୟ ପୂର୍ତ୍ତ ବିଭାଗ ଡାକବଙ୍ଗଳା ପରିସରରେ ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ରଙ୍କ ସହିତ ଆଲୋଚନା କରାଯାଇଥିଲା। ଏହି ଆଲୋଚନାରେ ବିଧାୟକ ଶ୍ରୀ ମିଶ୍ର କହିଥିଲେ, ବ୍ୟବସାୟୀମାନଙ୍କ ଥଇଥାନ ନିମନ୍ତେ ମୁଖ୍ୟମନ୍ତ୍ରୀଙ୍କ ସହିତ ଆଲୋଚନା କରିବେ। ସ୍ଥାନୀୟ ନିୟନ୍ତ୍ରିତ ବଜାର କମିଟି ପରିସରରେ ଏକ ବୃହତ୍ ମାର୍କେଟ୍ କମ୍ପ୍ଲେକ୍ସ ନିର୍ମାଣ ନିମନ୍ତେ ପ୍ରସ୍ତାବ ଦିଆଯିବ। ଏହି ମାର୍କେଟ୍ କମ୍ପ୍ଲେକ୍ସ ପରିସରରେ ବିସ୍ଥାପିତ ହେବାକୁ ଥିବା ବ୍ୟବସାୟୀମାନଙ୍କୁ ଥଇଥାନ କରାଯିବ। ଅଧିଗ୍ରହଣ ହେବାକୁ ଥିବା ଜମି ଓ ରାସ୍ତାର ଓସାର କମାଇବା ନିମନ୍ତେ ରେଳ କର୍ତ୍ତୃପକ୍ଷଙ୍କ ସହିତ ଆଲୋଚନା କରିବେ। ବର୍ତ୍ତମାନ ନିମନ୍ତେ ପ୍ରସ୍ତାବିତ ରେଳ ଓଭରବ୍ରିଜ୍ ନିର୍ମାଣ ନିମନ୍ତେ ହେଉଥିବା ସର୍ଭେ କାର୍ଯ୍ୟକୁ ସହଯୋଗ କରିବା ନିମନ୍ତେ ବିଧାୟକ ସମସ୍ତଙ୍କ ସହଯୋଗ କାମନା କରିଥିଲେ। ଏହି ଅବସରରେ ସତ୍ୟବାଦୀ ତହସିଲ୍‌ଦାର ଶ୍ରୀ ପାଣିଗ୍ରାହୀ ଓ ନିୟନ୍ତ୍ରିତ ବଜାର କମିଟି ସମ୍ପାଦକ ପୁରୁଷୋତ୍ତମ ନାୟକଙ୍କ ସମେତ ସାକ୍ଷୀଗୋପାଳ ବଜାର ବ୍ୟବସାୟୀ ସଙ୍ଘର କର୍ମକର୍ତ୍ତା ଓ ସମସ୍ତ ସଭ୍ୟ ଉପସ୍ଥିତ ଥିଲେ।

୧୫/୭/୨୦୨୫ (ମଙ୍ଗଳବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୫,୪୫,୦୫୬/- ସୁନା: ୦୧.୦୫୦ ଗ୍ରାମ୍ ରୁପା: ୦୫.୬୦୦ ଗ୍ରାମ୍





● ଦଳାଚକଟା ଘଟଣାର ସାକ୍ଷ୍ୟ ଗ୍ରହଣ

## ସାକ୍ଷ୍ୟଦେଲେ ୪୦ ଅଧିକାରୀ

ପୁରୀ,୧୫।୭ (ସମିସ): ଶରଧାବାଲି ଦଳାଚକଟା ଘଟଣାର ତଦନ୍ତ ଜାରି ରଖିଛନ୍ତି ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ। ପୂର୍ବରୁ ଭୁବନେଶ୍ୱର ଏବଂ ପୁରୀରେ ସର୍ବସାଧାରଣଙ୍କଠାରୁ ସାକ୍ଷ୍ୟ ଗ୍ରହଣ କରିଛନ୍ତି ଉନ୍ନୟନ କମିଶନର। ମଙ୍ଗଳବାର ଅଧିକାରୀମାନଙ୍କ ମତାମତ ନେଇଛନ୍ତି ଶ୍ରୀମତୀ ଗର୍ଗ। ସ୍ଥାନୀୟ ସର୍କିଟ୍ ହାଉସ୍‌ଠାରେ ଅଧିକାରୀଙ୍କ ମତର ଶୁଣାଣି କରାଯାଇଥିଲା। ଘଟଣା ସମ୍ପର୍କରେ ଡ୍ୟୁଟିରେ ଥିବା ୪୦ ଜଣ ଅଧିକାରୀ ଏହି ଶୁଣାଣିରେ ଯୋଗଦେଇଥିଲେ ଏବଂ ସେମାନଙ୍କ ମତ ବ୍ୟାଖ୍ୟା କରିଥିଲେ। ଏହି ଦଳାଚକଟାରେ ୩ ଶ୍ରଦ୍ଧାଳୁଙ୍କ ମୃତ୍ୟୁ ଘଟିଥିବାବେଳେ ଏ ନେଇ ଅଧିକ ତଦନ୍ତ ଜାରି ରହିଛି।


## ଆଭ୍ୟନ୍ତରୀଣ ଅଭିଯୋଗ କମିଟିରେ ରୁହନ୍ତୁ ମହିଳା ଆଇନଜୀବୀ

ପୁରୀ,୧୫।୭ (ସମିସ): ବାଲେଶ୍ୱର ଏଫ୍‌ଏମ୍ କଲେଜର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଅକାଳ ବିୟୋଗ ଯୋଗୁଁ ରାଜ୍ୟବ୍ୟାପୀ ଚାଲିଛି ପ୍ରତିବାଦ। ଏଥିରେ ସମ୍ପୃକ୍ତ ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରିବା ଲାଗି ଦାବି ଜୋର୍ ଧରିଛି। ତେବେ ଏଫ୍‌ଏମ୍ କଲେଜ ଘଟଣା ପାଇଁ ଆଭ୍ୟନ୍ତରୀଣ ଅଭିଯୋଗ କମିଟିକୁ ତଦନ୍ତ ଦାୟିତ୍ୱ ଦିଆଯାଇଥିଲା। ତେବେ ଏହି କମିଟିରେ କେଉଁମାନେ ରହିବେ ତା'ର କୌଣସି ମାପଦଣ୍ଡ ନ ଥିବାରୁ ତଦନ୍ତ ବାଟବଣା ହେବା ସମ୍ଭାବନା ରହିଛି। ତେଣୁ ଶିକ୍ଷାନୁଷ୍ଠାନରେ ଛାତ୍ରୀମାନଙ୍କ ଉପରେ ହେଉଥିବା ଯୌନ ଉତ୍ପୀଡ଼ନ ଅଭିଯୋଗର ତଦନ୍ତ ନିରପେକ୍ଷ, ସ୍ୱଚ୍ଛ ଓ ଶକ୍ତ କରିବା ନିମନ୍ତେ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ବା ତଦନ୍ତ କମିଟିଗୁଡ଼ିକରେ ବାହାରର ସାଧାରଣ ମହିଳାଙ୍କ ପରିବର୍ତ୍ତେ ସ୍ଥାନୀୟ ଆଇନଜୀବୀ ସଂଘର ମନୋନୀତ ବରିଷ୍ଠ ମହିଳା ଆଇନଜୀବୀଙ୍କୁ ଅନ୍ତର୍ଭୁକ୍ତ କରିବା ପାଇଁ ଶ୍ରୀକ୍ଷେତ୍ର ଆଇନ ସେବା ସୁରକ୍ଷା ମଞ୍ଚର ଆବାହକ ଦେବାଶିଷ ଦାସ ରାଜ୍ୟ ସରକାରଙ୍କ ନିକଟରେ ଦାବି କରିଛନ୍ତି। ଏହାଦ୍ୱାରା ତଦନ୍ତରେ ଆହୁରି ସ୍ୱଚ୍ଛତା ଆସିବ ବୋଲି ଆଇନଜୀବୀ ଶ୍ରୀ ଦାସ ଜଣାଇଛନ୍ତି।

## ଭକ୍ତଙ୍କ ବ୍ୟାଗ୍ ଚୋରି କରି ବନ୍ଧାହେଲେ ଯୁବକ

ପୁରୀ,୧୫।୭ (ସମିସ): ପୁଣି ଜଣେ ଭକ୍ତଙ୍କୁ ଲୁଟ୍‌ର ଶିକାର ହେବାକୁ ପଡ଼ିଛି। ଏହି ଘଟଣାରେ କୁମ୍ଭାରପଡ଼ା ଥାନା ପୁଲିସ ଜଣକୁ ଗିରଫ କରିଛି। ଅଭିଯୁକ୍ତ ହେଲେ ଗଞ୍ଜାମ ବୁଗୁଡ଼ାର ଶିବା ଭୋଳ (୩୦)। ଅଭିଯୋଗ ଅନୁଯାୟୀ, ମଙ୍ଗଳବାର କେନ୍ଦ୍ରାପଡ଼ାର କିରଣବାଳା ଓଝା ଓ ତାଙ୍କ ପରିବାର ମହାପ୍ରଭୁଙ୍କ ଦର୍ଶନ ପାଇଁ ପୁରୀ ଆସିଥିଲେ। ସେମାନେ ସକାଳ ପ୍ରାୟ ସାଢ଼େ ୮ଟା ସମୟରେ ନରେନ୍ଦ୍ର ପୁଷ୍କରିଣୀକୁ ଯାଇଥିଲେ। ଚନ୍ଦନ ଚକଡ଼ାରେ ବ୍ୟାଗ୍ ରଖି ଗାଧୋଇବାକୁ ଯିବାବେଳେ ସେହି ସମୟରେ ତାଙ୍କ ବ୍ୟାଗ୍‌କୁ କେହି ଦୁର୍ବୃତ୍ତ ଚୋରି କରି ନେଇଥିଲେ। ସେଥିରେ ଗୋଟିଏ ମୋବାଇଲ୍ ଫୋନ୍, ୨ ହଜାର ଟଙ୍କା ରହିଥିଲା। ଏ ନେଇ କିରଣବାଳା କୁମ୍ଭାରପଡ଼ା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ ଏକ ମାମଲା (ନଂ.୩୩୨/୨୫) ରୁଜୁ କରି ତଦନ୍ତ ଚଳାଇଥିବାବେଳେ ଅଭିଯୁକ୍ତକୁ କାବୁ କରିବାରେ ସଫଳ ହୋଇଥିଲା। ତା' ନିକଟରୁ ମୋବାଇଲ୍ ଫୋନ୍, ୨ ହଜାର ଟଙ୍କା ଜବତ କରାଯାଇ ଅଭିଯୁକ୍ତ ଶିବାକୁ କୋର୍ଟଚାଲାଣ କରିଛି ପୁଲିସ।

## ବାଲୁକା କଳାରେ ସୌମ୍ୟାଶ୍ରୀଙ୍କୁ ଶ୍ରଦ୍ଧାଞ୍ଜଳି



ପୁରୀ,୧୫।୭ (ସମିସ): ବାଲେଶ୍ୱର ଫକୀର ମୋହନ (ଏଫ୍‌ଏମ୍) ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଅକାଳ ବିୟୋଗ ଯୋଗୁଁ ରାଜ୍ୟବ୍ୟାପୀ ଶୋକର ଛାୟା ଖେଳିଯାଇଛି। ଅଧ୍ୟାପକଙ୍କ ନିର୍ଯାତନାର ଶିକାର ହୋଇ ଅନ୍ୟାୟ ବିରୁଦ୍ଧରେ ଲଢ଼େଇ କରି ଶେଷରେ ଜୀବନ ଯୁଦ୍ଧରେ ହାରିଯାଇଛନ୍ତି। ସମସ୍ତେ ତାଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରୁଥିବାବେଳେ ପରିବାରକୁ ସମବେଦନା ଜଣାଉଛନ୍ତି। ଏଭଳି ସ୍ଥିତିରେ ପୁରୀର ଭାସ୍କର୍ଯ୍ୟ ଶିଳ୍ପୀ ଶ୍ରୀଧର ଦାସ ବାଲୁକା କଳାରେ ସୌମ୍ୟାଶ୍ରୀଙ୍କ ଆତ୍ମାର ସଦ୍‌ଗତି କାମନା କରିଛନ୍ତି। ଏଥିପାଇଁ ସେ ୬୦ ମିନିଟ୍‌ର ଏକ ସ୍ୟାଣ୍ଡ ଆନିମେଶନ କରି ତାଙ୍କୁ ଏହା ମାଧ୍ୟମରେ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି।

ଏଫ୍‌ଏମ୍ କଲେଜ ଛାତ୍ରୀ ମୃତ୍ୟୁକୁ ନେଇ ଛାତ୍ର ଓ ଯୁବ ବିଜେଡିର ପ୍ରତିବାଦ

# ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ କୁଶପୁତ୍ତଳିକା ଦାହ

ପୁରୀ,୧୫।୭ (ସମିସ)




ମୋହନ ସରକାର ଗାଦି ଛାଡ଼ ନାରାରେ କମ୍ପିଲା ଶରଧାବାଲି

ଏସ୍‌ସିଏସ୍ କଲେଜ ସମ୍ମୁଖରେ ଛାତ୍ର ବିଜେଡିର ବିକ୍ଷୋଭ

ବାଲେଶ୍ୱର ଫକୀର ମୋହନ (ଏଫ୍‌ଏମ୍) ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଅକାଳ ବିୟୋଗ ସମଗ୍ର ରାଜ୍ୟରେ ଶୋକର ଛାୟା ଖେଳାଇ ଦେଇଛି। ନିଜ କଲେଜର ଜଣେ ଅଧ୍ୟାପକଙ୍କଠାରୁ ମାନସିକ ନିର୍ଯାତନାର ଶିକାର ହୋଇ ନ୍ୟାୟ ପାଇଁ ସମସ୍ତଙ୍କୁ ଗୁହାରି କଲେ। ହେଲେ କେହି ତାଙ୍କ ଦୁଃଖ ଶୁଣିଲେ ନାହିଁ। ନେତା, ମନ୍ତ୍ରୀଙ୍କଠାରୁ ଆରମ୍ଭ କରି କଲେଜ କର୍ତ୍ତୃପକ୍ଷ ଏପରିକି ମୁଖ୍ୟମନ୍ତ୍ରୀଙ୍କୁ ମଧ୍ୟ ଜଣାଇଲେ। ସମସ୍ତେ ଚୁପ୍ ରହିବା ଦେଖି ଶେଷରେ ନିଜେ ଚରମ ନିଷ୍ପତ୍ତି ନେଲେ ଆଉ ନିଜେ ଆତ୍ମାହୁତି ଦେଇଦେଲେ। ଗାଁରୁ ପାଠ ପଢ଼ିବାକୁ ଆସିଥିବା ଏକ ବଡ଼ କଲେଜର ବ୍ୟବସ୍ଥା ଏବଂ ନେତାମନ୍ତ୍ରୀଙ୍କ ଅବହେଳା ପାଇଁ ନିରୀହ ଝିଅଟିର ଅକାଳ ବିୟୋଗ ଘଟିଲା। ଏହାକୁ ନେଇ ଏବେ ରାଜ୍ୟବ୍ୟାପୀ ବିରୋଧର ନିଆଁ ଜଳୁଥିବାବେଳେ ସବୁଆଡ଼େ ଚାଲିଛି ପ୍ରତିବାଦ, ବିକ୍ଷୋଭ ଆଉ କ୍ୟାଣ୍ଡଲ ଶୋଭାଯାତ୍ରା। ଏହି କ୍ରମରେ ମଙ୍ଗଳବାର ପୁରୀରେ ଯୁବ ଏବଂ ଛାତ୍ର ବିଜେଡି ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ଏହି ବିକ୍ଷୋଭବେଳେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ କୁଶପୁତ୍ତଳିକା ଦାହ କରାଯାଇଥିବା ବେଳେ ସେମାନଙ୍କ ଇସ୍ତଫା ଦାବି କରିଛନ୍ତି ବିକ୍ଷୋଭକାରୀ। ଏଥିସହ ମୋହନ ସରକାର ଡାଉନ୍ ଡାଉନ୍ ନାରାରେ କମ୍ପିଛି ଶରଧାବାଲି ଆଉ ଏସ୍‌ସିଏସ୍ କଲେଜ ସମ୍ମୁଖ।

ମଙ୍ଗଳବାର ସନ୍ଧ୍ୟା ପ୍ରାୟ ୬ଟାରେ ଗୁଣ୍ଡିଚା ମନ୍ଦିର ସମ୍ମୁଖରେ ବିଜୁ ଯୁବ ଜନତା ଦଳ ପୁରୀ ପକ୍ଷରୁ ସୌମ୍ୟାଶ୍ରୀଙ୍କ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ମହାପ୍ରଭୁଙ୍କ ପାଖରେ ଦୀପଦାନ କରାଯିବା ସହ ନିରବ ପ୍ରାର୍ଥନା କରାଯାଇଥିଲା। ଏହାପରେ ରାଜ୍ୟ ସରକାରଙ୍କ ବିରୋଧରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା। ମୁଖ୍ୟମନ୍ତ୍ରୀ ଓ ଉଚ୍ଚ ଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବି ହୋଇଥିଲା। ଜିଲ୍ଲା ଯୁବ ବିଜେଡି ସଭାପତି ନାରାୟଣ ସ୍ୱାଇଁ, ଯୁବ ନେତା ଭଗବାନ ପଡ଼ିଆରୀ, ଅସିତ୍ ମେକାପ, ରୋଜାଲିନ ନାୟକ, ଅଜୟ ସ୍ୱାଇଁ, ରମକୃଷ୍ଣ ପ୍ରତିହାରୀ, ଛାତ୍ର ନେତା ହରେକୃଷ୍ଣ ସୁଆର, ସାଗର ପାତ୍ର, ରାଜେଶ ତ୍ରିପାଠୀ, ଅବିନାଶ ଭଞ୍ଜ, ରାଜା ମରୁଡ଼ି, ପ୍ରିୟଙ୍କା ମହାନ୍ତି, ମୁନି ରାଓ, ଯୋଗମାୟା ଜେନାଙ୍କ ସମେତ ୫୦୦ରୁ ଉର୍ଦ୍ଧ୍ୱ ଯୁବକଯୁବତୀ ଏଥିରେ ସାମିଲ ହୋଇଥିଲେ।

ସେହିପରି ପୂର୍ବାହ୍ଣରେ ଏସ୍‌ସିଏସ୍ କଲେଜ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା। ରାଜ୍ୟ ବିଜୁ ଛାତ୍ର ଜନତା ଦଳର ସାଧାରଣ ସମ୍ପାଦକ ଶକ୍ତିପ୍ରସାଦ ରଥ, ଜିଲ୍ଲା ଛାତ୍ର ସଭାପତି ରାଜେଶ ରଥ, ଶିବ ରଣା, ସୁବ୍ରତ ଦାଶ, ସନ୍ତୋଷ ପୁଷ୍ପାଳକ, ଶିବଶଙ୍କର ସ୍ୱାଇଁ, କାହ୍ନା ସମର୍ଥା, ନରେଶ ତ୍ରିପାଠୀ, ରାଜେଶ ବିଶ୍ୱାଳ, ରାକେଶ ରୋଶନ ତ୍ରିପାଠୀ, ଶଙ୍କର ରାଉତ, ଗଣେଶ ବାରିକ, ସୋମନାଥ ଖଟେଇ, ରାକେଶ ପ୍ରଧାନଙ୍କ ସମେତ ଏସ୍‌ସିଏସ୍ ସ୍ୱୟଂଶାସିତ ମହାବିଦ୍ୟାଳୟର ବହୁ ଛାତ୍ରଛାତ୍ରୀ ସାମିଲ ହୋଇଥିଲେ।

ପୁରୀ ମହାନଗର ନିଗମ ପ୍ରକ୍ରିୟା ଆରମ୍ଭ

# ମିଶିବେ ୮ ପଞ୍ଚାୟତର ୪୪ ଗାଁ

ପୁରୀ,୧୫।୭ (ସମିସ)

ପୁରୀ ହେବ ମହାନଗର ନିଗମ। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଘୋଷଣା କରିବା ପରେ ଆରମ୍ଭ ହୋଇଛି ପ୍ରକ୍ରିୟା। ତେବେ ପୁରୀକୁ ମହାନଗର ନିଗମ କରିବା ପାଇଁ ଆଉ ୮ ପଞ୍ଚାୟତର ୪୪ ଗାଁ ଏଥିରେ ମିଶିବେ। ତେବେ ମହାନଗର ନିଗମ ହେବା ନେଇ ପ୍ରକ୍ରିୟା ଆରମ୍ଭ ହୋଇସାରିଛି। ପୁରୀ ସହରକୁ ଲାଗିଥିବା ୮ ପଞ୍ଚାୟତର ୪୪ଟି ଗାଁର ନାମକୁ ପୁରୀ ପୌରସଂସ୍ଥା ପ୍ରସ୍ତାବରେ ଯୋଡ଼ି ସରକାରଙ୍କ ନିକଟକୁ ପଠାଇଛି। ଏ ନେଇ ନଗର ଉନ୍ନୟନ ବିଭାଗ ପ୍ରସ୍ତାବ ମିଳିଛି। ଏହି ପ୍ରସ୍ତାବ ପାଇବା ପରେ ମହାନଗର ନିଗମ କରିବା ନିମନ୍ତେ ଆବଶ୍ୟକ ପଡୁଥିବା ଭିତ୍ତିଭୂମି ନିର୍ମାଣ ଲାଗି ପଦକ୍ଷେପ ନେଇଛି। ବୀରହରେକୃଷ୍ଣପୁର, ବାଲିଗୁଆଳି, ଗୋପୀନାଥପୁର, ସମଙ୍ଗ, ଶାସନ ଦାମୋଦରପୁର, ଗୋପାଳପୁର, ବାଲୁଖଣ୍ଡ, କାଶୀହରିପୁର, ଗୋରୁଆଳ ପଞ୍ଚାୟତ ପୁରୀ ପୌରାଞ୍ଚଳ ସହ ମିଶିବାକୁ ପ୍ରସ୍ତାବରେ ସ୍ଥିର ହୋଇଛି।

ପୁରୀକୁ ମହାନଗର ନିଗମ କରିବା ପ୍ରକ୍ରିୟା ଆରମ୍ଭ ହୋଇଥିବା ନେଇ ବିଧାୟକ ସୁନୀଲ ମହାନ୍ତି ତାଙ୍କ ସୋସିଆଲ ମିଡିଆ ଆକାଉଣ୍ଟରେ ସୂଚନା ଦେଇଛନ୍ତି। ବାଣିଜ୍ୟ ଓ ପରିବହନ ବିଭାଗ ପ୍ରମୁଖ ସଚିବ ଉଷା ପାଢ଼ୀଙ୍କ ଅଧ୍ୟକ୍ଷତାରେ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଧାୟକ ଶ୍ରୀ ମହାନ୍ତି ଉଲ୍ଲେଖ କରିଛନ୍ତି, ଗତ ବିଧାନସଭା ଅଧିବେଶନରେ ପୁରୀକୁ ମହାନଗର ନିଗମରେ ପରିଣତ କରିବା ପାଇଁ ସେ ଦାବି କରିଥିଲେ। ନିକଟରେ ରାଜ୍ୟ ସରକାର ଏହାକୁ ଘୋଷଣା କରିବା ପରେ ଏହି ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ସୋମବାର ବିଧାନସଭାର ସ୍ୱତନ୍ତ୍ର କକ୍ଷରେ ନଗର ଉନ୍ନୟନ ବିଭାଗ ସହ ଜଡ଼ିତ ବିଧାନସଭା କମିଟିର ଅଧ୍ୟକ୍ଷ, ସହସ୍ୟଗଣ, ନଗର ଉନ୍ନୟନ ବିଭାଗର ସଚିବ, ସ୍ୱତନ୍ତ୍ର ସଚିବ, ଓଡ଼ିଶା ପୌରପାଳିକା ପ୍ରଶାସନିକ ନିର୍ଦ୍ଦେଶକ ଓ କଟକ ମହାନଗର ନିଗମ ଆୟୁକ୍ତ, ବିଡିଏ ଉପାଧ୍ୟକ୍ଷ ଏବଂ ନଗର ଉନ୍ନୟନ ବିଭାଗର ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

ସୂଚନା ଅନୁଯାୟୀ, ଖୁବ୍‌ଶୀଘ୍ର ପ୍ରସ୍ତାବିତ ଅଞ୍ଚଳର ଅନୁଧ୍ୟାନ କରାଯିବ। ପୁରୀ ମହାନଗର ପ୍ରସ୍ତାବ କାର୍ଯ୍ୟକାରୀ ନିମନ୍ତେ ଅତି କମ୍‌ରେ ୩ ଲକ୍ଷରୁ ଅଧିକ ଜନସଂଖ୍ୟା ଆବଶ୍ୟକ। ଏବେ ପୁରୀ ପୌରାଞ୍ଚଳରେ ପ୍ରାୟ ଅଢ଼େଇ ଲକ୍ଷରୁ ଅଧିକ ଲୋକ ବସବାସ କରୁଛନ୍ତି। ତେଣୁ ସଦର ଓ ବ୍ରହ୍ମଗିରିର ୮ ପଞ୍ଚାୟତ ଅନ୍ତର୍ଗତ ୪୪ ଗାଁ ପୁରୀ ସହରରେ ମିଶିବା ପରେ ଏହାର ଜନସଂଖ୍ୟା ମହାନଗର ନିଗମ ମାନଦଣ୍ଡ ସହ ସମତୁଲ ହୋଇପାରିବ। ପ୍ରସ୍ତାବିତ ଗ୍ରାମାଞ୍ଚଳଗୁଡ଼ିକ ସଦର ଥାନା, ତାଳବଣିଆ ଥାନା ପରିସରରେ ରହିଛି। ବୀରହରେକୃଷ୍ଣପୁର ପଞ୍ଚାୟତର ହରେକୃଷ୍ଣପୁର, ବାଟଗାଁ, ଜଗନ୍ନାଥବଲ୍ଲଭ, ପୁରୁଷୋତ୍ତମ ବଲ୍ଲଭ, ରାହାଙ୍ଗିଆ, ରେଣ୍ଟିଆ, ଉତ୍ତର ସରପଡ଼ା ପର୍ଯ୍ୟନ୍ତ ସହର ବ୍ୟାପିବ। ସେହିପରି ସମଙ୍ଗର ଶାଳଗନ୍ନାଥପୁର, ଖଡ଼ିପଦା, ରେବତିରମଣ, ସମଙ୍ଗ, ସିରେଇକୋଣା, ଶଙ୍କରପୁର ଆଦି ରହିବ ବୋଲି ପ୍ରାଥମିକ ଆକଳନ କରାଯାଇଛି।

## ବିଶ୍ୱ ଯୁବ ଦକ୍ଷତା ଦିବସ ପାଳିତ



ପୁରୀ,୧୫।୭ (ସମିସ): ଜନଶିକ୍ଷଣ ସଂସ୍ଥାନ, ପୁରୀ ତରଫରୁ ପୁରୀ ମହିଳା ମହାବିଦ୍ୟାଳୟ ଆନୁକୁଲ୍ୟରେ ମଙ୍ଗଳବାର ବିଶ୍ୱ ଯୁବ ଦକ୍ଷତା ଦିବସ ପାଳନ ଓ ଦକ୍ଷତା ଭାରତ ମିଶନର ୧୦ ବର୍ଷ ପୂର୍ତ୍ତି ଅବସରରେ ଏକ କର୍ମଶାଳା ଆୟୋଜିତ ହୋଇଯାଇଛି। ଏହି କର୍ମଶାଳାରେ ମୁଖ୍ୟ ଅତିଥି ଭାବେ ପୁରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ବିଶ୍ୱନାଥ ବଳିୟାରସିଂ, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଫେସର ସୁକାନ୍ତ ମହାନ୍ତି ଯୋଗଦେଇଥିଲେ। ଏହି କର୍ମଶାଳାରେ ପାଖାପାଖି ୧୨୦ରୁ ଉର୍ଦ୍ଧ୍ୱ ଛାତ୍ରୀ ଅଂଶଗ୍ରହଣ କରିବା ସହିତ ତର୍କ ଏବଂ ଚିତ୍ରାଙ୍କନ ପ୍ରତିଯୋଗିତାରେ ଭାଗ ନେଇଥିଲେ। ପୁରୀ ଜନଶିକ୍ଷଣ ସଂସ୍ଥାନ କର୍ମଚାରୀ ଏହି ପ୍ରତିଯୋଗିତାଗୁଡ଼ିକ ସମ୍ପାଦନା କରିବା ସହିତ ଅନୁଷ୍ଠାନର ଜିଲ୍ଲା ପ୍ରୋଗ୍ରାମ ଅଫିସର ଶଶିଭୂଷଣ ଦତ୍ତ ଏହି କର୍ମଶାଳାକୁ ସଞ୍ଚାଳନ କରିଥିଲେ। ଅନୁଷ୍ଠାନର କର୍ମଚାରୀ ନିକି ପ୍ରଧାନ, ପ୍ରସାଦ ଦ୍ୱିବେଦୀ, ଜୀବନଜିତା ଦାସ, ବାଦଲ ପରିଡ଼ା ପ୍ରତିଯୋଗିତାରେ କୃତୀ ଛାତ୍ରୀମାନଙ୍କୁ ପ୍ରମାଣପତ୍ର ବଣ୍ଟନ କରିଥିଲେ। ଏହି ପରିପ୍ରେକ୍ଷୀରେ ପ୍ରଫେସର ସୁକାନ୍ତ ମହାନ୍ତି, ଅଧ୍ୟକ୍ଷ ବିଶ୍ୱନାଥ ବଳିୟାରସିଂ, ଅଧ୍ୟାପକ କମଳ ଲୋଚନ ପ୍ରଧାନ, ଅଧ୍ୟାପିକା ନିର୍ଲିପ୍ତ ଦାସ, ଅଶୋକ ପ୍ରଧାନ ବିଶ୍ୱ ଯୁବ ଦକ୍ଷତା ଦିବସ ପାଳନରେ ଜନଶିକ୍ଷଣ ସଂସ୍ଥାନର ଭୂମିକା, ଏହି ଦିବସ ପାଳନର ଉଦ୍ଦେଶ୍ୟ ତଥା ଲକ୍ଷ୍ୟ, ସ୍କିଲ୍ ଇଣ୍ଡିଆ ମିଶନ କାର୍ଯ୍ୟକ୍ରମର ୧୦ ବର୍ଷ ପାଳନ ଅବସରରେ ସଫଳତା ବଖାଣିଥିଲେ। ଏହି ଅବସରରେ ପ୍ରଫେସର ସୁକାନ୍ତ ମହାନ୍ତି ବର୍ତ୍ତମାନ ପରିପ୍ରେକ୍ଷୀରେ ଶିକ୍ଷା ସହିତ ଧନ୍ଦାମୂଳକ ଶିକ୍ଷାଲାଭ କରି ଛାତ୍ରଛାତ୍ରୀମାନଙ୍କର କିଭଳି ଦକ୍ଷତା ବିକାଶ ହୋଇ ସେମାନେ ସ୍ୱାବଲମ୍ବନଶୀଳ ହୋଇପାରିବେ ତାହା ଉପରେ ଆଲୋକପାତ କରିଥିଲେ।

## ଓଡ଼ିଶା ଯୋଗ କୁମାର ସମ୍ମାନ: ପୁରୀ ଜିଲ୍ଲା ଯୋଗାସନ ସଂଘର ସଫଳତା

ପୁରୀ,୧୫।୭ (ସମିସ): କଟକ ଚୌଧୁରୀ ବଜାରସ୍ଥିତ କଳିଙ୍ଗ ଜିମ୍ନାସିୟମ୍‌ରେ ଗତ ୧୨ ଓ ୧୩ ତାରିଖ ଦୁଇଦିନ ଧରି ଓଡ଼ିଶା ଯୋଗାସନ ଅସୋସିଏସନ ଦ୍ୱାରା ରାଜ୍ୟସ୍ତରୀୟ ଯୋଗାସନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏଥିରେ ପୁରୀ ଜିଲ୍ଲାରୁ ପୁରୀ ଜିଲ୍ଲା ଯୋଗାସନ ଅସୋସିଏସନ ମାଧ୍ୟମରେ ୪୦ରୁ ଅଧିକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରି ଉତ୍କୃଷ୍ଟ ପ୍ରଦର୍ଶନ କରିଛନ୍ତି। ପ୍ରତିଯୋଗିତାରେ ଜିଲ୍ଲାର ଅଭିଜିତ୍ ତ୍ରିପାଠୀ 'ଓଡ଼ିଶା ଯୋଗ କୁମାର-୨୦୨୫' ଭାବେ ସମ୍ମାନିତ ହୋଇଛନ୍ତି, ଯାହା ସମ୍ପୂର୍ଣ୍ଣ ଜିଲ୍ଲା ପାଇଁ ଗର୍ବର ବିଷୟ। ଏହା ସହିତ କିଶନ ରଥ (୧୬-୧୮ ବୟସ ଶ୍ରେଣୀ), ତନିଷା ସାହୁ (୧୨-୧୪) ଓ ଫାଲ୍‌ଗୁନୀ ବେହେରା (୧୪-୧୬) ସାଧାରଣ ଯୋଗାସନ ଶ୍ରେଣୀରେ ପ୍ରଥମସ୍ଥାନ ଅର୍ଜନ କରିଛନ୍ତି। ୧୬ ଜଣ ଖେଳାଳି ସାଧାରଣ ଯୋଗାସନ ଓ ୫ ଜଣ ଶିଳ୍ପ ଯୋଗାସନ ଶ୍ରେଣୀରେ ବିଜୟୀ ହୋଇ ସମ୍ମାନିତ ହୋଇଛନ୍ତି। ସେମାନେ ହେଲେ ପ୍ରିତମ ସାହୁ, ଆୟୁଷ ଜେନା, ତୁଳସୀ ଜେନା, ତନିଷା ସାହୁ, ଓମ୍, ଦୟାନିଧି ଜନାର୍ଦ୍ଦନ, ଫାଲ୍‌ଗୁନୀ, କାବେରୀ, ଅଂଶିକା, ଆରାଧନା, କିଶନ, ଅଭିଜିତ୍, ସୌମେନ୍ଦ୍ର, ଶିବା, ପିଙ୍କୁ ଓ ପତିତ। ଏହି ସଫଳତା ପଛରେ ଜିଲ୍ଲା ସଂଘ ନେତୃତ୍ୱପୂର୍ଣ୍ଣ ଭୂମିକା ନିଭାଇଛି। ଏଥିରେ ସଭାପତି ଜନ୍ମେଶ୍ୱର ଖୁଣ୍ଟିଆ, କୋଷାଧ୍ୟକ୍ଷ ସଦାନନ୍ଦ ପୂଜାପଣ୍ଡା, ଯୁଗ୍ମ ସଚିବ ଲୋକନାଥ ପୂଜାପଣ୍ଡା ଓ ସଂକେତ କୁମାର ସେଠୀ ବ୍ୟକ୍ତିଗତ ଭାବେ ଉପସ୍ଥିତ ରହି ଟିମ୍‌କୁ ମାର୍ଗଦର୍ଶନ ଓ ସାହାଯ୍ୟ ଦେଇଥିଲେ। ଏହି ଅବସରରେ ସଭାପତି ଶ୍ରୀ ଖୁଣ୍ଟିଆ କହିଛନ୍ତି, ଏ ବର୍ଷ ଛାତ୍ରଛାତ୍ରୀମାନେ ଯେପରି ସଫଳତା ଆଣିଛନ୍ତି, ତାହା ଅତି ଗର୍ବର ବିଷୟ।

କୃତୀ ପ୍ରତିଯୋଗୀମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ ପାଇଁ ମଙ୍ଗଳବାର ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଉଦ୍ଦେଶ୍ୟରେ ସିଂହଦ୍ୱାର ସମ୍ମୁଖରେ ପ୍ରଦୀପ ପ୍ରଜ୍ୱଳନ କରାଯାଇଥିଲା। ଏହି ଅବସରରେ ଜିଲ୍ଲା ସଂଘର ସଂସ୍ଥାପକ ରମାକାନ୍ତ କର ସମସ୍ତଙ୍କୁ ଶୁଭେଚ୍ଛା ଜଣାଇଥିଲେ।

ଜିଲ୍ଲାସ୍ତରୀୟ ଭିଜିଲାନ୍ସ ଓ ମନିଟରିଂ କମିଟି ବୈଠକ

# ସହଯୋଗ ମନୋବୃତ୍ତି ରଖି କାମ କରିବାକୁ ପରାମର୍ଶ

ପୁରୀ,୧୫।୭ (ସମିସ)




ଅନୁସୂଚିତ ଜାତି ଓ ଜନଜାତି ବିଭାଗର ଜିଲ୍ଲାସ୍ତରୀୟ ଭିଜିଲାନ୍ସ ଓ ମନିଟରିଂ କମିଟି ବୈଠକ ମଙ୍ଗଳବାର ପୂର୍ବାହ୍ଣରେ ସ୍ୱତନ୍ତ୍ର ସର୍କିଟ୍ ହାଉସ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅଧ୍ୟକ୍ଷତା ତଥା ସମସ୍ତଙ୍କୁ ସ୍ୱାଗତ କରି ଜିଲ୍ଲାପାଳ ଚଞ୍ଚଳ ରାଣା ଅନୁସୂଚିତ ଜାତି ଓ ଜନଜାତିଙ୍କ ପାଇଁ ଆଇନରେ ରହିଥିବା ବ୍ୟବସ୍ଥା ଆଧାରରେ ସେମାନଙ୍କୁ ସହଯୋଗ କରିବା ପାଇଁ ପରାମର୍ଶ ଦେଇଥିଲେ। ସେମାନଙ୍କ ପ୍ରତି ନିର୍ଯାତନା କ୍ଷେତ୍ରରେ ସହାୟତା, ଇଣ୍ଟରକାଷ୍ଟ ବିବାହ କ୍ଷେତ୍ରରେ ସହାୟତା ଇତ୍ୟାଦି ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ। ଅନେକ ସମୟରେ ମାମଲାଗୁଡ଼ିକର ସତ୍ୟତା ଉପରେ, ଜାତିଗତ ପ୍ରମାଣପତ୍ର ସମ୍ପର୍କରେ ମଧ୍ୟ ପ୍ରଶ୍ନ ଉଠିଥାଏ। ତେଣୁ ଯୁଗ୍ମ ତଦନ୍ତ ସମୟରେ ସଠିକ୍ ଭାବେ ଏହାର ଅନୁଧ୍ୟାନ କରିବାକୁ ଜିଲ୍ଲାପାଳ ଗୁରୁତ୍ୱାରୋପ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କାକଟପୁର ବିଧାୟକ ତୁଷାରକାନ୍ତି ବେହେରା, ପିପିଲି ବିଧାୟକ ଆଶ୍ରିତ ପଟ୍ଟନାୟକ, ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ର ଓ ପୁରୀ ବିଧାୟକ ସୁନୀଲ କୁମାର ମହାନ୍ତି ପ୍ରମୁଖ ଯୋଗଦେଇ ବ୍ୟାପକ ସଚେତନତା ମାଧ୍ୟମରେ ହିତାଧିକାରୀଙ୍କୁ ଅବଗତ କରାଇବା, ମାମଲାଗୁଡ଼ିକର ସଠିକ୍ ଅନୁଧ୍ୟାନ କରିବା, ସାହାଯ୍ୟ କରୁଥିବା ନାମରେ ଫାଇଦା ନେବାକୁ ଚାହୁଁଥିବା କିଛି ବ୍ୟକ୍ତିଙ୍କ ସମ୍ପର୍କରେ ତଦନ୍ତ ସହ ସତ୍ୟ ପ୍ରମାଣିତ ହେଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସମ୍ପର୍କରେ ଆଲୋକପାତ କରିଥିଲେ।

କ୍ଷତିଗ୍ରସ୍ତ ବ୍ୟକ୍ତିଙ୍କୁ ଆର୍ଥିକ ସହାୟତା କ୍ଷେତ୍ରରେ ପୂର୍ବରୁ ଅଫ୍‌ଲାଇନ୍‌ରେ ଆବେଦନ କରିବାକୁ ପଡୁଥିଲାବେଳେ ୨୦୨୨ ଅକ୍ଟୋବର ୧୨ରୁ ଅନ୍‌ଲାଇନ ପୋର୍ଟାଲ୍‌ରେ ଆବେଦନ ଗ୍ରହଣ କରାଯାଉଛି। ଏହି ବ୍ୟବସ୍ଥାରେ ୨୦୨୩ରେ ୪୪ଟି, ୨୦୨୪ରେ ୩୬ଟି ଓ ୨୦୨୫ ଜୁଲାଇ ୧୧ ତାରିଖ ପର୍ଯ୍ୟନ୍ତ ଗୋଟିଏ ଏହିଭଳି ୮୧ଟି ମାମଲାରେ ୧୦୬ ଜଣଙ୍କୁ ୧ କୋଟି ୧୮ ଲକ୍ଷ ୬୨ ହଜାର ୫୦୦ ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଇଛି। ୮୩୪ଟି ମାମଲା ମଧ୍ୟରୁ ଯୁଗ୍ମ ତଦନ୍ତ ମାଧ୍ୟମରେ ୭୧୮ର ତଦନ୍ତ ଶେଷ ହୋଇଥିବାବେଳେ ୧୧୬ଟି ବକେୟା ରହିଛି। ଇଣ୍ଟରକାଷ୍ଟ ବିବାହ କ୍ଷେତ୍ରରେ ୨୦୨୩-୨୪ରୁ ଚଳିତ ବର୍ଷ ଜୁଲାଇ ୧୧ ପର୍ଯ୍ୟନ୍ତ ୩୪୧ ଦମ୍ପତି ଉପକୃତ ହୋଇ ୮ କୋଟି ୧୯ ଲକ୍ଷ ୫୦ ହଜାର ଟଙ୍କା ପ୍ରାପ୍ତ ହୋଇଛନ୍ତି। ଏହି ଅର୍ଥ ସେମାନଙ୍କ ଆକାଉଣ୍ଟକୁ ବିଭାଗ ପକ୍ଷରୁ ପ୍ରଦାନ କରାଯାଇଛି। ଏହି ବୈଠକରେ ଅତିରିକ୍ତ ଜିଲ୍ଲାପାଳ (ପ୍ରୋଟୋକଲ) ନୀଳମାଧବ ଭୋଇ, ଉପଜିଲ୍ଲାପାଳ ରାଜ କିଶୋର ଜେନା, ଅତିରିକ୍ତ ଏସ୍‌ପି ସଚିନ ପଟେଲ, ଅନ୍ୟାନ୍ୟ ଜିଲ୍ଲାସ୍ତରୀୟ ଅଧିକାରୀ, କମିଟିର ସଦସ୍ୟ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ମଙ୍ଗଳ ଅଧିକାରୀ ବିକାଶ କୁମାର ମହାନ୍ତି କାର୍ଯ୍ୟସୂଚୀ ଅନୁସାରେ ତଥ୍ୟ ପ୍ରଦାନ କରିଥିଲେ।

## 'ଜିଜ୍ଞାସାର ଯୁଗ୍ମରୂପ' ଲୋକାର୍ପିତ



ପୁରୀ,୧୫।୭ (ସମିସ): ଓଡ଼ିଆ ସମାଲୋଚନା ସାହିତ୍ୟର ଏକ ଗୁରୁତ୍ୱପୂର୍ଣ୍ଣ ପୁସ୍ତକ 'ଜିଜ୍ଞାସାର ଯୁଗ୍ମରୂପ' ଶ୍ରୀମନ୍ଦିର ସିଂହଦ୍ୱାର ସମ୍ମୁଖରେ ବିଶିଷ୍ଟ ଅତିଥିମାନଙ୍କ ଦ୍ୱାରା ଲୋକାର୍ପିତ ହୋଇଯାଇଛି। କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ, କୋରାପୁଟର ସହକାରୀ ପ୍ରାଧ୍ୟାପକ ଡ. ରଘୁନାଥ ଓଝା ଏବଂ ବାଲୁଗାଁ ମହାବିଦ୍ୟାଳୟର ଅଧ୍ୟାପିକା ଝରଣା ନାଥଙ୍କ ସହଭାଗିତାରେ ରଚିତ ଏହି ସମାଲୋଚନା ପୁସ୍ତକରେ ୧୩ଟି ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ସମାଲୋଚନା ସ୍ଥାନ ପାଇଛି। ବିଶିଷ୍ଟ ସାହିତ୍ୟିକ ଡ. ଦିଲ୍ଲୀପ କୁମାର ସ୍ୱାଇଁ ଏହି ପୁସ୍ତକକୁ ଉନ୍ମୋଚନ କରି ସମାଲୋଚନା ସାହିତ୍ୟର ବିକାଶଧାରାରେ ଏହି ପୁସ୍ତକଟି ଗୁରୁତ୍ୱପୂର୍ଣ୍ଣ ସାବ୍ୟସ୍ତ ହେବ ବୋଲି ମତବ୍ୟକ୍ତ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅଭିନନ୍ଦନିକାର ସମ୍ପାଦକ ଶ୍ୟାମ ପ୍ରକାଶ ସେନାପତି, ପ୍ରକାଶକ ଦିଲ୍ଲୀପ ବେଉରା, କବି କାମଦେବ ମହାରଣା, ସୌଭାଗିନୀ ସ୍ୱାଇଁ, ମମତା ମହାରଣା ପ୍ରମୁଖ ଉପସ୍ଥିତ ରହି ପୁସ୍ତକକୁ ଉନ୍ମୋଚନ କରିବା ସହିତ ଏହି ପୁସ୍ତକର ବିଶେଷତ୍ୱ ସମ୍ପର୍କରେ ନିଜସ୍ୱ ମନ୍ତବ୍ୟ ରଖିଥିଲେ। ପ୍ରକାଶଥାଉ କି, ଏହି ପୁସ୍ତକଟି ଓଡ଼ିଆ ସମାଲୋଚନା ରଚନା କରିବା ପାଇଁ ନିଶ୍ଚିତ ଭାବେ ଯୁବପିଢ଼ିଙ୍କୁ ପ୍ରେରିତ କରିବ।

ସକାଳ
THE SAKALA



ବନ୍ଧୁକ ଠାରୁ ବୁଦ୍ଧି ଅଧିକ ଶକ୍ତିଶାଳୀ।
-ଷ୍ଟାଲିନ୍

# କ୍ଷମତାର ବ୍ୟଥା ଓ କଥା

ଆମେରିକା ପରେ ଚୀନ ବିଶ୍ୱର ଦ୍ୱିତୀୟ କ୍ଷମତାକେନ୍ଦ୍ର। ଡୋନାଲ୍ଡ ଟ୍ରମ୍ପ ଆମେରିକାର ରାଷ୍ଟ୍ରପତି ଦାୟିତ୍ୱ ଗ୍ରହଣ କରିବା ପରେ ବାଣିଜ୍ୟ ଶୁଳ୍କ ନିର୍ଦ୍ଧାରଣକୁ ନେଇ ସେ ଯେଉଁ ଅଘୋଷିତ ଯୁଦ୍ଧ ପରିବେଶ ସୃଷ୍ଟି କରିଛନ୍ତି ତାହାର ଖୋଲା ମୁକାବିଲା କେବଳ ଚୀନ କରିଛି। ଆମେରିକାର ଯେକୌଣସି ଆହ୍ୱାନର ସମ୍ମୁଖୀନ ହେବା ସକାଶେ ଚୀନ ପ୍ରସ୍ତୁତ ଅଛି କହିବା ପଛରେ ରାଷ୍ଟ୍ରପତି ସି ଜିନପିଙ୍ଗଙ୍କ ପ୍ରଭାବୀ ଭୂମିକାକୁ ଅସ୍ୱୀକାର କରି ହେବନି। ଏପରିକି ଆମେରିକୀୟ ଡଲାରର ଥିବା ବିଶ୍ୱବ୍ୟାପୀ ପ୍ରଧାନ୍ୟକୁ ଖର୍ବ କରିବା ସକାଶେ ବ୍ରିକ୍ସ ସମ୍ମିଳନୀ ମାଧ୍ୟମରେ ଜିନପିଙ୍ଗଙ୍କ ସମାନ୍ତରାଳ ମୁଦ୍ରା ପ୍ରଚଳନ ପ୍ରସ୍ତାବ ଟ୍ରମ୍ପଙ୍କୁ ବିବ୍ରତ କରିଛି। ଏଥିରୁ ସ୍ପଷ୍ଟ ଅନୁମେୟ ଯେ ଆମେରିକାର ନାଟୋ ସାମରିକ ମେଣ୍ଟ ଭଳି ଚୀନ ମଧ୍ୟ ନିଜର ଆର୍ଥିକ ଦମ୍ଭ ଓ ସାମରିକ ଶକ୍ତି ବଳରେ ଆହ୍ୱାନ ଦେଲା ଭଳି ସାମର୍ଥ୍ୟ ଏକଜୁଟ କରିବାକୁ ସମର୍ଥ ହୋଇଛି। ବ୍ରିକ୍ସ ସଂଗଠନର ପ୍ରମୁଖ ପୁରୋଧା ହେଉଛି ଚୀନ। ତେବେ ନିକଟରେ ବ୍ରାଜିଲରେ ଅନୁଷ୍ଠିତ ସମ୍ମିଳନୀରେ ଚୀନ ରାଷ୍ଟ୍ରପତି ସି. ଜିନପିଙ୍ଗଙ୍କ ଅନୁପସ୍ଥିତି ସମସ୍ତଙ୍କୁ ଚକିତ କରିଥିଲା। ଗତ ୧୨ ବର୍ଷ ମଧ୍ୟରେ ଏହା ହିଁ ଥିଲା ସବୁଠାରୁ ବିରଳ ଘଟଣା। ଏହି ଅନୁପସ୍ଥିତି ବିଭିନ୍ନ ମହଲକୁ ଚର୍ଚ୍ଚାର ଖୋରାକ୍ ଯୋଗାଇଛି।

ଗତ ମେ' ମାସର ଦ୍ୱିତୀୟ ଭାଗରୁ ସାଧାରଣ ଜୀବନରେ ତାଙ୍କର ଅନୁପସ୍ଥିତି ପରିଲକ୍ଷିତ ହୋଇଛି। ଏମିତିରେ ଚୀନର ଆଭ୍ୟନ୍ତରୀଣ ପରିସ୍ଥିତି, ଏପରିକି କୌଣସି ବଡ଼ ଘଟଣା ଖୁବ୍ କ୍ୱଚିତ ସାଧାରଣରେ ପ୍ରକାଶ ପାଇଥାଏ। ସମସ୍ତ ତଥ୍ୟ ସରକାରୀ କଟକଣାକୁ ଅତିକ୍ରମ କରି ପ୍ରକାଶ ପାଇବା ସମ୍ଭବ ନୁହେଁ। ଯାଞ୍ଚ ଓ ସରକାରୀ ସ୍ୱୀକୃତି ପରେ ଯାହା ପ୍ରକାଶ ପାଏ ତାହା ଯେ ପ୍ରକୃତ ଚିତ୍ର ଏକଥା ଜୋରଦେଇ କହିହେବନି। ତେଣୁ ଜିନପିଙ୍ଗ ଏବେ କେଉଁ ଅବସ୍ଥାରେ ଅଛନ୍ତି ତାହାର ସ୍ପଷ୍ଟଚିତ୍ର ଏଯାବତ ମିଳିନାହିଁ। ସେ ଗୁରୁତର ଅସୁସ୍ଥ ନା ଗୃହବନ୍ଦୀ ଅବସ୍ଥାରେ ତାହା ମଧ୍ୟ ଜୋର ଦେଇ କହିହେବନି। ସବୁଠାରୁ ଉଲ୍ଲେଖଯୋଗ୍ୟ ହେଲା, ଚୀନର ସରକାରୀ ଗଣମାଧ୍ୟମରେ ଯେଉଁଭଳି ପ୍ରାଧାନ୍ୟ ଦେଇ ପ୍ରକାଶ ପାଉଥିଲା, ଏବେ ତାହା ମଧ୍ୟ ଦୃଶ୍ୟମାନ ହେଉନାହିଁ। ତେଣୁ ଏହା ପଛରେ କିଛି ନା କିଛି ରହସ୍ୟ ତ ନିଶ୍ଚୟ ଅଛି। ଏକଦଳୀୟ ଶାସନ ବ୍ୟବସ୍ଥାରେ କ୍ଷମତା କେନ୍ଦ୍ର ଯିଏ ହେଉନା କାହିଁକି ଯେତେବେଳେ ନେତୃତ୍ୱ ପରିବର୍ତ୍ତନର ଝଡ଼ ସୃଷ୍ଟି ହୁଏ ସେଥିରେ କେତେ କିଏ ଧରାଶାୟୀ ହୁଅନ୍ତି ତାହା ସାଧାରଣରେ ପ୍ରକାଶ ନ ପାଇଲେ ମଧ୍ୟ ତାହାରି ମଧ୍ୟରୁ ହଠାତ୍ ନୂଆ ନେତାଙ୍କ ଆବିର୍ଭାବ ହୁଏ। ଯେତେଦୂର ମନେହୁଏ ସେହି ପ୍ରକ୍ରିୟା ସଂପ୍ରତି ଚୀନରେ ଜାରି ରହିଛି।

ଏଥିମଧ୍ୟରେ ଦୁଇଟି ଖବର ସାମ୍ନାକୁ ଆସିଛି। ହଠାତ୍ ରବିବାର ଜିନପିଙ୍ଗଙ୍କ ଚୀନ ଡିଜିଟାଲ ମିଡିଆରେ ଆବିର୍ଭାବ ଘଟିଛି। ସେ ତାଙ୍କର ସଂକ୍ଷିପ୍ତ ବକ୍ତବ୍ୟ ରଖିଛନ୍ତି। ଅନ୍ୟ ଖବରଟି ହେଲା, ଜିନପିଙ୍ଗ ଓ ପ୍ରଧାନମନ୍ତ୍ରୀ ଲି କ୍ୱାଙ୍ଗଙ୍କୁ ଭେଟି ଆଲୋଚନା କରିବା ସକାଶେ ଅଷ୍ଟ୍ରେଲିଆର ପ୍ରଧାନମନ୍ତ୍ରୀ ଅନ୍ଥୋନୀ ଆଲବାନିସ୍ ୬ ଦିନିଆ ଚୀନ୍‌ଗସ୍ତରେ ଆସିଛନ୍ତି। ସେ ନିବେଶ, ପର୍ଯ୍ୟଟନ ଓ ବାଣିଜ୍ୟ କାରବାର ସଂପର୍କରେ ଚୀନ ନେତୃତ୍ୱ ସହ ଆଲୋଚନା କରିବାର କାର୍ଯ୍ୟକ୍ରମ ରହିଛି। ଚୀନର ଆଭ୍ୟନ୍ତରୀଣ ରାଜନୈତିକ ପରିସ୍ଥିତି ଯାହା ହେଉନା କାହିଁକି ଏ ସଂପର୍କରେ କୂଟନୈତିକ ମହଲରେ ଯେଉଁଭଳି କୌଣସି ଭୁଲ ବାର୍ତ୍ତା ନଯିବ ସେ ନେଇ କମ୍ୟୁନିଷ୍ଟ ପାର୍ଟି ଆବଶ୍ୟକତାଠାରୁ ଅଧିକ ସତର୍କ। ତେଣୁ ଆଲ୍‌ବାନିସ୍ ଓ ଜିନପିଙ୍ଗଙ୍କ ମଧ୍ୟରେ ଆଲୋଚନାର ଗତି ଓ ପ୍ରକୃତିରେ ନିଶ୍ଚୟ ସ୍ୱାଭାବିକତା ରହିବ। କାରଣ ନେତୃତ୍ୱ ବଦଳିଲେ ମଧ୍ୟ ନୀତି ଓ ଆଦର୍ଶ ପୂର୍ବ ଭଳି ଅତୁଟ ରହିବ। କାରଣ ଏଥିସହ ଚୀନର ବିପୁଳ ନିବେଶ ଓ ସାମରିକ ସହଯୋଗିତା ସଂଶ୍ଳିଷ୍ଟ ରହିଛି। ଅଷ୍ଟ୍ରେଲିଆ ଓ ଚୀନ ମଧ୍ୟରେ ଦ୍ୱିପାକ୍ଷିକ ସଂପର୍କ ତଥା ବୁଝାମଣା ଏହି ଗସ୍ତକ୍ରମ ଉପରେ କୌଣସି ପ୍ରତିକୂଳ ପ୍ରଭାବ ପକାଇବ ନାହିଁ। ଭାରତର ବୈଦେଶିକ ମନ୍ତ୍ରୀ ଜୟଶଙ୍କରଙ୍କୁ ମଧ୍ୟ ଜିନ୍‌ପିଙ୍ଗ ଭେଟିଛନ୍ତି, ଯାହା ବିରଳ ପଦବାଚ୍ୟ ହୋଇପାରେ। କାରଣ ଜିନ୍‌ପିଙ୍ଗଙ୍କ ସ୍ୱଭାବ ଓ ମାନସିକତା ଯାହା ସେ ସବୁବେଳେ ତାଙ୍କ ପ୍ରତିପକ୍ଷଙ୍କୁ ହିଁ ସାକ୍ଷାତ କରନ୍ତି। କୌଣସି ଦେଶର ବୈଦେଶିକ ମନ୍ତ୍ରୀଙ୍କ ସହିତ ସାକ୍ଷାତ ଆଲୋଚନା କରିବାକୁ ଜିନ୍‌ପିଙ୍ଗ ଅନୁମତି ଦେବା ପଛରେ ଚୀନ୍ ବୋଧହୁଏ ଏହା ପ୍ରମାଣିତ କରିବାକୁ ଚାହୁଁଛି ଯେ ସବୁକିଛି ଠିକ୍‌ଠାକ୍ ଅଛି।

ଚୀନ ସାମରିକ ବାହିନୀ ଜିନପିଙ୍ଗଙ୍କ ପୂର୍ଣ୍ଣ ନିୟନ୍ତ୍ରଣରେ ରହିଛି। ତିନି ବାହିନୀର ପ୍ରମୁଖଙ୍କ ବିରୋଧରେ ଗୁରୁତର ଅଭିଯୋଗ ଆସିଥିବାରୁ ସେ ଦାୟିତ୍ୱ ଓ ନେତୃତ୍ୱ ପରିବର୍ତ୍ତନ କରିଥିବାର କୁହାଯାଉଛି। ଦୁର୍ନୀତି ଓ ଭ୍ରଷ୍ଟାଚାର ଅଭିଯୁକ୍ତଙ୍କୁ ଫାଶୀ ଦଣ୍ଡ ତ ଚୀନର ଏକ ସ୍ୱାଭାବିକ ବ୍ୟାପାର। ଖବରରୁ ପ୍ରକାଶ ଯେ ନୌବାହିନୀ ପ୍ରମୁଖ ଓ ଜଣେ ବରିଷ୍ଠ ପରମାଣୁ ବୈଜ୍ଞାନିକଙ୍କୁ ମଧ୍ୟ ଦାୟିତ୍ୱର ଅନ୍ତର କରାଯାଇଛି। ଗୁରୁତ୍ୱପୂର୍ଣ୍ଣ ତଥ୍ୟ ପ୍ରଘଟ ଅଭିଯୋଗ ସେମାନଙ୍କ ବିରୋଧରେ ରହିଛି। ଏବେ କମ୍ୟୁନିଷ୍ଟ ପାର୍ଟିର କ୍ଷମତା କେନ୍ଦ୍ର ପକ୍ଷରୁ ଦୁର୍ନୀତି ଓ ଭ୍ରଷ୍ଟାଚାର ରୋକିବା ପାଇଁ ଦଣ୍ଡବିଧାନ ଶେଷ କଥା ନୁହେଁ ବରଂ ବ୍ୟବସ୍ଥାରେ ପରିବର୍ତ୍ତନ ଆଣିବାକୁ ପରାମର୍ଶ ଦିଆଯାଇଛି। ପରିସ୍ଥିତି କ୍ରମେ ଭିନ୍ନ ମୋଡ଼ ନେଉଥିବାରୁ ଜିନପିଙ୍ଗ ଦଳର ପ୍ରମୁଖ ସଂଗଠନ ସହ ଆଲୋଚନା କରି କ୍ଷମତା ଆବଣ୍ଟନ କରିଥିବାରୁ ଶୁଣାଯାଉଛି। ଯଦିବା ଏହି ସତ ହୋଇଥାଏ ତେବେ ଚୀନରେ ନେତୃତ୍ୱ ପରିବର୍ତ୍ତନ ଅବଶ୍ୟାମ୍ଭାବୀ। ଫାଶୀଦଣ୍ଡ ବିରୋଧରେ ବିଶ୍ୱବ୍ୟାପୀ ଜନମତ ପ୍ରକାଶ ପାଉଥିବାବେଳେ ଚୀନରେ ଏପ୍ରକାର ଦଣ୍ଡବିଧାନ ସର୍ବାଧିକ। ଏକ ରିପୋର୍ଟରୁ ପ୍ରକାଶ ଯେ ୨୦୨୩ ରେ କେବଳ ଚୀନରେ ୧୦୦୦ ଲୋକଙ୍କୁ ଫାଶୀ ଦିଆଯାଇଛି।

ଚୀନରେ ନେତୃତ୍ୱ ପରିବର୍ତ୍ତନ ହେଉ ବା ନହେଉ ପାକିସ୍ତାନ ପ୍ରତି ବେଜିଂର ସଂପର୍କ ପୂର୍ବଭଳି ଅତୁଟ ରହିବ। କାରଣ ଚୀନର ମହତାକାଂକ୍ଷୀ ନିବେଶର ଭବିଷ୍ୟତ ପ୍ରତି କୌଣସି ପରିସ୍ଥିତିରେ ଆଖିବୁଜି ଦିଆଯାଇପାରିବ ନାହିଁ। ଦକ୍ଷିଣ ଏସିଆ କୂଟନୀତିରେ ପାକିସ୍ତାନ ଏକ ପ୍ରମୁଖ ଅଙ୍ଗର ମର୍ଯ୍ୟାଦା ହାସଲ କରିସାରିଛି। ପହଲଗାମ ଆତଙ୍କବାଦୀ ଘଟଣାରେ ନିନ୍ଦା ପ୍ରସ୍ତାବ ଗ୍ରହଣ କରାଯାଇଥିଲେ ମଧ୍ୟ ଏଥିରେ ପାକିସ୍ତାନର ସମ୍ପୃକ୍ତିକୁ ଉଦ୍ଦେଶ୍ୟମୂଳକ ଭାବେ ବାଦ ଦିଆଯାଇଛି। ତେଣୁ ଜିନପିଙ୍ଗ କ୍ଷମତାରେ ରହନ୍ତୁ ନରହନ୍ତୁ ଭାରତ ପାଇଁ କିଛି ଫରକ ପଡ଼ିବ ନାହିଁ।

# ବାସ୍ତୁହରା ଗ୍ରାମବାସୀ

**ବୈକୁଣ୍ଠନାଥ ମିଶ୍ର**

ପୂର୍ବ କାଳରେ ରାଜା ମହାରାଜାମାନେ ଯୁଦ୍ଧ ଅଭିଯାନରେ ଯାଇ ରାଜ୍ୟ ଜୟ କରି ବିଜିତ ରାଜ୍ୟକୁ ନିଜ ମୂଳ ଭୂଖଣ୍ଡ ସହ ମିଶାଇ ରାଜ୍ୟର ସୀମା ବୃଦ୍ଧି କରୁଥିଲେ। ଜୋର ଯା'ର ମୂଲକ ତା'ର ନ୍ୟାୟରେ ପରାଜିତ ରାଜାମାନେ ବିଜେତାଙ୍କ ବଶତା ସ୍ୱୀକାର କରୁଥିଲେ। ପରାଜିତ ରାଜ୍ୟର ପ୍ରଜାକୁଳ ପୁରାତନ ଶାସନ ପରିବର୍ତ୍ତେ ଏକ ନୂତନ ଶାସନ ପଦ୍ଧତିକୁ ଆପଣେଇ ନେଉଥିଲେ। ସେମାନଙ୍କୁ ନାନା ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଥିଲେ ମଧ୍ୟ ଅନନ୍ୟୋପାୟ ହୋଇ ନୂତନତାକୁ ଆଦରିବାକୁ ପଡୁଥିଲା। ପ୍ରଜାମାନଙ୍କୁ ମାନିନେବାକୁ ହେଉଥିଲା ନୂତନ କର ନୀତି। ତାହା ଯେତେ କଷ୍ଟକର ହେଲେ ମଧ୍ୟ ବିନା ପ୍ରତିବାଦରେ ତାକୁ ଗ୍ରହଣ କରିବାକୁ ପଡୁଥିଲା।

ଏକବିଂଶ ଶତାବ୍ଦୀର ଏକ-ଚତୁର୍ଥାଂଶ ପୃଥିବୀ ଭୋଗ କରି ସାରିଲାଣି। ଏକଛତ୍ର ଶାସନ ପ୍ରାୟତଃ ସତ୍ତା ହରାଇଛି। ଗଣତନ୍ତ୍ରର ମହନୀୟତାକୁ ପୃଥିବୀବାସୀ ଆଦରି ନେଇଛନ୍ତି। ବଂଶାନୁକ୍ରମିକ ଶାସନ ପ୍ରାୟତଃ ଲୋପ ପାଇଛି। ନିର୍ବାଚନ ମାଧ୍ୟମରେ ଜନସାଧାରଣ ନିର୍ଣ୍ଣୟ କରୁଛନ୍ତି ତାଙ୍କ ଶାସକ ଗୋଷ୍ଠୀକୁ। ଶାସନ ଜନସାଧାରଣଙ୍କର ପ୍ରିୟଭାଜନ ହେଲେ ସରକାର ଦୀର୍ଘସ୍ଥାୟୀ ହେବ। ନଚେତ ପରବର୍ତ୍ତୀ ନିର୍ବାଚନରେ ନୂଆ ସରକାର ଆବିର୍ଭାବ ହେବ। ଭାରତ ଭଳି ସଂଘୀୟ ବ୍ୟବସ୍ଥାରେ ଜନସାଧାରଣ ରାଜ୍ୟ ଓ କେନ୍ଦ୍ର ପାଇଁ ପୃଥକ ସରକାର ବାଛନ୍ତି। ଉଭୟଙ୍କର କ୍ଷମତା ପରିସର ସମ୍ବିଧାନ ଅନୁଯାୟୀ ସ୍ଥିତୀକୃତ ହୋଇଛି। ଗୋଟିଏ ରାଜ୍ୟ ଚାହିଁଲେ ବି ଅନ୍ୟ ରାଜ୍ୟ ଦଖଲ କରି ପାରିବ ନାହିଁ। କିନ୍ତୁ ସଂପ୍ରତି ଦେଖିବାକୁ ମିଳୁଛି ଯେ ନିଜ ରାଜ୍ୟର ସୀମା ଡେଇଁ ପଡ଼ୋଶୀ ରାଜ୍ୟର କିଛି ଅଂଶ ଦଖଲ କରିବାକୁ ଅନୌପଚାରିକ ପ୍ରୟାସ ଜାରି ରହିଛି।

ଓଡ଼ିଶାର କୋରାପୁଟ ଜିଲ୍ଲାର ଆନ୍ଧ୍ର ସଂଲଗ୍ନ କୋଟିଆ ପଞ୍ଚାୟତ ଉପରେ ଆନ୍ଧ୍ରର ଶ୍ୟେନ ଦୃଷ୍ଟି ପଡ଼ିଛି, ଯାହା ଓଡ଼ିଶାବାସୀଙ୍କୁ ବିବ୍ରତ କରିଛି। ଓଡ଼ିଶାରେ ପ୍ରଚଳିତ ସମସ୍ତ ଜନକଲ୍ୟାଣ ଯୋଜନାକୁ ପ୍ରତିହତ କରି ଆନ୍ଧ୍ର ଆକର୍ଷଣୀୟ ଯୋଜନାମାନ ପ୍ରଚଳନ କରୁଛି। ଓଡ଼ିଶାଠାରୁ ଅଧିକ ଭତ୍ତା, ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ପାଇଁ ଲୋଭନୀୟ ଅନୁଦାନ, ସ୍କୁଲ ଓ ଚିକିତ୍ସାଳୟ ସୁବିଧା ସହ ସଡ଼କ ସେତୁ ନିର୍ମାଣ କରି କୋଟିଆବାସୀଙ୍କ ମନ କିଣିବାକୁ ସକ୍ଷମ ହୋଇଛି। କୋଟିଆ ଅଞ୍ଚଳରେ ଥିବା ମୂଲ୍ୟବାନ ଧାତୁପଥର ଗଚ୍ଛିତ ପାହାଡ଼ ପର୍ବତ ଓ ମୂଲ୍ୟବାନ ଅରଣ୍ୟସମ୍ପଦକୁ ହାତେଇବା ଆନ୍ଧ୍ରର ଲକ୍ଷ୍ୟ। ପଡ଼ୋଶୀ ପଶ୍ଚିମବଙ୍ଗ ମଧ୍ୟ ଉତ୍ତର ବାଲେଶ୍ୱରର କିଛି ଅଞ୍ଚଳ ଉପରେ ଲୋଲୁପ ଦୃଷ୍ଟି ରଖିଛି। ସେହିପରି ଝାରସୁଗୁଡ଼ା ଜିଲ୍ଲାର ଲଖନପୁର ବ୍ଲକର କିଛି ଅଂଶ ଓ ନୂଆପଡ଼ା ଜିଲ୍ଲାର ଖଡ଼ିଆଳ ଅଞ୍ଚଳର କିଛିଅଂଶ ଉପରେ ଛତିଶଗଡ଼ର ଲୋଭନୀୟ ଦୃଷ୍ଟି ପଡ଼ିଛି। ଜାତୀୟସ୍ତରରେ ମଧ୍ୟ ଉତ୍ତର-ପୂର୍ବାଞ୍ଚଳ ରାଜ୍ୟ ଅରୁଣାଚଳ ପ୍ରଦେଶକୁ ଦଖଲ କରିବା ପାଇଁ ଚୀନ ସଦସର୍ବଦା ପ୍ରୟାସ ଜାରି ରଖିଛି। ନିଜ ଦେଶ ସଂଲଗ୍ନ ପଡ଼ୋଶୀ ଭାରତର କିଛିଅଂଶ ନିଜର ବୋଲି ଦାବିକରି ଚୀନ ମାନଚିତ୍ର ମଧ୍ୟ ପ୍ରକାଶ କରିଛି, ଯାହାକୁ ଭାରତ ଦୃଢ଼ତାର ସହ ବିରୋଧ କରିଛି।

ଆମ ଆଲୋଚନାର ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଲାଯେ ଦେଶ ବା ରାଜ୍ୟ କଥା ଦୂରେ ଥାଉ, ଜଣେ ବ୍ୟକ୍ତି ଇଚ୍ଛା କଲେ ସମ୍ପୂର୍ଣ୍ଣ ଏକ ଜନବସତିପୂର୍ଣ୍ଣ ଗ୍ରାମକୁ କ୍ରୟ କରିପାରିବ କି? ଆଶ୍ଚର୍ଯ୍ୟ ଲାଗିଲେ ମଧ୍ୟ ଘଟଣାଟି ସତ୍ୟ। ଗଜପତି ଜିଲ୍ଲା ଗୋଷାଣି ବ୍ଲକର ଗ୍ରାମଟିଏ। ନାଁ ତା'ର ଡାକ୍ତରବାଞ୍ଜେରି। ଏହି ଗ୍ରାମର ମୋଟ ଚାଷ ଜମିର ପରିମାଣ ୪୭ ଏକର। ଗ୍ରାମବାସୀ କହନ୍ତି ଏହି ଗାଁ ଥିଲା ପାରଳା ମହାରାଜାଙ୍କର। ରାଙ୍ଗାରାଓ ନାମକ ଜଣେ ଡାକ୍ତରଙ୍କ ସେବାକାର୍ଯ୍ୟରେ ପ୍ରୀତ ହୋଇ ରାଜା ତାଙ୍କୁ ଏହି ଗ୍ରାମ ଦାନ କରିଥିଲେ। ପରେ ଡାକ୍ତର ଏଇ ଗାଁ ଛାଡ଼ି କେଉଁ ଆଡ଼େ ଚାଲିଗଲା ପରେ ୧୦୦ଟି ଆଦିବାସୀ ପରିବାର ବଂଶାନୁକ୍ରମିକ ଭାବେ ଉକ୍ତ ଗାଁରେ ବାସ କରି ଆସୁଛନ୍ତି। ବିସ୍ମୟର କଥା ଯେ ବ୍ରହ୍ମପୁରର ଜଣେ ମହିଳା ୧କୋଟି ୫୦ଲକ୍ଷ ଟଙ୍କାରେ ଉକ୍ତ ଗ୍ରାମଟିକୁ କିଣି ନେଇଛନ୍ତି। ବିଡ଼ମ୍ବନାର କଥା ଏଇଆ ଯେ ଗ୍ରାମରେ ଥିବା ସରକାରୀ ଓ ବେସରକାରୀ ଅର୍ଥରେ ଗଢ଼ି ଉଠିଥିବା ସମସ୍ତ ନିର୍ମାଣକୁ କେବଳ ଜମି ଦର୍ଶାଯାଇ ଯୋଜନାବଦ୍ଧ ଭାବେ ବିକ୍ରିକରି ଦିଆଯାଇଥିବା ଗଣମାଧ୍ୟମ ସୂତ୍ରରୁ ପ୍ରକାଶ।

ଆଗେ ରାଜାରାଜୁଡ଼ା ଶାସନ ବେଳେ ଜମିଦାରମାନେ ଜମିମାଲିକ ଥାଇ ପ୍ରଜାଙ୍କୁ କିଛି ଜମିଦାନ କରୁଥିଲେ। ସେହି ପ୍ରଜାମାନେ ଜମିଦାରଙ୍କ ଘରେ ବିନା ପାରିଶ୍ରମିକରେ ବା ସ୍ୱଳ୍ପ ପାରିଶ୍ରମିକରେ କାମ କରୁଥିଲେ। ପରେ ଉକ୍ତ ଜମିକୁ ସଂପୃକ୍ତ ପ୍ରଜାମାନଙ୍କୁ ହସ୍ତାନ୍ତର କରାଯାଉଥିଲା। କିନ୍ତୁ ଗଣତନ୍ତ୍ର ପ୍ରତିଷ୍ଠାର ଏତେବର୍ଷ ପରେ ଜଣେ ବ୍ୟକ୍ତି ଗୋଟିଏ ଗ୍ରାମକୁ ନିଜ ମାଲିକାନା ଦର୍ଶାଇ ଅନ୍ୟଜଣକୁ ବିକ୍ରି କରିଦେବା କେତେଦୂର ସମୀଚୀନ ତାହା ବିଚାରଯୋଗ୍ୟ। ଗ୍ରାମବାସୀ କେତେକଷ୍ଟରେ ବାସଗୃହ ଖଣ୍ଡେ କରି ପିଢ଼ି ପରେ ପିଢ଼ି ବଂଶାନୁକ୍ରମିକ ଭାବେ ଉକ୍ତ ଗ୍ରାମରେ ବସତି ସ୍ଥାପନ କରିଆସୁଛନ୍ତି। ଗାଁଟିରେ କେତେ ଗୋସମ୍ପଦ, ମୂଲ୍ୟବାନ ବୃକ୍ଷସମ୍ଭାର, ଲୋକଙ୍କର ଜୀବିକା ପାଇଁ ଚାଷ ଜମି ବ୍ୟତୀତ ସରକାରୀ ଅନୁଦାନରେ ବିଦ୍ୟାଳୟ, ଅଙ୍ଗନବାଡ଼ି କେନ୍ଦ୍ର, ପାନୀୟ ଜଳ ବ୍ୟବସ୍ଥା ଓ ସଡ଼କସେତୁ ପରି ଜନକଲ୍ୟାଣକାରୀ ଯୋଜନା ମଧ୍ୟ କାର୍ଯ୍ୟକାରୀ ହୋଇଛି। ଯଦି ଏହି ଗ୍ରାମଟି କୌଣସି ବ୍ୟକ୍ତିଙ୍କର ନିଜସ୍ୱ ବ୍ୟକ୍ତିଗତ ମାଲିକାନରେ ଅଛି, ତେବେ ବିଦ୍ୟାଳୟ, ଅଙ୍ଗନବାଡ଼ି କେନ୍ଦ୍ର, ସଡ଼କ ପରି ସୁବିଧାମାନ ନିର୍ମାଣ କଲା ବେଳେ ଏକଥା ସରକାରଙ୍କ ନଜରକୁ ଆସିଲା ନାହିଁ କିପରି? ଆହୁରି ଆଶ୍ଚର୍ଯ୍ୟର କଥା ଯେ ନିଜକୁ ଜମି ମାଲିକ ଦର୍ଶାଉଥିବା ବ୍ୟକ୍ତି ଜଣକ ଏଠାରେ ସରକାରୀ ନିର୍ମାଣକୁ ବିରୋଧ କଲେ ନାହିଁ କାହିଁକି? ଏସବୁ ବାବଦରେ ସରକାରୀ ଅଧିକାରୀ କ'ଣ ଅଜ୍ଞ ଥିଲେ ନା ଏଥିରେ ତଞ୍ଚକତା ଭରି ରହିଛି? ଗ୍ରାମବାସୀ ସମୂହ ଭାବେ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ ମଧ୍ୟ କର୍ତ୍ତୃପକ୍ଷ ସେପରି ସମ୍ବେଦନ ଥିବା ପରି କୌଣସି ସୂଚନା ପରିଲକ୍ଷିତ ହେଉନାହିଁ। ଅବଶ୍ୟ ଗ୍ରାମବାସୀଙ୍କ ଆକୁଳ ପ୍ରାର୍ଥନା ପରେ ଜିଲ୍ଲାପାଳ ଏ ବିଷୟରେ ଅନୁଧ୍ୟାନ କରିବେ ବୋଲି ଆଶ୍ୱାସନା ଦେଇଛନ୍ତି।

ଶୁଣାଯାଏ ଗ୍ରାମଟିକୁ ନିଜ ନାମରେ ପଞ୍ଜୀକରଣ କଲା ପରେ ନୂତନ ମାଲିକ ଗ୍ରାମବାସୀଙ୍କୁ ବିତାଡ଼ିତ କରି ସେଠାରେ କିଛି ପ୍ରକଳ୍ପ କରିବାର ଯୋଜନା ରଖିଛନ୍ତି। ଗ୍ରାମଟି ଯଦି ଗ୍ରାମବାସୀଙ୍କର ନଥିଲା ତେବେ ସେମାନେ ଏତେକାଳ ଧରି ସେଠାରେ ସପରିବାର ରହିଆସୁଛନ୍ତି କିପରି? ପ୍ରଥମରୁ ଆପତ୍ତି ଉଠାଇଥିଲେ ସେଠାରେ ଜନବସତି ଗଢ଼ିଉଠି ନଥା'ନ୍ତା କି ସରକାର ମଧ୍ୟ ମୌଳିକ ସୁବିଧାମାନ ଯୋଗାଇ ଆସୁ ନ ଥା'ନ୍ତେ। ପ୍ରଶ୍ନ ଉଠେ ସେଠାରେ ଗଢ଼ି ଉଠିଥିବା ସରକାରୀ ପ୍ରକଳ୍ପଗୁଡ଼ିକ କ'ଣ ଘରୋଇ ମାଲିକାନାକୁ ଚାଲିଯିବ? ଏହା କୌଣସି ଦୁଇଟି ରାଜ୍ୟ ମଧ୍ୟରେ ଘଟିଥିବା ଘଟଣା ନୁହେଁ କିମ୍ବା ଦେଶଦେଶ ମଧ୍ୟରେ ଘଟିଥିବା ଘଟଣା ନୁହେଁ, ଯାହାର ସମାଧାନ ପାଇଁ ଆନ୍ତର୍ଜାତିକ ନ୍ୟାୟାଳୟ ପର୍ଯ୍ୟନ୍ତ କଥାଯିବ। ଏହା ଗୋଟିଏ ଜିଲ୍ଲାର ଏକ ନିର୍ଦ୍ଦିଷ୍ଟ ଗ୍ରାମାଞ୍ଚଳର କଥା। ପଞ୍ଜୀକରଣ ସମୟରେ ଉକ୍ତ ଜମିରେ କେତେ ବୃକ୍ଷ, କେତେ ଜଳଉତ୍ସ, କେତେ ନିର୍ମାଣ ସବୁକଥା ସରକାରୀ ଅଧିକାରୀ ଯାଞ୍ଚ କରି ପଞ୍ଜୀକରଣ କାର୍ଯ୍ୟ ସମ୍ପାଦନ କରିଥିବେ। ସେତେବେଳେ ଏସବୁ ନିର୍ମାଣକୁ ସେ ଅଣଦେଖା କଲେ କିପରି? ଖବରକାଗଜରେ ଏଭଳି ଏକ ଘଟଣା ପ୍ରକାଶ ପାଇ ଜନମାନସକୁ ଆନ୍ଦୋଳିତ କରୁଛି। ଆଶା କରାଯାଏ ସରକାର ସୁବିଚାର କରି ଉକ୍ତ ୧୦୦ଟି ଆଦିବାସୀ ପରିବାରଙ୍କୁ ନ୍ୟାୟ ପ୍ରଦାନ କରିବେ।

ସିଦ୍ଧଳ(ଜଗତସିଂହପୁର), ମୋ: ୯୯୩୭୪୫୦୫୪୦

# ନ୍ୟାୟ ଦେବ କିଏ?

**ଡ. ସ୍ୱାଧୀନ କୁମାର ଦାଶ**

ଓଡ଼ିଶାର ମୁଖ୍ୟମନ୍ତ୍ରୀ ନିକଟରେ ଦିଲ୍ଲୀଗସ୍ତ କାଳରେ ଦେଶର ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ ଓ ମାନ୍ୟଗଣ୍ୟ ବ୍ୟକ୍ତିଙ୍କୁ ଓଡ଼ିଶାର ଭବିଷ୍ୟତ କାର୍ଯ୍ୟ ସମ୍ବଳିତ ଏକ ପୁସ୍ତକ- 'ଓଡ଼ିଶା ଭିଜନ୍-୨୦୩୬' ପ୍ରଦାନ କରିଛନ୍ତି। ଏହି ସମୟରେ ବାଲେଶ୍ୱରରେ ଏକ ସ୍ପର୍ଶକାତର, ନିନ୍ଦନୀୟ ଘଟଣା ଘଟିଛି, ଯାହା ସାରା ଦେଶରେ ଚର୍ଚ୍ଚା ଓ ସମାଲୋଚନାର ଶିରୋନାମା ହୋଇ ଆମ ରାଜ୍ୟକୁ ନିନ୍ଦିତ କରିଛି। ରାଜ୍ୟର ଲବ୍ଧପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନ ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଅଧ୍ୟକ୍ଷଙ୍କ ପ୍ରକୋଷ୍ଠ ସମ୍ମୁଖରେ ଆତ୍ମାହୁତି ଉଦ୍ୟମ କରିଥିବା ଇଣ୍ଟିଗ୍ରେଟେଡ୍ ବି.ଇଡି ଦ୍ୱିତୀୟ ବର୍ଷର ଛାତ୍ରୀ ସୌମ୍ୟାଶ୍ରୀ ବିଶି ଜୀବନଯୁଦ୍ଧରେ ହାରିଯାଇ ଭୁବନେଶ୍ୱରରେ ଏମ୍ସରେ ଚିକିତ୍ସାଧୀନ ଅବସ୍ଥରେ ମୃତ୍ୟୁବରଣ କରିଛନ୍ତି। ଏପରି ଲୋମହର୍ଷଣକାରୀ ଘଟଣା ଛାତ୍ରଛାତ୍ରୀ, ଜନତା ଓ ବୁଦ୍ଧିଜୀବୀ ମହଲରେ ରାଜ୍ୟର ଆଇନ ଶୃଙ୍ଖଳା ପରିସ୍ଥିତି ଏବଂ ଶିକ୍ଷାନୁଷ୍ଠାନଗୁଡ଼ିକରେ ଘଟୁଥିବା ପରଦା ଆଢୁଆଳର ଚିତ୍ରକୁ ପ୍ରଦର୍ଶିତ କରୁଛି। ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଏହି ପ୍ରସଙ୍ଗରେ ରାଜ୍ୟପାଳଙ୍କ ହସ୍ତକ୍ଷେପ ଲୋଡ଼ିଛନ୍ତି। ବିରୋଧୀଦଳ ମୁଖ୍ୟ ସଚେତକ ତଥା ବିଧାୟିକା ଶ୍ରୀମତୀ ପ୍ରମିଳା ମଲ୍ଲିକଙ୍କ ନେତୃତ୍ୱରେ ବିଜେଡିର ତିନିଜଣିଆ ମହିଳା ଟିମ୍ ରାଷ୍ଟ୍ରପତିଙ୍କୁ ଭେଟି ଉଦ୍‌ବେଗ ପ୍ରକାଶ କରିବା ସହିତ ନ୍ୟାୟ ଦାବି କରିଛନ୍ତି। ରାଜ୍ୟର ଏକ ଉଜ୍ଜ୍ୱଳ ଭବିଷ୍ୟତ ଆତ୍ମାହୁତି କରି କ'ଣ ପ୍ରମାଣିତ କରିବାକୁ ଚାହୁଁଛି? ଏହି କଳୁଷିତ ନିନ୍ଦନୀୟ ଘଟଣା ପାଇଁ ଦାୟୀ ଯିଏ? ତା' ପ୍ରତି କି ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରାଯିବ? ତାହାର ଉତ୍ତର ସମୟ କହିବ।

ମଣିଷ ଯେତେବେଳେ ପାରିପାର୍ଶ୍ୱିକ ଅବ୍ୟବସ୍ଥା ଏବଂ ନିଜେ ଭୋଗୁଥିବା କିଛି ସମସ୍ୟାର ସମାଧାନ ନିମନ୍ତେ ଉଚ୍ଚ କର୍ତ୍ତୃପକ୍ଷ, ପ୍ରଶାସନ ଓ ଶାସନ ବ୍ୟବସ୍ଥା ନିକଟରେ ଆବେଦନ, ନିବେଦନ ଓ ଗୁହାରି କରି ପ୍ରତିକାର ପାଏ ନାହିଁ, ସେତେବେଳେ ସେ ନିଜର ବିଚାର ବ୍ୟବସ୍ଥାକୁ ଗ୍ରହଣ କରି ଭଗ୍ନ ମାନସିକତାରେ ନିଷ୍ପତ୍ତି ନିଏ। ତାହା ସୌମ୍ୟାଶ୍ରୀଙ୍କ କ୍ଷେତ୍ରରେ ପରିଲକ୍ଷିତ ହୋଇଛି। ଉଚ୍ଚଶିକ୍ଷା ନିମନ୍ତେ ଆସିଥିବା ଏହି ଛାତ୍ରୀଜଣଙ୍କ ସମ୍ମୁଖୀନ ହେଉଥିବା ନିର୍ଯାତନାର ପ୍ରତିକାର ପାଇଁ ଜୁଲାଇ ୧ରେ ରାଜ୍ୟର ମୁଖ୍ୟମନ୍ତ୍ରୀ, ବିଭାଗୀୟ ମନ୍ତ୍ରୀ, ଜିଲ୍ଲାପାଳ, ବିଧାୟକ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ପ୍ରମୁଖଙ୍କୁ ସାମାଜିକ ଗଣମାଧ୍ୟମ (ଏକ୍ସ)ରେ ନିବେଦନ କଲା ପରେ ମଧ୍ୟ ଫଳଶୂନ ଥିଲା। ଏଣୁ ସେ ଏପରି ଚରମ ନିଷ୍ପତ୍ତି ନେବାକୁ ବାଧ ହୋଇଥିଲେ। ଉଚ୍ଚଶିକ୍ଷା ନିର୍ଦ୍ଦେଶକ୍ରମେ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟମାନଙ୍କରେ ଗଠିତ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ସୌମ୍ୟାଶ୍ରୀଙ୍କ କ୍ଷେତ୍ରରେ ଧର୍ମକୁ ଆଖିଠାର ପରି ମନେ ହେଲା। ମହିଳାମାନଙ୍କୁ ସୁରକ୍ଷା ପ୍ରଦାନ କରି ସୁସ୍ଥ ସମାଜ ସ୍ଥାପନା ସରକାରଙ୍କର ମୁଖ୍ୟ ଦାୟିତ୍ୱ। କିନ୍ତୁ ରାଜ୍ୟ ସରକାରଙ୍କର ଆନ୍ତରିକତାହୀନ ଶାସନ ବ୍ୟବସ୍ଥା ସାରା ରାଜ୍ୟକୁ ନିନ୍ଦିତ କରିଛି।

ସମ୍ପ୍ରତି ନାରୀ ନିର୍ଯାତନା, ଶୋଷଣ, ଯୌନ ଉତ୍ପୀଡ଼ନ ଆଦି ଘଟଣା ଦିନକୁ ଦିନ ବଢ଼ିବାରେ ଲାଗିଛି। ଏପରିକି ଯୁକ୍ତରାଷ୍ଟ୍ର ଆମେରିକା ତା' ଦେଶର ନାଗରିକଙ୍କ ଉଦ୍ଦେଶ୍ୟରେ ଏକ ନିର୍ଦ୍ଦେଶନାମା ଜାରି କରି ଭାରତର କିଛି ରାଜ୍ୟକୁ ଯିବାକୁ ବାରଣ କରିଛି। ସେହି ରାଜ୍ୟମାନଙ୍କ ମଧ୍ୟରେ ଓଡ଼ିଶାର ନାମ ସ୍ଥାନିତ ହେବା ନିଶ୍ଚିତ ଭାବେ ଆମ ଢିଲା ଶାସନ ବ୍ୟବସ୍ଥା ଏବଂ ଆଇନ ଶୃଙ୍ଖଳାର ଅପାରଦର୍ଶିତାକୁ ପଦାରେ ପକାଇ ଦେଇଛି।

ବର୍ତ୍ତମାନ ରାଜ୍ୟ ସରକାର ନିର୍ବାଚନ ସମୟରେ ପୂର୍ବ ସରକାରଙ୍କର ଶାସନ ପରିଚାଳନାରେ ଅବ୍ୟବସ୍ଥା, ଓ ଅସ୍ମିତାର ଦ୍ୱାହି ଦେଇ କ୍ଷମତାକୁ ଆସିଥିଲେ। ମୁଖ୍ୟମନ୍ତ୍ରୀ ମଧ୍ୟ ଅନେକ ଥର ଆମ ସରକାର, ଲୋକଙ୍କର ସରକାର ଓ ଜନସାଧାରଣଙ୍କର ମୌଳିକ ସୁବିଧାକୁ ଅଗ୍ରାଧିକାର ଦେଇ ସୁଶାସନ ପ୍ରତିଶ୍ରୁତି ଦେଇଆସିଛନ୍ତି। କିନ୍ତୁ ସୌମ୍ୟାଶ୍ରୀଙ୍କ ଆତ୍ମାହୁତି ଘଟଣା, ଗୋପାଳପୁର ଦୁଷ୍କର୍ମ ଘଟଣା ଆଦି ସୂଚାଉଛି ଯେ ରାଜ୍ୟରେ ଆପରାଧିକ କାର୍ଯ୍ୟକଳାପ ଦିନକୁ ଦିନ ବଢ଼ିବାରେ ଲାଗିଛି। ମହାତ୍ମା ଗାନ୍ଧୀଙ୍କର 'ୟଙ୍ଗ୍ ଇଣ୍ଡିଆ'ରେ ୧୯୨୦ ମସିହାରେ ଲିଖିତ ଉକ୍ତି ଆଜି ୧୦୫ ବର୍ଷ ପରେ ମଧ୍ୟ ସେହି ସମାନ ପ୍ରଶ୍ନକୁ ତୋଳି ଧରୁଛି। ସେହି ଉକ୍ତିରେ ମହିଳାମାନଙ୍କର ସ୍ୱାବଲମ୍ବନଶୀଳତା, ଉଚ୍ଚଶିକ୍ଷିତା ଓ ନାରୀମାନଙ୍କର ଘରୁ ବାହାରି ବିଭିନ୍ନ ଦାୟିତ୍ୱ ନିର୍ବାହ କରିବାର କ୍ଷମତା ଆସିଲେ ହିଁ ଏକ ପ୍ରଗତିଶୀଳ ସମାଜ ଗଠନ କରିହେବ ବୋଲି ଯାହା ଉଲ୍ଲେଖ ହୋଇଥିଲା ତାହା ଆଜି ମଧ୍ୟ ପ୍ରଶ୍ନ ଘେରରେ। ଏହାଦ୍ୱାରା ଏକ ସୁ-ରାଷ୍ଟ୍ର ନିର୍ମାଣ ଏବଂ ସମାଜର ଭିତ୍ତିଭୂମି ସୁଦୃଢ଼ ହୋଇପାରିବ ନାହିଁ ଏହା ନିଶ୍ଚିତ।

ସୌମ୍ୟାଶ୍ରୀଙ୍କର ଘଟଣା ପରେ ଗାଁଗହଳିରୁ କୌଣସି ମହାବିଦ୍ୟାଳୟ, ବିଶ୍ୱବିଦ୍ୟାଳୟ କିମ୍ବା ଯେକୌଣସି ଶିକ୍ଷାନୁଷ୍ଠାନକୁ ଉଚ୍ଚଶିକ୍ଷା ନିମନ୍ତେ ଯାଉଥିବା ଝିଅଟିର ସୁରକ୍ଷା ସମ୍ବଳିତ ଅନେକ ପ୍ରଶ୍ନ ଓ ଭୟ ମନ ଭିତରେ ଉଠୁଛି। ଛାତ୍ରୀଟିର ଶିକ୍ଷା ଶେଷ ହେବା ଯାଏଁ ଅଭିଭାବକଟିଏ ମଧ୍ୟ ନିଶ୍ଚିନ୍ତ ହୋଇପାରୁନାହିଁ। ୧୯୬୪ ମସିହାରେ ଡ. ଡି ଏସ୍ କୋଠାରିଙ୍କ ଅଧ୍ୟକ୍ଷତାରେ ଗଠିତ ଜାତୀୟ ଶିକ୍ଷାନୀତି କମିଶନ୍ ଜୁନ୍ ୨୯, ୧୯୬୬ରେ ଯେଉଁ ରିପୋର୍ଟ ପ୍ରଦାନ କରିଥିଲେ, ସେଥିରେ ଶିକ୍ଷକଙ୍କ ଚଳଣି ଓ ଚରିତ୍ର ସଠିକ୍ ହେଲେ ହିଁ ଶିକ୍ଷା ବ୍ୟବସ୍ଥାରେ ସଂସ୍କାର ଆସିବ ଏବଂ ଅନେକ କୃତୀ ଛାତ୍ରଛାତ୍ରୀ ସୃଷ୍ଟି ହୋଇ ରାଷ୍ଟ୍ର ନିର୍ମାଣରେ ସହାୟକ ହେବେ ବୋଲି ଉଲ୍ଲେଖ ଥିଲା। ସରକାର ନିଜକୁ ରାଜନୀତିରୁ ଊର୍ଦ୍ଧ୍ୱରେ ରଖି ନିରପେକ୍ଷ ଭାବେ ଆଇନର ବ୍ୟବସ୍ଥା ଶୃଙ୍ଖଳିତ ଭାବେ କାର୍ଯ୍ୟକାରୀ କଲେ ଯାଇ ଏହା ସମ୍ଭବ ହୋଇପାରିବ।

ସୌମ୍ୟାଶ୍ରୀଙ୍କ ହୃଦୟ ବିଦାରକ ଘଟଣା ଉଚ୍ଚଶିକ୍ଷା କ୍ଷେତ୍ରରେ ଚାଲିଆସୁଥିବା ବହୁଦିନର ସମସ୍ୟାକୁ ଲୋକଲୋଚନକୁ ଆଣିପାରିଛି। ଅନେକ ଛାତ୍ରଛାତ୍ରୀ ଏପରି ପିଶାଚରୂପୀ ଶିକ୍ଷକଙ୍କ ଦ୍ୱାରା ନିର୍ଯାତିତ ହୋଇ ଶିକ୍ଷାରେ ଡୋରି ବାନ୍ଧି ଦେଉଛନ୍ତି ତ କେହି କେହି ପାରିବାରିକ ସମସ୍ୟାକୁ ଦୃଷ୍ଟିରେ ରଖି ସବୁକିଛି ନିରବରେ ସହି ଯାଉଛନ୍ତି। ଉଚ୍ଚ ପଦାଧିକାରୀଙ୍କୁ ଜଣାଇଲେ ଲାଭ କିଛି ହେଉନାହିଁ, ବରଂ ଆହୁରି ଆକ୍ରୋଶର ଶିକାର ହେବାକୁ ପଡୁଛି। ତେଣୁ କହିବେ କାହାକୁ, ଶୁଣିବ କିଏ?

ସରକାର ଏହି ସ୍ପର୍ଶକାତର ଘଟଣାକୁ ଗୁରୁତ୍ୱର ସହିତ ନେଇ ଶାସନ ବ୍ୟବସ୍ଥାକୁ ଶୃଙ୍ଖଳିତ କରିବାର ବେଳ ଆସିଛି। ସଂସ୍କାର ଓ ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରି ସୌମ୍ୟାଶ୍ରୀଙ୍କ ପରିବାରକୁ ଉପଯୁକ୍ତ ନ୍ୟାୟ ପ୍ରଦାନ କରିବା ଜରୁରୀ। ଏହି ଘଟଣା ପଛରେ ଥିବା କୁତ୍ସିତ ମାନସିକତାଧାରୀମାନଙ୍କୁ ଉଚିତ୍ ଦଣ୍ଡବିଧାନ କରାଯାଇ ପାରିଲେ ଆଗାମୀ ଦିନରେ ଶିକ୍ଷା ଭଳି ଏକ ପବିତ୍ର ଧର୍ମର ଗରିମା ବଜାୟ ରହିବ। ନ ହେଲେ ଦିନକୁ ଦିନ ଏଭଳି ଅଘଟଣମାନ ବଢ଼ି ବଢ଼ି ଶିକ୍ଷା ବ୍ୟବସ୍ଥାକୁ ଭିତରୁ ନଷ୍ଟଭ୍ରଷ୍ଟ କରିଦେବ। ଦିନ ଆସିବ ମଣିଷ ଗଢୁ ଗଢୁ ମାଙ୍କଡ଼ ଗଢ଼ିବା ସାର ହେବ। ଆଗାମୀ ଦିନମାନଙ୍କରେ ଛାତ୍ରଛାତ୍ରୀଙ୍କର ଅଭିଯୋଗକୁ ଗୁରୁତ୍ୱର ସହିତ ନେଇ ଏହା ତ୍ୱରିତ ସମାଧାନ କରିବା ନିହାତି ଆବଶ୍ୟକ। ନ ହେଲେ ଆଗାମୀ ଦିନରେ ସୌମ୍ୟାଶ୍ରୀଙ୍କ ପରି ଅନେକ ଛାତ୍ରଛାତ୍ରୀଙ୍କର ଭବିଷ୍ୟତ ମଉଳିଯିବା ସାର ହେବ। କିନ୍ତୁ ସବୁରି ଊର୍ଦ୍ଧ୍ୱରେ ଏବେ ପ୍ରଶ୍ନ ଉଠୁଛି ନ୍ୟାୟ ଦେବ କିଏ?

ଭୁବନେଶ୍ୱର, ମୋ: ୯୯୩୭୭୮୧୦୧୨

# ଭିତର ବେଢ଼ାରେ ଗୋପେଶ୍ୱର

## ଲୋକକଥାରେ ଲୋକଦେବତା

**ସ୍ୱପ୍ନେଶ୍ୱର**

ଦ୍ୱାପର ଯୁଗରେ ବୃନ୍ଦାବନରେ ଗୋପାଳକୃଷ୍ଣଙ୍କର ରାସଲୀଳା ଦିବ୍ୟଦର୍ଶନରୁ ଦେବତାମାନେ ମଧ୍ୟ ବଞ୍ଚିତ ହେଉଥିଲେ। କାରଣ ଲୀଳାସ୍ଥଳକୁ ଅନ୍ୟ ପୁରୁଷମାନଙ୍କର ପ୍ରବେଶ ନିଷେଧ ଥିଲା। ଦିନେ ଶ୍ରୀକୃଷ୍ଣଙ୍କର ଏହି ଦିବ୍ୟଲୀଳାର ପ୍ରତ୍ୟକ୍ଷ ଅନୁଭବ ପାଇଁ ଦେବ ଦେବ ମହାଦେବ ବୃନ୍ଦାବନରେ ପହଞ୍ଚିଲେ। ସେତେବେଳେ ଗୋପାଳକୃଷ୍ଣ ଗୋପୀମାନଙ୍କ ସହ ରାସଲୀଳାରେ ମଗ୍ନ ଥିଲେ। କେତେକ ଗୋପୀ ହାତରେ ବେତ ଧରି ଚାରିପଟେ ଜଗି ରହିଥିଲେ। ଶିବ ନିଜର ପରିଚୟ ଦେଇ ଭିତରକୁ ଯିବା ପାଇଁ ଅନୁରୋଧ କରିବା ପରେ ସେମାନେ କହିଲେ, 'ଏହି ଗୁପ୍ତ ରାସଲୀଳାରେ ଶ୍ରୀକୃଷ୍ଣ ଏକମାତ୍ର ପୁରୁଷ ଏବଂ ଅନ୍ୟ ସମସ୍ତେ ନାରୀ। ଆପଣ ଯଦି ଏହି ଲୀଳା ସଂଦର୍ଶନ କରିବା ପାଇଁ ଚାହୁଁଛନ୍ତି, ତା' ହେଲେ ଆପଣଙ୍କୁ ଏହି ମାନସ ସରୋବରରେ ସ୍ନାନ କରି ଗୋପୀରେ ରୂପାନ୍ତରିତ ହେବାକୁ ପଡ଼ିବ। ତା' ପରେ ଆପଣ ଭିତରକୁ ଯାଇ ରାସ ଲୀଳା ଦର୍ଶନର ସୌଭାଗ୍ୟ ପ୍ରାପ୍ତ ହେବେ।'

ଦେବ ଦେବ ମହାଦେବ ସେହି ଲୀଳା ଦର୍ଶନ କରିବା ପାଇଁ ଏତେମାତ୍ରାରେ ଆଗ୍ରହୀ ଥିଲେ ଯେ ସେ ସଙ୍ଗେସଙ୍ଗେ ସରୋବରରେ ସ୍ନାନ କରି ଗୋପୀସ୍ୱରୂପ ପ୍ରାପ୍ତ ହେଲେ। ତା' ପରେ ଗୋପୀମାନେ ତାଙ୍କୁ ରାସମଣ୍ଡଳରେ ପ୍ରବେଶ କରିବାର ଅନୁମତି ଦେଲେ। ସେଠାରେ ସେ ଗୋପୀଜନମୋହନ ଶ୍ରୀକୃଷ୍ଣଙ୍କର ଭୁବନମୋହନ ରୂପ ଲାବଣ୍ୟ ଦର୍ଶନ କରି ବିମୋହିତ ହେଲେ ଏବଂ ସେ ଦର୍ଶନର ସୌଭାଗ୍ୟ ଅର୍ଜନ କରିଥିବାରୁ ତାଙ୍କ ପଦ୍ମପାଦରେ ପ୍ରଣିପାତ କଲେ। ନାରୀ ସ୍ୱରୂପ ଧାରଣ କରିଥିଲେ ମଧ୍ୟ ଶ୍ରୀକୃଷ୍ଣ ତାଙ୍କୁ ପ୍ରଥମ ଦର୍ଶନରେ ଚିହ୍ନି ପାରିଲେ ଏବଂ ତଳୁ ଉଠାଇ ନେଇ ଆଲିଙ୍ଗନ କଲେ। ଶିବ ବୃନ୍ଦାବନର ସୌନ୍ଦର୍ଯ୍ୟ, ରାସଲୀଳାର ମାଧୁର୍ଯ୍ୟ ଓ ଶ୍ରୀକୃଷ୍ଣଙ୍କ ସାନିଧ୍ୟରେ ଏତେ ପରିମାଣରେ ପ୍ରଭାବିତ ହୋଇଥିଲେ ଯେ ଗୋପରେ ସେମାନଙ୍କ ସହ ବାସ କରିବା ପାଇଁ ଶ୍ରୀକୃଷ୍ଣଙ୍କର ଅନୁମତି ପ୍ରାର୍ଥନା କଲେ। ଶ୍ରୀକୃଷ୍ଣ ତଥାସ୍ତୁ କହି ଶିବଙ୍କ ଇଚ୍ଛା ପୂରଣ କଲେ। ଶିବ ଗୋପେଶ୍ୱର ମହାଦେବ ନାମ ଧାରଣ କରି ବୃନ୍ଦାବନରେ ବିରାଜମାନ କଲେ।

ଦ୍ୱାପର ଯୁଗପରେ ଶ୍ରୀକୃଷ୍ଣ କଳିଯୁଗରେ ଶ୍ରୀଜଗନ୍ନାଥ ନାମ ଗ୍ରହଣ କରି ନୀଳାଚଳରେ ଦାରୁବ୍ରହ୍ମରୂପେ ଆରାଧିତ ହେଲେ। ତେଣୁ ଗୋପେଶ୍ୱର ମହାଦେବ ମଧ୍ୟ ମହାପ୍ରଭୁଙ୍କ ସାନିଧ୍ୟରେ ନୀଳାଚଳରେ ବାସ କରିବା ପାଇଁ ତାଙ୍କୁ ପ୍ରାର୍ଥନା କଲେ। ମହାପ୍ରଭୁଙ୍କ ଅନୁମତି ପ୍ରାପ୍ତ ହୋଇ ସେ ଭିତର ବେଢ଼ାର ପଶ୍ଚିମ ପାର୍ଶ୍ୱରେ ଏକ ମନ୍ଦିରରେ ବିରାଜମାନ କଲେ। ଶ୍ରୀକୃଷ୍ଣ ଅପ୍ରକଟ ହେବା ପରେ ତାଙ୍କର ଜନ୍ମିତ ପିତାମାତା ବସୁଦେବ ଓ ଦେବକୀ ଏବଂ ପାଳିତ ପିତାମାତା ନନ୍ଦ ଓ ଯଶୋଦା ଦୁଃଖରେ ମ୍ରିୟମାଣ ହୋଇ ପଡ଼ିଥିଲେ। ତେଣୁ ଗୋପେଶ୍ୱର ମହାଦେବ ସେମାନଙ୍କୁ ସାଙ୍ଗରେ ଆଣିବା ସହ ମାତା ରୋହିଣୀ, ଭାଇ ବଳରାମ, ଉପନନ୍ଦ, ଉଗ୍ରସେନ, ଦାମ ଓ ସୁଦାମଙ୍କୁ ମଧ୍ୟ ସାଙ୍ଗରେ ନେଇ ଆସିଲେ। ସେମାନେ ସମସ୍ତେ ଗୋପେଶ୍ୱରଙ୍କ ସହ ତାଙ୍କ ମନ୍ଦିରରେ ବିରାଜମାନ କଲେ।

ଦେବ ଦେବ ମହାଦେବ ସଚରାଚର ଲିଙ୍ଗ ସ୍ୱରୂପରେ ଆରାଧିତ ହେଉଥିବା ବେଳେ ଏହି ମନ୍ଦିରରେ ପୂର୍ଣ୍ଣାବୟବ ଧାରଣ କରି ବିଜେ କରିଛନ୍ତି। ଚତୁର୍ଭୁଜ ଶିବଙ୍କ ମସ୍ତକରେ ଅର୍ଦ୍ଧଚନ୍ଦ୍ର ଶୋଭା ପାଉଛନ୍ତି ଏବଂ ଗଳା ଓ ବାହୁରେ ସର୍ପ ଭୂଷଣ ଧାରଣ କରିଛନ୍ତି। ସିଂହାସନରେ ତାଙ୍କ ସହ ଦେବୀ ପାର୍ବତୀ, ବଳରାମ, ବସୁଦେବ, ଦେବକୀ, ନନ୍ଦ, ଯଶୋଦା, ଉଗ୍ରସେନ, ଦାମ ଓ ସୁଦାମ ବିଗ୍ରହ ଆରାଧିତ ହେଉଛନ୍ତି। ଏଠାରେ ଶ୍ରୀକୃଷ୍ଣଙ୍କ ଜନ୍ମିତ ଓ ପାଳିତ ପିତାମାତା ବିରାଜମାନ କରୁଥିବାରୁ ସେମାନଙ୍କ ତତ୍ତ୍ୱାବଧାନରେ କୃଷ୍ଣ ଜନ୍ମୋତ୍ସବ ମହାସମାରୋହରେ ପାଳନ କରାଯାଏ। ଏହି ମନ୍ଦିରକୁ ସେବକମାନେ 'ମଣ୍ଡଣୀ ଘର' ବୋଲି କହନ୍ତି। ଅନବସର ପରେ ପଟି ଦିଅଁ ଏହି ମନ୍ଦିରରେ ଅବସ୍ଥାନ କରନ୍ତି। ଏହି ମନ୍ଦିରର ସେବକମାନଙ୍କୁ 'ମଣ୍ଡଣୀ ସେବକ' କୁହାଯାଏ। ସେମାନେ ଏହି ମନ୍ଦିରର ପୂଜାର୍ଚ୍ଚନା କରିବା ସହ ଚଳନ୍ତି ପ୍ରତିମାମାନେ ବିଜେ କରୁଥିବା ପାଲିଙ୍କି ବା ବିମାନର ମଣ୍ଡଣୀ କରନ୍ତି। ଦେବତାମାନଙ୍କ ମସ୍ତକ ଉପରେ ଚାନ୍ଦୁଆ ବାନ୍ଧନ୍ତି। ଗୁରୁବାର ଦିନ ମାଜଣା ମଣ୍ଡପରେ ଏବଂ ଜଳକ୍ରୀଡ଼ା ସମୟରେ ଜଳକ୍ରୀଡ଼ା ମଣ୍ଡପରେ ଚାନ୍ଦୁଆ ବାନ୍ଧନ୍ତି। ଦୁର୍ଗାମାଧବଙ୍କ ରଥ ଓ ରୁକ୍ମିଣୀ ହରଣ ବେଳେ ମଦନମୋହନଙ୍କ ରଥ ମଣ୍ଡଣୀ କରନ୍ତି। ଚନ୍ଦନ ଯାତ୍ରାରେ ଚନ୍ଦନ ଚକଡ଼ାରେ ପାଣିକୁଣ୍ଡରେ ପାଣି ଭର୍ତ୍ତି କରିବା କାମ ମଧ୍ୟ ସେହି ସେବକମାନେ କରିଥା'ନ୍ତି।

ମୋ: ୯୯୦୦୦୮୩୪୩୩

ଯୋଗାଯୋଗ ଠିକଣା
ସକାଳ THE SAKALA
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଜୋରଦାର ହେବ ମାଓ ଅପରେସନ୍

# କନ୍ଧମାଳ, କଳାହାଣ୍ଡି, ରାୟଗଡ଼ାକୁ ଫୋକସ୍

**ଭୁବନେଶ୍ୱର,୧୫ା୭(ସମିସ):** ଜୋରଦାର ହେବ ମାଓ ଅପରେସନ। ଘଞ୍ଚ ଜଙ୍ଗଲରେ ମାଓବାଦୀ ଲୁଚିଥିଲେ ସେମାନଙ୍କୁ ଖୋଜିବ ପୁଲିସର ଅତ୍ୟାଧୁନିକ ଡ୍ରୋନ। ଏହି ଡ୍ରୋନ୍ ଜଙ୍ଗଲ ଉପରେ ବୁଲି ମାଓବାଦୀଙ୍କ ଗତିବିଧି ଠାବ କରି ତୁରନ୍ତ ସିଗ୍ନାଲ ମନିଟରିଂ କରୁଥିବା ଅଧିକାରୀଙ୍କ ନିକଟକୁ ପଠାଇ ଦେବେ। ଏହାପରେ ସୁରକ୍ଷାକର୍ମୀ ଜଙ୍ଗଲରେ ପଶି କୁମ୍ବିଂ ଅପରେସନ୍‌କୁ ଜୋରଦାର କରିବେ। ଆହୁରି ମଧ୍ୟ ସାଇଲାଇଟ୍ ଇମେଜ୍ ମାଧ୍ୟମରେ ସେମାନଙ୍କୁ ଠାବ କରାଯିବ। ସେହିପରି ମାଓବାଦୀଙ୍କ ଲ୍ୟାଣ୍ଡମାଇନ୍‌କୁ ଠାବ କରିବ ପୁଲିସର ଅତ୍ୟାଧୁନିକ ମେସିନ୍। ଯାହା ସୁରକ୍ଷାକର୍ମୀ ଜଙ୍ଗଲ ଭିତରକୁ ପ୍ରବେଶ ପୂର୍ବରୁ ଏହି ମେସିନ୍ ସହାୟତାରେ ପୋତା ଯାଇଥିବା ଲ୍ୟାଣ୍ଡମାଇନ୍‌କୁ ଠାବ କରାଯିବ। ବିଶେଷ କରି କନ୍ଧମାଳ, କଳାହାଣ୍ଡି, ରାୟଗଡ଼ ଜିଲ୍ଲାକୁ ଅଧିକ ଫୋକସ୍ ଦିଆଯିବ। ଆଜି ମାଓ ସମୀକ୍ଷା ବେଳେ ଏପରି ସୂଚନା ଦେଇଛନ୍ତି ଏଡ଼ିଜି ସଞ୍ଜୀବ ପଣ୍ଡା ।




ସେ କହିଛନ୍ତି ଯେ ଛତିଶଗଡ଼ରେ ମାଓ ଅପରେସନ ପରେ ଏବେ ସୀମାବର୍ତ୍ତୀ ଜିଲ୍ଲାଗୁଡ଼ିକରେ ଟେନସନ ରହିଛି। କଳାହାଣ୍ଡି, କନ୍ଧମାଳ, ବୌଦ୍ଧ, ନୂଆପଡା ଆଦି ଜିଲ୍ଲାରେ ବଢିଛି ନକ୍ସଲଙ୍କ ଉପଦ୍ରବ। ଜିଲ୍ଲା ଗୁଡିକରେ ଏସ୍‌ଓଜି, ଏସ୍‌ଆଇଡବ୍ଲ୍ୟୁର ମିଳିତ ଅପରେସନକୁ ଜୋରଦାର କରିବା ନେଇ ବ୍ଲୁ ପ୍ରିଣ୍ଟ ପ୍ରସ୍ତୁତ ହୋଇଛି।

ନକ୍ସଲ ଉପସ୍ଥିତି ନେଇ ସୂଚନା ଦେବା ପାଇଁ ଖୁବଶୀଘ୍ର ଟୋଲ ଫ୍ରି ନମ୍ବର ଜାରି ହେବ। ଖବରଦାତାଙ୍କୁ ପୁରସ୍କାର ମଧ୍ୟ ମିଳିବାର ଯୋଜନା କରାଯାଉଛି। ୨୦୨୬ ସୁଦ୍ଧା ଓଡିଶାକୁ ମାଓମୁକ୍ତ କରିବା ପାଇଁ ସରକାରଙ୍କ ନିର୍ଦ୍ଦେଶରେ ଆକ୍ସନ ପ୍ଲାନ ତିଆରି ହେଉଥିବା ବେଳେ ପୁନର୍ବାସ ଯୋଜନାରେ ସାମିଲ ହୋଇ ଶିକ୍ଷା, ସ୍ୱାସ୍ଥ୍ୟ, ଗମନାଗମନ ରେ ଉନ୍ନତି ଆଣିବା ପାଇଁ ଅପିଲ କରିଛନ୍ତି ଏଡ଼ିଜି ଶ୍ରୀ ପଣ୍ଡା।

# ବ୍ୟକ୍ତିଗତ ଅଭିଯୋଗର ସମାଧାନ ପାଇଁ ରୁଜୁ ଆବେଦନ ପିଆଇଏଲ ଭାବେ ଗ୍ରହଣଯୋଗ୍ୟ ନୁହେଁ: ହାଇକୋର୍ଟ

କଟକ, ୧୫ା୭(ସମିସ): ବ୍ୟକ୍ତିଗତ ବିବାଦ କିମ୍ବା ଅଭିଯୋଗର ସମାଧାନ ନିମନ୍ତେ ଜନସ୍ୱାର୍ଥ ମାମଲାକୁ ଗ୍ରହଣ କରାଯାଇପାରିବ ନାହିଁ । ଯେଉଁ ଆବେଦନ ବା ରିଟ୍ ପିଟିସନ୍‌ରେ ଆବଶ୍ୟକ ସୂଚନାର ଅଭାବ ଥାଏ ତଥା ନାଗରିକଙ୍କ ମୌଳିକ ଅଧିକାରକୁ ଉଲ୍ଲଂଘନ ହେବା ଭଳି କିଛି ତଥ୍ୟ ନ ଥାଏ, ସେହି କ୍ଷେତ୍ରରେ ଅଦାଲତ ଏହାକୁ ଜନସ୍ୱାର୍ଥ ମାମଲା(ପିଆଇଏଲ) ଭାବେ ଉତ୍ସାହିତ କରିବା ଅନୁଚିତ ବୋଲି ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ସେକ ଅମଜାତଙ୍କ ପକ୍ଷରୁ ପିଆଇଏଲ ଭାବେ ରୁଜୁ ଏକ ଆବେଦନକୁ ଖାରଜ କରି ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ୍ ଏମ.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ରାୟ ପ୍ରକାଶ କରିଛନ୍ତି।

ବରଗଡ଼ ଜିଲ୍ଲା ଅତାବିରା ଥାନା ଗୋଡ଼ଭାଗା ମୌଜାରେ ଥିବା ୫ ନମ୍ବର ପ୍ରତିପକ୍ଷଙ୍କ ଏକ ପ୍ଲଟରୁ ମୋବାଇଲ୍ ଟାୱାରକୁ କାହିଁକି ହଟାଯିବ ନାହିଁ, ସେ ବିଷୟରେ ପ୍ରତିପକ୍ଷଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରାଯାଉ ଓ ଉପରୋକ୍ତ ଜମିରୁ ମୋବାଇଲ୍ ଟାୱାର ହଟାଇବା ପାଇଁ ନିର୍ଦ୍ଦେଶ ପ୍ରଦାନ ପାଇଁ ପ୍ରାର୍ଥନା କରି ଏହି ଜନସ୍ୱାର୍ଥ ମାମଲା ରୁଜୁ ହୋଇଥିଲା। ମୋବାଇଲ୍ ଟାୱାର ସ୍ଥାପନ ସ୍ୱାସ୍ଥ୍ୟ ଉପରେ କିପରି ପ୍ରଭାବ ପକାଇବ ସେ ସମ୍ପର୍କିତ ତଥ୍ୟ ଉଲ୍ଲେଖ ନ ଥିବା ବେଳେ ଏହା କେବଳ ଆବେଦନକାରୀଙ୍କ ବାସସ୍ଥାନ ନିକଟରେ ରହିଥିବା ହେତୁ ବ୍ୟକ୍ତିଗତ ବିବାଦ ଅନ୍ତର୍ଭୁକ୍ତ ଥିବା ଶୁଣାଣି ବେଳେ ସ୍ପଷ୍ଟ ହୋଇଥିଲା। ଯଦି ଅଦାଲତ କୌଣସି କର୍ତ୍ତୃପକ୍ଷଙ୍କୁ କିଛି କାର୍ଯ୍ୟ କରିବାକୁ ନିର୍ଦ୍ଦେଶ ଦେଇଥିବେ ଓ ଏହାକୁ ଅନୁପାଳନ କ୍ଷେତ୍ରରେ କର୍ତ୍ତୃପକ୍ଷଙ୍କ ନିଷ୍କ୍ରିୟତା ପାଇଁ ଆଉ ଏକ ଜନସ୍ୱାର୍ଥ ମାମଲା ଦାୟର କରାଯାଇପାରିବନାହିଁ। ଏଭଳି କ୍ଷେତ୍ରରେ ଜଣେ ଆଇନ ଅନୁସାରେ ଉପଯୁକ୍ତ ଫୋରମର ଦ୍ୱାରସ୍ଥ ହୋଇପାରିବେ ବୋଲି କହିଛନ୍ତି ଖଣ୍ଡପୀଠ।

# ଅବଶିଷ୍ଟାଂଶ

## କ୍ରୋଧରେ ଜଳୁଛି...

ମାଲକାନଗିରିରୁ ଭୁବନେଶ୍ୱର ଯାଏଁ ପ୍ରତିବାଦର ନିଆଁ ଜଳିଛି। ମୁଖ୍ୟମନ୍ତ୍ରୀଙ୍କ, ଶିକ୍ଷାମନ୍ତ୍ରୀ, ବାଲେଶ୍ୱର ସାଂସଦଙ୍କ କୁଶପୁତ୍ତଳିକା ଦାହ କରି ଛାତ୍ର, ନାଗରିକ ସମାଜ ନିଜର କ୍ରୋଧ ଏବଂ ଅସନ୍ତୋଷ ଜାହିର କରିଛନ୍ତି। ଘଟଣାର ପ୍ରତିବାଦରେ ଆସନ୍ତାକାଲି ବିଜେଡି ବାଲେଶ୍ୱର ବନ୍ଦ ଡ଼ାକରା ଦେଇଛି, ୧୭ ତାରିଖରେ କଂଗ୍ରେସ ଓଡ଼ିଶା ବନ୍ଦ କରିବାକୁ ଘୋଷଣା କରିଛି ।

ସୋମବାର ବିଳମ୍ବିତ ରାତିରେ ସୌମ୍ୟାଶ୍ରୀଙ୍କ ମୃତ୍ୟୁ ସଂକ୍ରାନ୍ତ ବୁଲେଟିନ୍ ଏମ୍ସ କର୍ତ୍ତୃପକ୍ଷ ଜାରି କରିବା ପରଠାରୁ ଗୋଟିଏ ପରେ ଗୋଟିଏ ସନ୍ଦେହ ଦାନା ବାନ୍ଧିବାରେ ଲାଗିଛି। ସୌମ୍ୟାଶ୍ରୀଙ୍କ ପ୍ରତି ହୋଇଥିବା ଅବିଚାର, ଏହାକୁ ଲୁଚାଇବାକୁ ବିଫଳ ସରକାରୀ ପ୍ରଚେଷ୍ଟା, ତରବରିଆ ଭାବରେ ରାତିରେ ଶବ ବ୍ୟବଚ୍ଛେଦ, ପୁଲିସକୁ ବ୍ୟବହାର କରି ରାତାରାତି ସୌମ୍ୟାଶ୍ରୀଙ୍କ ମର ଶରୀରକୁ ତା'ଙ୍କ ଗାଁକୁ ପଠାଇବା ଘଟଣା ବିଫଳ ସରକାରୀ ବ୍ୟବସ୍ଥାକୁ ଖିନ୍‌ଭିନ୍ କରିଦେଇଛି ।ସରକାରଙ୍କ କାର୍ଯ୍ୟକଳାପ ଏବଂ ପଦକ୍ଷେପ ସାଧାରଣରେ ଅସମାହିତ ପ୍ରଶ୍ନକୁ ଜନ୍ମ ଦେଇଛି। ସୌମ୍ୟାଶ୍ରୀଙ୍କ ଆତ୍ମଦାହ ପରଠାରୁ ରାଜ୍ୟବାସୀଙ୍କ ରୋଷ ଆହୁରି ତୀବ୍ର ହୋଇଛି । ଦିଲ୍ଲୀରୁ ଭୁବନେଶ୍ୱର ଯାଏଁ ଏପରି ସ୍ପର୍ଶକାତର ଘଟଣାକୁ ନେଇ ଉଦବେଗ ପ୍ରକାଶ ପାଇବା ସହ ସମ୍ବେଦନହୀନ ସରକାର ଏବଂ ପ୍ରଶାସନକୁ କଡ଼ା ସମାଲୋଚନା କରାଯାଉଛି। ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ, ପ୍ରିୟଙ୍କା ଗାନ୍ଧୀ ପର୍ଯ୍ୟନ୍ତ ଘଟଣାକୁ ନେଇ ସାମାଜିକ ଗଣମାଧ୍ୟମରେ ସରକାରଙ୍କ ବିରୋଧରେ ବର୍ଷିଥିବା ବେଳେ ବିରୋଧୀ ବିଜେଡି ପକ୍ଷରୁ ରାଜ୍ୟବ୍ୟାପୀ ବିକ୍ଷୋଭ, ପ୍ରତିବାଦ କରାଯାଇଛି। ଦଳ ପକ୍ଷରୁ ହାଇକୋର୍ଟ ବିଚାରପତିଙ୍କୁ ତଦନ୍ତ ଦାୟିତ୍ୱ ଦେବାକୁ ଦାବି ଉଠିଛି ।

ସୋମବାର ବିଳମ୍ବିତ ରାତିରେ ଲୁଚାଛପା ଭାବେ ସୌମ୍ୟାଶ୍ରୀଙ୍କ ଶବ ବ୍ୟବଚ୍ଛେଦ କରି ଶବ ସଂସ୍କାର କରିବାକୁ ଉଦ୍ୟମ କରୁଥିବା ରାଜ୍ୟ ସରକାରଙ୍କ ଉଦ୍ୟମକୁ ବିଭିନ୍ନ ଛାତ୍ର ସଂଗଠନର ନେତା ପଣ୍ଡ କରି ଦେଇଥିଲେ। ଏମ୍ସ ପରିସରରେ ଛାତ୍ରନେତାଙ୍କ ଦୁର୍ବାର ବିରୋଧ କାରଣରୁ ଶେଷରେ ସରକାର ସୌମ୍ୟାଶ୍ରୀଙ୍କୁ ତାଙ୍କ ଗାଁକୁ ନେଇ ଶବ ସଂସ୍କାର କରିବାକୁ ଏକ ପ୍ରକାର ବାଧ୍ୟ ହୋଇଛନ୍ତି। ରାଜ୍ୟବ୍ୟାପୀ ଛାତ୍ର ସଂଗଠନ, ସାମାଜିକ ସଂଗଠନ, ନାଗରିକ ସଂଗଠନ, ରାଜନୈତିକ ଦଳ ରାଜରାସ୍ତାକୁ ଓହ୍ଲାଇଛନ୍ତି। ସରକାରଙ୍କ ବେପରୁଆ ମନୋଭାବ, ଦାୟିତ୍ୱହୀନତା ସର୍ବୋପରି କାପୁରୁଷତାକୁ ନେଇ ମାଳ ମାଳ ପ୍ରଶ୍ନ କରିବା ସହ ମୁଖ୍ୟମନ୍ତ୍ରୀ, ଉଚ୍ଚଶିକ୍ଷାମନ୍ତ୍ରୀଙ୍କ କୁଶ ପୁତ୍ତଳିକା ଦାହ କରିଛନ୍ତି। ଶାସକ ଦଳର ଛାତ୍ର ସଙ୍ଗଠନ ସରକାର ନିଜ ଛାତ୍ର ସଂଗଠନର ଜଣେ ନେତରୀଙ୍କ ସୁରକ୍ଷା ଦେଇପାରିଲେ ନାହିଁ। ତାହେଲେ ଏ ସରକାର କାହାକୁ ସୁରକ୍ଷା ଦେବେ ବୋଲି ସାଧାରଣ ଲୋକେ ପ୍ରଶ୍ନ କରୁଛନ୍ତି। ରାଜ୍ୟରେ ଦୈନିକ ୧୫ଟି ଦୁଷ୍କର୍ମ ଘଟୁଛି। ପର୍ଯ୍ୟଟନସ୍ଥଳୀଠାରୁ ଶିକ୍ଷାନୁଷ୍ଠାନ ପର୍ଯ୍ୟନ୍ତ କେଉଁଠି ବି ମହିଳା, ଛାତ୍ରୀ ସୁରକ୍ଷିତ ନୁହନ୍ତି। ସରକାର କୋଉଠି ବୋଲି ରାଜ୍ୟବାସୀଙ୍କ ମଧ୍ୟରେ ପ୍ରତିକ୍ରିୟା ପ୍ରକାଶ ପାଇଛି।

## ଏକ ସଂଗଠିତ...

ଏହାର ଉତ୍ତର ଚାହେଁ ଓ ଭାରତର ଝିଅମାନେ ସୁରକ୍ଷା ଏବଂ ନ୍ୟାୟ ଚାହାଁନ୍ତି ବୋଲି ରାହୁଲ୍ କହିଛନ୍ତି।

ସେହିପରି କଂଗ୍ରେସ ମହାସଚିବ ପ୍ରିୟଙ୍କା ଗାନ୍ଧୀ ଏହି ପ୍ରଧାନମନ୍ତ୍ରୀଙ୍କୁ ଟାର୍ଗେଟ୍ କରିଛନ୍ତି। ସେ ଏକ୍ସରେ ଉଲ୍ଲେଖ କରିଛନ୍ତି ଯେ ନ୍ୟାୟ ପାଇଁ ଲଢ଼ିବା ସମୟରେ ଓଡ଼ିଶାର ଆଉ ଏକ ଝିଅ ପ୍ରାଣ ହରାଇଲା। ସେ ତାଙ୍କ ଉପରେ ହୋଇଥିବା ଅତ୍ୟାଚାର ବିରୋଧରେ ସ୍ୱର ଉଠାଇଥିଲେ। ନ୍ୟାୟ ପାଇବା ପରିବର୍ତ୍ତେ ତାଙ୍କୁ ଅପମାନ ଏବଂ ହଇରାଣ କରାଗଲା। ଫଳରେ ସେ ଆତ୍ମାହୁତି ଦେବାକୁ ବାଧ୍ୟ ହେଲେ। ଦିଲ୍ଲୀରୁ ୟୁପି, ମଣିପୁରରୁ ଓଡ଼ିଶା, ବିଜେପି କେବଳ ଅଭିଯୁକ୍ତଙ୍କ ସହିତ ଠିଆ ହେବା ଏବଂ ପୀଡିତାଙ୍କୁ ହଇରାଣ କରିବା ଏବଂ ନ୍ୟାୟରେ ବାଧା ସୃଷ୍ଟି କରିବା ପାଇଁ ରହିଛି କି ବୋଲି ପ୍ରିୟଙ୍କା ପ୍ରଶ୍ନ କରିଛନ୍ତି।

କଂଗ୍ରେସ ନେତା ଜୟରାମ ରମେଶ ମଧ୍ୟ ସରକାରଙ୍କ ଉପରେ ବର୍ଷିବା ସହ ବିଜେପିର ପଚାସଢ଼ା ବ୍ୟବସ୍ଥା ତାଙ୍କୁ ଆତ୍ମାହୁତି ଦେବାକୁ ବାଧ୍ୟ କରିଛି ବୋଲି କହିଛନ୍ତି। ବିଜେପି ସରକାରରେ ଅପରାଧର ଶିକାର ହୋଇଥିବା ମହିଳାମାନଙ୍କୁ ଶୁଣିବା ପାଇଁ କେହି ନାହାନ୍ତି। ଏହା ବ୍ୟତୀତ ଯେଉଁମାନଙ୍କ କାନ୍ଧରେ ସୁରକ୍ଷାର ଦାୟିତ୍ୱ ଥିଲା ସେମାନେ ଆଜି ଅତ୍ୟାଚାରୀଙ୍କ ସହିତ ହାତ ମିଳାଇ ଠିଆ ହୋଇଛନ୍ତି ବୋଲି ଜୟରାମ କହିଛନ୍ତି। ଏହି ନେତାମାନଙ୍କ ସହ ଏଆଇସିସି ସଂଗଠନ ସମ୍ପାଦକ କେସି ବେଣୁଗୋପାଳ ଓଡ଼ିଶା ପିସିସି ପ୍ରଭାରୀ ଅଜୟ କୁମାର ଲଲ୍ଲୁ ମଧ୍ୟ ଏକ୍ସ ଯୋଗେ ନିଜର ପ୍ରତିକ୍ରିୟା ଦେଇ ଡବଲ ଇଂଜିନ ସରକାର ଉପରେ ବର୍ଷିଛନ୍ତି।

## ଯୋଜନାବଦ୍ଧ ଅନ୍ୟାୟ...

ମର୍ମାହତ। ଏପରି ସମୟକୁ ସାମ୍ନା କରିବା ପାଇଁ ମହାପ୍ରଭୁ ପରିବାର ଲୋକଙ୍କୁ ଅସୀମ ଧୈର୍ଯ୍ୟ ଦିଅନ୍ତୁ। ମନକୁ ଏହା ଅଧିକ ବିଚଳିତ କରୁଛି ଯେ, କିପରି ଗୋଟେ ବିଫଳ ବ୍ୟବସ୍ଥା ଜଣଙ୍କ ଜୀବନ ନେଇଯାଇପାରେ। ସବୁଠୁ କଷ୍ଟଦାୟକ ହେଉଛି, ଏହା କୌଣସି ଦୁର୍ଘଟଣା ନୁହେଁ, ବରଂ ଏପରି ଏକ ବ୍ୟବସ୍ଥାର ଫଳ; ଯାହା ସାହାଯ୍ୟ କରିବା ବଦଳରେ ଚୁପ୍ ରହିଲା। ନ୍ୟାୟ ପାଇବାକୁ ସଂଗ୍ରାମ କରି କରି ଶେଷରେ ଝିଅଟି ଆଖି ବୁଜିଦେଲା। ସେ ଅତି ସାହସିକତାର ସହ ତା' ସହିତ ଘଟିଥିବା ଯୌନ ନିର୍ଯାତନା ବିଷୟରେ କଲେଜ ଅଧକ୍ଷଙ୍କୁ ଚିଠି ଲେଖି ଅବଗତ କରିଥିଲା। କଲେଜ ପଦାଧିକାରୀଙ୍କ ଦ୍ୱାରା ଅଣଦେଖା ହେବା ପରେ ସେ ଅଟକି ଯାଇ ନଥିଲା। ନ୍ୟାୟ ପାଇବାକୁ ସେ ଉଚ୍ଚଶିକ୍ଷା ମନ୍ତ୍ରୀ, ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ଓ ଜଣେ କେନ୍ଦ୍ରମନ୍ତ୍ରୀଙ୍କୁ ଜଣାଇଥିଲା। ଏପରି କି ବାଲେଶ୍ୱର ସାଂସଦଙ୍କୁ ମଧ୍ୟ ବ୍ୟକ୍ତିଗତ ଭାବେ ଭେଟି ନିଜ ଦୁଃଖ ବିଷୟରେ କହିଥିଲା। ଜଣେ କେହି ବି ଯଦି ଉତ୍ତରଦାୟିତ୍ୱ ନେଇ ବ୍ୟକ୍ତିଗତ ଭାବେ ଏଥିରେ ହସ୍ତକ୍ଷେପ କରିଥାନ୍ତେ; ତେବେ ହୁଏତ ଝିଅଟିର ଜୀବନ ବଞ୍ଚିଯାଇଥାନ୍ତା। ସେ କେବଳ ଶାରୀରିକ ଆଘାତ ପାଇ ପ୍ରାଣ ହରାଇ ନାହିଁ, ବରଂ ରାଜ୍ୟ ସରକାରଙ୍କ ଅଣଦେଖା ପାଇଁ; ଯାହା ତାଙ୍କୁ ନିଜ ସଂଗ୍ରାମରେ ଏକାକୀ ଛାଡ଼ି ଦେଇଥିଲା। ପୁରା ଘଟଣାକ୍ରମରୁ ଜଣାପଡୁଛି, ଏହା ଆନୁଷ୍ଠାନିକ ବିଶ୍ୱାସଘାତକତାରୁ କିଛି କମ୍ ନୁହେଁ; ଯାହା ଏକ ଯୋଜନାବଦ୍ଧ ଅନ୍ୟାୟ। ମୁଁ ପୁଣିଥରେ ରାଜ୍ୟପାଳଙ୍କୁ ଅନୁରୋଧ କରୁଛି, ସେ ଏହା ସୁନିଶ୍ଚିତ କରନ୍ତୁ ଯେ, ନା କେବଳ କଲେଜ କର୍ତ୍ତୃପକ୍ଷ ବରଂ କ୍ଷମତାରେ ଥିବା ବ୍ୟକ୍ତିମାନେ ମଧ୍ୟ ଉତ୍ତରଦାୟୀ ହୁଅନ୍ତୁ; ଯେଉଁମାନେ ପୀଡ଼ିତାଙ୍କ ଆକୁଳ ଗୁହାରି ପରେ ବି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କଲେ ନାହିଁ। ପୀଡ଼ିତାଙ୍କ ଆତ୍ମାର ଆତ୍ମାର ସଦଗତି ହେଉ। ପ୍ରଭୁ ଜଗନ୍ନାଥଙ୍କ ନିକଟରେ ମୁଁ ପୁଣିଥରେ ପ୍ରାର୍ଥନା କରୁଛି, ଏହି ଦାରୁଣ ଦୁଃଖକୁ ସାମ୍ନା କରିବା ପାଇଁ ସେ ପରିବାର ସଦସ୍ୟମାନଙ୍କୁ ଶକ୍ତି ଏବଂ ସାହସ ଦିଅନ୍ତୁ ବୋଲି ନବୀନ କହିଛନ୍ତି।

## ମହାକାଶରୁ ଫେରିଲେ...

ପରିବାରରେ ଖୁସିର ଲହରୀ ଖେଳି ଯାଇଛି। ମାଆ ଆଶା ଶୁକ୍ଲା ଖୁସିରେ କାନ୍ଦି ପକାଇଛନ୍ତି। ପୁଅର ସକୁଶଳ ଯାତ୍ରା ପାଇଁ ସେ ଈଶ୍ୱରଙ୍କୁ ଧନ୍ୟବାଦ ଦେଇଛନ୍ତି।

ଦିନକ ତଳେ ସୋମବାର ସନ୍ଧ୍ୟା ୪ଟା ୪୫ରେ ଏହି ଚାରି ମହାକାଶଚାରୀ ଆଇଏସଏସ ଛାଡ଼ି ପୃଥିବୀ ଅଭିମୁଖେ ବାହାରି ଥିଲେ। ଏଠାରେ ରହଣୀ କାଳରେ ଶୁଭାଂଶୁ ୬୦ରୁ ଅଧିକ ବୈଜ୍ଞାନିକ ପରୀକ୍ଷଣରେ ସାମିଲ ହୋଇଥିଲେ। ଏଥିରେ ଭାରତର ୭ଟି ପରୀକ୍ଷଣ ସାମିଲ ଥିଲା। ସେ ମେଥି ଏବଂ ମୁଗ ଚାରା ଅଙ୍କୁରିତ କରିବାରେ ସଫଳ ହୋଇଥିଲେ। ମହାକାଶରେ ହାଡ଼ ଯତ୍ନ ଉପରେ ମଧ୍ୟ ପରୀକ୍ଷଣ କରିଥିଲେ। ସେ ଗତ ୨୮ ତାରିଖରେ ମୋଦୀଙ୍କ ସହ ମଧ୍ୟ କଥା ହୋଇଥିଲେ। ଆଜି ୩ଟା ୨ରେ ସ୍ପେସ୍‌ଏକ୍ସ ଯାନ ପ୍ରଶାନ୍ତ ମହାସାଗରରେ ଅବତରଣ କରିଥିଲା। ଏହା ପରେ ସ୍ପେସ୍ ଏକ୍ସ ଏବଂ ଅକ୍ସିଅମ ସ୍ପେସ ରିକଭରି କ୍ର୍ୟୁଙ୍କ ବୋଟ୍ ଅବତରଣ ସ୍ଥଳରେ ପହଞ୍ଚି ଥିଲେ। ଏହି ଟିମ୍ ପ୍ରଥମେ ଗ୍ରେସ ଆଖପାଖରୁ ବିଷାକ୍ତ ଗ୍ୟାସ୍ ନିର୍ଗତ ହେଉଛି କି ନାହିଁ ଅନୁଧ୍ୟାନ କରିଥିଲେ। ପିପିପି କିଟ୍ ପିନ୍ଧି ଏହି ଦଳ ୩ଟା ୧୫ରେ କ୍ୟାପ୍‌ସୁଲକୁ ଟାଣି ଟାଣି ବୋଟ୍‌କୁ ଆଣିଥିଲେ। ସୁରକ୍ଷା ଯାଞ୍ଚ କରିବା ପରେ ୩ଟା ୪୧ ମହାକାଶଚାରୀଙ୍କୁ ବାହାରକୁ ବାହାର କରିବା ପାଇଁ ପ୍ରସ୍ତୁତି କରିଥିଲେ। ୩ଟା ୪୯ରେ ମିଶନ କମାଣ୍ଡର ପେଗି ହ୍ୱିଟ୍‌ସନ୍ ହସି ହସି ପ୍ରଥମେ କ୍ୟାପ୍‌ସୁଲ ବାହାରକୁ ଆସିଥିଲେ। ଆଉ କିଛି ମିନିଟ ମଧ୍ୟରେ ୩ଟା ୫୨ରେ ଶୁଭାଂଶୁ, ବିଶେଷଜ୍ଞ ସ୍ଲାଓସ୍‌ଜ ଉଜନାନସ୍କି ଏବଂ ଟିବୋର କାପୁ ବାହାରକୁ ଆସିଥିଲେ। ସମସ୍ତେ ଏବେ ସୁରକ୍ଷିତ ଅଛନ୍ତି।

ଏହି ଅକ୍ସିଅମ-୪ ଅଭିଯାନ ପାଇଁ ଭାରତ ୭୦ ମିଲିୟନ ଡଲାର ଖର୍ଚ୍ଚ କରିଛି। ୪୩୩ ଘଣ୍ଟା, ୧୮ ଦିନ ଏବଂ ପୃଥିବୀ ଚାରିପଟେ ୨୮୮ ଥର ପରିକ୍ରମାରେ ୧୨.୨ ନିୟୁତ କିମି ଅତିକ୍ରମ କରି ମହାକାଶଚାରୀ ପୃଥିବୀ ଫେରିଛନ୍ତି। ଏହି ଅଭିଯାନରେ ମହାକାଶରୁ ବିଭିନ୍ନ ପରୀକ୍ଷଣ ତଥ୍ୟ ଧରି ଯାନ ଫେରିଛି। ଏହା କେବଳ ବୈଜ୍ଞାନିକ ସଫଳତା ନୁହେଁ, ବରଂ ଭାରତ, ପୋଲାଣ୍ଡ ଏବଂ ହଙ୍ଗେରୀ ଲାଗି ଏକ ଐତିହାସିକ ମାଇଲ ଖୁଣ୍ଟ ସାବ୍ୟସ୍ତ ହୋଇଛି।

## ବଢ଼ିବ ତଦନ୍ତ...

ଗଣମାଧ୍ୟମ ପ୍ରତିନିଧିଙ୍କୁ ସୂଚନା ଦେଇ ସେ କହିଛନ୍ତି ଯେ ଯେଉଁମାନେ କର୍ତ୍ତବ୍ୟରେ ଅବହେଳା କରିଛନ୍ତି, ଯେଉଁଥିପାଇଁ ଏଭଳି ଅଭାବନୀୟ ଘଟଣା ଘଟିଲା, ସେମାନଙ୍କୁ ମଧ୍ୟ ଠାବ କରାଯିବ। ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଗତ ୧୫ଦିନ ମଧ୍ୟରେ ପ୍ରତ୍ୟେକ ଦିନ କିଛି ନା କିଛି ଘଟଣା ଘଟିଛି। ପ୍ରତ୍ୟେକ ଦିନ ଛାତ୍ରୀଜଣକ ମାନସିକ ଯନ୍ତ୍ରଣାର ଶିକାର ହୋଇଛି। ୧୫ଦିନ କଷ୍ଟର ସମାହାର ଶେଷରେ ଆତ୍ମାହୁତିରେ ରୂପାନ୍ତରିତ ହୋଇଛି। ପୀଡ଼ିତାଙ୍କ ମୃତ୍ୟୁ ପରେ ଦଫାରେ ପରିବର୍ତ୍ତନ ହେଲାଣି। ଆତ୍ମହତ୍ୟା ପାଇଁ ପ୍ରୟାସ କରିବାର ଦଫା ପୂର୍ବରୁ ଲାଗିଥିବା ବେଳେ ବର୍ତ୍ତମାନ ଆତ୍ମହତ୍ୟା ପାଇଁ ଯେଉଁମାନେ ପ୍ରେରିତ କରିଥିଲେ, ସେମାନଙ୍କ ବିରୋଧରେ ମଧ୍ୟ ଦଫା ଲାଗିଛି। ଯେଉଁମାନେ ମାନସିକ ଯନ୍ତ୍ରଣା ଦେଇଛନ୍ତି, ସେମାନଙ୍କ ବିରୋଧରେ ଦଫା ଲାଗିଛି। କେଉଁମାନେ ଘଟଣାରେ ସଂପୃକ୍ତ, ସେନେଇ ତର୍ଜମା କରାଯାଉଛି। ସମ୍ପୂର୍ଣ୍ଣ ତଥ୍ୟ ସଂଗ୍ରହ ପାଇଁ ଆଉ କିଛି ସମୟ ଲାଗିବ ବୋଲି ମନ୍ତ୍ରୀ କହିଛନ୍ତି।

ସେ ଆହୁରି ମଧ୍ୟ କହିଛନ୍ତି ଯେ ମୃତକଙ୍କ ମା ମଧ୍ୟ ତଦନ୍ତର ପରିସର ବୃଦ୍ଧି ପାଇଁ ଚାହୁଁଛନ୍ତି। ଫଳରେ କେବଳ ପ୍ରଫେସର୍, ପ୍ରିନ୍ସିପାଲ ନୁହନ୍ତି, ଅନ୍ୟ ଯେଉଁମାନେ ଛାତ୍ରୀଙ୍କୁ ଅପମାନିତ କରିଛନ୍ତି ଓ ମାନସିକ ନିର୍ଯାତନା ଦେଇଥିଲେ, ସେମାନଙ୍କୁ ତଦନ୍ତ ପରିସରଭୁକ୍ତ କରିବା ପାଇଁ ମା'ଙ୍କ ଦାବି ରହିଛି। ଆଇନଗତ ଦୃଷ୍ଟିରୁ କ'ଣ ଭଲ ହୋଇପାରିବ, ସେନେଇ ବିଚାରବିମର୍ଶ ଜାରି ରହିଛି। ବିଭିନ୍ନ ମହଲରୁ ସରକାର ତଥ୍ୟ ଏକତ୍ର କରୁଛନ୍ତି। ଶିକ୍ଷା ବିଭାଗ ତଦନ୍ତର ରିପୋର୍ଟର ତର୍ଜମା କରାଯାଉଛି। ପରେ ସରକାର ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବେ। ଝିଅର ମୃତ୍ୟୁକୁ ନେଇ ରାଜନୀତି ନ କରିବା ପାଇଁ ଛାତ୍ରୀଙ୍କ ବାପା-ମା'ଙ୍କ ଆବେଦନ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ବୋଲି ସେ କହିଛନ୍ତି।

## ଫ୍ୟାକ୍ଟ ଫାଇଣ୍ଡିଂ କମିଟି...

ତଦାରଖ କରିବେ। କେଉଁ ପରିସ୍ଥିତିରେ ସମ୍ପୃକ୍ତା ଛାତ୍ରୀ ଆତ୍ମହତ୍ୟା କଲେଜ, ତାଙ୍କ ଅଭିଯୋଗର ସମାଧାନ ପାଇଁ କି ପଦକ୍ଷେପ ନିଆଯାଇଥିଲା ଓ ଛାତ୍ରଛାତ୍ରୀଙ୍କ ସହାୟତା ପାଇଁ କଲେଜରେ କି ବ୍ୟବସ୍ଥା ରହିଛି ଆଦି ଅନୁଧ୍ୟାନ କରିବେ ବୋଲି ଜଣାପଡ଼ିଛି। ୭ ଦିନ ମଧ୍ୟରେ କମିଟି ନିଜର ରିପୋର୍ଟ ୟୁଜିସି କର୍ତ୍ତୃପକ୍ଷଙ୍କ ନିକଟରେ ଦାଖଲ କରିବାକୁ ନିର୍ଦ୍ଦେଶନାମାରେ ଉଲ୍ଲେଖ ରହିଛି।

## ୨୦ ଲକ୍ଷ ଲୋକଙ୍କ...

ହୋଇପାରିଲେ ନାହିଁ। ରାଜ୍ୟରେ ପାଖାପାଖି ୮୫ ଲକ୍ଷ ରାସନ କାର୍ଡ ରହିଛି। ୩କୋଟିରୁ ଊର୍ଦ୍ଧ୍ୱ ଲୋକ ରାସନ ପାଉଛନ୍ତି। ବର୍ତ୍ତମାନ ସୁଦ୍ଧା ୭୦ ପ୍ରତିଶତ ଲୋକ ଇ-କେୱାଇସି କରିସାଲେଣି। ବାକି ୩୦ ପ୍ରତିଶତ ଭିତରେ ଅଧିକାଂଶ ବୃଦ୍ଧା/ବୃଦ୍ଧା ଅଛନ୍ତି। ସେମାନଙ୍କର ବୟସାଧିକ କାରଣରୁ ଆଖି ଓ ଟିପ ଦ୍ୱାରା କେୱାଇସି ଅପ୍‌ଡେଟ୍ ହୋଇପାରୁନି। ସେଭଳି କିଛି ଲୋକ ରାଜ୍ୟ ତଥା ଦେଶ ବାହାରେ ବି ଶ୍ରମିକ ଭାବେ କାମ କରୁଛି। ଯେଉଁମାନେ ଇ-କେୱାଇସି କରିବାକୁ ସମର୍ଥ ନୁହନ୍ତି। ତେଣୁ ଏପରିସ୍ଥଳେ ସରକାର ଏମାନଙ୍କ ପାଇଁ ବିକଳ୍ପ ପନ୍ଥା ଆପଣାନ୍ତୁ ବୋଲି ସାଧାରଣରେ ଦାବି ହେଉଛି। ହଠାତ୍ ଏମିତି ରାସନ ବନ୍ଦ କରିଦେଲେ, ସାଧାରଣ ଲୋକ ସର୍ବହରା ହୋଇଯିବେ ବୋଲି ବୁଦ୍ଧିଜୀବୀ ମହଲରେ ମତପ୍ରକାଶ ପାଉଛି।

ଅନ୍ୟପକ୍ଷରେ ରାସନ ଯୋଗାଣକୁ ନେଇ ରାଜ୍ୟରେ ବହୁ ଏକାଧିକ ସମସ୍ୟା ରହିଛି। ଏହାକୁ ଯୋଗାଣ ବିଭାଗ ସମାଧାନ କରିବାରେ ବିଫଳ ହୋଇଛି। ବିଶେଷକରି 'ୱାନ୍ ରାସନ୍ ୱାନ୍ ନେସନ୍' ବ୍ୟବସ୍ଥା ୩ ବର୍ଷ ହେଲା ଦେଶରେ ଲାଗୁ ହୋଇଥିଲେ ବି ଏପର୍ଯ୍ୟନ୍ତ ସାରା ରାଜ୍ୟରେ କାର୍ଯ୍ୟକାରୀ ହୋଇପାରୁନି। ଗାଁ ଗହଳିରୁ ଆସି ରାଜଧାନୀରେ ରହି କାମ ଧନ୍ଦା କରି ଚଳୁଥିବା ଲୋକମାନଙ୍କୁ ଏଠିକାର ରାସନ ଡିଲର୍‌ମାନେ ରାସନ ଦେବାକୁ ସିଧାସଳଖ ମନା କରି ଦେଉଛନ୍ତି। ଯେଉଁମାନେ ବି ଦେଉଛନ୍ତି, ଦୂର୍‌ଦୂର୍ ମାର୍‌ମାର୍ କରୁଛନ୍ତି। ଫଳରେ ଲୋକମାନେ ଶେଷରେ ଖର୍ଚ୍ଚାନ୍ତ ହୋଇ ନିଜ ଗାଁକୁ ଆଣିବାକୁ ଯାଉଛନ୍ତି। ସେହିଭଳି ମଞ୍ଚେଶ୍ୱର ପ୍ରଥମ ଚାଉଳ ଏଟିଏମ୍ ସରକାର ଉଦ୍‌ଘାଟାନ କରିଥିଲେ। ହେଲେ ଏହା ଅଧା ଦିନ ଚାଲିଲେ, ଅଧା ଦିନ ବନ୍ଦ ରହୁଛି। ଏହାର ସୁଫଳ ସାଧାରଣ ଲୋକ ପାଇପାରୁନାହାନ୍ତି। ବରଂ ଚାଉଳ ଏଟିଏମ୍ କଥା ଶୁଣି ବହୁ ଦୂରଦୂରାନ୍ତରୁ ଲୋକମାନେ ଆସି ଫେରି ଯାଉଛନ୍ତି। ଏହି ସବୁ ସମସ୍ୟା ଉପରେ ଦୃଷ୍ଟି ଦେଇ ଏହାର ସମାଧାନ କରିବା ପାଇଁ ଦାବି ହେଉଛି।

## ଓଡ଼ିଶାର ଗାଁ...

ଲାଗି ରହିଛି। ୧୯୮୦-୧୯୯୦ ଓଡ଼ିଶା-ଆନ୍ଧ୍ର ମଧ୍ୟରେ ରହିଥିବା ଯୁଗ୍ମ ସେଟେଲମେଣ୍ଟ ମ୍ୟାପକୁ ଧରି ଦୁଇ ରାଜ୍ୟ ପ୍ରଶାସନ ପକ୍ଷରୁ ଆଲୋଚନା ହେଲେ ସମସ୍ୟାର ସ୍ଥାୟୀ ସମାଧାନ ହୋଇପାରିବ ବୋଲି ଉପଜିଲ୍ଲାପାଳ ଶ୍ରୀ ପଣ୍ଡା କହିଛନ୍ତି।

ସୂଚନାଯୋଗ୍ୟ, ପ୍ରତିବର୍ଷ ବିଭିନ୍ନ ସମୟରେ ଆନ୍ଧ୍ର ଏମିତି ଦାଦାଗିରି କରି ଆସୁଛି। ଓଡ଼ିଶା ସୀମାନ୍ତବର୍ତ୍ତୀ ଅଞ୍ଚଳ ଉପରେ ଲୋଲୁପ ଦୃଷ୍ଟି ପକାଇ ବାଲି, ମାଟି, ଗୋଡ଼ି ଭଳି ଖଣିଜ ସମ୍ପଦଠାରୁ ଆରମ୍ଭ କରି ପାଣି, କ୍ଷୀର ଆଦି ଲୁଟି ଚାଲିଛି। ସୀମାନ୍ତରେ ନିଜର କାୟା ବିସ୍ତାର ପାଇଁ କେତେବେଳେ ଆନ୍ଧ୍ର ମନ୍ତ୍ରୀ ଗୁଣ୍ଡା ସାଜି ଓଡ଼ିଶାର ପ୍ରଶାସନିକ ଅଧିକାରୀଙ୍କୁ ଧମକଚମକ ଦେଉଛନ୍ତି ତ ଆଉ କେତେବେଳେ ଗଜପତି ଜିଲ୍ଲାରେ ଥିବା ଗ୍ରାମାଞ୍ଚଳବାସୀଙ୍କୁ ହାତେଇବାକୁ ବିଭିନ୍ନ ଆଳ କରୁଛନ୍ତି। ଏପରକି, କେତେବେଳେ ଆନ୍ଧ୍ରର ନିର୍ବାଚନରେ ଭାଗ ନେବାକୁ ସୀମାନ୍ତବର୍ତ୍ତୀ ଗ୍ରାମରେ ଲୋକଙ୍କୁ ଉସୁକାଇବା ଭଳି କାମ କରୁଥିବାର ପୂର୍ବରୁ ବହୁ ଦୃଷ୍ଟାନ୍ତ ରହିଛି। ଏପରି ସ୍ଥିତିରେ ଓଡ଼ିଶା ସରକାରଙ୍କ ତରଫରୁ ସ୍ଥାୟୀ ସୀମା ନିର୍ଦ୍ଧାରଣ କରାନଯିବା ଏବଂ ବିବାଦୀୟ ସ୍ଥାନରେ ସରକାରୀ କର୍ମଚାରୀଙ୍କ ଅନୁପସ୍ଥିତି ଆଦିର ଭରପୂର ଫାଇଦା ଉଠାଉଛି ଆନ୍ଧ୍ର।


**DISTRICT WELFARE OFFICE, BARGARH** g-64

Applications are invited from eligible candidates of Bargarh District for engagement of 24 no. of Lady Matrons in the SSD Hostels of Bargarh District.

The detailed advertisement and selection criteria may be obtained from the office notice Board of District Welfare Office, Bargarh and District website **http://bargarh.odisha.gov.in.**

The last date to apply is **04.08.2025.**

**Sd/- District Welfare Officer, Bargarh**

OIPR-26025/11/0001/2526

**DISTRICT PROJECT OFFICE SAMAGRA SHISHA {S.S} MALKANGIRI - 764048**

Contact: 06861–231481 (Off)

Emails: dpcmalkanssa.opepa@nic.in stc.malkangiri@gmail.com

Letter No. 2759/Civil/2025 / Date: 11.07.2025

**TENDER CALL NOTICE**

Sealed tender in the prescribed form to be eventually drawn-up in PWD Form P-1 (Percentage Rate Bids) in conformity with detailed Tender Call Notice are invited by the District Project Coordinator, Samagra Shiksha, Malkangiri, on behalf of Government of Odisha for tenders for construction of building works as mentioned below from eligible Contractors registered with the State Government and contractor of equivalent grade/class registered with Central Government / MES / Railways, having registration for Civil works on production of definite proof from the appropriate authority.

The detailed list of works is available on the website **https://malkangiri.odisha.gov.in** and Office Notice Board.

| | | |
|---|---|---|
| Name of Work | : | Construction of Additional Class Room Building in different area of Malkangiri District under SETU 2024-25 |
| No. Of Works | : | 30 Nos (Thirty) Nos |
| Estimated Cost | : | As laid down in the DTCN |
| Amount put to Tender | : | As laid down in the DTCN |
| Tender Paper cost | : | As laid down in the DTCN |
| E.M.D Amount Required | : | 1% of the Amount put to tender (As laid down in the DTCN) |
| Period of completion | : | As laid down in the DTCN for each work |
| Date of sale of Tender papers | : | The Bid documents can be downloaded from the Govt. Web site https://malkangiri.odisha.gov.in only from **17.07.2025 to 30.07.2025** |
| Date of receipt of Tender paper | : | From **17.07.2025 to 30.07.2025 up to 5.00 PM** (in working days) through Registered Post/Speed Post only. No tender paper will receive by hand or Courier services |
| Date of opening of Tender papers | : | **At 11.00 A.M on 31.07.2025** in the Office Chamber of Collector, Malkangiri in presence of Tender finalisation Committee member, tenderer or their authorised representatives. |

**N.B- If the last date of sale/receipt of tender paper turns out be a holiday, it will automatically be extended to next working day.** The amendment in safe of corrigendum / addendum will be notified on website https://malkangiri.odisha.gov.in only & the prospective bidders are request to take cognizance of such notification while submitting their tender proposal.

District Project Coordinator
Samagra Shiksha, Malkangiri

OIPR-27141/11/0016/2526 n-102

**AFFIDAVIT**

By virtue of an affidavit, sl. no. 2, dtd.15.07.2025 before the Notary, Purushottampur, Ganjam, I, Santosh Maharana, At/Po- Chatamundali, Po- Purushottampur, Dist- Ganjam have changed my son's name from Sujit Maharana to Sujita Maharana. Henceforth he will be known as **Sujita Maharana** for all purposes.

**Sd/- Santosh Maharana**

**AFFIDAVIT**

I, Sukant Swain, aged about 57 years, S/o.: Dhruba Charan Swain, resident of Village/PO.: Korua, P.S.: Naugaon, Dist.: Jagatsinghpur, Odisha, declare by this affidavit No.: 1049, dated-14.07.2025, that now onwards I shall be known as **Sukant Kumar Swain** for all future purposes.

**AFFIDAVIT**

By virtue of an affidavit before the Executive Magistrate, Bhawanipatna, Kalahandi, I, Jagdeesh Nag have changed my name and date of birth from Jagasdisha Nag, date of Birth as 19.09.2001 to Jagdeesh Nag, date of birth as 24.01.2001. Hencefroth I shall be known as Jagdeesh Nag and my date of birth as 24.01.2001 for all purposes.

**Sd/- Jagdeesh Nag**

**AFFIDAVIT**

By virtue of an affidavit before Exicutive Magistrate, Rasgovindpur, Mayurbhanj dtd 07.07.2025. I, Padmabati Jati, residing At- Nakichua, P.o.- Chinchalgadia, P.s- Rasgovindpur, Dist- Mayurbhanj - 756030 declare that I have changed my name from Srimati Padmamnani Jyoti to Padmabati Jati. Henceforth, I shall be known as **Padmabati Jati** for all purposes.

**Padmabati Jati**

**AFFIDAVIT**

By virtue of an affidavit Sl No 1863, dtd.14.07.2025 before the Executive Magistrate, Kandhamal, Phulbani. I, Sushant Kanhar, resident of At: Talatamtingia, PO: Sripalla, Dist.: Kandhamal have changed my minor daughter's name from Prangya Kanhar to Pragnyasini Kanhar. Henceforth, she shall be known as **Pragnyasini Kanhar** for all purposes.

**Sd/- Sushant Kanhar**

**AFFIDAVIT**

By virtue of an affidavit sworn before The Executive Magistrate, Gaisilet vide affidavit no.62 dated 11/07/2025 I, Debashish Purohit, S/o - Manabhanjan Purohit resident of At/Po./Ps.- Gaisilet, Dist.- Bargarh, Odisha, Pin- 768037 state that, I have changed my son's name from **Swapnil Purohit** to **Pragyan Purohit**. Henceforth, my son shall be known as **Pragyan Purohit** for all purposes.

**AFFIDAVIT**

By virtue of an affidavit sworn before Executive Magistrate, Banpur, vide no-2799, dated 15/07/2025 I, Rabindra Panda, S/o- Late Panchanan Panda, of At- Chiankasahi, Po/Ps- Banpur, Dist- Khordha, declare that in my adhar card my name is wrongly mentioned as **Rabindra Nath Panda** instead of Rabindra Panda. Henceforth, I shall be known as **Rabindra Panda** for all purposes.

**AFFIDAVIT**

I, SK Namul Haque, aged about 61 years, S/O- Sk Azizul Haque, resident of At/Po- Olaver, Ps- Rajkanika, Dist- Kendrapara, Odisha, Pin- 754227 declare by this affidavit No. 1373, dtd. 12/07/2025, that now onwards I shall be known as **SK NAIMUL HAQUE** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate Bissam Cuttack, Dist-Rayagada, Odisha, vide affidavit sl.no.1728/2025, dated-19/06/2025, that Smt Sadai Miniaka, W/o- Late Kirti Miniaka of village - Sana Gotiguda, Po- Badda Gotiguda, P.s-Bissam Cuttack, which is wrongly recorded in Aadhaar Card. Hence for the changed the name of his minor Daughter Sanju Miniaka instead of Sanjukta Miniyaka. Henceforth the minor Daughter shall be known as **Sanju Miniaka** In her Aadhar and for all purposes.

**Sd/- Deponent**

**AFFIDAVIT**

By virtue of an affidavit before The Notary Public, Titilagarh, on dated-15/07/2025. I, **Sunita Jyotisha** (Applicant name), Wife of Preamraj Jyotisha, Permanent resident of At- Goudtula, P.O. Kursud, P.S. Sindhekela, Dist- Balangir, (Odisha), PIN- 767035 now residing at the same place affirm that I have changed my minor son's name from **Premraj Jyotish** (old name) to **Sunil Jyotisha** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he will be known as **Sunil Jyotisha** (new name).

**Sunita Jyotisha**

**AFFIDAVIT**

By virtue of an affidavit before the Notary Public, Titilagarh, on dated-14/07/2025. I, **Rama Sahu** (new name), formerly called as Rambha Sahu (old name), W/o Dambarudhara Sahu, permanent resident of AT- Bandepadar, P.O.- Dhandamunda, P.S. Khaprakhol, Dist- Balangir, (Odisha), PIN- 767028 now residing at the same place affirm that I have changed my name from **Rambha Sahu** (old name) to **Rama Sahu** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Rama Sahu** (new name).

**Rama Sahu**

**AFFIDAVIT**

By virtue of an affidavit no 3807 before the Executive Magistrate, Champua on dated- 29/05/2025. I, **Rohit Rajak** (new name), S/o- Dola Rajak, resident of At- Panchapokhoria, PS- Champua, Dist- Keonjhar, PIN- 758041, Odisha have changed my name from **Lipun Rajak** (old name) to **Rohit Rajak** (new name). Henceforth, I shall be known as **Rohit Rajak** (new name) for all future purposes.

**Rohit Rajak**

**AFFIDAVIT**

By virtue of an affidavit sworn before Executive Magistrate, PURI, dated 02/04/2025. I, OSAPILI CHITAMA, Address: VTC-PENTHAKATA, P.S.–SEA BEACH, PURI declare that I have changed my name from **VASIPILLI RAJILU** to **OSAPILI CHITAMA** Henceforth, I shall be known as **OSAPILI CHITAMA** for all purposes.

**Sd/- OSAPILI CHITAMA**

**AFFIDAVIT**

I, Pranab Bhusan Pattanaik, aged about 61 years, S/o- Late Anirudha Pattanaik, resident of Flat No-J/212, Trident Galaxy Apartment, Kalinga nagar, Ps- Chandaka, Bhubaneswar, Dist-Khurda, PIN- 751003, Odisha declared by this affidavit No- 77AA306781, dtd- 30/06/2025 that now onwards I shall be known as **PRANAB BHUSAN PATTNAIK** for all future purposes.

**AFFIDAVIT**

By virtue of an affidavit sworn before The Executive Magistrate, champua cf no4532 dated-7/07/2025. I, **Priyanka Priyadarshini Sarangi,** W/o- Shasibhusan Sarangi, resident of AT- Nakasara, PO- Naksara, PS- Ghagarbeda, Dist- Mayurbhanj, PIN-757035, Odisha declare that I have changed my name from **Priyanka Priyadarshini Behera To Priyanka Priyadarshini Sarangi** (new name). Henceforth, I shall be known as **Priyanka Priyadarshini Sarangi,** W/o- Shasibhusan Sarangi for all future purposes.

**Priyanka Priyadarshini Sarangi**

**COLLECTORATE, RAYAGADA** F-42

**(NIZARAT SECTION)**

**TENDER/QUOTATION CALL NOTICE**

Sealed Tender/quotation is invited from the interested reputed Travel Agencies / Tour Operators or private individuals for providing of vehicle on hire charges on or before **06.08.2025 by 1.00 P.M.**

For specification details please visit our official website: **www.rayagada.odisha.gov.in**

**Sd/- COLLECTOR, RAYAGADA**

OIPR-24365/11/0008/2526

### ରୋଗୀ ସେବାରେ ବ୍ୟାହତ ନୟାଗଡ଼ ପୌର ପରିଷଦ ରାଜନୀତି

# କିଏ ସେ ଡାହାଣୀ, କିଏ ଗୁଣିଆ

ନୟାଗଡ଼, ୧୫।୭ (ସମିସ)

ନୟାଗଡ଼ ପୌର ପରିଷଦରେ ରାଜନୈତିକ ଅସ୍ଥିରତା ନେଇ କିଛିଦିନ ହେବ ଚର୍ଚ୍ଚା ହୋଇ ଆସୁଥିଲା। ଅଧ୍ୟକ୍ଷା ଓ ନିର୍ବାହୀ ଅଧିକାରୀଙ୍କ ବିରୁଦ୍ଧରେ କାଉନସିଲରମାନେ ମେଳି କରିବା ଭଳି ଆଲୋଚନା ହେଉଥିଲା। ଯେଉଁ ଆଲୋଚନା ରାଜନୈତିକ ଦୃଷ୍ଟି କୋଣରୁ ଭିନ୍ନ ବାର୍ତ୍ତା

- ସାମ୍ନାକୁ ଆସିଲା ଏକ ଭିଡିଓ ବାର୍ତ୍ତା
- 'ନୟାଗଡ଼ ବିକାଶ ପାଇଁ ଆମେ ଏକ'

ଦେଉଥିଲା। ବିଜୁ ଜନତା ଦଳ ଟିକେଟରେ ଗତ ପୌର ନିର୍ବାଚନରେ ବିପୁଳ ଭୋଟରେ ଅଧ୍ୟକ୍ଷା ଭାବେ ନିରୂପମା ଖଟେଇ ନିର୍ବାଚିତ ହୋଇଥିଲେ। ବିଜୁ ଜନତା ଦଳର ସମସ୍ତ କାଉନସିଲର ପ୍ରାର୍ଥୀ ବିଜୟୀ ହୋଇଥିଲେ। ବିଜେଡି କବଜାରେ ରହିଥିବା ପୌର ପରିଷଦରେ ରାଜନୈତିକ ଅସ୍ଥିରତା ନେଇ ସରକାରୀ ଭାବେ ଦୃଷ୍ଟିଗୋଚର ହୋଇନଥିଲେ ମଧ୍ୟ କାନକୁହା କଥା ଛୁଞ୍ଚି ଭଳି ପଶି ଶାବଳରେ ପରିଣତ ହୋଇଗଲାଣି। ଏହି କଥା



କିଏ ଆରମ୍ଭ କଲା ତାହାକୁ ନେଇ ଏବେ ବଡ଼ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଆଜି ପୌର ପରିଷଦ କାର୍ଯ୍ୟାଳୟରେ ଅଧ୍ୟକ୍ଷା ଶ୍ରୀମତି ଖଟେଇ, ଉପାଧ୍ୟକ୍ଷ ଗୁରୁପ୍ରସାଦ ଜେନା, ସମସ୍ତ କାଉନସିଲର ଏବଂ ନିର୍ବାହୀ ଅଧିକାରୀ ଉପସ୍ଥିତ ରହି ଏକ ଭିଡିଓ ବାର୍ତ୍ତା ସାମ୍ନାକୁ ଆସିଛି। ଆମେ ସମସ୍ତେ ଏକ ଏବଂ ନୟାଗଡ଼ ବିକାଶ ପାଇଁ ମିଳିମିଶି କାମ କରୁଛୁ ବୋଲି ଉକ୍ତ ଭିଡିଓରେ ଉପାଧ୍ୟକ୍ଷ ଶ୍ରୀଯୁକ୍ତ ଜେନା କହୁଛନ୍ତି। ଆମ ଭିତରେ ମନାନ୍ତର ଓ ମତାନ୍ତର ନାହିଁ ବୋଲି ଉପାଧ୍ୟକ୍ଷ କହିଛନ୍ତି। ଏହା ସହିତ 'ଆମ ପାଇଁ ବଡ଼, ଆମ ନୟାଗଡ଼' ସ୍ଲୋଗାନ ଦିଆଯାଇଛି। ଏହି ଭିଡିଓ ପୌର ପରିଷଦକୁ ନେଇ ସୃଷ୍ଟି ହୋଇଥିବା ଚର୍ଚ୍ଚାରେ ପୂର୍ଣ୍ଣଚ୍ଛେଦ ପକାଇଥିବା ବେଳେ ଏହି ଚର୍ଚ୍ଚା ସୃଷ୍ଟିକାରୀ କିଏ ବୋଲି ଏବେ ପ୍ରଶ୍ନ ସବୁଠାରେ ଉଙ୍କି ପାରୁଛି। କିଏ ଡାହାଣୀ ହୋଇ ଏଭଳି କାହାଣୀ ରଚନା କରୁଛି ଏବଂ କିଏ ଗୁଣିଆ ହୋଇ ଏହାକୁ ବନ୍ଦ କରୁଛି ବୋଲି ବଡ଼ ପ୍ରଶ୍ନ ମନରେ ଉଙ୍କି ମାରୁଛି। ଏହି ଭିଡିଓରେ ଉପାଧ୍ୟକ୍ଷ ଶ୍ରୀଯୁକ୍ତ ଜେନା ବିଭିନ୍ନ ଗଣମାଧ୍ୟମରେ ପ୍ରକାଶିତ ଖବର ମିଥ୍ୟା ବୋଲି କହିଛନ୍ତି। ଗଣମାଧ୍ୟମକୁ କିଏ ଏହି ମିଥ୍ୟା ଖବର କରିବାକୁ ତଥ୍ୟ ତଥା ସୂଚନା ପ୍ରଦାନ କରିଥିଲା ବୋଲି ପ୍ରଶ୍ନ ଉଠିଛି। ଚା' ଖଟିରେ ବାହାସ୍ଫୋଟ ମାରୁଥିବା କିଛି କୁହାଳିଆ ରାଜନେତା ପୌର ପରିଷଦ ରାଜନୀତିକୁ ନେଇ ଭୁଲ ତଥ୍ୟ ପ୍ରଚାର କରୁଛନ୍ତି କି ବୋଲି ପ୍ରଶ୍ନ ଉଠିଛି। ମୁହଁରେ ଗୋଟେ ଓ ପଛରେ ଗୋଟେ କଥା କହୁଥିବା ବ୍ୟକ୍ତି ଦଳୀୟ ଶୃଙ୍ଖଳାକୁ ଭିତରେ ଭିତରେ ଚୂନ ମାରି ଛାରଖାର କରିବାକୁ ଚେଷ୍ଟା ଚଳାଇଥିବା ମଧ୍ୟ ଆଲୋଚନା ହେଉଛି। ନିଜର ସ୍ୱାର୍ଥ ପାଇଁ ଅନ୍ୟକୁ ବଳି ପକାଇ ଦେବାକୁ ସେମାନେ କଦାପି ପଛାନ୍ତି ନାହିଁ ବୋଲି ଅନେକ ରାଜନୈତିକ ବ୍ୟକ୍ତି ମତ ଦେଇଛନ୍ତି। ପୌର ପରିଷଦରେ ରାଜନୈତିକ ଅସ୍ଥିରତା ପ୍ରସଙ୍ଗକୁ ପ୍ରଚାର କରି ଅଧ୍ୟକ୍ଷା ଓ ନିର୍ବାହୀ ଅଧିକାରୀଙ୍କୁ ବ୍ଲାକମେଲ୍ କରିବାକୁ ଷଡ଼ଯନ୍ତ୍ରୀ ରଚା ଯାଇଥିଲା ବୋଲି ଆଲୋଚନା ହେଉଛି। ନିଜ ଲୋକଙ୍କ ପାଇଁ କାମ ହାତେଇବା ଏବଂ ନିଜସ୍ୱ ସ୍ୱାର୍ଥକୁ ପ୍ରତିପାଦିତ କରିବାକୁ ଏଭଳି କରାଯାଇଥିଲା ବୋଲି ଶୁଣାଯାଉଛି। ଅନ୍ୟପକ୍ଷେ, ଅଧ୍ୟକ୍ଷା ରାଜନୈତିକ ସ୍ଥିତି ଓ ଅଭିସନ୍ଧିକୁ ନେଇ ଅନେକ ରକ୍ତ ଚାଉଳ ଚୋବାଉଛନ୍ତି। କାହିଁକି ଏଭଳି ହେଉଛି, ତାହା ବୁଝା ପଡୁନାହିଁ। ଏହା ପଛରେ ଅନେକ କାରଣ ରହିଥିବା ଅନୁମାନ କରାଯାଉଛି। ୨୦୦୮ ମସିହାରେ ନୟାଗଡ଼ ବିଜ୍ଞାପିତ ଅଞ୍ଚଳ ପରିଷଦ ଅଧ୍ୟକ୍ଷା ଥିଲେ ଏବେକାର ଅଧ୍ୟକ୍ଷା ନିରୂପମା ଖଟେଇ। ସେ ୨୦୦୮ ରୁ ୨୦୧୨ ମସିହା ସେ ପର୍ଯ୍ୟନ୍ତ କାର୍ଯ୍ୟ କରିଥିଲେ। ସେତେବେଳେ ଏଭଳି ରାଜନୈତିକ ଅସ୍ଥିରତା ପାଇଁ ତାଙ୍କୁ କାଉନସିଲରମାନେ ଅନାସ୍ଥାରେ ବିତାଡ଼ିତ କରିଥିଲେ। ଉକ୍ତ ଘଟଣାର ପୁନାରୁବୃତ୍ତି ନ ହେବା ପାଇଁ ସମସ୍ତ ସଜାଗ ରହିବା ଆବଶ୍ୟକ। ମୁଖ୍ୟତଃ ଦଳୀୟ ଫୋରମରେ ଏହି ଘଟଣାକୁ ଆଲୋଚନା କରାଯିବା ନିହାତି ଆବଶ୍ୟକ ବୋଲି ମତ ପ୍ରକାଶ ପାଇଛି।

■ ଅବ୍ୟବହୃତ ପଶୁ ସହାୟକ କେନ୍ଦ୍ର

## ମରାମତି ନାଁରେ ଖର୍ଚ୍ଚ ହେଉଛି ଲକ୍ଷ ଲକ୍ଷ



ଗଣିଆ, ୧୫।୭ (ସମିସ): ଗ୍ରାମାଞ୍ଚଳରେ ଗୃହପାଳିତ ଜୀବ ଜନ୍ତୁଙ୍କର ହିତ ସାଧନ ପାଇଁ ପଶୁ ସହାୟକ କେନ୍ଦ୍ର ନିର୍ମାଣ କରାଯାଉଛି। ଏଥିପାଇଁ ରାଜ୍ୟ ରାଜକୋଷରୁ ଖର୍ଚ୍ଚ ହେଉଛି ଲକ୍ଷ ଲକ୍ଷ ଟଙ୍କା। ସରକାରଙ୍କର ଏହି ଯୋଜନା ପ୍ରକୃତରେ କେତେ କାର୍ଯ୍ୟକାରୀ ହେଉଛି ସେ କଥା କେହି ଚିନ୍ତା କରୁନାହାନ୍ତି। ନୟାଗଡ଼ ଜିଲ୍ଲା ଗଣିଆ ବ୍ଲକ କିଶୋର ପ୍ରସାଦ ପଞ୍ଚାୟତରେ ନିର୍ମାଣ କରାଯାଇଛି ପଶୁ ସହାୟକ କେନ୍ଦ୍ର। ନିର୍ମାଣ ଦିନ ଠାରୁ ଆଜି ପର୍ଯ୍ୟନ୍ତ ଉକ୍ତ କେନ୍ଦ୍ରଟି ଅଦରକାରୀ ତଥା ଅବ୍ୟବହୃତ ହୋଇ ପଡ଼ିରହିଛି ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ପଶୁ ସହାୟକ କେନ୍ଦ୍ର ସହିତ କ୍ୱାଟର ମଧ୍ୟ ନିର୍ମାଣ କରାଯାଇଛି। କିନ୍ତୁ ବିଭାଗୀୟ ଅଧିକାରୀ ଏହି ପଶୁ ସହାୟକ କେନ୍ଦ୍ରକୁ ଆଡ ଆଖିରେ ଚାହୁଁ ନାହାନ୍ତି। ଲକ୍ଷ ଲକ୍ଷ ଟଙ୍କାରେ ନିର୍ମିତ ଉକ୍ତ କେନ୍ଦ୍ର ଏବେ ଭୂତକୋଠି ପାଲଟିଛି। ଅନାବନା ଗଛଲତାରେ ପରିପୂର୍ଣ୍ଣ ହୋଇ ସରିସୃପଙ୍କ ଆଶ୍ରୟ ସ୍ଥଳୀରେ ପରିଣତ ହୋଇଛି। ଆଉ ଗୋଟିଏ କଥା ଗ୍ରାମ ଠାରୁ ପ୍ରାୟ ୨ କିଲୋମିଟର ଦୂର ଜଙ୍ଗଲ ଭିତରେ ଅପାନ୍ତର ସ୍ଥାନରେ ଏହା ନିର୍ମାଣ କରାଯାଇଛି ଯେଉଁଠିକି ସ୍ଥାୟୀ ରାସ୍ତା କି ପାଦଚଲା ରାସ୍ତା ମଧ୍ୟ ନାହିଁ। ଯାହା ଫଳରେ ଏହା କୌଣସି କାମରେ ଆସୁନାହିଁ। ସବୁଠାରୁ ଆଶ୍ଚର୍ଯ୍ୟର କଥା ଏହି କେନ୍ଦ୍ରଟି ଆରମ୍ଭରୁ ବ୍ୟବହାର ହୋଇନଥିଲେ ମଧ୍ୟ ପ୍ରତିବର୍ଷ ଏହାର ମରାମତି ଏବଂ ଉନ୍ନତିକରଣ ପାଇଁ ଖର୍ଚ୍ଚ ହେଉଛି ଲକ୍ଷ ଲକ୍ଷ ଟଙ୍କା। ତେବେ ବିଭାଗୀୟ ଅଧିକାରୀ ଏଥିପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ପିତୃମାତୃ ହୀନ ଶିଶୁଙ୍କ ସର୍ଭେ ଆରମ୍ଭ

ଖଣ୍ଡପଡ଼ା, ୧୫।୭ (ସମିସ): ନୟାଗଡ଼ ଜିଲ୍ଲା ଶିଶୁ ସମାଜ ମଙ୍ଗଳ ଓ ଶିଶୁ ସୁରକ୍ଷା ୟୁନିଟ ପକ୍ଷରୁ ଜିଲ୍ଲାରେ ପିତୃମାତୃ ହୀନ ଓ ଏକକ ଅଭିଭାବକ ଶିଶୁଙ୍କ ସର୍ବେକ୍ଷଣ ଶନିବାର ଆରମ୍ଭ ହୋଇଯାଇଛି। ମହିଳା ଓ ଶିଶୁ ବିକାଶ ବିଭାଗ ମାର୍ଗଦର୍ଶିକା ଅନୁଯାଇ ଅନୁଯାଇ ଜୁଲାଇ ୧୧ ରୁ ୨୧ ତାରିଖ ମଧ୍ୟରେ ଅଙ୍ଗନବାଡି କର୍ମୀମାନେ ଘରକୁ ଘର ଯାଇ ଏହି ସର୍ବେକ୍ଷଣ କାର୍ଯ୍ୟ କରିବେ ବୋଲି ବିଭାଗ ପକ୍ଷରୁ ସୂଚନା ମିଳିଛି। ଏହି ସର୍ବେକ୍ଷଣ ମାଧ୍ୟମରେ ଜିଲ୍ଲାର ପ୍ରତ୍ୟେକ ପିତୃମାତୃହୀନ ଓ ଏକକ ଅଭିଭାବକ ଥିବା ଶିଶୁମାନଙ୍କୁ ଚିହ୍ନଟ ସହ ସେମାନଙ୍କ ସ୍ଥିତିକୁ ବିଶ୍ଳେଷଣ କରି ସରକାରଙ୍କ ବିଭିନ୍ନ ଯୋଜନାରେ ସାମିଲ କରାଯିବ ସହିତ ସେମାନଙ୍କୁ ଥଇଥାନ କରାଯିବ। ଏକକ ଅଭିଭାବକ ଶିଶୁଙ୍କ କ୍ଷେତ୍ରରେ ଯଦି ପିତାଙ୍କ ମୃତ୍ୟୁ ହୋଇଥିବ କିମ୍ବା ମାଙ୍କ ମୃତ୍ୟୁକ୍ଷେତ୍ରରେ ଜୀବିତ ଥିବା ପିତା ୪୦ ପ୍ରତିଶତରୁ ଅଧିକ ଭିନ୍ନକ୍ଷମ ହୋଇଥିବେ ନତୁବା କୌଣସି ମାରାସକ ରୋଗର ଶିକାର ହୋଇଥିବେ ସେହି ଶିଶୁମାନଙ୍କୁ ଏହି ଚିହ୍ନଟିକରଣରେ ପରିଷରଭୁକ୍ତ କରାଯିବା ପାଇଁ ପିତୃମାତୃ ହୀନ ଓ ଏକକ ଅଭିଭାବକ ଶିଶୁଙ୍କ ସର୍ବେକ୍ଷଣ କରାଯାଉଥିବା ଜଣାଯାଇଛି। ସେହିପରି ଖଣ୍ଡପଡ଼ା ସହରାଞ୍ଚଳରେ କିପରି ସଠିକି ଭାବରେ ତଥ୍ୟ ମିଳି ପାରିବ ସେଠି ପ୍ରତି ବିଭାଗୀୟ କର୍ତ୍ତୃ ପକ୍ଷ ତଦାରଖ କରୁଛନ୍ତି। ତେବେ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ ନିର୍ଦ୍ଦେଶରେ ଏହି ସର୍ବେକ୍ଷଣ କାର୍ଯ୍ୟକୁ ସମ୍ପାଦନ କରିବା ପାଇଁ ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶିବିୟନ ପ୍ରଧାନ, ନୋଡାଲ ଅଫିସର ତଥା ଜିଲ୍ଲା ସମାଜ ମଙ୍ଗଳ ଅଧିକାରିଣୀ ପୁଷ୍ପଲତା ପାତ୍ରଙ୍କୁ ପରିଚାଳନ ଦାୟିତ୍ୱ ପ୍ରଦାନ କରାଯାଇଛି।

## ବାଲୁଙ୍କେଶ୍ୱରଦେବ କଲେଜରେ ଆଇନ ସଚେତନତା

ଭାପୁର, ୧୫।୭ (ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ଟିକିରିପଡ଼ା ଗ୍ରାମ ଠାରେ ଥିବା ବାଲୁଙ୍କେଶ୍ୱରଦେବ ଆଞ୍ଚଳିକ ଡିଗ୍ରୀ ମହାବିଦ୍ୟାଳୟରେ ମଙ୍ଗଳବାର ଭାପୁର ବିଚାର ବିଭାଗୀୟ ବିଚାରପତି ବାଳିକାମାନଙ୍କ ବିରୁଦ୍ଧରେ ଯୌନ ଉତ୍ପୀଡ଼ନ ନେଇ ସଚେତନତା କାର୍ଯ୍ୟକ୍ରମ ଆୟୋଜନ କରିଥିଲେ। ଏହି ସଚେତନତା ଶିବିର ରେ ଦେଢ ଶହ ଛାତ୍ରୀ ଅଂଶଗ୍ରହଣ କରିଥିଲେ। ଭାପୁର ତାଲୁକ ସେବା ପ୍ରାଧିକରଣର ଅଧ୍ୟକ୍ଷ ତଥା ବିଚାର ବିଭାଗୀୟ ବିଚାରପତି ଦିପ୍ତିମୟୀ ସାହୁଙ୍କ ସଭାପତିତ୍ୱରେ ଓ ଆଡଭୋକେଟ ପ୍ରଶାନ୍ତ ବାରିକଙ୍କ ସସ୍ୱଯୋଜନାରେ ଆୟୋଜିତ କାର୍ଯ୍ୟକ୍ରମରେ ସରକାରୀ ଓକିଲ କେଦାର ନାଥ ସାହୁ, ଓକିଲ ବସନ୍ତ କୁମାର ସ୍ୱାଇ, ଅଧ୍ୟକ୍ଷ ପୂର୍ଣ୍ଣଚନ୍ଦ୍ର ସାହୁ, ଫତେଗଡ଼ ଥାନା ଅଧିକାରୀ ପଞ୍ଚାନନ ପରିଡ଼ା, ଅଧ୍ୟାପକ ସତ୍ୟସୁନ୍ଦ ଦାସ ଓ ଅଧ୍ୟାପିକା ବିଜୟଲକ୍ଷ୍ମୀ ମଙ୍ଗରାଜ ମହିଳାଙ୍କ ପ୍ରତି ଯୌନ ଉତ୍ପିଡନ ନେଇ ଉପାଦେୟ ତଥ୍ୟ ପ୍ରଦାନ କରିଥିଲେ। ବିଚାରପତି ଶ୍ରୀମତୀ ସାହୁ କହିଥିଲେ ଯେ ଭଗବାନ ନାରୀଙ୍କୁ ଏପରି ଅନ୍ତନିହିତ ଶକ୍ତି ଦେଇଛନ୍ତି ଯେ ସେମାନେ ଅଶ୍ଳୀଳ ଇଙ୍ଗିତ ପିଲାବେଳୁ ବୁଝିପାରନ୍ତି। ତେଣୁ ବାଳିକାମାନେ ସଚେତନ ହୋଇ ଏହାକୁ ଦୃଢ ବିରୋଧ କରିବା ଦରକାର। ଥାନା ଅଧିକାରୀ ଆଇନର ବିଭିନ୍ନ ଦଫା ଓ ଦିଗ ଉପରେ ଆଲୋକପାତ କରିଥିଲେ। ଅଧ୍ୟାପକ ପ୍ରସନ୍ନ କୁମାର ମହାରଣା ଧନ୍ୟବାଦ ଅର୍ପଣ କରିଥିଲେ।

## ବାହାଡ଼ାଝୋଲା ଫାଣ୍ଡିକୁ ଥାନାର ମାନ୍ୟତା ଦାବି




ଓଡ଼ଗାଁ, ୧୫।୭ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ଆଦର୍ଶ ଥାନା ନୂଆଗାଁ ବ୍ଲକ ଅନ୍ତର୍ଗତ ଆଦିବାସୀ ବହୁଳ ବାହାଡ଼ାଝୋଲାଠାରେ ଥିବା ବ୍ରିଟିସ ଅମଳର ବହୁ ପୁରାତନ ଫାଣ୍ଡିକୁ ଥାନାର ମାନ୍ୟତା ପ୍ରଦାନ ନିମନ୍ତେ ଦାବି ହୋଇଛି। ଏ ନେଇ ଅଞ୍ଚଳର ସାମ୍ବାଦିକ ଓ ବୁଦ୍ଧିଜୀବୀମାନଙ୍କୁ ନେଇ ଏକ ବୈଠକ ମଙ୍ଗଳବାର ଅନୁଷ୍ଠିତ ହୋଇଯାଇଛି। ସୂଚନା ଅନୁସାରେ ବାହାଡ଼ାଝୋଲା ଫାଣ୍ଡି ୧୯୪୦ ମସିହା ବ୍ରିଟିସ ଅମଳର ହୋଇଥିବା ବେଳେ ସେହି ସମୟର ଅନେକ ଫାଣ୍ଡି ଥାନାର ମାନ୍ୟତା ପାଇ ସାରିଲାଣି। ହେଲେ ବାହାଡ଼ାଝୋଲା ସେଇ ଫାଣ୍ଡି ହୋଇ ରହିଯାଇଛି। ଏହି ଫାଣ୍ଡି ଉପରେ ୬ ଗୋଟି ଆଦିବାସୀ ବହୁଳ ପଞ୍ଚାୟତ ଯଥା-କାପ୍ତାପଲ୍ଲୀ, ଗୁମି, ହରିପୁର, ବେରୁହାଁବାରୀ, ସିଙ୍ଗାରପଲ୍ଲୀ ଭଳି ପଞ୍ଚାୟତ ଅର୍ଥାତ୍ ୯୭ଟି ରାଜସ୍ୱ ଗାଁ ରହିଛି। ଏଥିସହିତ ବାହାଡ଼ାଝୋଲା ଡେଲି ମାର୍କେଟ, ସାପ୍ତାହିକ ହାଟ, ଦୁଇଟି କଲେଜ, ଦୁଇ ସରକାରୀ ମଦ ଦୋକାନ ସହିତ ବିଭିନ୍ନ ଅଫିସ୍ ରହିଛି। ପ୍ରାୟ ୭୦ ହଜାରରୁ ଉର୍ଦ୍ଧ୍ୱ ଜନସାଧାରଣ ଉକ୍ତ ଫାଣ୍ଡି ଉପରେ ନିର୍ଭର କରିଥାନ୍ତି। ଏ ସମ୍ପର୍କରେ ପୂର୍ବରୁ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇଥିଲା। ଏହି ଦାବିକୁ ଅଧିକ ଦୃଢ଼ିଭୂତ କରିବା ପାଇଁ ସାମ୍ବାଦିକ ନିରଞ୍ଜନ ସାହୁଙ୍କ ଆବାହକତ୍ୱରେ ଫାଣ୍ଡି ପରିସର ଶ୍ରୀନାଥ ମନ୍ଦିର ମଣ୍ଡପରେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ଅଞ୍ଚଳର ବୁଦ୍ଧିଜୀବୀ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ପ୍ରହଲ୍ଲାଦ ସାହୁ, ବଂଶୀଧର ସାହୁ, ଭିଖ୍ୟାକାରୀ ବକ୍ସି, ମହେନ୍ଦ୍ର କୁମାର ସାହୁ, ସତ୍ୟ ନାରାୟଣ ସାହୁ, ସୁରେଶ କୁମାର ସାହୁଙ୍କ ସହିତ ଅଞ୍ଚଳ ବିଜେପି ମଣ୍ଡଳ ସଭାପତି ଦିଲ୍ଲିପ କୁମାର ନାୟକ ଉପସ୍ଥିତ ରହି ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗକୁ ସ୍ୱାଗତ କରିବା ସହିତ ସମ୍ପୁର୍ଣ୍ଣ ସହଯୋଗ କରିବାକୁ ସହମତି ଜଣାଇଥିଲେ। ଅଞ୍ଚଳର ସାମ୍ବାଦିକ ପ୍ରଦିପ କୁମାର ସାହୁ, ବିରଞ୍ଚି ନାରାୟଣ ବେହେରା, ଦୟା ସାହୁ, ଲୋକନାଥ ମହାପାତ୍ର, ପ୍ରମୋଦ କୁମାର ନାୟକ ନେତୃତ ନେଉଥିଲେ। ଆଗାମୀ ଦିନରେ ଜିଲ୍ଲାପାଳ, ଏସ୍‌ପି, ଡିଜି, ବିଧାୟକ, ସାଂସଦଙ୍କ ସହିତ ମୁଖ୍ୟମନ୍ତ୍ରୀଙ୍କ ଠାରେ ଉକ୍ତ ଫାଣ୍ଡିକୁ ଥାନାର ମାନ୍ୟତା ଦେବା ପାଇଁ ଦାବି ରଖାଯିବ ବୋଲି ନିଷ୍ପତି ଗ୍ରହଣ କରାଯାଇଥିଲା।

## କୋମଣ୍ଡରେ ବୃକ୍ଷରୋପଣ



ଓଡ଼ଗାଁ, ୧୫।୭ (ସମିସ): ଓଡ଼ଗାଁ ବ୍ଲକ କୋମଣ୍ଡ ଆନନ୍ଦ ସାହୁ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପରିସରରେ ମା' ପାଇଁ ଗଛଟିଏ କାର୍ଯ୍ୟକ୍ରମ ଅବସରରେ ବୃକ୍ଷରୋପଣ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟ ଅଧ୍ୟକ୍ଷ ସୁରେଶ ଚନ୍ଦ୍ର ମିଶ୍ରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅଧ୍ୟାପିକା ଅଧ୍ୟକ୍ଷଙ୍କ ସହିତ ଅନ୍ୟ କର୍ମଚାରୀ ଓ ଛାତ୍ରୀଙ୍କ ଦ୍ୱାରା ବୃକ୍ଷ ରୋପଣ କାର୍ଯ୍ୟ ସମାପନ ହୋଇଥିଲା। ଅଧ୍ୟାପକ ପୀତବାସ ସେନାପତି, ସନ୍ଧ୍ୟା ପଟ୍ଟନାୟକ, ପୁଷ୍ପଲତା ସାହୁ, ସ୍ୱର୍ଣ୍ଣ ଲତା ରଥଙ୍କ ସହିତ ନିରାକାର ନାୟକ ପ୍ରମୁଖ ଭାବେ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ସେହିପରି ଭାବେ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପାଇକ ବାଙ୍କତରା, ଗାୟତ୍ରୀ ବିଦ୍ୟାମନ୍ଦିର ମଶାବାରୀ ଏବଂ ଷ୍ଟେଟବ୍ୟାଙ୍କ ଅଫ ଇଣ୍ଡିଆ ଓଡ଼ଗାଁ ଶାଖାର ମିଳିତ ଆନୁକୂଲ୍ୟରେ ବିଦ୍ୟାଳୟ ପରିସରରେ ବୃକ୍ଷରୋପଣ କରାଯାଇଥିଲା। ବିଦ୍ୟାଳୟର ପ୍ରଧାନଶିକ୍ଷକ ରଘୁନାଥ ଦାଶଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଓଡ଼ଗାଁ ଷ୍ଟେଟବ୍ୟାଙ୍କ ଶାଖା ପରିଚାଳକ ଲକ୍ଷ୍ମୀଧର ସୁବୁଦ୍ଧି, ଅତିରିକ୍ତ ବ୍ଲକ ଶିକ୍ଷାଧିକାରୀ ରାଜକିଶୋର ସାହୁ, ବରିଷ୍ଠ ସାମ୍ବାଦିକ ଅଶୋକ କୁମାର ମହାପାତ୍ର, ସାଧନା କେନ୍ଦ୍ର ସମ୍ପାଦକ ଯଶୋବନ୍ତ ପଟ୍ଟନାୟକ ଅଂଶଗ୍ରହଣ କରିଥିଲେ। ଅତିଥିମାନେ ବୃକ୍ଷରୋପଣର ଉପକାରିତା ସମ୍ପର୍କରେ ସୂଚନା ପ୍ରଦାନ କରିଥିଲା ବେଳେ ଗାୟତ୍ରୀ ବିଦ୍ୟାମନ୍ଦିରର ଛାତ୍ରୀଙ୍କ ଦ୍ୱାରା ଗଛଟିଏ ମୁଁ ଗଛଟିଏ ନୃତ୍ୟ ସଙ୍ଗୀତ ସମସ୍ତଙ୍କୁ ବେଶ୍ ଆକର୍ଷିତ କରିଥିଲା। ଏସମିସି ସଭାପତି କମିଟି ସଭ୍ୟ ସଭ୍ୟା ଏବଂ ମାତୃ ମଞ୍ଚର ସଭ୍ୟମାନେ ଯୋଗ ଦେଇଥିବା ବେଳେ ସାଧନ କେନ୍ଦ୍ର ସଂଯୋଜକ ସଂଯୋଜନା କରିଥିଲେ। ଶିକ୍ଷକ ପ୍ରଫୁଲ୍ଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ବିଶ୍ୱ ଯୁବ ଦକ୍ଷତା ଦିବସ ପାଳିତ

ଶରଣକୁଳ, ୧୫।୭ (ସମିସ): ଜିଲ୍ଲା ଦକ୍ଷତା ବିକାଶ ଓ ନିୟୋଜନ କାର୍ଯ୍ୟାଳୟ ଆନୁକୂଲ୍ୟରେ ଶରଣକୁଳ ସ୍ଥିତ ନାରାୟଣ ଉଚ୍ଚ ବିଦ୍ୟାଳୟ ପରିସରରେ ବିଶ୍ୱ ଯୁବ ଦକ୍ଷତା ଦିବସ ୨୦୨୫ ମଙ୍ଗଳବାର ପାଳିତ ହୋଇଯାଇଛି। ଚଳିତ ବର୍ଷର ବିଶ୍ୱ ଯୁବ ଦକ୍ଷତା ଦିବସ, କୃତ୍ରିମ ବୁଦ୍ଧିମତା ଏବଂ ଡିଜିଟାଲ ଦକ୍ଷତା ଦ୍ୱାରା ଯୁବ ସଶକ୍ତିକରଣ ବିଷୟବସ୍ତୁ ଉପରେ ଆଧାରିତ ଥିଲା। ଏହି ଦିବସ ପାଳନ ଅବସରରେ ଜିଲ୍ଲା ଦକ୍ଷତା ବିକାଶ ଓ ନିୟୋଜନ ଅଧିକାରୀ ମନସ୍ୱୀ ସେଠୀ, ରାଷ୍ଟ୍ରୀୟ ବୃତ୍ତି ସେବାର ଅଧିକାରୀ ପ୍ରଶାନ୍ତ କୁମାର ମଲ୍ଲିକ, ମୁଖ୍ୟମନ୍ତ୍ରୀ ଦକ୍ଷତା ବିକାଶ ଗବେଷଣା ଫେଲୋ ରବି କୁମାର, ନାରାୟଣ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ରଶ୍ମିରଞ୍ଜନ ମିଶ୍ର, ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ଶରଣକୁଳର ପ୍ରଧାନ ଶିକ୍ଷକ ରମେଶ ଚନ୍ଦ୍ର ସାହୁ ପ୍ରମୁଖ ଯୋଗ ଦେଇ ନିଜର ବକ୍ତବ୍ୟ ରଖିଥିଲେ। ଏହି ଅବସରରେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତା ଗୁଡ଼ିକର କୃତି ପ୍ରତିଯୋଗୀଙ୍କୁ ଅତିଥିଙ୍କ ଦ୍ୱାରା ପୁରସ୍କାର ପ୍ରଦାନ କରାଯାଇଥିଲା। ବିଦ୍ୟାଳୟ ସ୍ତରରେ ଧନ୍ଦାମୂଳକ ଶିକ୍ଷାର ପ୍ରଚାର ଓ ପ୍ରସାର ଦିଗରେ କରିଥିବା ଦୃଷ୍ଟାନ୍ତ ମୂଳକ କାର୍ଯ୍ୟ ପାଇଁ ଜିଲ୍ଲା ପ୍ରଶାସନ ତରଫରୁ ରୋଜାଲିନ ମିଶ୍ର ଏବଂ ଗୌରାଙ୍ଗ ସାହୁଙ୍କୁ ପୁରସ୍କୃତ କରାଯାଇଥିଲା। ଦକ୍ଷତା ରୋଡ ସୋ ପରେ ନାରାୟଣ ଉଚ୍ଚ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ଦ୍ୱାରା ସଚେତନତା ମୂଳକ



ନୃତ୍ୟ ପରିବେଷଣ କରାଯାଇଥିଲା। ସେହିପରି ଛାତ୍ରଛାତ୍ରୀଙ୍କ ଦ୍ୱାରା ପ୍ରସ୍ତୁତ କରାଯାଇଥିବା ହସ୍ତଶିଳ୍ପ ସାମଗ୍ରୀ ଗୁଡ଼ିକୁ ପ୍ରଦର୍ଶିତ କରାଯାଇଥିଲା। ଉକ୍ତ ସଭାରେ ବିଦ୍ୟାଳୟର ବରିଷ୍ଠ ଶିକ୍ଷକ ଗୋଦାବରୀ ବାସନ୍ତିଆ, ଜନାର୍ଦ୍ଦନ ପରିଡ଼ା, ପ୍ରଶାନ୍ତ ଦାଶ, ଦାମୋଦର ସାହୁ, ପ୍ରଜ୍ଞା ପାରମିତା ସାହୁ, ରଶ୍ମିତା ବେହେରା, ସସ୍ମିତା ସାହୁ, ଚନ୍ଦନ ମଲିକ, ନିରୁପମା ସାହୁ, ଶୁଭସ୍ମିତା ସାହୁ, ରଶ୍ମିତା ବେହେରା, ରାଜେଶ୍ୱରୀ ଡାକୁଆ, ମମତା ମିଶ୍ର, ସଚ୍ଚିଦାନନ୍ଦ ପାତ୍ର, ସୁନିତା ସାହୁ, ପ୍ରତିଭା ମଞ୍ଜରୀ ସ୍ୱାଇଁଙ୍କ ସମେତ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

## ଦିଲ୍ଲୀପ ଏନ୍‌ଏସ୍‌ୟୁଆଇ ସାଧାରଣ ସମ୍ପାଦକ

ଓଡ଼ଗାଁ, ୧୫।୭ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ମାଟିର ପୁଅ ତଥା ଛାତ୍ର ନେତା ଦିଲ୍ଲୀପ କୁମାର ବିଶୋଇ ରାଜ୍ୟ ଛାତ୍ର କଂଗ୍ରେସ (ଏନ୍‌ଏସୟୁଆଇ) ସାଧାରଣ ସମ୍ପାଦକ ଭାବେ ମନୋନୀତ ହୋଇଛନ୍ତି। ପୂର୍ବରୁ ଦିଲ୍ଲୀପ ଓଡ଼ଗାଁ ବ୍ଲକ ଛାତ୍ର କଂଗ୍ରେସ ସଭାପତି ଭାବେ କାର୍ଯ୍ୟ କରୁଥିଲେ। ଓଡ଼ିଶା ରାଜ୍ୟରେ ଛାତ୍ର କଂଗ୍ରେସ ସଂଗଠନକୁ ମଜବୁତ ଓ ଅଧିକ ଗତିଶୀଳ କରିବା ଉଦ୍ଦେଶ୍ୟରେ ରାଜ୍ୟ ଛାତ୍ର କଂଗ୍ରେସ ସଭାପତି ଉଦିତ କୁମାର ପ୍ରଧାନ ବହୁ ଅନୁଭବୀ ଓ ଦକ୍ଷ ଛାତ୍ରନେତାଙ୍କୁ ନିଯୁକ୍ତି କରି ରାଜ୍ୟ କମିଟି ଗଠନ କରିଛନ୍ତି। ଏହି



କମିଟିରେ ରାଜ୍ୟ ଛାତ୍ର କଂଗ୍ରେସ ସଭାପତିଙ୍କ ସୁପାରିସକ୍ରମେ ଅଖିଳ ଭାରତୀୟ ଛାତ୍ର କଂଗ୍ରେସ (ଏନ୍‌ଏସୟୁଆଇ) ର ସଭାପତି ବରୁଣ ଚୌଧୁରୀଙ୍କ ଅନୁମୋଦନ କ୍ରମେ ଦିଲ୍ଲୀପଙ୍କୁ ଓଡ଼ିଶା ପ୍ରଦେଶ ଛାତ୍ର କଂଗ୍ରେସ ସାଧାରଣ ସମ୍ପାଦକ ପଦବୀରେ ନିଯୁକ୍ତ କରିଛନ୍ତି।

## ଲଗାଣ ବର୍ଷାରେ ପଚି ଗଲାଣି ଧାନ ତଳି

ଗଣିଆ, ୧୫।୭ (ସମିସ): ଗଣିଆରେ ପ୍ରାୟ ୭୦ ପ୍ରତିଶତ ଲୋକେ ଚାଷବାସ କରି ନିଜର ଗୁଜୁରାଣ ମଣ୍ଡାଉଛନ୍ତି। ତେବେ ଦୀର୍ଘ ଦିନ ଧରି ଲଗାଣ ବର୍ଷା ଫଳରେ ବିଲରେ ଜମି ରହିଛି ବର୍ଷା ପାଣି। ଧାନ ତଳି ସବୁ ବର୍ଷା ପାଣିରେ ନଷ୍ଟ ହେବାକୁ ବସିଲାଣି। ମୈସୁମୀ ଆଗୁଆ ଆସିଥିବାରୁ ଚଳିତବର୍ଷ ଚାଷୀଙ୍କ ମନରେ ଖୁସିର ଲହରୀ ଖେଳିଯାଇଥିଲା। ବିଲରେ ଧାନ ଫସଲ କରି ଅଧିକ ଅର୍ଥ ଉପାର୍ଜନ ଆଶା କରି ଚାଷୀମାନେ ବିହନ ସଂଗ୍ରହ କରି ତଳି ପକାଇବା କାମ ସାରିଥିଲେ। ହେଲେ ଦାଉ ସାଧିଲା ଲଗାଣ ବର୍ଷା। ତୁହାକୁ ତୁହା ବର୍ଷା ଫଳରେ କେଉଁଠି ଧାନ ତଳି ପାଣିରେ ବୁଡି ରହି ଗଜା ବାହାରିଲାଣି ତ ଆଉ କେଉଁଠି ଅଳ୍ପ ଅଳ୍ପ ତଳି ବଢ଼ି ଅଧିକ ପାଣିରେ ନଷ୍ଟ ହୋଇଯାଇଛି। ଗଣିଆ ବ୍ଲକର ୮ଟି ପଞ୍ଚାୟତରେ ଏଭଳି ସମସ୍ୟା ଦେଖିବାକୁ ମିଳିଛି। ଏବେ ବିଲରେ ପାଣି ଭର୍ତ୍ତି ହୋଇ ରହିଥିବାରୁ ଚାଷୀ ଚିନ୍ତାରେ ପଡ଼ିଛି। ଲଗାଣ ବର୍ଷା ଯୋଗୁଁ ଅଧିକ ଦିନ ପାଣି ଭିତରେ ରହି ଧାନ ଗଛ ପଚି ନଷ୍ଟ ହେବାକୁ ବସିଲାଣି। ଏଭଳି ପରିସ୍ଥିତିରେ ଆଶା ଓ ଆଶଙ୍କାରେ ଚାତକ ଭଳି ଭଗବାନଙ୍କୁ ଭରସା କରି ଚାହିଁ ରହିଛନ୍ତି ଚାଷୀକୂଳ।



### ବାଲେଶ୍ୱର ଛାତ୍ରୀ ସୌମ୍ୟାଶ୍ରୀ ମୃତ୍ୟୁ ଘଟଣା

# ବିଜୁ ଛାତ୍ର ଜନତା ଦଳ ପକ୍ଷରୁ ବିକ୍ଷୋଭ

ନୟାଗଡ଼, ୧୫।୭ (ସମିସ)

ବାଲେଶ୍ୱର ଏଫ୍‌ଏମ୍ ବିଶ୍ୱ ବିଦ୍ୟାଳୟରେ ଘଟିଥିବା ଅଘଟଣରେ ଛାତ୍ରୀ ସୌମ୍ୟାଶ୍ରୀଙ୍କ ମୃତ୍ୟୁକୁ ନେଇ ନୟାଗଡ଼ ଜିଲ୍ଲା ବିଜୁ ଛାତ୍ର ଜନତା ଦଳ ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ବିଜୁ ଛାତ୍ର ଜନତା ଦଳ ଜିଲ୍ଲା ସଭାପତି ନୀଳମାଧବ ପଣ୍ଡାଙ୍କ ଆହ୍ୱାନ କ୍ରମେ ନୟାଗଡ଼ ସ୍ୱୟଂଶାସିତ ମହାବିଦ୍ୟାଳୟ ସାମ୍ନାରେ ଅନୁଷ୍ଠିତ ବିକ୍ଷୋଭ କାର୍ଯ୍ୟକ୍ରମରେ ଶହ ଶହ ଛାତ୍ରଛାତ୍ରୀ ସାମିଲ ହୋଇ ସରକାରଙ୍କ ବିରୁଦ୍ଧରେ ନାରାବାଜି କରିଛନ୍ତି। ମୁଖ୍ୟମନ୍ତ୍ରୀ ଓ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଫଟୋ ଥିବା ବ୍ୟାନରରେ ନିଆଁ ଲଗାଇ ଦିଆଯାଇଛି। ରାଜ୍ୟ ସରକାରଙ୍କ ଅବହେଳା ପାଇଁ ଜଣେ ଛାତ୍ରୀଙ୍କ ଜୀବନ ଚାଲି ଯାଇଥିବା ଛାତ୍ରନେତାମାନେ ଅଭିଯୋଗ କରିଛନ୍ତି। ଛାତ୍ର ବିଜେଡି ନେତା ଅମୂଲ୍ୟ ସାହୁ, ସଞ୍ଜୀବ କୁମାର ମିଶ୍ର, ପ୍ରମୋଦ କୁମାର ସାହୁ ପ୍ରମୂଖ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଏହି ଅବସରରେ ସନ୍ଧ୍ୟାରେ ନୟାଗଡ଼ ସ୍ୱୟଂ ଶାସିତ ମହାବିଦ୍ୟାଳୟ ନାରାୟଣୀ ମନ୍ଦିରଠାରୁ ଗୋଲେଇ ଛକ ପର୍ଯ୍ୟନ୍ତ ଏକ କ୍ୟାଣ୍ଡେଲ୍ ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା। ମୃତ ସୌମାଶ୍ରୀଙ୍କ ଅମରଆ।।ର ସଦଗତି କାମନା କରିଯିବା ସହ ତାଙ୍କୁ ନ୍ୟାୟ ପ୍ରଦାନ ପାଇଁ ଦାବି କରାଯାଇଥିଲା।

### ରଣପୁରରେ ମହମବତି ଶୋଭାଯାତ୍ରା




ରଣପୁର: ଛାତ୍ରୀ ସୌମ୍ୟଶ୍ରୀ ବିଶିଙ୍କ ମୃତ୍ୟୁକୁ ନେଇ ଏକ ମହମବତି ଶୋଭାଯାତ୍ରା ରଣପୁର ସହିଦ ରଘୁ ଦିବାକର ମଣ୍ଡପ ଠାରୁ ଜଗନ୍ନାଥ ମନ୍ଦିର ପର୍ଯ୍ୟନ୍ତ ଅନୁଷ୍ଠିତ ହୋଇଯାଇଛି। ଏଥିରେ କଂଗ୍ରେସ, ସିପିଏମ୍ ଓ ବିଜେଡିର କର୍ମୀ ଭାଗନେଇଥିଲେ। ବିଜେଡିରୁ ପ୍ରଫୁଲ କୁମାର ନାୟକ, କଂଗ୍ରେସରୁ ବିଭୁ ପ୍ରସାଦ ମିଶ୍ର, ସିପିଏମ୍‌ରୁ ସୁରେଶ ସ୍ୱାଇଁଙ୍କ ନେତୃତ୍ୱରେ ଆୟୋଜିତ ଏହି କ୍ୟାଣ୍ଡେଲ ଶୋଭାଯାତ୍ରାରେ ଅନେକ ଯୁବକ ସାମିଲ ହୋଇ ଘଟଣାକୁ ଦୃଢ଼ ନିନ୍ଦା କରିବା ସହ ଦୋଷୀ ଅଭିଯୁକ୍ତଙ୍କୁ ଫାଶୀ ଦଣ୍ଡାଦେଶ ଦେବାକୁ ଦାବି କରିଛନ୍ତି।

## ଦୂର୍ଗାଚରଣ ଡିଗ୍ରୀ ମହାବିଦ୍ୟାଳୟର ଆଭ୍ୟନ୍ତରୀଣ ଅଭିଯୋଗ କମିଟି

ଟାଙ୍ଗୀ,୧୫ା୭ (ସମିସ): ଉଚ୍ଚଶିକ୍ଷା ବିଭାଗ ନିର୍ଦ୍ଦେଶ କ୍ରମେ ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ଦୂର୍ଗାଚରଣ ଚିଲିକା ଡିଗ୍ରୀ ମହାବିଦ୍ୟାଳୟର ଆଭ୍ୟନ୍ତରୀଣ ଅଭିଯୋଗ କମିଟି ଗଠିତ ହୋଇଥିବା ଜଣାପଡ଼ିଛି। ବାଲେଶ୍ୱର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଇଣ୍ଟିଗ୍ରେଟେଡ୍ ବିଏଡ୍ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ଘଟଣା ପରେ ଓଡ଼ିଶାର କୌଣସି ମହାବିଦ୍ୟାଳୟରେ ଏହି ଘଟଣାର ପୁନରାବୃତ୍ତି ନ ହେବାକୁ ଦୃଷ୍ଟିରେ ରଖି ରାଜ୍ୟ ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ନିର୍ଦ୍ଦେଶ କ୍ରମେ ପ୍ରତ୍ୟେକ ସ୍ୱୀକୃତି ତଥା ଅଣସ୍ୱୀକୃତିପ୍ରାପ୍ତ ମହାବିଦ୍ୟାଳୟରେ ଜରୁରୀକାଳୀନ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ଗଠନ ପାଇଁ ନିର୍ଦ୍ଦେଶ ଦିଆଯାଇଛି। ଏହି ପରିପ୍ରେକ୍ଷୀରେ ଟାଙ୍ଗୀ ଦୂର୍ଗାଚରଣ ଡିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ସୁଶାନ୍ତ କୁମାର ଶତପଥି ଏକ ପାଞ୍ଚଜଣିଆ କମିଟି ଗଠନ କରି ପତ୍ରାଙ୍କ ସଂଖ୍ୟା ୧୫୪ ତା. ୧୫.୭.୨୫ରେ ଆଞ୍ଚଳିକ ନିର୍ଦ୍ଦେଶକ ଶିକ୍ଷା ବିଭାଗଙ୍କ ଅବଗତି ନିମନ୍ତେ ଜରୁରୀ ବାର୍ତ୍ତାରେ ପଠାଯାଇଥିବା ଜଣାପଡ଼ିଛି। ଏହି ଆଇସିସି କମିଟିରେ କଲେଜର ଅଧ୍ୟକ୍ଷ ଶ୍ରୀ ଶତପଥି, ଇତିହାସ ଅଧ୍ୟାପକ ସଞ୍ଜୀବ କୁମାର ପରିଡ଼ା, ରାଜନୀତି ବିଭାଗ ଅଧ୍ୟାପିକା ଶର୍ମିଷ୍ଠା ଦାସ, ଶିକ୍ଷା ବିଭାଗ ଅଧ୍ୟାପିକା ରିଙ୍କିନା ପ୍ରଧାନ ଓ ବରିଷ୍ଠ ସାମ୍ବାଦିକ ମନୋଜ ପଟ୍ଟନାୟକଙ୍କ ଧର୍ମପତ୍ନୀ ସମାଜସେବୀ ସସ୍ମିତା ପଟ୍ଟନାୟକଙ୍କୁ ନେଇ ଗଠିତ ହୋଇଥିବା ଜଣାପଡ଼ିଛି।

## ମାଆଙ୍କ ନାମରେ ଗଛଟିଏ

ଟାଙ୍ଗୀ,୧୫ା୭ (ସମିସ): ଟାଙ୍ଗୀ ବ୍ଲକ୍ ଅଧୀନସ୍ଥ ସୁନ୍ଦରପୁର କଲୋନୀ ପ୍ରାଥମିକ ବିଦ୍ୟାଳୟରେ 'ମାଆଙ୍କ ନାମରେ ଗଛଟିଏ' କାର୍ଯ୍ୟକ୍ରମରେ ବିଦ୍ୟାଳୟ ପରିସରରେ ଚାରାରୋପଣ କରାଯାଇଥିଲା। ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ଲଳିତ ନାରାୟଣ ମହାପାତ୍ର ମାଆ ଶୈଳବାଳା ମହାପାତ୍ରଙ୍କ ନାମରେ ଚାରାଟିଏ ରୋପଣ କରି କହିଥିଲେ ମାଆ ବଞ୍ଚିରହିବା ପାଇଁ ଆମେ ଯେମିତି ତାଙ୍କର ଯତ୍ନ ନେଉଛେ ସେହିପରି ଗଛର ଯତ୍ନ ନେଇ ବଞ୍ଚାଇବାକୁ ହେବ। ଏ ହେଉଛି ଆଜିର ସଂକଳ୍ପ। ଏହି ଅବସରରେ ଏକ ଜନସଚେତନତା ଶୋଭାଯାତ୍ରା ବିଦ୍ୟାଳୟରୁ ବାହାରି ଗ୍ରାମ ପରିକ୍ରମା କରାଯାଇଥିଲା। ଅଁଳା, ପିଜୁଳି, ଆତ, ଲେମ୍ବୁ, ଡାଳିମ୍ବ ଆଦି ଚାରାରୋପଣ କରାଯାଇଥିଲା। ଶିକ୍ଷୟିତ୍ରୀ ସ୍ୱାଗତିକା ରାଜ, ମନୋରମା ସାହୁ, ରୁପାଲୀ ପାତ୍ର କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଶ୍ରୀ ମହାପାତ୍ରଙ୍କ ତତ୍ତ୍ୱାବଧାନରେ ସୋମବାର ୩୦୦ରୁ ଊର୍ଦ୍ଧ୍ୱ ଚାରା ବଣ୍ଟନ କରାଯିବ। ଏଥିରେ ଅଭିଭାବକ, ଜନପ୍ରତିନିଧି, ଅଙ୍ଗନବାଡ଼ି କର୍ମୀ, ସ୍ୱାସ୍ଥ୍ୟକର୍ମୀ, ପରିଚାଳନା କମିଟି ସଦସ୍ୟ, ବନ କର୍ମଚାରୀ, ଶିକ୍ଷକ-ଶିକ୍ଷୟିତ୍ରୀ ପ୍ରମୁଖ ସାମିଲ ହେବେ ବୋଲି ଶ୍ରୀ ମହାପାତ୍ର ସୂଚନା ଦେଇଛନ୍ତି।

### ସଚେତନତା ଅଭାବରୁ ବଢୁଛି ସାପ କାମୁଡ଼ା ମୃତ୍ୟୁ

# ୫ ବର୍ଷରେ ଗଲାଣି ୧୦୫ ଜଣଙ୍କ ଜୀବନ

ଖୋର୍ଦ୍ଧା,୧୫ା୭ (ସମିସ)

ବେଳକୁ ବେଳ ସାପ କାମୁଡ଼ାଜନିତ ମୃତ୍ୟୁ ସଂଖ୍ୟା ବଢ଼ିବାରେ ଲାଗିଛି। ଏଥିପାଇଁ ସରକାର ସଚେତନ କରିବା ସହ ବିଭିନ୍ନ ପଦକ୍ଷେପ ନେଉଥିବା ନେଇ ଡିଣ୍ଡିମ ପିଟୁଥିଲେ ସୁଦ୍ଧା ଏହି ଘଟଣାରେ ବ୍ରେକ୍ ଲାଗୁ ନାହିଁ। ସଚେତନତା ଅଭାବରୁ ବର୍ଷା ଦିନରେ ଏହି ସଂଖ୍ୟା ଅହେତୁକ ବୃଦ୍ଧି ପାଉଛି। ଜିଲ୍ଲାର ବିଭିନ୍ନ ସ୍ଥାନରେ ସଚେତନତା ଅଭାବରୁ ଲୋକଙ୍କ ଜୀବନ ଯାଉଥିବା କୁହାଯାଉଛି। ବିଷାକ୍ତ ସାପ କାମୁଡ଼ିଲେ ଲୋକେ ପ୍ରଥମେ ନିଜେ ଉପଚାର କରିବା ଓ ତା' ସାଙ୍ଗକୁ ଝଡ଼ାଫୁଙ୍କା କରୁଥିବା ଦେଖିବାକୁ ମିଳୁଛି। ଏହାସହ ବିଳମ୍ବରେ ସାପ କାମୁଡ଼ାର ଶିକାର ବ୍ୟକ୍ତିଙ୍କୁ ଡାକ୍ତରଖାନା ନେବାରୁ ମୃତ୍ୟୁ ଘଟୁଛି। ସାପ କାମୁଡ଼ିବା ପରେ କାଳବିଳମ୍ବ ନ କରି ଗୋଲ୍‌ଡେନ ଆୱାର ଭିତରେ ତୁରନ୍ତ ଚିକିତ୍ସା କରାଯାଇପାରିଲେ ଜୀବନ ବଞ୍ଚିଯାଇ ପାରନ୍ତା। ଜିଲ୍ଲାରେ ବିଷାକ୍ତ ସାପ କାମୁଡ଼ାରେ ୫ବର୍ଷରେ ୧୦୫ ଜଣଙ୍କର ମୃତ୍ୟୁ ହେଲାଣି। ତନ୍ମଧ୍ୟରେ ଚଳିତ ବର୍ଷ ଆଜି ସୁଦ୍ଧା ୨ ଜଣଙ୍କର ମୃତ୍ୟୁ ହୋଇଛି।

ସୂଚନା ଅନୁସାରେ, ବର୍ଷା ଦିନେ ଅଧିକ ସଂଖ୍ୟାରେ ସାପ ଦେଖାଦିଅନ୍ତି। ବାଡ଼ିବଗିଚା ଓ



**ବର୍ଷା ସମୟରେ ସ୍ଥିତି ସଙ୍ଗିନ**

**ଆଜି ବିଶ୍ୱ ସର୍ପ ଦିବସ**

ଗାତରେ ବର୍ଷାଜଳ ପଶି ଆବାସ ନଷ୍ଟ ହେବା ଦ୍ୱାରା ବାହାରକୁ ଆସନ୍ତି ଏବଂ ଘରେ ପଶିଥା'ନ୍ତି। ଏହାଛଡ଼ା ବନ୍ୟା ଓ ବାତ୍ୟା ସମୟରେ ଅଧିକ ସଂଖ୍ୟାରେ ସାପ ବାହାରିଥା'ନ୍ତି। ଯେଉଁଠି ମଣିଷ ସାଧାରଣତଃ ତାଙ୍କ ସଂସ୍ପର୍ଶରେ ଆସିଥାଏ। ସେହିପରି ଏହି ସମୟ ସାପଙ୍କ ମିଳନ ସମୟ ହୋଇଥିବାରୁ ସାପଙ୍କ ଗତିବିଧି ବଢ଼ିଥାଏ ବୋଲି କୁହାଯାଉଛି। ଖାଦ୍ୟ ଓ ଆବାସ ପାଇଁ ସାପ ଜନବସତିମୁହାଁ ହେଉଥିବାବେଳେ ଉକ୍ତ ସମୟରେ ଆଘାତ ପାଇବା ପରେ ସାପ କାମୁଡ଼ିଥାଆନ୍ତି। ସେହିପରି ଅଧିକାଂଶ କ୍ଷେତ୍ରରେ ଶୋଇଥିବା ସମୟରେ ସାପ କାମୁଡୁଥିବା ଘଟଣା ନଜରକୁ ଆସୁଛି।

ରାଜ୍ୟରେ ପ୍ରାୟ ୮୦ ପ୍ରଜାତିର ସାପ ଦେଖାଦେଇଥା'ନ୍ତି। ସେଥିମଧ୍ୟରୁ ପ୍ରାୟ ୮ରୁ ୧୦ ପ୍ରକାର ବିଷଧର ରହିଥା'ନ୍ତି। ଯେଉଁଥିରେ ନାଗ, ଚିତି, ରଣା, ଧୂଳିଆ ବୋଡ଼ା, ଚନ୍ଦନ ବୋଡ଼ା ପ୍ରଭୃତି ସାପ ରହିଛନ୍ତି। ଏହି ସାପ କାମୁଡ଼ିବା ଦ୍ୱାରା ମୃତ୍ୟୁ ଘଟିବାର ବହୁ ସମ୍ଭାବନା ଥାଏ। ତଥ୍ୟ ଅନୁସାରେ ୨୦୨୧ରେ ଏହା ୨୮ ଥିଲା। ସେହିପରି ୨୦୨୨ରେ ଏହି ମୃତ୍ୟୁ ସଂଖ୍ୟା ୩୨, ୨୦୨୩ରେ ୨୨ ଏବଂ ୨୦୨୪ରେ ୧୫ ଜଣଙ୍କର ସାପ କାମୁଡ଼ାରେ ମୃତ୍ୟୁ ହୋଇଛି। ଚଳିତ ବର୍ଷ ବର୍ତ୍ତମାନ ସୁଦ୍ଧା ଏହି ସଂଖ୍ୟା ୨ରେ ପହଞ୍ଚି ସାରିଥିବା ଜିଲ୍ଲା ଜରୁରୀକାଳୀନ ବିଭାଗ ତଥ୍ୟରୁ ଜଣାପଡ଼ିଛି। ଚଳିତ ବର୍ଷ ଜାନୁଆରୀରୁ ଜୁନ୍ ମାସ ସୁଦ୍ଧା ୫୬ ଜଣ ସାପ କାମୁଡ଼ାରେ ଆହତ ହୋଇ ଖୋର୍ଦ୍ଧା ମେଡିକାଲରେ ଚିକିତ୍ସା ହୋଇଥିବା ଜଣାପଡ଼ିଛି। କିନ୍ତୁ ବାସ୍ତବରେ ସାପ କାମୁଡ଼ା ମୃତ୍ୟୁ ସଂଖ୍ୟା ଢେର୍ ଅଧିକ ହେବା କୁହାଯାଉଛି। ଯାହା ଅତ୍ୟନ୍ତ ଚିନ୍ତାଜନକ ଅଟେ। ସାପ କାମୁଡ଼ିବା ପରେ ତୁରନ୍ତ ସେହି ସ୍ଥାନକୁ ସଫା କରି ଶୀଘ୍ର ଡାକ୍ତରଖାନା ନେବା ଆବଶ୍ୟକ। ଡାକ୍ତରଖାନାରେ ମଧ୍ୟ ବିଷଧର ସାପ କି ନାହିଁ ଏହାର ଚିହ୍ନଟ ପ୍ରକ୍ରିୟା ପାଇଁ ପ୍ରାୟ ୨୦ ମିନିଟ୍ ଲାଗିଥାଏ। ତେଣୁ ଅବହେଳା ନ କରି ତୁରନ୍ତ ଡାକ୍ତରଖାନା ଯିବା ଆବଶ୍ୟକ। ସରକାରଙ୍କ ପକ୍ଷରୁ ଚିକିତ୍ସା ବ୍ୟବସ୍ଥା ମାଗଣା କରାଯାଇଥିବାବେଳେ ପରୀକ୍ଷାରୁ ନେଇ ଆଣ୍ଟିଭେନମ୍ ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ ମାଗଣା ଚିକିତ୍ସା ଯୋଗାଇ ଦିଆଯାଉଥିବା ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ସୂତ୍ରରୁ ଜଣାଯାଇଛି।

ଅନ୍ୟପକ୍ଷରେ ଖୋର୍ଦ୍ଧା ସହର ଓ ଉପକଣ୍ଠରେ ଥିବା ଅନେକ ଡାକ୍ତରଖାନାରେ ଆଇସିୟୁ ଅଭାବ ଥିବାରୁ ଡିଏଚ୍‌ଏଚ୍‌କୁ ଆସୁଥିବା ସାପ କାମୁଡ଼ା ରୋଗୀଙ୍କୁ ଡାକ୍ତର ପ୍ରାଥମିକ ଚିକିତ୍ସା ପରେ ଭୁବନେଶ୍ୱର ସ୍ଥାନାନ୍ତର କରୁଛନ୍ତି। ଏହି ସମୟରେ ରାସ୍ତାରେ କିଛି ରୋଗୀଙ୍କ ମୃତ୍ୟୁ ହେଉଛି। ମେଡିକାଲରେ ଆଇସିୟୁ ବ୍ୟବସ୍ଥା କରାଯାଇ ଗୋଲ୍‌ଡେନ ଆୱାର ଭିତରେ ଚିକିତ୍ସା କରାଗଲେ ସାପ କାମୁଡ଼ା ରୋଗୀ ଉପକୃତ ହୋଇପାରନ୍ତେ। ସ୍ନେକ୍ ହେଲ୍‌ପଲାଇନ୍ ସଦସ୍ୟଙ୍କ କହିବା ଅନୁସାରେ, ଖୋର୍ଦ୍ଧା ଜିଲ୍ଲାରେ ମୁଖ୍ୟତଃ ନାଗ, ତମ୍ପ, ଚିତି, ରଣା, ଚନ୍ଦନବୋଡ଼ା, ଡାଲୁଆ ବୋଡ଼ା ପ୍ରଭୃତି ବିଷାକ୍ତ ସାପ ଦେଖାଯାଉଛନ୍ତି। ଜିଲ୍ଲାରେ ଅହିରାଜ ସାପ ମଧ୍ୟ ରହିଛନ୍ତି। ମାତ୍ର ଆଜି ପର୍ଯ୍ୟନ୍ତ କାହାକୁ କାମୁଡ଼ିଥିବା ନଜରକୁ ଆସିନି। ଜିଲ୍ଲାରେ ଏଯାବତ୍ ଧୂଳିଆ ବୋଡ଼ା ଭଳି ବିଷାକ୍ତ ସାପ ମଧ୍ୟ ଠାବ ହୋଇନାହିଁ। ସାପ କାମୁଡ଼ିବା ପରେ ପ୍ରଥମ ଘଣ୍ଟା (ସୁବର୍ଣ୍ଣ ଘଣ୍ଟା) ଅତି ଗୁରୁତ୍ୱପୂର୍ଣ୍ଣ। ଉକ୍ତ ସମୟ ମଧ୍ୟରେ ଚିକିତ୍ସା କରାଇବା ଜରୁରୀ। ଗୁଣିଗାରେଡ଼ିରେ ସମୟ ନଷ୍ଟ ନ କରି ଚିକିତ୍ସା କଲେ ଜୀବନ ବଞ୍ଚିବାର ସମ୍ଭାବନା ବଢ଼ିବ।

## ସୌମ୍ୟାଶ୍ରୀ ମୃତ୍ୟୁ ଘଟଣା; ଏଆଇଡିଏସ୍‌ଓ ପକ୍ଷରୁ ବିକ୍ଷୋଭ




ଖୋର୍ଦ୍ଧା,୧୫ା୭ (ସମିସ): ଅଲ୍ ଇଣ୍ଡିଆ ଡେମୋକ୍ରାଟିକ୍ ଷ୍ଟୁଡେଣ୍ଟ୍‌ସ ଅର୍ଗାନାଇଜେସନ୍ ଖୋର୍ଦ୍ଧା ଲୋକାଲ କମିଟି ପକ୍ଷରୁ ଫକୀର ମୋହନ ବିଶ୍ୱବିଦ୍ୟାଳୟ ଛାତ୍ରୀ ସୋ÷ମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁ ପାଇଁ ଦାୟୀ ସମ୍ପୃକ୍ତ ଅଧିକାରୀଙ୍କ ବିରୋଧରେ କଠୋର ଦଣ୍ଡ ବ୍ୟବସ୍ଥା କରିବା ପାଇଁ ପ୍ରାଣନାଥ ସ୍ୱୟଂଶାସିତ ମହାବିଦ୍ୟାଳୟ ସମ୍ମୁଖରେ ଏକ ଛାତ୍ର ବିକ୍ଷୋଭ ଅନୁଷ୍ଠିତ ହୋଇଯାଇଛି। ମହାବିଦ୍ୟାଳୟର ଛାତ୍ରନେତା ରାକେଶ କାଣ୍ଡିଙ୍କ ସଭାପତିତ୍ୱରେ ଲୋକାଲ କମିଟି ସଭାପତି ଶ୍ରୀକାନ୍ତ ନାୟକ, ସମ୍ପାଦକ ଅବିନାଶ ପ୍ରଧାନ, ଜୟନ୍ତ ମହାନ୍ତି, ସୂର୍ଯ୍ୟକାନ୍ତ ଜେନା, ଶ୍ରୀଦେବୀ ନାୟକ ପ୍ରମୁଖ ଉପସ୍ଥିତ ରହି ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଦୋଷୀମାନଙ୍କୁ ଫାଶୀଦଣ୍ଡ, ସୌମ୍ୟାଶ୍ରୀଙ୍କ ପରିବାରକୁ ୫୦ଲକ୍ଷ ଟଙ୍କା କ୍ଷତିପୂରଣ ଓ ସମସ୍ତ ଶିକ୍ଷାନୁଷ୍ଠାନରେ ଛାତ୍ରୀମାନଙ୍କୁ ସୁରକ୍ଷା ଦେବା ପାଇଁ ଦାବି କରିଛି ସଂଗଠନ। ଏହି ବିକ୍ଷୋଭରେ ବହୁ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ଆସନ୍ତା ୧୭ ତାରିଖରେ ଓଡ଼ିଶା ବନ୍ଦକୁ ସଫଳ କରିବା ପାଇଁ ସମସ୍ତ ସ୍କୁଲ, କଲେଜ ଓ ବ୍ୟବସାୟୀ ପ୍ରତିଷ୍ଠାନ ବନ୍ଦ ରଖିବା ପାଇଁ ଆହ୍ୱାନ ଦେଇଥିଲେ।

## ବିଜୁ ଜନତା ଦଳ ପକ୍ଷରୁ ମହମବତି ଶୋଭାଯାତ୍ରା




ବେଗୁନିଆ,୧୫ା୭ (ସମିସ): ବାଲେଶ୍ୱର ଫକୀର ମୋହନ ସ୍ୱୟଂଶାସିତ ବିଶ୍ୱବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ମୃତ୍ୟୁରେ ବେଗୁନିଆ ବିଜୁ ଜନତା ଦଳ ପକ୍ଷରୁ ମହମବତି ଶୋଭାଯାତ୍ରା ଅନୁଷ୍ଠିତ ହୋଇଛି। ଏଥିରେ ବିଧାୟକ ପ୍ରଦୀପ କୁମାର ସାହୁଙ୍କ ନେତୃତ୍ୱରେ ବିଜେଡି ପକ୍ଷରୁ କର୍ମୀମାନେ ଏକତ୍ରିତ ହୋଇ ବେଗୁନିଆ ସଦର ମହକୁମାର ବଜାର ଉପରେ ସୌମ୍ୟଶ୍ରୀଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି।

### ● ମହିଳା ମାଛ ବେପାରୀଙ୍କୁ ମାଡ଼ ଓ ଅସଦାଚରଣ ଘଟଣା

## ଏସ୍‌ପିଙ୍କୁ ଭେଟି ନ୍ୟାୟଭିକ୍ଷା କଲା ମତ୍ସ୍ୟଜୀବୀ ସଂଘ

ବାଲୁଗାଁ,୧୫ା୭ (ସମିସ): ବାଲୁଗାଁ ଚିଲିକାକୂଳ ମାଛ ବଜାରରେ ଜନୈକ ମହିଳା ମାଛ ବେପାରୀ କୁମାରୀ ବେହେରାଙ୍କୁ ପୂର୍ବ ବକେୟା ଅର୍ଥ ମାଗି ମାଛ ଗୋଦାମ ମାଲିକ ମାଡ଼ ମାରିବା ସହ ଅସଦାଚରଣ କରିବା ଘଟଣାକୁ ମତ୍ସ୍ୟଜୀବୀ ସଂଘ ନିନ୍ଦା କରିଛି। ଏହା ସହ ଉକ୍ତ ଘଟଣାରେ ପୁଲିସ ନ୍ୟାୟ ଦେବାରେ ବିଳମ୍ବ କରୁଥିବାରୁ ଏହାକୁ ପ୍ରତିବାଦ ସ୍ୱରୂପ ନ୍ୟାୟ ପାଇବା ପାଇଁ ମଙ୍ଗଳବାର ଖୋର୍ଦ୍ଧା ଆରକ୍ଷୀ ଅଧୀକ୍ଷକ ସାଗରିକା ନାଥଙ୍କୁ ସାକ୍ଷାତ୍ କରି ଏକ ଦାବିପତ୍ର ପ୍ରଦାନ କରିଛି ସଂଘ।



ସୂଚନା ଯେ, ଗତ ଜୁନ୍ ୩୦ ତାରିଖରେ ରମ୍ଭା ଅଞ୍ଚଳର ବିଧବା ମତ୍ସ୍ୟଜୀବୀ କୁମାରୀ ବେହେରାଙ୍କୁ ବାଲୁଗାଁ ଚିଲିକାକୂଳ ଜେଟିସ୍ଥିତ ମାଛ ବଜାରରେ ବକେୟା ଅର୍ଥ ମାଗି ମାଛ ଗୋଦାମ ମାଲିକ ସିନ୍ଧୁ ସେଠୀ ଓ ତାଙ୍କ ଭାଇ ଜାତିଆଣ ଆକ୍ଷେପ କରି ଗାଳିଗୁଲଜ କରି ମାଡ଼ ମାରିବା ସହ ଅସଦାଚରଣ କରିଥିଲେ। ଏନେଇ କୁମାରୀ ବାଲୁଗାଁ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ ବାଲୁଗାଁ ଥାନା କେସ୍ ନଂ୧୭୬/୨୫ରେ ଏକ ମାମଲା ରୁଜୁ କରି ତଦନ୍ତ କରୁଥିବାବେଳେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନାହିଁ। ଏହାର ପ୍ରତିବାଦ କରି ନ୍ୟାୟ ପାଇଁ ମତ୍ସ୍ୟଜୀବୀ ସଂଘ ସହ କୁମାରୀ ମଙ୍ଗଳବାର ଖୋର୍ଦ୍ଧା ଏସ୍‌ପି ସାଗରିକା ନାଥଙ୍କୁ ସାକ୍ଷାତ୍ କରିବାକୁ ଯାଇଥିବାବେଳେ ତାଙ୍କ ଅନୁପସ୍ଥିତିରେ କାର୍ଯ୍ୟାଳୟ ଡିଏସ୍‌ପି ଜ୍ୟୋତ୍ସ୍ନା କଅଁରଙ୍କୁ ଅଭିଯୋଗପତ୍ର ପ୍ରଦାନ କରିଛନ୍ତି। ଏହା ପୂର୍ବରୁ ସଂଘ ପକ୍ଷରୁ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଓ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କୁ ଭେଟି ଏ ସମ୍ପର୍କରେ ଅଭିଯୋଗପତ୍ର ମଧ୍ୟ ପ୍ରଦାନ କରିଥିଲେ। ତେବେ ଯଥାଶୀଘ୍ର ଅଭିଯୁକ୍ତଙ୍କ ବିରୋଧରେ କର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଗଲେ ସଂଘ ପକ୍ଷରୁ ଆଗାମୀ ଦିନରେ ରାଜ୍ୟ ପୁଲିସ ମହାନିର୍ଦ୍ଦେଶକ ଓ ମୁଖ୍ୟମନ୍ତ୍ରୀଙ୍କୁ ଅଭିଯୋଗପତ୍ର ପ୍ରଦାନ କରିବା ସହ ଥାନା ଘେରଉ କରିବେ ବୋଲି ସଂଘ ନେତା ଭୀମସେନ ବେହେରା ପ୍ରକାଶ କରିଛନ୍ତି।

## ଗଳ୍ପ ସଂକଳନ 'ମତେ ନାୟିକା କରିନିଅ' ଲୋକାର୍ପିତ



ଖୋର୍ଦ୍ଧା,୧୫ା୭ (ସମିସ): ଗପର କିଛି ଭାଗମାପ ନ ଥାଏ। ଅବଧୂତଙ୍କ ୨୪ ଗୁରୁ ଭଳି ସାଧାରଣ କଥାରୁ ବି ଗପର ପ୍ଲଟ୍ ମିଳିଥାଏ। ଏଥିରେ ଦୃଷ୍ଟିକୋଣ ହେଉଛି ଗୁରୁତ୍ୱପୂର୍ଣ୍ଣ। ପୁଣି ବର୍ତ୍ତମାନର ପାଠକ ବା ନୂଆପିଢ଼ିଙ୍କୁ ଆକର୍ଷିତ କରିବା ପାଇଁ ସେହିଭଳି ଉପାଦାନ ଦେବାକୁ ପଡ଼ିବ। ଜଣାଶୁଣା ଗାଳ୍ପିକ ତଥା ସ୍ତମ୍ଭକାର ସମରେନ୍ଦ୍ର ବଳିଆରସିଂହଙ୍କ ଗଳ୍ପ ସଂକଳନ 'ମତେ ନାୟିକା କରିନିଅ'ର ଲୋକାର୍ପଣ ଉତ୍ସବରେ ଅତିଥିଭାବେ ଯୋଗଦେଇ ଏହିଭଳି ମତବ୍ୟକ୍ତ କରିଛନ୍ତି।

ତ୍ରିନାଥ ଚରଣ ସ୍ମୃତି କଳା ସାହିତ୍ୟ ସଂସଦ ପକ୍ଷରୁ ସ୍ଥାନୀୟ ଶ୍ୟାମ ମାଧବ-ବାସନ୍ତୀ ଦେବୀ ପାଠାଗାର ପ୍ରେକ୍ଷାଳୟରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାରପ୍ରାପ୍ତ ସାହିତ୍ୟିକ ତଥା ଅନୁବାଦକ ସୁଭାଷ ଶତପଥୀ ଯୋଗଦେଇ ଭଲ ବହି ଜନ୍ମ ହେଲେ ଅମର ହେଇଯାଏ। ସମରେନ୍ଦ୍ର ବଳିଆରସିଂହଙ୍କ ଗଳ୍ପ ସଂକଳନରେ ସେହିଭଳି ଉପାଦାନ ରହିଛି। ମୁଖ୍ୟବକ୍ତା ଭାବେ ବିଶିଷ୍ଟ ଗାଳ୍ପିକ ତଥା ସାମ୍ବାଦିକ ଏ.ଆର୍. ଦୀପଙ୍କର ଦାସ ନିଜ ବକ୍ତବ୍ୟରେ ଗପର ବିଭିନ୍ନ ପରୀକ୍ଷା ନିରୀକ୍ଷା ସମ୍ବନ୍ଧରେ ବିଶ୍ଳେଷଣ କରିଥିଲେ। ଅନ୍ୟତମ ଅତିଥିଭାବେ ରାଜ୍ୟପାଳ ପୁରସ୍କାରପ୍ରାପ୍ତ ଶିକ୍ଷକ ତଥା ସାହିତ୍ୟିକ ରାଜକିଶୋର ପାଣିଗ୍ରାହୀ ଜୀବନକୁ ନିରେଖି ଦେଖି ତାହାର ମନସ୍ତାତ୍ତ୍ୱିକ ବିଶ୍ଳେଷଣ କରିବାରେ ଗାଳ୍ପିକ ସିଦ୍ଧହସ୍ତ ବୋଲି କହିଥିଲେ। ୨୦୧୯ରେ ସମରେନ୍ଦ୍ରଙ୍କ ପ୍ରଥମ ଗଳ୍ପ ସଂକଳନ 'ମନେଅଛି ତ' ପ୍ରକାଶ ପାଇଥିଲାବେଳେ ଏହା ଦ୍ୱିତୀୟ ଗଳ୍ପ ସଂକଳନ। ବିଶିଷ୍ଟ ଗାଳ୍ପିକ ଅଧ୍ୟାପକ କୈଳାସ ମହାରଣା କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ବହିର ବିସ୍ତୃତ ସମୀକ୍ଷା କରିଥିଲେ ଖୋର୍ଦ୍ଧା ମହିଳା କଲେଜ ଓଡ଼ିଆ ବିଭାଗ ମୁଖ୍ୟ ଡ. ସସ୍ମିତା ପଟ୍ଟନାୟକ। କାର୍ଯ୍ୟକ୍ରମରେ ଐତିହାସିକ ସତ୍ୟବାଦୀ ବଳିଆରସିଂହ, ଗାଳ୍ପିକ ତପନ ମହାପାତ୍ର, ସାହିତ୍ୟିକ ଗୋପାଳକୃଷ୍ଣ ଦାସ, ଡ. ପ୍ରମୋଦ ଚନ୍ଦ୍ର ଦାଶ, ଉମାଶଙ୍କର ପ୍ରସାଦ, ସମାଜସେବୀ କୃଷ୍ଣଚନ୍ଦ୍ର ହରିଚନ୍ଦନ, ବରିଷ୍ଠ ସାମ୍ବାଦିକ ତଥା ସାହିତ୍ୟିକ ଗୋପାଳ ଚନ୍ଦ୍ର ସାମନ୍ତରାୟ, ସାମ୍ବାଦିକ ଲୋହିତ ମହାପାତ୍ର, ଅନୁବାଦକ ଆଶିଷ କୁମାର ରାୟ ଉପସ୍ଥିତ ଥିଲେ। ଅବସରପ୍ରାପ୍ତ ଫ୍ଲାଇଟ୍ ଲେଫ୍ଟନାଣ୍ଟ ବିଦ୍ୟାଧର ଲେଙ୍କା, ଜ୍ୟୋତିରଞ୍ଜନ ସାହୁ, ଧର୍ମେନ୍ଦ୍ର ସାମନ୍ତରାୟ, ସମ୍ଭବ ବଳିଆରସିଂହ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଆଦର୍ଶ ବିଦ୍ୟାଳୟରେ ନାହାନ୍ତି ଶିକ୍ଷକ, ମିଳୁନି ପାଠ୍ୟପୁସ୍ତକ

କଣାସ,୧୫ା୭ (ସମିସ): ରାଜ୍ୟ ସରକାର ଶିକ୍ଷାର ମାନ ବୃଦ୍ଧି ପାଇଁ ପ୍ରତ୍ୟେକ ବ୍ଲକ୍‌ରେ ଆଦର୍ଶ ବିଦ୍ୟାଳୟମାନ ଖୋଲିଥିବାବେଳେ ପୁରୀ ଜିଲ୍ଲା କଣାସ ବ୍ଲକ୍‌ର ଯାମଳଗୋଦାଠାରେ ଖୋଲାଯାଇଛି ଏକ ଆଦର୍ଶ ବିଦ୍ୟାଳୟ। ସେହି ବିଦ୍ୟାଳୟରେ ଅନେକ ଶିକ୍ଷକ ନ ଥିବାବେଳେ ପାଠ୍ୟ ପୁସ୍ତକ ଛାତ୍ରଛାତ୍ରୀଙ୍କୁ ମିଳି ନ ଥିବା ଜଣାପଡ଼ିଛି। ଏଠାରେ ପାନୀୟଜଳ ମୁଖ୍ୟ ସମସ୍ୟା ସୃଷ୍ଟି କରିଛି।



**ପାନୀୟଜଳ ପାଲଟିଛି ମୁଖ୍ୟ ସମସ୍ୟା**

ପ୍ରକାଶ ଯେ, ଯାମଳଗୋଦାଠାରେ ଖୋଲାଯାଇଥିବା ଆଦର୍ଶ ବିଦ୍ୟାଳୟରେ ଷଷ୍ଠ ଶ୍ରେଣୀରେ ୮୦ ଜଣ ଅଧ୍ୟୟନ କରୁଥିବାବେଳେ ସପ୍ତମ ଶ୍ରେଣୀରେ ୮୦, ଅଷ୍ଟମରେ ୮୦, ନବମରେ ୮୦ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ବିଦ୍ୟାଳୟର ଅଧ୍ୟକ୍ଷ, ଇଂରାଜୀ, ପୋଷ୍ଟ ଗ୍ରାଜୁଏଟ୍ ଶିକ୍ଷକ ପଦ ଖାଲି ପଡ଼ିଥିବାବେଳେ ଅଷ୍ଟମ ଶ୍ରେଣୀ ଛାତ୍ରଛାତ୍ରୀଙ୍କୁ ଗଣିତ, ବିଜ୍ଞାନ, ସାମାଜିକ ବିଜ୍ଞାନ, ସଂସ୍କୃତ, ହିନ୍ଦୀ ପାଠ୍ୟ ପୁସ୍ତକ ଆଜି ପର୍ଯ୍ୟନ୍ତ ମିଳି ନ ଥିବାରୁ ଛାତ୍ରଛାତ୍ରୀ ଉକ୍ତ ପୁସ୍ତକର ପାଠପଢ଼ାରୁ ବଞ୍ଚିତ ହୋଇଛନ୍ତି। ବିଦ୍ୟାଳୟ ପରିସରରେ ଏକ ନଳକୂଅ ନିର୍ମାଣ କରାଯାଇଥିବା ବେଳେ ସେଥିରୁ ଅତ୍ୟଧିକ ଲୁଣିପାଣି ବାହାରୁଥିବାରୁ ପାନୀୟ ଉପଯୋଗୀ ହୋଇପାରୁ ନ ଥିବାରୁ ଛାତ୍ରଛାତ୍ରୀ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ପ୍ରତ୍ୟେକ ଦିନ ଭାରପ୍ରାପ୍ତ ଅଧ୍ୟକ୍ଷ ସରୋଜ ନାୟକ ୩ଶହ ଟଙ୍କା ଦେଇ ୧୦ ବ୍ୟାରିଏଲ (୨୦ଲିଟିରିଆ) ପାନୀୟଜଳ କିଣି ଛାତ୍ରଛାତ୍ରୀମାନଙ୍କୁ ପ୍ରଦାନ କରୁଛନ୍ତି। ଭାରପ୍ରାପ୍ତ ଅଧ୍ୟକ୍ଷ ଶ୍ରୀ ନାୟକ ବାରମ୍ବାର ପାନୀୟଜଳ ପାଇଁ ଗ୍ରାମ୍ୟ ଜଳଯୋଗାଣ ଅଧିକାରୀ ଏବଂ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ଜଣାଇଥିଲେ ମଧ୍ୟ କୌଣସି ସ୍ଥାୟୀ ପ୍ରତିକାର ହୋଇପାରି ନାହିଁ। ଚଳିତ ଶିକ୍ଷାବର୍ଷ ୧୦୦ ଦିନରୁ ଊର୍ଦ୍ଧ୍ୱ ଗତ ହୋଇଯାଇଥିଲେ ମଧ୍ୟ ଛାତ୍ରଛାତ୍ରୀ ପାଠ୍ୟପୁସ୍ତକ ପାଇବାରୁ ବଞ୍ଚିତ ହୋଇଛନ୍ତି। ତୁରନ୍ତ ଶିକ୍ଷକ ନିଯୁକ୍ତି, ପାଠ୍ୟପୁସ୍ତକ ଓ ପାନୀୟଜଳ ଯୋଗାଣ କରିବା ପାଇଁ ଛାତ୍ର ଅଭିଭାବକ ଦାବି କରିଛନ୍ତି।

### ଅବକାରୀ ବିଭାଗ ଓ ପୁଲିସର ମିଳିତ ଚଢ଼ଉ; ୫ ହଜାର ଲିଟର ପୋଚ ନଷ୍ଟ

# ବିପୁଳ ମହୁଲି ସହ ଜିଞ୍ଜର ସ୍ପିରିଟ୍ ଜବତ, ଜଣେ ଗିରଫ

ବାଲୁଗାଁ,୧୫ା୭ (ସମିସ)

ସମଗ୍ର ବାଣପୁର ବାଲୁଗାଁ ଅଞ୍ଚଳରେ ବେଆଇନ ଭାବେ ବ୍ୟାପକ ପରିମାଣରେ ନିଶା କାରବାର ହେଉଥିବା ନେଇ ଅଭିଯୋଗ ହୋଇଆସୁଛି। ଏପରିସ୍ଥଳରେ ମଙ୍ଗଳବାର ପୂର୍ବାହ୍ଣରେ ବାଣପୁର ଥାନା ଅନ୍ତର୍ଗତ ଆଦିବାସୀ ଅଧ୍ୟୁଷିତ ମାଳ ଅଞ୍ଚଳର କାନ୍ଦୁଲ ସାହିରେ ବେଆଇନ ଭାବେ ମଦ ପ୍ରସ୍ତୁତ କରି ଉଭୟ ଖୋର୍ଦ୍ଧା ଓ ଗଞ୍ଜାମ ଜିଲ୍ଲାକୁ ଚୋରା ଚାଲାଣ ହେଉଥିବା ନେଇ ବିଶେଷ ସୂତ୍ରରୁ ଖବର ପାଇଥିଲେ ଖୋର୍ଦ୍ଧା ଜିଲ୍ଲା ଅବକାରୀ ଅଧୀକ୍ଷକ ସୁମତି ତ୍ରିପାଠୀ। ତାଙ୍କ ନିର୍ଦ୍ଦେଶ କ୍ରମେ ଟାଙ୍ଗୀ ରେଞ୍ଜ ଅବକାରୀ ଅଧିକାରୀ ରାଧାକାନ୍ତ ଭୋଇଙ୍କ ତତ୍ତ୍ୱାବଧାନରେ ବାଲୁଗାଁ ଅବକାରୀ ଅଧିକାରୀ ସୁଜିତ କୁମାର ମୁଦୁଲିଙ୍କ ନେତୃତ୍ୱରେ ଅବକାରୀ ଟିମ୍ ଓ ବାଣପୁର ପୁଲିସ ମିଳିତ ଭାବେ ଚଢ଼ଉ କରି ୬୨୦ ଲିଟର ଦେଶୀ ମହୁଲି ମଦ ଜବତ କରାଯାଇଛି।



ଏହା ସହ ମଦ ପ୍ରସ୍ତୁତି ନିମନ୍ତେ ଝାଡ଼ଖଣ୍ଡରୁ ଆସିଥିବା ପ୍ରାୟ ୯୦ ପ୍ରତିଶତ ଇଥାନଲ୍ ଆଲ୍‌କୋହଲ ଯାହା ଓଡ଼ିଶାରେ ବିକ୍ରୟ ପାଇଁ ସମ୍ପୂର୍ଣ୍ଣ ନିଷେଧ ଥିବା ୪୫୦ ମିଲିଲିଟର ବିଶିଷ୍ଟ ୧୮୦ ବୋତଲ ବା ୮୧ ଲିଟର ଜିଞ୍ଜର ସ୍ପିରିଟ୍ ଜବତ କରାଯାଇଛି। ଏହି ବେଆଇନ ମଦ କାରବାରରେ ସମ୍ପୃକ୍ତ କାନ୍ଦୁଲ ସାହିର ବେପାରୀ ଶ୍ରୀଧର ଶବରକୁ ଗିରଫ କରିବାରେ ସଫଳ ହୋଇଥିଲେ। ସେହିପରି କାନ୍ଦୁଲ ସାହିର ଅନ୍ୟ ଏକ ସ୍ଥାନରେ ଚଢ଼ଉ କରି ସେଠାରୁ ୮୦୦ ଲିଟର ଦେଶୀ ମହୁଲି ମଦ ଜବତ କରିବା ସହ ୫ହଜାର ଲିଟର ପୋଚ ଜବତ କରି ନଷ୍ଟ କରାଯାଇଛି। ଅଭିଯୁକ୍ତମାନେ ଖବର ପାଇ ଜଙ୍ଗଲ ଅଞ୍ଚଳର ସୁଯୋଗ ନେଇ ଫେରାର୍ ହୋଇଯିବାରେ ସକ୍ଷମ ହୋଇଥିଲେ। ଅବକାରୀ ବିଭାଗ ଓ ବାଣପୁର ପୁଲିସ ସମୁଦାୟ ୧୪୨୦ ଲିଟର ଦେଶୀ ମହୁଲି ମଦ ସହ ୧୮୦ ବୋତଲ ଜିଞ୍ଜର ସ୍ପିରିଟ୍ ଜବତ କରି ଏ ସଂକ୍ରାନ୍ତରେ ବିଭାଗ ପକ୍ଷରୁ ୮୬/୨୫ରେ ଏକ ମାମଲା ରୁଜୁ କରି ଅଭିଯୁକ୍ତ ଶ୍ରୀଧରକୁ ବୁଧବାର କୋର୍ଟ ଚାଲାଣ କରିବେ ବୋଲି ସୂଚନା ମିଳିଛି। ଉକ୍ତ ଚଢ଼ଉରେ ବାଣପୁର ଥାନା ଅଧିକାରୀ ରମେଶ କୁମାର ଦେବତାଙ୍କ ସହ ବାଲୁଗାଁ ଅବକାରୀ ଏସ୍‌ଆଇ ମୀନକେତନ ମାହାଲିକ, ରାମଚନ୍ଦ୍ର ଜେନା, ମନୋଜ କୁମାର ଜୟସିଂ, ରଞ୍ଜିତ ପଟେଲ, ସୁନିତା ମହାରଣା, ସସ୍ମିତା ସେଠୀ ଓ ସ୍ୱପ୍ନାରାଣୀ ବେହେରା ପ୍ରମୁଖଙ୍କ ସମେତ ଅବକାରୀ ବିଭାଗ କର୍ମଚାରୀ ସାମିଲ ଥିଲେ।

## ଶ୍ରୀବ୍ୟାସ-ଗୁରୁପୂର୍ଣ୍ଣିମା ଆଲୋଚନାଚକ୍ର



ଖୋର୍ଦ୍ଧା,୧୫ା୭ (ସମିସ): ଗୁରୁବାର ଶ୍ରୀଚୈତନ୍ୟ ରିସର୍ଚ୍ଚ ଆସୋସିଏସନ୍ ତରଫରୁ ଚୈତନ୍ୟ ବିହାର ପରିସରରେ ସମସ୍ତଙ୍କର ମୂଳ ଗୁରୁ ବ୍ୟାସଦେବଙ୍କ ଜନ୍ମ ଉତ୍ସବ ଗୁରୁ ପୂର୍ଣ୍ଣିମା ଓ ସନାତନ ଗୋସ୍ୱାମୀଙ୍କ ତିରୋଭାବ ପାଳନ ଅବସରରେ ଶ୍ରୀକୃଷ୍ଣଙ୍କଠାରୁ ଆରମ୍ଭ କରି ବର୍ତ୍ତମାନ ଗୁରୁଙ୍କ ପର୍ଯ୍ୟନ୍ତ ଆଲେଖ୍ୟରେ ପୂଜା ଆଳତି କରାଯାଇ ପୁଷ୍ପାଞ୍ଜଳି ପ୍ରଦାନ କରାଯାଇଥିଲା। ପଣ୍ଡିତ ଗୋପବନ୍ଧୁ ପଣ୍ଡା ଓ ଜାନକୀ ବଲ୍ଲଭ ପଟ୍ଟନାୟକ ବ୍ୟାସଦେବଙ୍କ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଏଥିରେ ବୋଧାୟନ ମହାରାଜ, ବ୍ରଜ ବାବା, ଅନନ୍ତ ହରି ବାବା, ଜଗଦୀଶ ପ୍ରସାଦ ପଟ୍ଟନାୟକ, ବନ୍ଦିତା ପଟ୍ଟନାୟକ, କାଦମ୍ବିନୀ ସାମନ୍ତରାୟ, ଶକ୍ତି ରଞ୍ଜନ ମତଗଜ, ପ୍ରଭୁପଦ ପଟ୍ଟନାୟକ, ଯୋଗେଶ୍ୱର ସିଂହ, ଗଗନ ବିହାରୀ ପୃଷ୍ଟି, ପୁଷ୍ପଲତା ସାହୁ ପ୍ରମୁଖ ଅଂଶଗ୍ରହଣ କରିଥିଲେ। ଦୁର୍ଗା ଚରଣ ନାୟକଙ୍କ ଇଂରାଜୀରେ ଅନୁଦିତ ଶ୍ରୀ ରାୟ ରାମାନନ୍ଦଙ୍କ ବୀରଚିତ ଗୌର ଜନ୍ମ "ଆଡ୍‌ଭେଣ୍ଟ ଅଫ୍ ଶ୍ରୀଗୌର ହରି' ପୁସ୍ତିକା ଉନ୍ମୋଚନ ଓ ଲୋକାର୍ପିତ ହୋଇଥିଲା।

## ମନ୍ତ୍ରୀଙ୍କ ଘୋଷଣାକୁ ବର୍ଷେ ପୂରିବ

# ମାଗଣା ମହାପ୍ରସାଦ ବଣ୍ଟନ କେବେ?

ପୁରୀ,୧୫।୭(ସମିସ): କେବେ ଭକ୍ତଙ୍କୁ ମିଳିବ ମାଗଣା ମହାପ୍ରସାଦ? ଗତବର୍ଷ ଅଗଷ୍ଟ ମାସରେ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଶ୍ରଦ୍ଧାଳୁଙ୍କୁ ମାଗଣାରେ ମହାପ୍ରସାଦ ବଣ୍ଟନ କରାଯିବ ବୋଲି ଘୋଷଣା କରିଥିଲେ। ହେଲେ ମନ୍ତ୍ରୀଙ୍କ ଘୋଷଣାକୁ ଏବେ ବର୍ଷେ ପୂରିବାକୁ ଯାଉଛି। ହେଲେ ଏଯାଏଁ ଭକ୍ତଙ୍କୁ ମାଗଣା ମହାପ୍ରସାଦ ବଣ୍ଟନ ନେଇ କିଛି ସ୍ପଷ୍ଟ ହେଲାନି। କେବେଠୁ ଏବଂ କେମିତି ଶ୍ରଦ୍ଧାଳୁ ମହାପ୍ରସାଦ ପାଇବେ, ସେନେଇ ସ୍ୱତନ୍ତ୍ର ଭାବେ ବୈଠକ ବସିନାହିଁ କିମ୍ବା ଏ ସଂକ୍ରାନ୍ତରେ କୌଣସି ଆଲୋଚନା ହୋଇନଥିବା ଜଣାପଡ଼ିଛି।



ଶ୍ରୀମନ୍ଦିରକୁ ଦୈନିକ ହଜାରହଜାର ଶ୍ରଦ୍ଧାଳୁ ଆସିଥା'ନ୍ତି। ଚତୁର୍ଦ୍ଧାବିଗ୍ରହଙ୍କୁ ଦର୍ଶନ କରିସାରିବା ପରେ ପ୍ରାୟ ପ୍ରତ୍ୟେକଙ୍କ ମହାପ୍ରଭୁଙ୍କ ମହାପ୍ରସାଦ ପାଇବାକୁ ଇଚ୍ଛା ଥାଏ। ହେଲେ ସମସ୍ତେ ଆନନ୍ଦ ବଜାରରୁ ଅବଢ଼ା କିଣି ଖାଇବାକୁ ସମର୍ଥ ହୋଇନଥା'ନ୍ତି। କିଏ ଆର୍ଥିକ ଦୃଷ୍ଟିକୋଣରୁ ତ ଆଉ କେହି ସମୟ ଅଭାବରୁ ଦର୍ଶନ ସାରି ଫେରିଯାଆନ୍ତି। ତେଣୁ ମହାପ୍ରସାଦ ପାଇବା ପାଇଁ ଆଶା ରଖିଥିବା ଶ୍ରଦ୍ଧାଳୁଙ୍କୁ ମାଗଣାରେ କଣିକାଏ ଅବଢ଼ା ଦେବା ପାଇଁ ଶ୍ରୀମନ୍ଦିର ପ୍ରଶାସନ ବ୍ୟବସ୍ଥା କରିଥିଲା। ୨୦୧୬ ମସିହା ଅକ୍ଷୟ ତୃତୀୟାରୁ ଆରମ୍ଭ ହୋଇଥିଲା ଭକ୍ତଙ୍କୁ ମାଗଣା ମହାପ୍ରସାଦ ବଣ୍ଟନ। ଶ୍ରୀମନ୍ଦିର ପ୍ରଶାସନ ଏବଂ ସୁଆର ମହାସୁଆର ନିଯୋଗ ମିଳିତ ସହଯୋଗରେ ବାଇଶି ପାହାଚରେ ଦୁଇ ବଡ଼ ଆଟିକାରେ ପ୍ରତ୍ୟହ ଏହି ମହାପ୍ରସାଦ ବଣ୍ଟନ କରାଯାଉଥିଲା। ଆନନ୍ଦ ବଜାରରୁ ଅବଢ଼ା କିଣି ନପାରିଲେ ମଧ୍ୟ ଭକ୍ତମାନେ କଣିକାଏ ଲେଖାଏଁ ମହାପ୍ରସାଦ ପାଇ ଆନନ୍ଦ ମନରେ ଫେରୁଥିଲେ। ପ୍ରାୟ ୮ ବର୍ଷ ହେବ ବନ୍ଦ ରହିଛି ଏହି ମାଗଣା ମହାପ୍ରସାଦ ବଣ୍ଟନ। ପୁଣି ଏହି ବ୍ୟବସ୍ଥା ଆରମ୍ଭ କରାଯିବ ବୋଲି ଗତବର୍ଷ ଘୋଷଣା କରିଥିଲେ ଆଇନ ମନ୍ତ୍ରୀ।

ଗତବର୍ଷ ଅଗଷ୍ଟରେ ପୁରୀରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ଯୋଗଦେବା ଅବସରରେ ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସୁଥିବା ଶ୍ରଦ୍ଧାଳୁଙ୍କୁ ମାଗଣା ମହାପ୍ରସାଦ ମିଳିବ ବୋଲି କହିଥିଲେ। ପରବର୍ତ୍ତୀ ସମୟରେ ଏହା ଉପରେ ମନ୍ତବ୍ୟ ଦେଇ ସେ କହିଥିଲେ ଯେ ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସୁଥିବା ଭକ୍ତଙ୍କୁ ମାଗଣାରେ ମହାପ୍ରସାଦ ମିଳିବ। ଶ୍ରଦ୍ଧାଳୁଙ୍କୁ ମହାପ୍ରସାଦ କୁଡୁଆ ଦେବାକୁ ଯୋଜନା କରାଯାଉଛି। ଶ୍ରୀମନ୍ଦିରକୁ ଆସୁଥିବା ଭକ୍ତଙ୍କ ସଂଖ୍ୟା ଦୃଷ୍ଟିରୁ ବର୍ଷକୁ ଏ ବାବଦରେ ୧୪ରୁ ୧୫କୋଟି ଟଙ୍କା ଖର୍ଚ୍ଚ ହେବ। ଏଥିପାଇଁ ବଦାନ୍ୟ ବ୍ୟକ୍ତିଙ୍କ ସହଯୋଗ ନିଆଯିବ। ସେମାନେ ମଧ୍ୟ ପୁଣ୍ୟ ଅର୍ଜନ କରିବେ। ଏଥିଲାଗି ଭକ୍ତ ସମାଜକୁ ଅନୁରୋଧ କରିଛୁ, ଅନେକ ଭକ୍ତ ଆସି ସହଯୋଗର ହାତ ବି ବଢ଼ାଇଛନ୍ତି। କାର୍ତ୍ତିକ ମାସ ପରେ ଏହି ପ୍ରକ୍ରିୟା ଆରମ୍ଭ କରାଯିବ ବୋଲି କହିଥିଲେ ଆଇନ ମନ୍ତ୍ରୀ। ହେଲେ ମନ୍ତ୍ରୀ କଥା ଦେଇଥିବା କାର୍ତ୍ତିକ ଯାଇ ଆଉ ଗୋଟିଏ କାର୍ତ୍ତିକ ମାସ ଆସିବାକୁ ବସିଛି। ଏପର୍ଯ୍ୟନ୍ତ ମାଗଣା ମହାପ୍ରସାଦ ବଣ୍ଟନର ରୂପରେଖ କିଛି ସ୍ପଷ୍ଟ ହୋଇନି।

ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏପର୍ଯ୍ୟନ୍ତ ଶ୍ରୀମନ୍ଦିର ପରିଚାଳନା କମିଟି ଗଠନ ହୋଇନାହିଁ। ପୁରୁଣା କମିଟିର କାର୍ଯ୍ୟକାଳ ପ୍ରାୟ ୧୦ମାସ ହେଲା ପୂରିଗଲାଣି। ନୂଆ କମିଟି କେବେ ଗଠନ କରାଯିବ ସେନେଇ କୌଣସି ସ୍ପଷ୍ଟତା ନାହିଁ। ଏଭଳି ସ୍ଥିତିରେ ମନ୍ତ୍ରୀଙ୍କ ଘୋଷଣା କେବେଠାରୁ କାର୍ଯ୍ୟକାରୀ ହେବ, ତାକୁ ନେଇ ସନ୍ଦେହ ଦେଖାଦେଇଛି। ଅନ୍ୟପକ୍ଷରେ ଶ୍ରଦ୍ଧାଳୁମାନେ ମଧ୍ୟ ଏହି ପ୍ରସଙ୍ଗକୁ ନେଇ ମନ୍ତ୍ରୀଙ୍କୁ ପ୍ରଶ୍ନ କରିଛନ୍ତି।

ଭକ୍ତ ବାବୁଲି ମହାନ୍ତି କହିଛନ୍ତି, ମନ୍ତ୍ରୀ ଯେଉଁ ଢଙ୍ଗରେ ଘୋଷଣା କରିଥିଲେ, ଏହି ବ୍ୟବସ୍ଥା ଆରମ୍ଭ କରିବାକୁ ସେହିପରି ଭାବେ ଉଦ୍ୟମ କରିନାହାନ୍ତି। କେବଳ ଘୋଷଣା କରିଦେଲେ ହେବ ନାହିଁ, ଏହା କିପରି ବାସ୍ତବତାର ରୂପ ନେବ ସେ ଦିଗରେ ପଦକ୍ଷେପ ନେବା ଦରକାର।

# ଜଙ୍ଗଲରୁ ମାଓ ଡମ୍ପ ଠାବ



ମାଲକାନଗିରି, ୧୫।୭(ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ସୁକୁମା ଜିଲ୍ଲା ପୁଲିସ୍ ଏବଂ ସିଆରପିଏଫ୍‌ର ମିଳିତ ମାଓ ଦମନ ଅଭିଯାନକୁ ପୁଣି ଏକ ସଫଳତା ମିଳିଛି। ଯବାନମାନେ ସୁକୁମା ଜିଲ୍ଲା ଜାଗରଗୁଣ୍ଡା ଥାନା ଅନ୍ତର୍ଗତ ଟେକେଗୁଡେମ ଅଞ୍ଚଳରୁ ଏକ ମାଓ ଡମ୍ପ ଠାବ କରିଛନ୍ତି। ସେଠାରୁ ୪ଟି ବନ୍ଧୁକ ମିଳିଛି। ସୁକୁମା ଜିଲ୍ଲା ଜାଗରଗୁଣ୍ଡା ଥାନା ଅନ୍ତର୍ଗତ ଟେକେଗୁଡେମ ଅଞ୍ଚଳର ପୁରସମ୍ପାରା ଜଙ୍ଗଲରେ ମାଓବାଦୀ ଉପସ୍ଥିତି ସମ୍ପର୍କରେ ସୂଚନା ମିଳିବା ପରେ ଅଞ୍ଚଳରେ ତଲାସି ଅଭିଯାନ କରଯାଇଥିଲା।

■ ମାଓବାଦୀଙ୍କ ବର୍ବର କାଣ୍ଡ

# ଗଳାକାଟି ଦୁଇ ଶିକ୍ଷକଙ୍କୁ ହତ୍ୟା



ମାଲକାନଗିରି, ୧୫।୭(ସମିସ): ସହିଦ ସପ୍ତାହ ପୂର୍ବରୁ ମାତିଛନ୍ତି ମାଓବାଦୀ। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ବିଜାପୁର ଜିଲ୍ଲାରେ ଦୁଇ ଜଣ ପାରା ଶିକ୍ଷକଙ୍କୁ ଗଳାକାଟି ହତ୍ୟା କରିଛନ୍ତି ଲାଲ୍ ବାହିନୀ। ସୂଚନାନୁଯାୟୀ, ବିଜାପୁର ଜିଲ୍ଲାର ପିଲୁର ଗାଁ ନିକଟସ୍ଥ ଜଙ୍ଗଲରେ ମାଓବାଦୀମାନେ ଜଣଙ୍କୁ ହତ୍ୟା କରିଥିବା ବେଳେ ଟେକାମେଟା ଗାଁ ନିକଟରେ ଅନ୍ୟ ଜଣଙ୍କୁ ହତ୍ୟା କରିଛନ୍ତି। ଏହି ଦୁଇ ମୃତକ ପାରା ଶିକ୍ଷକ ଭାବେ କାର୍ଯ୍ୟ କରୁଥିବା ବେଳେ ଜଣଙ୍କ ପରିଚୟ ମିଳିପାରିଛି। ପରିଚୟ ମିଳିଥିବା ମୃତକଙ୍କ ନାମ ବିନୋଦ ମାଡେ। ପୁଲିସ ଇନ୍‌ଫର୍ମର୍ ସନ୍ଦେହରେ ଦୁଇଜଣଙ୍କୁ ହତ୍ୟା କରାଯାଇଥିବା ଏକ ହାତଲେଖା ପୋଷ୍ଟରରେ ଉଲ୍ଲେଖ ରହିଛି। ଏହି ଘଟଣା ପରେ ପୁଲିସ୍ ପହଞ୍ଚି ତଦନ୍ତ ଆରମ୍ଭ କରିବା ସହ ଅଞ୍ଚଳରେ ତଲାସି ଅଭିଯାନକୁ ବଢ଼ାଇ ଦିଆଯାଇଛି।

# ମୋବାଇଲ ଟାୱାରରେ ନିଆଁ ଲଗାଇ ଦେଲେ ଲାଲ୍ ବାହିନୀ

ମାଲକାନଗିରି, ୧୫।୭(ସମିସ): ମାଲକାନଗିରି ସୀମାନ୍ତ ଛତିଶଗଡ଼ର ନାରାୟଣପୁର ଜିଲ୍ଲାରେ ପୁଣି ମାଓ ହିଂସା ଦେଖିବାକୁ ମିଳିଛି। ଜିଲ୍ଲାର ଛୋଟେଡଙ୍ଗର ଥାନା ଅନ୍ତର୍ଗତ ମାଧେନାର ଗାଁର ଏକ ମୋବାଇଲ ଟାୱାରକୁ ପୋଡ଼ି ଦେଇଛନ୍ତି ଲାଲ୍ ବାହିନୀ। ଛୋଟେଡଙ୍ଗର ଥାନାଠାରୁ ମାତ୍ର ୬ କିଲୋମିଟର ଦୂରରେ ଥିବା ମାଧେନାର ଗାଁରେ ୫୦ରୁ ୬୦ଜଣ ମାଓବାଦୀ ଆସି ନୂତନ ଭାବେ ସ୍ଥାପନ ହୋଇଥିବା ଜିଓ ଟାୱାରକୁ ନିଆଁ ଲଗାଇ ସଂପୂର୍ଣ୍ଣ ଭାବେ ଧ୍ୱଂସ କରିଛନ୍ତି। ପୁଲିସ ଘଟଣାସ୍ଥଳରେ ସର୍ଚ୍ଚ ଅପରେସନ ଆରମ୍ଭ କରିଛି। ସହିଦ ସପ୍ତାହ ପୂର୍ବରୁ ହିଂସାକାଣ୍ଡ ଘଟାଇ ମାଓବାଦୀ ମାନେ ପୁଣିଥରେ ନିଜର ସ୍ଥିତି ଜାହିର କରିଛନ୍ତି।



# ନିଖୋଜ ଯୁବତୀଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

ନବରଙ୍ଗପୁର, ୧୫।୭(ସମିସ): ନବରଙ୍ଗପୁର ଜାନକୀନଗର ଅଞ୍ଚଳରୁ ନିଖୋଜ ହୋଇଯାଇଥିବା ଜଣେ ଯୁବତୀଙ୍କ ଆଜି ଝୁଲନ୍ତା ମୃତଦେହ ଉଦ୍ଧାର ହେଇଛି। ମୃତ ଯୁବତୀଜଣଙ୍କ ହେଲେ, ସୁମନ ହରିଜନ। ଗତ ୧୧ ତାରିଖରୁ ସେ ନିଖୋଜ ଥିଲେ। ପରିବାରଲୋକେ ବହୁ ଖୋଜାଖୋଜି କରି ନିରାଶ ହେବା ପରେ ଗତକାଲି ଟାଉନ୍ ଥାନାରେ ଏତଲା ଦେଇଥିଲେ। ଆଜି ସକାଳେ ଜାନକୀନଗର ନିକଟସ୍ଥ ତୋଟାର ଏକ ଗଛରେ ତାଙ୍କର ଶବ ଝୁଲୁଥିବା କିଛି ସ୍ଥାନୀୟ ଲୋକ ଦେଖି ନବରଙ୍ଗପୁର ଆଦର୍ଶ ଥାନା ପୁଲିସକୁ ଖବର ଦେଇଥିଲେ। ପୁଲିସ ପହଞ୍ଚି ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ସାଇଣ୍ଟିଫିକ ଟିମ ସାହାଯ୍ୟରେ ତଦନ୍ତ ଆରମ୍ଭ କରିଛି। ଶବ ନିକଟରୁ ମୃତ ଯୁବତୀଙ୍କ ଫୋନକୁ ଉଦ୍ଧାର କରିଛି ପୁଲିସ। ମୁଖ୍ୟ ଚିକିତ୍ସାଳୟରେ ବ୍ୟବଚ୍ଛେଦ ପରେ ଶବକୁ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଥିବା ଥାନା ଅଧିକାରୀ ସମ୍ବିତ କୁମାର ବେହେରା ସୂଚନା ଦେଇଛନ୍ତି।

# ହୀରାକୁଦର ୨ ଗେଟ୍ ଖୋଲା

ସମ୍ବଲପୁର, ୧୫।୭(ସମିସ): ଜଳସ୍ତର କ୍ରମଶଃ ଖସିବାରୁ ହୀରାକୁଦ ଜଳଭଣ୍ଡାର କର୍ତ୍ତୃପକ୍ଷ ଏବେ ମାତ୍ର ୨ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ କରୁଛନ୍ତି। ଆଜି ଜଳଭଣ୍ଡାରରର ଜଳସ୍ତର ୬୦୭.୮୫ ଫୁଟ୍ ରହିଛି। ଗତ ୬ ତାରିଖ ଜଳଭଣ୍ଡାରର ଜଳସ୍ତର ୬୧୦ ଫୁଟ୍ ଅତିକ୍ରମ କରିଥିବାବେଳେ ଚଳିତବର୍ଷର ପ୍ରଥମ ବନ୍ୟାଜଳ ନିଷ୍କାସନ ଆରମ୍ଭ ହୋଇଥିଲା। ନିଷ୍କାସନ ସମୟରେ ୨୦ଟି ପର୍ଯ୍ୟନ୍ତ ଗେଟ୍ ଖୋଲାଯାଇଥିବା ବେଳେ ଜଳସ୍ତର ହ୍ରାସ ପାଇବାରୁ ପର୍ଯ୍ୟାୟକ୍ରମେ ଗେଟ୍‌ଗୁଡ଼ିକ ବନ୍ଦ କରିଦିଆଯାଇଛି। ଉଲ୍ଲେଖଯୋଗ୍ୟ ଯେ ହୀରାକୁଦ ନଦୀବନ୍ଧର କର୍ଭରୁଲ୍ ଅନୁଯାୟୀ ଜୁଲାଇ ୩୧ ତାରିଖ ସୁଦ୍ଧା ଜଳସ୍ତର ୬୦୫ ଫୁଟ୍ ରହିବା ଆବଶ୍ୟକ।

# ହୋଟେଲ ପଙ୍ଖାରେ ଝୁଲିପଡ଼ିଲେ ଯୁବକ

ସମ୍ବଲପୁର, ୧୫।୭ (ସମିସ): ସମ୍ବଲପୁରର ଖେତରାଜପୁର ଥାନା ଅଞ୍ଚଳରେ ଏକ ହୋଟେଲରେ ଜଣେ ଯୁବକ ପଙ୍ଖାରେ ଝୁଲି ଆତ୍ମହତ୍ୟା କରିଛନ୍ତି। ମୃତକ ହେଲେ, ଜଗତସିଂହପୁର ଜିଲ୍ଲା ପାରାଦୀପ ନିବାସୀ କୃଷ୍ଣପ୍ରସାଦ ନନ୍ଦି (୨୯)। ସୂଚନାନୁଯାୟୀ, କୃଷ୍ଣପ୍ରସାଦ ଗତ ୩ ଦିନ ହେଲା ହୋଟେଲରେ ରହୁଥିଲେ। ଆଜି ସକାଳେ ହୋଟେଲ କର୍ମଚାରୀ ତାଙ୍କ କୋଠାରିକୁ ଯାଇ କବାଟ ବାଡ଼େଇବାରୁ ସେ ଖୋଲି ନଥିଲେ। ଭିତରପଟୁ କବାଟ ବନ୍ଦ ଥିଲା। ତୁରନ୍ତ ହୋଟେଲ କର୍ତ୍ତୃପକ୍ଷ ଖେତରାଜପୁର ଥାନା ପୁଲିସକୁ ଖବର ଦେଇଥିଲେ। ପୁଲିସ୍ କବାଟ ଭାଙ୍ଗି ଦେଖିଲା ବେଳକୁ ତାଙ୍କ ଶବ ପଙ୍ଖାରେ ଝୁଲୁଥିଲା। ପୁଲିସ୍ ଶବକୁ ବ୍ୟବଚ୍ଛେଦ ପାଇ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି। ପୁଲିସ ସୂଚନାନୁଯାୟୀ, ଗତକାଲି ଦିନତମାମ ତାଙ୍କୁ ହୋଟେଲରୁ ବାହାରକୁ ବାହାରିଥିବା କେହି ଦେଖିନଥିଲେ। ଆଜି ମଧ୍ୟ ତାଙ୍କ କୋଠରି ଭିତରପଟୁ ବନ୍ଦ ରହିଥିବା ଦେଖି ହୋଟେଲ କର୍ମଚାରୀମାନେ କବାଟ ବାଡ଼େଇ ତାଙ୍କୁ ଡାକିଥିଲେ। ମାତ୍ର ଭିତରୁ କୌଣସି ଉତ୍ତର ନ ମିଳିବାରୁ କର୍ମଚାରୀମାନେ ପୁଲିସକୁ ଖବର ଦେଇଥିଲେ। ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ପୁଲିସ୍ କବାଟ ଭାଙ୍ଗିଥିଲା।

# ଆଖି ବୁଜିଲା ଅସୁସ୍ଥ ହାତୀ

ନରସିଂହପୁର,୧୫।୭(ସମିସ): ନରସିଂହପୁର ବନାଞ୍ଚଳ ଅନ୍ତର୍ଗତ ପଶ୍ଚିମାଞ୍ଚଳ ଜୟପୁର ଅନନ୍ତ ପ୍ରସାଦ ଗ୍ରାମ ନିକଟରେ ଥିବା ପଡ଼ିଆରେ ବାର୍ଦ୍ଧକ୍ୟ ଅବସ୍ଥାରେ ମୃତ୍ୟୁ ସହ ସଂଗ୍ରାମ କରୁଥିବା ହାତୀଟି ଶେଷରେ ଆଖିବୁଜିଛି। ହାତୀଟିର ବୟସ ପାଖାପାଖି ପ୍ରାୟ ୫୬ ବର୍ଷରୁ ଊର୍ଦ୍ଧ୍ୱ ହେବ ବୋଲି ବନବିଭାଗ ପକ୍ଷରୁ କୁହାଯାଇଛି। ସୋମବାର ଏହି ହାତୀଟିର ଶରୀର ଅସୁସ୍ଥ ସମ୍ପର୍କରେ ସ୍ଥାନୀୟ ରେଞ୍ଜର ପ୍ରଦୀପ କୁମାର ନାୟକ ଜାଣିବା ପରେ ଘଟଣାସ୍ଥଳରେ ପହଞ୍ଚିଥିଲେ। ସେଠାରେ ଡିଭିଜନ ପ୍ରାଣୀ ଚିକିତ୍ସକ ଡାକ୍ତର ଭାର୍ଗବ, ସ୍ଥାନୀୟ ବିଡିଓ ନିହାର ରଞ୍ଜନ ମିଶ୍ର, ପ୍ରାଣୀ ଚିକିତ୍ସକ ସୌରଭ ଦାସ, ଏସିଏଫ୍ ମନୋଜ ପାତ୍ରଙ୍କ ସହଯୋଗରେ ହାତୀଟିର ଚିକିତ୍ସା ଆରମ୍ଭ କରିଥିଲେ। ମାତ୍ର ମଙ୍ଗଳବାର ରାତି ୮ଟା ୩୦ମିନିଟରେ ହାତୀର ମୃତ୍ୟୁ ହୋଇଥିବା ପ୍ରାଣୀ ଚିକିତ୍ସକ ସୂଚନା ଦେଇଛନ୍ତି। ହେଲେ ଆଜି ରାତି ହୋଇଯାଇଥିବାରୁ ହାତୀଟିର ମୃତଦେହ ବ୍ୟବଚ୍ଛେଦ ହୋଇପାରି ନାହିଁ। ଆସନ୍ତାକାଲି ହାତୀର ଶବ ବ୍ୟବଚ୍ଛେଦ କରାଯିବ ବୋଲି ରେଞ୍ଜର ଶ୍ରୀ ନାୟକ କହିଛନ୍ତି। ମୃତ ହାତୀଟିକୁ ବନ କର୍ମଚାରୀମାନେ ଜଗି ରହିଛନ୍ତି।

# ଗର୍ଭବତୀଙ୍କୁ କାନ୍ଧରେ ବୋହି ନଦୀ ପାର କଲେ

ଛେଣ୍ଡିପଦା, ୧୫।୭ (ସମିସ): ରାସ୍ତା ସମସ୍ୟା ଯୋଗୁଁ ଆମ୍ବୁଲାନ୍ସ ଆସିପାରିଲାନି। ତେଣୁ, ଉପାୟଶୂନ୍ୟ ପରିବାରଲୋକ ଭାରରେ ଗର୍ଭବତୀଙ୍କୁ ବିପଦସଂକୁଳ ଅବସ୍ଥାରେ ଉଚ୍ଛୁଳା ନଦୀ ପାର୍ କରାଇଲେ। ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ବ୍ଲକ୍ ନୂଆଗାଁ ପଞ୍ଚାୟତ ଅଧୀନ ଭାଲିଆସର ଗ୍ରାମରେ ଆଜି ଏଭଳି ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ପରେ ଏକ ବଲେରୋରେ ମହିଳାଙ୍କୁ ବାଗଡ଼ିଆ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଛି। ସୂଚନାନୁଯାୟୀ, ଭାଲିଆସର ଗ୍ରାମର ରାଜେନ୍ଦ୍ରଙ୍କ ପତ୍ନୀ ମାମି ପ୍ରଧାନ ଗର୍ଭବତୀ ଥିଲେ। ଆଜି ତାଙ୍କର ପ୍ରସବ ଯନ୍ତ୍ରଣା ହେବାରୁ ପରିବାରଲୋକ ଆମ୍ବୁଲାନ୍ସକୁ ଯୋଗାଯୋଗ କରିଥିଲେ। କିନ୍ତୁ ରାସ୍ତା ସମସ୍ୟା ଯୋଗୁଁ ଆମ୍ବୁଲାନ୍ସ ଆସିପାରିଲା ନାହିଁ। ଏପଟେ ମାମିଙ୍କ ପ୍ରସବ ଯନ୍ତ୍ରଣା ବଢ଼ିବାରେ ଲାଗିଥିଲା। ତେଣୁ ସ୍ୱାସ୍ଥ୍ୟକେନ୍ଦ୍ରକୁ ଯିବା ପାଇଁ ବାଧକ ସାଜିଥିବା ଆଉଁଳି ନଦୀ ପାର୍ ହେବାକୁ ପରିବାରଲୋକ ମନସ୍ଥ କରିଥିଲେ। ମାମିଙ୍କୁ ଖଟିଆରେ ବସାଇ କାନ୍ଧରେ ବୋହି ବିପଦପୂର୍ଣ୍ଣ ଭାବେ ଉଚ୍ଛୁଳା ନଦୀ ପାର କରି ଆରପାଖରେ ପହଞ୍ଚିଥିଲେ। ପରେ ମାମିଙ୍କୁ ଏକ ବଲେରୋରେ ନେଇ ବାଗଡ଼ିଆ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା।



# ତୃତୀୟ ଗେଟ୍ ଖୋଲିଲା ରେଙ୍ଗାଳି

କଣିହାଁ, ୧୫।୭(ସମିସ): ଉପରମୁଣ୍ଡରେ ଲଗାଣ ବର୍ଷା ଯୋଗୁଁ ରେଙ୍ଗାଳି ଜଳଭଣ୍ଡାରରେ ବ୍ରାହ୍ମଣୀର ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି। ଜଳଭଣ୍ଡାରର ପୂର୍ଣ୍ଣ ଜଳଧାରଣ କ୍ଷମତା ୧୨୩.୫୦ ମିଟର ରହିଥିବା ବେଳେ ଆଜି ଦିନ ୧୧ଟା ସୁଦ୍ଧା ଜଳ ଭଣ୍ଡାରର ଜଳସ୍ତର ୧୨୦.୯୮ ମିଟର ପହଞ୍ଚିଥିଲା। ଫଳରେ, ଡ୍ୟାମ୍ କର୍ତ୍ତୃପକ୍ଷ ପୂର୍ବରୁ ୨ଟି ଗେଟ୍ ଖୋଲିଥିବା ବେଳେ ଆଜି ତୃତୀୟ ଗେଟ୍ (ଗେଟ୍ ନମ୍ବର ୧୦) ଖୋଲି ବନ୍ୟା ଜଳ ନିଷ୍କାସନ କରିଛନ୍ତି। ପ୍ରତି ସେକେଣ୍ଡରେ ଜଳଭଣ୍ଡାରକୁ ୫୬୪୧.୭୫ ଘନମିଟର ଜଳ ପ୍ରବେଶ କରୁଥିବା ବେଳେ ପାୱାର ହାଉସ ଓ ତିନୋଟି ଖୋଲାଯାଇଥିବା ଗେଟ୍ ମାଧ୍ୟମରେ ମୋଟ ୪୨୦୦.୦୦ ଘନମିଟର ଜଳ ପ୍ରତି ସେକେଣ୍ଡରେ ନିଷ୍କାସିତ ହେଉଛି ବୋଲି ରେଙ୍ଗାଳି ଡ୍ୟାମ କର୍ତ୍ତୃପକ୍ଷ ସୂଚନା ଦେଇଛନ୍ତି। ଅନ୍ୟପକ୍ଷରେ, ବନ୍ୟାଜଳ ନିଷ୍କାସନ ଯୋଗୁଁ ଜଳଭଣ୍ଡାର ତଳ ମୁଣ୍ଡରେ ଥିବା ଗାଁମାନଙ୍କୁ ସତର୍କ ସୂଚନା ଦିଆଯାଇଛି।



# ମୋବାଇଲ ପାଇଁ ଛାତ୍ରୀଙ୍କ ଆତ୍ମହତ୍ୟା ଉଦ୍ୟମ

ତୁରେକେଲା, ୧୫।୭(ସମିସ): ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ଥାନା ଅନ୍ତର୍ଗତ ହିଆଁଳ ଗାଁର ଜଣେ ଯୁକ୍ତ ଦୁଇ ଛାତ୍ରୀ ମୋବାଇଲ ପାଇଁ ଆତ୍ମହତ୍ୟା ଉଦ୍ୟମ କରିଛନ୍ତି। ସୂଚନାନୁସାରେ, ଛାତ୍ରୀଜଣଙ୍କ ଅନେକ ସମୟରେ ପାଠପଢ଼ା ଛାଡ଼ି ମୋବାଇଲରେ ଖେଳୁଥିବା ଯୋଗୁଁ ତାଙ୍କ ବଡ଼ଭଉଣୀ ତାଙ୍କଠାରୁ ମୋବାଇଲ ଛଡ଼ାଇ ଆଣିଥିଲେ। ଏଥିରେ ଛାତ୍ରୀଜଣଙ୍କ ରାଗି ଯାଇ ବିଷ ପିଇ ଦେଇଥିଲେ। ପରିବାରଲୋକେ ଚିକିତ୍ସା ପାଇଁ ତାଙ୍କୁ ପ୍ରଥମେ କଣ୍ଟାବାଞ୍ଜି ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ଅବସ୍ଥା ଉଦ୍‌ବେଗଜନକ ହେବାରୁ ତାଙ୍କୁ ବଲାଙ୍ଗିର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି।

# ଜମିବାଡ଼ି ବିବାଦରୁ ଭାଇକୁ ହତ୍ୟା

ଧର୍ମଗଡ଼,୧୫।୭(ସମିସ): କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ୍ କେଗାଁ ଥାନା ମହାଲିଙ୍ଗରେ ମଙ୍ଗଳବାର ସକାଳେ ଅଭାବନୀୟ ଘଟଣା ଘଟିଛି। ଜମିବାଡ଼ି ବିବାଦକୁ ନେଇ ନିଜ ଭାଇକୁ ହତ୍ୟା କରିଛି ଭାଇ। ମୃତକ ହେଲେ ଗୋକୁଳ କେତକୀ (୪୫)। ସକାଳୁ ସକାଳୁ ସେ ନିଜ ଚାଷ ଜମିକୁ ଯାଇଥିଲାବେଳେ ଏହି ଘଟଣା ଘଟିଥିଲା। ତାଙ୍କ ନିଜ ଭାଇ ଚିତ୍ରସେନ କେତକୀ ସେଠାରେ ପହଞ୍ଚି ଜମିବାଡି ବିବାଦରୁ ପିଟି ପିଟି ହତ୍ୟା କରିଥିବା ଅଭିଯୋଗ ହୋଇଛି। ଘଟଣା ପରେ ଅଭିଯୁକ୍ତ କେଗାଁ ଥାନାରେ ଆତ୍ମସମର୍ପଣ କରିଛି। ପୁଲିସ ଶବ ବ୍ୟବଚ୍ଛେଦ ପାଇଁ ଧର୍ମଗଡ଼ ଉପଖଣ୍ଡ ଚିକିତ୍ସାଳକୁ ପଠାଇଥିଲା। ଏହାସହ ସାଇଣ୍ଟିଫିକ ଟିମ୍ ଓ ସନ୍ଧାନୀ କୁକୁର ସାହାଯ୍ୟରେ ତଦନ୍ତ କରିଛି। ଏହି ହତ୍ୟା ଘଟଣାରେ ଆଉ ଜଣେ ଭାଇ ମଧ୍ୟ ସମ୍ପୃକ୍ତ ଥିବା ଚର୍ଚ୍ଚା ହେଉଛି।

## ରେଭେନ୍ସା ବିଶ୍ୱବିଦ୍ୟାଳୟ ସମାବର୍ତ୍ତନ ଉତ୍ସବ

# ଦୃଷ୍ଟିବାଧିତ ଶିକ୍ଷାବିତ୍ ବିଜୟ ରଥଙ୍କୁ ଡକ୍ଟରେଟ୍


ବ୍ରହ୍ମପୁର,୧୪।୭(ସମିସ): 'ମୂକଂ କରୋତି ବାଚାଳଂ, ପଙ୍ଗୁ ଲଂଘୟତେ ଗିରିଂ। ଯତ୍‌କୃପା ତମହଂ ବନ୍ଦେ ପରମାନନ୍ଦ ମାଧବଂ।' ସଂସ୍କୃତର ଏହି ଶ୍ଳୋକର ମହତ୍ତ୍ୱକୁ ପ୍ରତିପାଦନ କରିଛନ୍ତି ବ୍ରହ୍ମପୁରର ଦୃଷ୍ଟିହୀନ ଶିକ୍ଷାବିତ୍ ବିଜୟ କୁମାର ରଥ। ଦୃଷ୍ଟିହୀନଙ୍କ ପାଇଁ ଶିକ୍ଷାଦାନ କ୍ଷେତ୍ରରେ ବିଶେଷ ଅବାଦନ ପାଇଁ ତାଙ୍କୁ ରେଭେନ୍ସା ବିଶ୍ୱବିଦ୍ୟାଳୟର ୧୩ତମ ସମାବର୍ତ୍ତନ ଉତ୍ସବରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ସମ୍ମାନସୂଚକ ଡକ୍ଟରେଟ୍ ଉପାଧି ପ୍ରଦାନ କରିଛନ୍ତି। ଏହି ସମୟରେ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ମଧ୍ୟ ଉପସ୍ଥିତ ଥିଲେ।



ସୂଚନାନୁସାରେ, ବିଜୟ ବାବୁ ଦୃଷ୍ଟିବାଧିତ। କିନ୍ତୁ ସେ ଓଡ଼ିଶାର ଅନେକ ଦୃଷ୍ଟିବାଧିତ ଛାତ୍ରଛାତ୍ରୀଙ୍କ ପଥଦ୍ରଷ୍ଟା ସାଜିଛନ୍ତି। ନିଜ ଗୋଡ଼ରେ ଠିଆ ହେବା ପାଇଁ ଛାତ୍ର ଜୀବନରୁ ହିଁ ଜଣେ ଅଙ୍ଗୀକାରବଦ୍ଧ ମଣିଷ ପାଲଟିଛନ୍ତି। ବିଜୟବାବୁ ବିଜେବି ଓ ଖଲ୍ଲିକୋଟ କଲେଜରେ ଉଚ୍ଚ ଶିକ୍ଷା ଗ୍ରହଣ କରି ବ୍ରହ୍ମପୁରରେ ଦୃଷ୍ଟିହୀନ ବିଦ୍ୟାଳୟ ପ୍ରତିଷ୍ଠା କରିବା ପରେ ପରେ ଶିକ୍ଷକ ଭାବରେ ଯୋଗଦେଲେ। ଅଧ୍ୟାପନା ସମୟରେ ସେ ଇଂଲଣ୍ଡ ଭଳି ଅନ୍ୟାନ୍ୟ ବିଦେଶ ଭ୍ରମଣ କରିଛନ୍ତି। ଦୃଷ୍ଟିବାଧିତ ଶିକ୍ଷାଧାରା ସମ୍ପର୍କରେ ଅବଗତ ହୋଇ ଓଡ଼ିଶାରେ ସେହିଭଳି ଶିକ୍ଷାଦାନ ଢ଼ାଞ୍ଚା ଆରମ୍ଭ କରିବାକୁ ଉଦ୍ୟମ କରିଥିଲେ। ବିଶେଷକରି ଆମ୍ବପୁଅାଠାରେ ଦୃଷ୍ଟିହୀନ ବିଦ୍ୟାଳୟ ସହ ମୂକ-ବଧିର ବିଦ୍ୟାଳୟ ପ୍ରତିଷ୍ଠା କରିବାରେ ଅଗ୍ରଣୀ ଭୂମିକା ନେଇଥିଲେ। ତାଙ୍କ ଉଦ୍ୟମରେ ବ୍ରହ୍ମପୁରରେ ଓଡ଼ିଶାର ପ୍ରଥମ ବ୍ରେଲ ପ୍ରେସ୍ ୧୯୮୬ ମସିହା ନଭେମ୍ବର ୧୯ ତାରିଖରେ ପ୍ରତିଷ୍ଠା ହୋଇପାରିଥିଲା। ତାଙ୍କ ଉଦ୍ୟମରେ ଭୁବନେଶ୍ୱର ଓଡ଼ିଆ ବ୍ଲାଇଣ୍ଡ ଆସୋସିଏସନ (ଓଏବି) ପ୍ରତିଷ୍ଠା ହୋଇପାରିଛି। ଏହା ସହ ଓଡ଼ିଶା ବ୍ଲାଇଣ୍ଡ ଫାଉଣ୍ଡେସନ୍ ପ୍ରତିଷ୍ଠା କରି ସେ ଦୃଷ୍ଟିହୀନମାନଙ୍କ ଉନ୍ନତିକଳ୍ପେ ବିଭିନ୍ନ କାର୍ଯ୍ୟ ହାତକୁ ନେଇଥିବା ଜଣାପଡ଼ିଛି। ସେ ଏଭଳି ସମ୍ମାନଜନକ ଉପାଧି ପାଇବା ପରେ ତାଙ୍କୁ ବିଭିନ୍ନ ମହଲରୁ ଶୁଭେଚ୍ଛାର ସୁଅ ଛୁଟିଛି।

# ଡେବ୍ରିଗଡ଼ ଅଭୟାରଣ୍ୟରେ ବିରଳ ବଳିଆ କୁକୁର

ସମ୍ବଲପୁର,୧୫।୭(ସମିସ): ହୀରାକୁଦ ବନ୍ୟପ୍ରାଣୀ ଡିଭିଜନ୍ ଅଧୀନ ଡେବ୍ରିଗଡ଼ ଅଭୟାରଣ୍ୟରେ ବଳିଆ କୁକୁର (ୱାଇଲ୍ଡ ଡଗ୍) ଦେଖିବାକୁ ମିଳିଛି। ଗତକାଲି ଅଭୟାରଣ୍ୟରେ ଗୋଟିଏ ମାଈ ଓ ଗୋଟିଏ ଅଣ୍ଡିରା ବଳିଆ କୁକୁର ବୁଲୁଥିବା ବନ କର୍ମଚାରୀମାନେ ଠାବ କରିଛନ୍ତି। ଏହା ଏକ ବିଲୁପ୍ତପ୍ରାୟ ଏବଂ ସ୍କେଡୁଲ୍-୧ର ଅନ୍ତର୍ଭୁକ୍ତ ପ୍ରାଣୀ। ଏହି ବଳିଆ କୁକୁର ଫୋଟୋଜେନିକ୍ ବୋଲି ମଧ୍ୟ କୁହାଯାଇଥାଏ। ବହୁତ ଲୋକ ଏହାକୁ ଦେଖିବାକୁ ଭଲ ପାଆନ୍ତି। ମୁଖ୍ୟତଃ ଦକ୍ଷିଣ ଭାରତର



ଜଙ୍ଗଲଗୁଡ଼ିକରେ ଏହି ପ୍ରଜାତିର କୁକୁର ଅଧିକ ଦେଖିବାକୁ ମିଳିଥା'ନ୍ତି। ଡେବ୍ରିଗଡ଼ରେ ଏହି ପ୍ରାଣୀ ଦେଖାଯିବା ପରେ ଏହାର ସୁରକ୍ଷା ଏବଂ ବଂଶବୃଦ୍ଧିକୁ ନେଇ ବିଭିନ୍ନ ପଦକ୍ଷେପ ନିଆଯାଉଥିବା ହୀରାକୁଦ ବନ୍ୟପ୍ରାଣୀ ଡିଭିଜନ ଡିଏଫ୍‌ଓ ଅଂଶୁପ୍ରଜ୍ଞା ଦାସ ସୂଚନା ଦେଇଛନ୍ତି।

୨୦୨୩ ମସିହାରେ ଏଠାରେ ଗୋଟିଏମାତ୍ର ବଳିଆ କୁକୁର ଠାବ କରାଯାଇଥିଲା। ସାଧାରଣତଃ ବଳିଆ କୁକରମାନେ ଦଳବାନ୍ଧି ରହିଥା'ନ୍ତି। ମାତ୍ର ଅଭୟାରଣ୍ୟ ବ୍ୟାପକ ହୋଇଥିବା ବେଳେ ବହୁଦିନ ପର୍ଯ୍ୟନ୍ତ ପର୍ଯ୍ୟଟକମାନେ ଗୋଟିଏ ବଳିଆ କୁକୁର ଏକାକୀ ବିଚରଣ କରୁଥିବା ଦେଖିଥିଲେ। ବର୍ତ୍ତମାନ ଆଉ ୨ଟି ବଳିଆ କୁକର ଠାବ ହେବା ପରେ ଏହି ସଂଖ୍ୟା ୩କୁ ବୃଦ୍ଧି ପାଇଛି।

ଡେବ୍ରିଗଡ଼ ଜଙ୍ଗଲ ଛତିଶଗଡ଼ ଓ ମଧ୍ୟପ୍ରଦେଶର ଜଙ୍ଗଲ ସହ ଲାଗି ରହିଛି ତଥା ଏହା ସାତକୋଶିଆ ଓ ଶିମିଳିପାଳ ସହ ଲାଗିଛି। ଏହି ସ୍ଥାନ ମଧ୍ୟରୁ କେଉଁଠୁ ଏମାନେ ଆସିଥାଇପାରନ୍ତି। ଏମାନେ ଦଳବଦ୍ଧ ଭାବରେ ରହୁଥିବାରୁ ଏହି ସଂଖ୍ୟା ଅଧିକ ହୋଇପାରେ ବୋଲି ଡିଏଫ୍‌ଓ ସୁଶ୍ରୀ ଦାସ ଆଶାପ୍ରକାଶ କରିଛନ୍ତି। ବଳିଆ କୁକର ସାଧାରଣତଃ ମାଂସାସୀ ଓ ପରଭକ୍ଷୀ। ଡେବ୍ରିଗଡ଼ ଅଭୟାରଣ୍ୟରେ ସେମାନଙ୍କ ପାଇଁ ଖାଦ୍ୟର ଅଭାବ ନାହିଁ। ବିଭିନ୍ନ ପଶୁପକ୍ଷୀ ରହିବା ସହ ରହିବା ପାଇଁ ଏଠାକାର ଅନୁକୂଳ ପରିବେଶ ପ୍ରତି ଆକର୍ଷିତ ହୋଇ ନିକଟବର୍ତ୍ତୀ ଜଙ୍ଗଲରୁ ଏମାନେ ଏଠାକୁ ଚାଲିଆସିଥାଇପାରନ୍ତି। ଡେବ୍ରିଗଡ଼ ଅଭୟାରଣ୍ୟ ଚାରିପଟେ ପ୍ରାୟ ୨୦ଟି ଜନବସତି ଥିବା ବେଳେ ଅଭୟାରଣ୍ୟ କଡ଼ରେ ମଧ୍ୟ ବୁଲା କୁକୁର ରହିଛନ୍ତି। ଏଠାରେ ଦେଖାଦେଇଥିବା ବଳିଆ କୁକୁରଙ୍କ ସଂରକ୍ଷଣ ସକାଶେ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଉଛି। ସେମାନଙ୍କୁ ରେବିସ୍, କେନାଇଲ୍ ପାର୍ଭୋ, ଡିସଟେମ୍ପର, ପାର୍ଭୋକାଶ ଆଦି ମାରାତ୍ମକ ରୋଗ ବ୍ୟାପିବାର ସମ୍ଭାବନା ଥିବାରୁ ସୁରକ୍ଷା ଦେବା ବନ ବିଭାଗ ପାଇଁ ଏହା ଏକ ବଡ଼ ଆହ୍ୱାନ।

# ହୀରାକୁଦ ବିସ୍ଥାପିତଙ୍କୁ ପୁଣି ବିସ୍ଥାପନ ପାଇଁ ନୋଟିସ୍

ସମ୍ବଲପୁର, ୧୫।୭ (ସମିସ): ହୀରାକୁଦ ନଦୀବନ୍ଧ ସମୟରେ ବିସ୍ଥାପିତ ହୋଇ ବୁଡ଼ି ଅଞ୍ଚଳବାସୀ ଧନକଉଡ଼ା ବ୍ଲକ ତାଲବ ଓ କିଲାସମା ଗ୍ରାମ ପଞ୍ଚାୟତ ଅଞ୍ଚଳରେ ବସବାସ କରୁଥିଲେ। ଗତ ୭୦ ବର୍ଷରୁ ଊର୍ଦ୍ଧ୍ୱ ସମୟ ଧରି ସେମାନେ ଏହି ଅଞ୍ଚଳରେ ବସବାସ କରିବା ସହ ସରକାରୀ ଜମି ଚାଷ କରି ପରିବାର ପ୍ରତିପୋଷଣ କରୁଥିଲେ। ସେମାନଙ୍କ ଜମିକୁ ପର୍ଯ୍ୟଟନ ପ୍ରକଳ୍ପ ସକାଶେ ଚିହ୍ନଟ କରି ଛାଡ଼ିବା ପାଇଁ ନୋଟିସ୍ ଦିଆଯାଇଛି। ପର୍ଯ୍ୟଟନ ପ୍ରକଳ୍ପ ନିର୍ମାଣ ସକାଶେ ଇଡ୍‌କୋ ଭୁବନେଶ୍ୱରଙ୍କୁ ଜମି ହସ୍ତାନ୍ତର କରିବାକୁ ସମ୍ବଲପୁର ସଦର ତହସିଲଦାର ଗତ ଜୁନ ୩୦ ତାରିଖରେ ସର୍ବସାଧାରଣ ଇସ୍ତାହାର ଜାରି କରିଛନ୍ତି। କିଲାସମା ରାଜସ୍ୱ ଗ୍ରାମର ବୁଡ଼ିପଧାନପାଲି, ଗୁଁଡଚାମାଲ ସହିତ ତାଲବ ରାଜସ୍ୱ ପଞ୍ଚାୟତର ବଲବସପୁର ଆଦି ସ୍ଥାନରେ ଜମି ଚିହ୍ନଟ କରାଯାଇଥିବା ଜଣାପଡ଼ିଛି। ଅଞ୍ଚଳବାସୀ ଏହାକୁ ବିରୋଧ କରି ଆଜି ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଥିଲେ।



■ ଜିଲ୍ଲାପାଳଙ୍କୁ ଭେଟି ଗୁହାରି କଲେ ଅଞ୍ଚଳବାସୀ
■ ଗରିବଙ୍କ ଜମିକୁ ପୁଞ୍ଜିପତିଙ୍କ ହାତକୁ ଟେକିଦେବାକୁ ଷଡ଼ଯନ୍ତ୍ର
■ ଶେଷ ମୁହୂର୍ତ୍ତ ପର୍ଯ୍ୟନ୍ତ ଲଢ଼େଇ ଚେତାବନୀ

ଦାବିପତ୍ର ଅନୁଯାୟୀ, ରାଜସ୍ୱ ଗ୍ରାମର ସମସ୍ତ ଅଧିବାସୀ ହୀରାକୁଦ ନଦୀବନ୍ଧ ଯୋଜନା ଦ୍ୱାରା ଉଦ୍‌ବାସ୍ତୁ ହୋଇଥିଲେ। ୧୯୫୦ ଦଶକର ପ୍ରଥମାର୍ଦ୍ଧରେ ସେମାନେ ହୀରାକୁଦ ବୁଡ଼ି ଅଞ୍ଚଳରୁ ବିସ୍ଥାପିତ ହୋଇ ଆମ ରାଜସ୍ୱ ଗ୍ରାମର ହୀରାକୁଦ ଜଳଭଣ୍ଡାରର ପାଶ୍ୱର୍ବର୍ତ୍ତୀ ଅବଶିଷ୍ଟ ଇଲାକାରେ ସରକାରୀ ଜମି ଉପରେ ଦୀର୍ଘ ୭୦ ବର୍ଷରୁ ଅଧିକ ସମୟ ହେବ ବସତି ସ୍ଥାପନ ସହ ଉପଲବ୍ଧ ସରକାରୀ ଜମି ଚାଷ କରି ପୁରୁଷାନୁକ୍ରମେ ଜୀବନଜୀବିକା ନିର୍ବାହ କରୁଛନ୍ତି। ହୀରାକୁଦ ନଦୀବନ୍ଧ ଦ୍ୱାରା ବିସ୍ଥାପିତ ଗରିବ ପରିବାରର କୌଣସି ସ୍ଥାୟୀ ଥଇଥାନ କରାଯିବା ପରିବର୍ତ୍ତେ ଉକ୍ତ ପରିବାରର ପେଟପାଟଣା ପାଇଁ ନିର୍ଭରଶୀଳ ଖାତା ନଂ. ୩୨୪ର ୧୨ଟି ପ୍ଲଟର ୨୭ ଏକର ୪୪ ଡେସିମିଲ ପରିମିତ ଚାଷ ଜମିକୁ ପର୍ଯ୍ୟଟନ ପ୍ରକଳ୍ପ ନିର୍ମାଣ ସକାଶେ ଇଡ୍‌କୋ ଭୁବନେଶ୍ୱରଙ୍କୁ ହସ୍ତାନ୍ତର କରିବାକୁ ନୋଟିସ୍ ଆସିଛି। ଏହା ସରକାରଙ୍କ ଗରିବ ମାରଣ ଓ ଓ ଜନସ୍ୱାର୍ଥବିରୋଧୀ ନୀତି ବୋଲି ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ଏହି ବହୁ କୋଟି ମୂଲ୍ୟର ପର୍ଯ୍ୟଟନ ପ୍ରକଳ୍ପ ନିର୍ମାଣ ପରୋକ୍ଷରେ ସେମାନଙ୍କ ଜୀବନଜୀବିକାର ଆଧାର ଜମିକୁ ପୁଞ୍ଜିପତିଙ୍କ ହାତରେ ସମର୍ପି ଦେବାର ଏକ ଷଡ଼ଯନ୍ତ୍ର। ଏଣୁ ଜମି ତଥା ନିଜ ଜୀବନଧାରାକୁ ବଞ୍ଚେଇ ରଖିବା ପାଇଁ ଶେଷ ମୁହୂର୍ତ୍ତ ପର୍ଯ୍ୟନ୍ତ ଲଢ଼େଇ କରିବୁ ବୋଲି ଚେତାବନୀ ଦେଇଛନ୍ତି।

ହୀରାକୁଦ ନଦୀବନ୍ଧ ଯୋଜନା ଦ୍ୱାରା ବିସ୍ଥାପିତ ହୋଇଥିବା ଗରିବ ଆଦିବାସୀ ପରିବାରଗୁଡ଼ିକର କୌଣସି ସ୍ଥାୟୀ ଥଇଥାନ କରାଯିବା ପରିବର୍ତ୍ତେ ଗତ ୭୦ ବର୍ଷରୁ ଅଧିକ ସମୟ ଏବଂ କିଛି ଲୋକ ଗତ ୧୦୦ ବର୍ଷ ଧରି ତିନି ଚାରି ପିଢ଼ି ପର୍ଯ୍ୟନ୍ତ ବସବାସ ସହ ପରିବାର ପ୍ରତିପୋଷଣ କରୁଥିବା ଜମିକୁ ଇଡ୍‌କୋ ହାତକୁ ଟେକିଦିଆଯାଉଥିବା କହିଛନ୍ତି। ପର୍ଯ୍ୟଟନ ଯୋଜନା ଆଳରେ ଉଚ୍ଛେଦକୁ ଅଞ୍ଚଳବାସୀ ତୀବ୍ର ବିରୋଧ କରିଛନ୍ତି।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିପାରନ୍ତି। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବା ଭଲ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଅପ୍ରିୟ ସତ କହି ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବନି। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ରାଜନେତାଙ୍କ ପାଇଁ ଦିନଟି ଭଲ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ପୁରୁଣା ନିବେଶରୁ ଲାଭ ମିଳିବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ। ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ସମ୍ପର୍କୀୟଙ୍କ ସହଯୋଗ ମିଳିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ଆଣ୍ଠୁଗଣ୍ଠି ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଇତିହାସ

- ୧୯୨୫- ନେସନ୍ୟାଲ୍ ଜିଓଗ୍ରାଫିକ୍ ଚ୍ୟାନେଲ୍ ପ୍ରଥମ ଥର ସମୁଦ୍ର ଭିତର ଦୃଶ୍ୟର ରଙ୍ଗିନ୍ ଫଟୋ ପ୍ରକାଶ କଲା।
- ୧୯୫୧- ନେପାଳ ବ୍ରିଟେନ୍‌ଠାରୁ ସ୍ୱାଧୀନ ହେଲା।
- ୧୯୬୮ - କିମ୍ବଦନ୍ତୀ ହକି ଖେଳାଳି ଧନରାଜ ପିଲେଙ୍କ ଜନ୍ମ।
- ୨୦୦୬-ସଂଯୁକ୍ତ ରାଷ୍ଟ୍ର ସୁରକ୍ଷା ପରିଷଦରେ କୋରିଆ ଉପରେ ପ୍ରତିବନ୍ଧକ ଲଗାଇବା ପ୍ରସ୍ତାବ ପାରିତ।
- ୨୦୧୫- ବୈଜ୍ଞାନିକମାନେ ପ୍ଲୁଟୋ ଗ୍ରହର କ୍ଲୋଜଅପ୍ ଫଟୋ ଜାରି କଲେ।



# ରାସ୍ତାରେ ଗାଡ଼ିରୁ ତେଲ ସରିଲେ ଜରିମାନା

ସାଧାରଣତଃ ଦ୍ରୁତଗତିରେ ଗାଡ଼ି ଚାଳନା କିମ୍ବା ହେଲ୍‌ମେଟ୍ ନ ପିନ୍ଧି ଗାଡ଼ି ଚଲାଇଲେ, ଏଥିପାଇଁ ନିୟମ ଅନୁସାରେ ଚାଲାଣ କଟା ହୋଇଥାଏ। ହେଲେ ଗାଡ଼ିରୁ ତେଲ ସରିଗଲେ, ଜରିମାନା ଦେବାକୁ ପଡ଼ିବା କଥା ଶୁଣି ଅନେକଙ୍କୁ ଆଶ୍ଚର୍ଯ୍ୟ ଲାଗୁଥିବ। ତେବେ ଜର୍ମାନୀ ଦେଶରେ ଏପରି ଏକ ବିଚିତ୍ର ନିୟମ ରହିଛି। ଜର୍ମାନୀର ଜାତୀୟ ରାଜପଥରେ ଲୋକେ ଦ୍ରୁତ ଗତିରେ ଗାଡ଼ି ଚାଳନା କଲେ ମଧ୍ୟ ଏଥିପାଇଁ କୌଣସି ନିୟମ ନାହିଁ। କିନ୍ତୁ ମଝି ରାସ୍ତାରେ ଗାଡ଼ିରୁ ତେଲ ସରିଗଲେ ଏହାକୁ ଅପରାଧ ବୋଲି ମନାଯାଏ। ଏଥିପାଇଁ ଦଣ୍ଡ ମିଳିବା ସହ ଲୋକଙ୍କ ଠାରୁ ଜରିମାନା ଆଦାୟ କରାଯାଇଥାଏ। ଅବଶ୍ୟ ଗାଡ଼ିରୁ ତେଲ ସରିଗଲେ କାହିଁକି ସଜା ମିଳେ ସେ ନେଇ କୌଣସି ସ୍ପଷ୍ଟ କାରଣ ନାହିଁ। ସେହିପରି ଏଠାରେ ଅନେକ ଅଜବ ନିୟମ ମଧ୍ୟ ପ୍ରଚଳିତ ହୋଇଥାଏ। କେବଳ ସେତିକି ନୁହେଁ, ଏଠାରେ ଜନ୍ମଦିନ ପୂର୍ବରୁ ମଧ୍ୟ କେହି କାହାକୁ ଆଗୁଆ ଶୁଭେଚ୍ଛା ଜଣାନ୍ତି ନାହିଁ। ଏପରି କରିବାକୁ ସ୍ଥାନୀୟ ଅଞ୍ଚଳରେ ଅଶୁଭ ବୋଲି ବିବେଚନା କରାଯାଏ। ଏଠାରେ ପ୍ରଚଳିତ ନିୟମ ଅନୁଯାୟୀ, ଜନ୍ମଦିନ ହିଁ ଲୋକେ ଶୁଭେଚ୍ଛା ଜଣାଇଥାନ୍ତି। ସେହିପରି ଏଠାରେ ଲୋକମାନେ ଫୋନ୍ ଉଠାଇବା ସମୟରେ ହ୍ୟାଲୋ ନ କହି, ନିଜର ନାମ କହିଥାନ୍ତି। ତେବେ ଜର୍ମାନୀରେ ଏପରି ଅନେକ ଅଜବ ନିୟମ ରହିଛି। ଯାହାକୁ ସ୍ଥାନୀୟ ଲୋକେ ବର୍ଷ ବର୍ଷ ଧରି ପାଳନ କରି ଆସୁଛନ୍ତି।

# 'ବ୍ୟାଟଲ୍ ଅଫ୍ ଗଲୱାନ୍' ରେ ଚିତ୍ରାଙ୍ଗଦା ହେବେ ହିରୋଇନ୍



ବଲିଉଡ୍‌ର ଦବଙ୍ଗ ଖାନ୍ ସଲମାନ୍ 'ବ୍ୟାଟଲ୍ ଅଫ୍ ଗଲୱାନ୍' ସିନେମା ସମ୍ପର୍କରେ ଘୋଷଣା କରିବା ପରେ ତାଙ୍କ ପ୍ରଶଂସକମାନେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି। ଇତିମଧ୍ୟରେ ସଲମାନ୍‌ଙ୍କ ଫାଷ୍ଟ ଲୁକ୍ ମଧ୍ୟ ଜାରି ହୋଇଛି। ମୋସନ୍ ପୋଷ୍ଟରରେ ସଲମାନ୍‌ଙ୍କ ମୁହଁରେ ରକ୍ତ ଛିଟା ଲାଗିଥିବାବେଳେ ସେ ସୈନିକ ଭାବେ ଦେଖାଯାଇଛନ୍ତି। ସଲମାନ୍‌ଙ୍କର ଏହି ଲୁକ୍ ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଛି। ଅନେକ ଦିନରୁ ଫିଲ୍ମ ନିର୍ମାତା ଏହାର ନାୟିକା ସନ୍ଧାନରେ ଥିଲେ। ଚିତ୍ରାଙ୍ଗଦା ସିଂହ ଏଥିରେ ସଲମାନ୍‌ଙ୍କ ବିପକ୍ଷରେ ନାୟିକା ଭାବେ ଦେଖାଯିବେ ବୋଲି ଫାଇନାଲ ହୋଇଥିବା ଜଣାପଡ଼ିଛି। ଅବଶ୍ୟ ଏନେଇ ବିଧିବଦ୍ଧ ଭାବେ କୁହାଯାଇ ନାହିଁ। କିନ୍ତୁ ଖୁବ୍‌ଶୀଘ୍ର ଚିତ୍ରାଙ୍ଗଦାଙ୍କ ନାମ ଫିଲ୍ମ ନିର୍ମାତା ଘୋଷଣା କରିପାରନ୍ତି ବୋଲି ଚର୍ଚ୍ଚା ହେଉଛି। ଯଦି ଏଥିରେ ଚିତ୍ରାଙ୍ଗଦା ଅଭିନୟ କରୁଛନ୍ତି ତେବେ ପ୍ରଥମ ଥର ପାଇଁ ସେ ସଲମାନ୍‌ଙ୍କ ସହ ସେ ସ୍କ୍ରିନ୍ ସେୟାର୍ କରିବେ। 'ବ୍ୟାଟଲ୍ ଅଫ୍ ଗଲୱାନ୍'ରେ ୨୦୨୦ ମସିହା ଜୁନ୍ ୧୫-୧୬ ତାରିଖରେ ଲଦାଖର ଗଲୱାନ୍ ଉପତ୍ୟକାରେ ଭାରତୀୟ ଓ ଚୀନ୍ ସୈନ୍ୟଙ୍କ ମଧ୍ୟରେ ହୋଇଥିବା ଏକ ଭୟଙ୍କର ସଂଘର୍ଷକୁ ଦେଖାଯିବ। ଏହି ଅଞ୍ଚଳରେ ବନ୍ଧୁକ ବ୍ୟବହାର ନିଷିଦ୍ଧ ଥିବାରୁ ସୈନିକମାନେ ଲାଠି, ପଥର ଓ ହାତରେ ଲଢ଼ିଥିଲେ। ଏହି ଚଳଚ୍ଚିତ୍ରରେ ସଲମାନ୍ କର୍ଣ୍ଣେଲ ବିକୁମାଲ୍ଲା ସନ୍ତୋଷ ବାବୁଙ୍କ ଚରିତ୍ରରେ ଅଭିନୟ କରୁଛନ୍ତି, ଯିଏ କି ୨୦୨୦ ମସିହାରେ ଗଲୱାନ୍ ଉପତ୍ୟକାରେ ଚୀନ ସୈନ୍ୟ ସହ ସଂଘର୍ଷରେ ୧୬ ବିହାର ରେଜିମେଣ୍ଟର ନେତୃତ୍ୱ ନେଇଥିଲେ।


## କୃତ୍ରିମ ରକ୍ତ



ଠିକ୍ ସମୟରେ ରକ୍ତ ନ ମିଳିବା ଯୋଗୁଁ ଅନେକ ଲୋକଙ୍କର ମୃତ୍ୟୁ ହେବା କଥା ସମସ୍ତେ ଜାଣନ୍ତି। ତେବେ ଏହି ସମସ୍ୟାର ସମାଧାନ କରିବା ପାଇଁ ବୈଜ୍ଞାନିକମାନେ କୃତ୍ରିମ ରକ୍ତ ବିକଶିତ କରିଛନ୍ତି। ଏହା ଜରୁରିକାଳୀନ ସେବା, ଯୁଦ୍ଧକ୍ଷେତ୍ର ଏବଂ ଉପଯୁକ୍ତ ଚିକିତ୍ସା ସୁବିଧାରୁ ବଞ୍ଚିତ ଅଞ୍ଚଳଗୁଡ଼ିକରେ ରୋଗୀ ସେବା ଦିଗରେ ବୈପ୍ଳବିକ ପରିବର୍ତ୍ତନ ଆଣିପାରିବ ବୋଲି ଆଶା କରାଯାଉଛି। ଜାପାନର ନାରା ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏମିତି ଏକ କୃତ୍ରିମ ରକ୍ତ ତିଆରି କରିଛନ୍ତି, ଯାହାକୁ ଯେକୌଣସି ବ୍ଲଡ୍ ଗ୍ରୁପ୍‌ର ଲୋକଙ୍କୁ ଦିଆଯାଇପାରିବ। ତେବେ ଦାନ କରାଯାଇଥିବା ରକ୍ତ ବା ଏକ୍ସପାୟରି ରକ୍ତରୁ ହିମୋଗ୍ଲୋବିନ ବାହାର କରାଯାଏ। ଏହାପରେ ଉକ୍ତ ହିମୋଗ୍ଲୋବିନକୁ ଲିପିଡ୍ ପରସ୍ତରେ ବନ୍ଦ କରି ଛୋଟ ଛୋଟ କୋଷ ତିଆରି କରାଯାଏ। ଏହି କୋଷ ଏତେ ଛୋଟ ହୋଇଥାଏ ଯେ, ତାହା ଶରୀରର ଛୋଟ ଶିରାରେ ମଧ୍ୟ ସହଜରେ ଗତି କରିବାକୁ ସକ୍ଷମ ହୋଇଥାନ୍ତି। ତେବେ ଏହି ରକ୍ତର ଅନେକ ବିଶେଷତ୍ୱ ରହିଛି। ପ୍ରଥମତଃ ଏହାକୁ ଯେକୌଣସି ବ୍ଲଡ୍ ଗ୍ରୁପ୍ ବ୍ୟକ୍ତିବିଶେଷଙ୍କୁ ଦିଆଯାଇପାରିବ। ଦ୍ୱିତୀୟତଃ ଏହାକୁ ସଂରକ୍ଷିତ କରି ରଖିବା ପାଇଁ ଶୀତଳ ଭଣ୍ଡାରର ଆବଶ୍ୟକତା ନାହିଁ। ଏହାବାଦ୍ ଏଥିରେ କୌଣସି ପ୍ରକାର ସଂକ୍ରମଣର ଭୟ ମଧ୍ୟ ନାହିଁ। ବୈଜ୍ଞାନିକମାନେ ଏହାର ପରୀକ୍ଷା ସଫଳତାପୂର୍ବକ ମୂଷାଠାରେ କରିଛନ୍ତି। ମୂଷାର ୯୦ ପ୍ରତିଶତ ରକ୍ତକୁ କୃତ୍ରିମ ରକ୍ତରେ ରୂପାନ୍ତରିତ କରାଗଲା ଏବଂ ସେମାନଙ୍କ ରକ୍ତଚାପ ଏବଂ ଅମ୍ଳଜାନ ମାତ୍ରା ସାମାନ୍ୟ ଥିବା ଜଣାପଡ଼ିଛି। ଅବଶ୍ୟ ଖୁବ୍ ଶୀଘ୍ର ଏହା ମଣିଷଙ୍କ ଉପରେ ପରୀକ୍ଷା କରାଯିବ। ଏହା ସଫଳ ହେଲେ ୨୦୩୦ ଆଡ଼କୁ ଏହା ଚିକିତ୍ସା ସମୟରେ ବ୍ୟବହାର କରାଯାଇ ପାରିବ। ସେହିପରି ଏହି ପରୀକ୍ଷଣ ସଫଳ ରହିଲେ, ଏହି ଟେକ୍ନିକ୍ ସାରା ଦୁନିଆ ଲାଗି ଗେମ୍ ଚେଞ୍ଜର ସାବ୍ୟସ୍ତ ହେବ।

## ସମ୍ଭାବନା





# ୧୦ ବର୍ଷରେ ୪ କୋଟି ସଞ୍ଚୟ

**ଜଣେ ଭାରତୀୟ ଯୁବକଙ୍କ କାହାଣୀ ଏବେ ଚର୍ଚ୍ଚାର ପ୍ରସଙ୍ଗ ପାଲଟିଛି। ତା'ସହ ତାଙ୍କ କାହାଣୀ ଅନ୍ୟମାନଙ୍କୁ ପ୍ରେରିତ କରିଛି। ୩୪ ବର୍ଷୀୟ ଏହି ଟେକ୍ନୋଲୋଜି ଏକ୍ସପର୍ଟ ୧୦ ବର୍ଷରେ ଚାରି କୋଟି ଟଙ୍କା ସଞ୍ଚୟ କରିଛନ୍ତି। ଏ ଲାଗି ସେ କୌଣସି ଲଟେରି ଖେଳି ନାହାନ୍ତି କିମ୍ବା କାହାରି ସାହାଯ୍ୟ ନେଇ ନାହାନ୍ତି। କେବଳ ନିଜ ପରିଶ୍ରମ, ଅନୁଶାସନ ଏବଂ ଶୃଙ୍ଖଳିତ ତଥା ସରଳ ଜୀବନକୁ ଆପଣାଇ ଟଙ୍କା ସଞ୍ଚୟ କରିବାରେ ସଫଳ ହୋଇଥିବା ସେ କହିଛନ୍ତି।**


ନିଜ ଜନ୍ମଦିନରେ ସମ୍ପୃକ୍ତ ଟେକ୍ନୋଲୋଜି ଏକ୍ସପର୍ଟ ଏହି କଥା ସେୟାର୍ କରିଛନ୍ତି। ସେ ଏବେ ୩୪ ବର୍ଷ ବୟସରେ ପାଦ ଥାପିଛନ୍ତି। ଏହାସହ ତାଙ୍କ ସଞ୍ଚୟ ୪ କୋଟି ଟଙ୍କା ଅତିକ୍ରମ କରିଛି। କେବଳ ୧୦ ବର୍ଷର ଧୈର୍ଯ୍ୟ, ପରିଶ୍ରମ ଓ ଅନୁଶାସନ ଯୋଗୁଁ ଏହା ସମ୍ଭବ ହୋଇଥିବା ସେ କହନ୍ତି। ତାଙ୍କ ପିଲାଦିନ ଅଭାବ ଅନଟନରେ ବିତିଥିବା ସେ କହିଛନ୍ତି। ତାଙ୍କ ବାପା ଶ୍ରମିକ ହୋଇଥିବାରୁ ଘର ଚଳାଇବା ଆଦୌ ସହଜ ନ ଥିଲା। ସେ ସରକାରୀ ହିନ୍ଦୀ ମାଧ୍ୟମ ସ୍କୁଲରୁ ପାଠପଢ଼ିଛନ୍ତି। ତେବେ ତାଙ୍କ ବାପା ସବୁ ବେଳେ କହି ଆସୁଥିଲେ, ଯେଉଁ ଦିନ ସେ ତାଙ୍କ ପୁଅ ପାଇଁ ପରିଚିତ ହେବେ, ସେଦିନ ତାଙ୍କ ବାପା ଗର୍ବ ଅନୁଭବ କରିବେ। ଏହି କଥା ତାଙ୍କ ଜୀବନର ସବୁଠୁ ବଡ଼ ପ୍ରେରଣା ପାଲଟିଲା।

ସେହିପରି ସେ କମ୍ପ୍ୟୁଟର ସଂସ୍ପର୍ଶରେ ଆସିବାରୁ ତାଙ୍କ ଜୀବନ ବଦଳି ଥିବା କହିଛନ୍ତି। ଭୋକ କ'ଣ ସେ ବୁଝିଛନ୍ତି। ତାଙ୍କ ଭୋକ କେବଳ ପେଟର ଯନ୍ତ୍ରଣାକୁ କମ୍ କରିବା ନ ଥିଲା, ଏହି ଭୋକ ବ୍ରାଣ୍ଡେଡ ଡ୍ରେସ ପିନ୍ଧିବାର ବି ଥିଲା। ଅନ୍ୟପଟେ ୧୦ ବର୍ଷରେ କିଭଳି ସେ ୧୦ କୋଟି ଟଙ୍କା ସଞ୍ଚୟ କରିଛନ୍ତି, ସେକଥା ବି ସେ କହିଛନ୍ତି। ସେ ଜୀବନରେ ଆଗକୁ ବଢ଼ିବା ପାଇଁ ବିଭିନ୍ନ ବହି, ଇଣ୍ଟରନେଟ୍‌ର ଆଦି ସାହାରା ବି ନେଇଛନ୍ତି। ଚାକିରି ସହିତ ପାର୍ଟ ଟାଇମ୍ କାମ କଲେ। ପ୍ରତି ମାସରେ ସଞ୍ଚୟ କରିବା ସହିତ ଖର୍ଚ୍ଚରେ ନିୟନ୍ତ୍ରଣ ଆଣିଲେ। ଗାଡ଼ି କରିବାର ଇଚ୍ଛା ଥିଲା, କିନ୍ତୁ ଘର କରିବାକୁ ତରବର ନ ଥିଲେ। ଆଜି ତାଙ୍କ ପାଖରେ କାର୍ ଓ ବାଇକ୍ ଅଛି। ହେଲେ ନିଜର ଘର ନାହିଁ। ସେ କହନ୍ତି, ତାଙ୍କ ବାପା ତାଙ୍କ ପରିଶ୍ରମକୁ ନେଇ କରିବେ, ସମ୍ପତ୍ତିକୁ ନେଇ ନୁହେଁ। ସେ କହିଛନ୍ତି, ଜୀବନରେ ସଫଳ ହେବା ପାଇଁ ଇଂରାଜି ଜାଣିବା ଜରୁରି ନୁହେଁ, ନିଜ ଭିତରେ କଠିନ ପରିଶ୍ରମ ଓ ଆତ୍ମବିଶ୍ୱାସ ରହିବା ଦରକାର। ଏବେ ତାଙ୍କର ଏହି କାହାଣୀ ତାଙ୍କୁ ରିୟଲ ହିରୋର ପରିଚୟ ପ୍ରଦାନ କରିଛି।

# ବିନା ଇଣ୍ଟରନେଟ୍‌ରେ ଚାଟିଂ

ହ୍ୱାଟ୍ସଆପ୍ ତଥା ଫେସ୍‌ବୁକ୍‌ରେ ଚାଟିଂ କରିବା ପାଇଁ ଇଣ୍ଟରନେଟ୍ ଲୋଡ଼ା ପଡ଼େ। ହେଲେ ଏଣିକି ଚାଟିଂ ପାଇଁ ଆଉ ଇଣ୍ଟରନେଟ୍‌ର ଦରକାର ନାହିଁ। ଜ୍ୟାକ୍ ଡୋର୍ସିଙ୍କ ନୂଆ ମେସେଜିଂ ଆପ୍ 'ବିଟ୍‌ଚାଟ୍' ର ଏହା ହେଉଛି ବିଶେଷତ୍ୱ। ଏହି ଆପ୍ ବିନା ଇଣ୍ଟରନେଟ୍‌ରେ କାମ କରେ। ତେଣୁ ଇଣ୍ଟରନେଟ୍ ବିନା ଲୋକେ ଇନଷ୍ଟାଣ୍ଟ ମେସେଜିଂର ମଜା ନେଇପାରିବେ। ବିଟ୍‌ଚାଟ୍ ୱେବ୍‌୩ ଏବଂ ବ୍ଲକ୍ ଚେନ୍ ଟେକ୍ନୋଲୋଜି ଉପରେ ଆଧାରିତ। ଏଥିରେ ବ୍ୟବହାରକାରୀଙ୍କ ଡାଟା କୌଣସି ସେଣ୍ଟ୍ରାଲ ସର୍ଭର୍‌ରେ ରହି ନ ଥାଏ। ଏଥିରେ ଇନବିଲ୍ଟ କ୍ରିପ୍ଟୋ ୱାଲେଟ୍, ଏନକ୍ରିପଟେଡ୍ ଚାଟ୍, ଫାଇଲ ସେୟାରିଂ ଏବଂ ବିଜ୍ଞାପନ ନ ଥିବା ଭଳି ଫିଚର୍ସ ରହିଛି। ବ୍ଲୁଟୁଥ୍ ସଂଯୋଗ ଦ୍ୱାରା ଏଥିରେ ଚାଟିଂ କରିବା ସମ୍ଭବ। ଅବଶ୍ୟ ଏହା ସାଧାରଣ ଲୋକଙ୍କ ପାଇଁ ଏବେ ଲଞ୍ଚ ହୋଇ ନାହିଁ। ହେଲେ ଟେକ୍ନୋଲୋଜି ଦୁନିଆରେ ଏହାକୁ ନେଇ ଉତ୍ସାହ ଦେଖିବାକୁ ମିଳିଛି। ଏହି ଆପ୍ ୧୦୦ ମିଟର ପରିଧି ଭିତରେ ରହୁଥିବା ଡିଭାଇସ ପାଇଁ କାମ କରିବ। ଭବିଷ୍ୟତରେ ଏଥିରେ ୱାଇଫାଇ ସପୋର୍ଟ ମିଳିବା କୁହାଯାଉଛି।

# ଘରେ ବସି କରନ୍ତୁ ଚାକିରି



**ସମସ୍ତଙ୍କୁ ଚାକିରି ଜୀବନ ଭଲ ଲାଗେ। ସମୟ ସହିତ ଚାକିରିର ଚାପ ଓ ସମୟ ବ୍ୟକ୍ତିଗତ ଜୀବନକୁ ପ୍ରଭାବିତ କରିଥାଏ। ଫଳରେ ଚାକିରିରୁ ଧୀରେ ଧୀରେ ମୋହଭଙ୍ଗ ଆରମ୍ଭ ହୁଏ ଏବଂ ଅଫିସ୍ ଯିବାକୁ ଇଚ୍ଛା ହୁଏ ନାହିଁ। କିଛି ଚାକିରି ଏଭଳି ଅଛି, ଯେଉଁଥିରେ ଅଫିସ୍ ଯିବାକୁ ପଡ଼ିବ ନାହିଁ। ଘରେ ବସି କାମ କରିବା ସମ୍ଭବ।**

**କରିକୁଲମ୍ ଡିଜାଇନର:** କରିକୁଲମ୍ ଡିଜାଇନର କାମ ଘରେ ବସି କରିବା ସମ୍ଭବ। ଏହି କାମରେ କୌଣସି କୋର୍ସର ପାଠ୍ୟକ୍ରମ ଡିଜାଇନ କରିବାକୁ ହୋଇଥାଏ।

**କ୍ରିଏଟର ଆସିଷ୍ଟାଣ୍ଟ:** କ୍ରିଏଟର ଆସିଷ୍ଟାଣ୍ଟଙ୍କ କାମ ହେଉଛି ଇମେଲ ପଠାଇବା, କ୍ୟାପସନ ଲେଖିବା ଏବଂ ସୋସିଆଲ ମିଡିଆକୁ ହ୍ୟାଣ୍ଡେଲ କରିବା। ତେଣୁ ଏହି କାମ ମାଧ୍ୟମରେ ଜଣେ ଘରେ ରହି ରୋଜଗାର କରିପାରିବେ।

**କଲଚରାଲ କନସଲଟାଣ୍ଟ:** ଏହି କାମ ଖୁବ୍ ରୋମାଞ୍ଚକ ହୋଇଥାଏ। ଏହି ଚାକିରି ଅଲଗା ଅଲଗା ସ୍ଥାନର ସଂସ୍କୃତିକୁ ବୁଝିବାକୁ ବୁଝାଏ। ଏଥିରେ ପରାମର୍ଶଦାତା ଭାବେ କାମ କରିବାକୁ ହୋଇଥାଏ। ଯାହାକୁ ସହଜରେ ଅଫିସ୍ ନ ଯାଇ ଘରୁ ମଧ୍ୟ କରି ପାରିବେ।

**କମ୍ୟୁନିଟି ମ୍ୟାନେଜର:** କମ୍ୟୁନିଟି ମ୍ୟାନେଜରଙ୍କ କାମ ହେଉଛି ନେଟୱର୍କ ତିଆରି କରିବା। ଏହି ଚାକିରି ପ୍ରତ୍ୟେକ ବ୍ରାଣ୍ଡ ଲାଗି ଘରୁ ମଧ୍ୟ କରାଯାଇପାରିବ।

**କଣ୍ଟେଣ୍ଟ ରାଇଟର:** ଘରେ ବସି ପ୍ରୁଫ୍‌ରିଡର୍, ଏଡିଟର, ବ୍ଲଗର ଏବଂ କଣ୍ଟେଣ୍ଟ ରାଇଟରର କାମ କରି ରୋଜଗାର କରିପାରିବେ। ଏଥିରେ ଅଫିସ୍ ଯାଇ ସେତେ ବେଶି ଚାପ ନେବାକୁ ପଡ଼େ ନାହିଁ।

**ସୋସିଆଲ ମିଡିଆ ହ୍ୟାଣ୍ଡଲିଂ:** ଏହି କାମ ବି ଘରେ ବସି କରିବା ସହଜ। ଏହି କାମରେ ଯେକୌଣସି କମ୍ପାନିର ସୋସିଆଲ ମିଡିଆ ଆକାଉଣ୍ଟ ପରିଚାଳନା କରିବାକୁ ହୋଇଥାଏ।

# ଭଲ ନୁହେଁ ଓଭରସେୟାରିଂ



ଓଭରସେୟାରିଂର ଅର୍ଥ ହେଉଛି ନିଜର ବ୍ୟକ୍ତିଗତ କଥା ତଥା ଭାବନାକୁ ଆବଶ୍ୟକତାଠୁ ଅଧିକ ଅନ୍ୟମାନଙ୍କ ସହିତ ସେୟାର୍ କରିବା। ବିଶେଷକରି ଯେଉଁ କଥା ସେୟାର୍ କରିବା ଉଚିତ ନୁହେଁ, ସେସବୁକୁ ସେୟାର୍ କରିବା। ଏଭଳି କିଛି କୁହନ୍ତୁ ନାହିଁ, ଯାହାକୁ କହି ପରେ ଅନୁତାପ କିମ୍ବା ଅସୁରକ୍ଷିତ ମନେ କରିବେ। ସେହିପରି ଆବଶ୍ୟକତାଠୁ ଅଧିକ ସେୟାର୍ କରିବା ଦ୍ୱାରା ବ୍ୟକ୍ତିଗତ କଥା ସାମ୍ନାକୁ ଆସେ। ଏହା ଦ୍ୱାରା ବ୍ୟକ୍ତିଗତ ହୋଇ କିଛି ରହେ ନାହିଁ। ଅନ୍ୟପଟେ ସମସ୍ତେ ସବୁ କିଛି ଶୁଣିବାକୁ ଭଲପାଆନ୍ତି ନାହିଁ। ବେଳେ ବେଳେ ଅନ୍ୟମାନେ ମଧ୍ୟ ଅତିରିକ୍ତ କଥା ଶୁଣିବାରେ ଅସହଜ ଅନୁଭବ କରନ୍ତି। ଯଦ୍ୱାରା ନିଜକୁ ଲଜ୍ଜିତ ହେବା ଭଳି ଲାଗେ। ସେହିପରି କାର୍ଯ୍ୟାଳୟରେ ଆବଶ୍ୟକତାଠୁ ବେଶି ବ୍ୟକ୍ତିଗତ କଥା ଆଲୋଚନା କରିବା ବୃତ୍ତିଗତ ବ୍ୟକ୍ତିତ୍ୱ ଉପରେ ଖରାପ ପ୍ରଭାବ ପକାଏ। ଯେଉଁମାନେ ସବୁବେଳେ ବ୍ୟକ୍ତିଗତ କଥା ଆଲୋଚନା କରନ୍ତି, ସେମାନେ ବେଶି ଭରସାଯୋଗ୍ୟ ହୋଇ ନ ଥାନ୍ତି। ତା'ସହ ଏଭଳି ଲୋକ ଦୁର୍ବଳମନା ହୋଇଥାନ୍ତି ବୋଲି କୁହାଯାଏ। ପରିସ୍ଥିତି ଏମିତି ହୁଏ ଆବଶ୍ୟକତାଠୁ ବେଶି ସେୟାର୍ କରୁଥିବା ଲୋକଙ୍କ କଥାକୁ କେହି ଗମ୍ଭୀରତା ସହ ନେଇ ନ ଥାନ୍ତି। ଅନ୍ୟପଟେ ଅନଲାଇନ୍ ଓଭରସେୟାରିଂ ଦ୍ୱାରା ସାଇବରବୁଲିଂର ଶିକାର ମଧ୍ୟ ହେବାକୁ ପଡ଼ିଥାଏ। ଥରେ ଅନଲାଇନ୍‌ରେ କିଛି ସେୟାର୍ କରିବା ଦ୍ୱାରା ସେଥିରେ ଆଉ ନିୟନ୍ତ୍ରଣ ରହେ ନାହିଁ। ଫଳରେ ସେହି ତଥ୍ୟକୁ ଉପଯୋଗ କରାଯାଇ ହଇରାଣ କରାଯାଏ।

● ୨୦୨୮ ଲସ୍ ଆଞ୍ଜେଲ୍ସ ଅଲିମ୍ପିକ୍ସ

## ପୁରୁଷ ଓ ମହିଳାରେ ଭାଗନେବେ ୬ ଦଳ

ଲସ୍ ଆଞ୍ଜେଲ୍ସ, ୧୫।୭ (ଏଜେନ୍ସି): ଦୀର୍ଘ ୧୨୮ ବର୍ଷର ବ୍ୟବଧାନ ପରେ କ୍ରୀଡ଼ାର ମହାକୁମ୍ଭ ଅଲିମ୍ପିକ୍ସକୁ କ୍ରିକେଟ୍ ପ୍ରତ୍ୟାବର୍ତ୍ତନ କରିଛି। ୨୦୨୮ରେ ଆମେରିକାର ଲସ୍ ଆଞ୍ଜେଲ୍ସରେ ଆୟୋଜିତ ହେବାକୁ ଥିବା ଅଲିମ୍ପିକ୍ସର ୩୪ତମ ସଂସ୍କରଣରେ କ୍ରିକେଟ୍ ଖେଳାଯିବ। ଏଥିଲାଗି ୨୦୨୮ ଅଲିମ୍ପିକ୍ସ ଆୟୋଜକଙ୍କ ପକ୍ଷରୁ କ୍ରିକେଟ୍ କ୍ରୀଡ଼ାର କାର୍ଯ୍ୟସୂଚୀ ଘୋଷଣା କରାଯାଇଛି। ଅଲିମ୍ପିକର ଏହି ସଂସ୍କରଣ ଜୁଲାଇ ୧୪ରୁ ଆରମ୍ଭ ହେବ। କିନ୍ତୁ ଏହାର ଦୁଇଦିନ ପୂର୍ବରୁ ଅର୍ଥାତ୍ ଜୁଲାଇ ୧୨ରୁ କ୍ରିକେଟ୍ ଇଭେଣ୍ଟର ମ୍ୟାଚ୍ ଆରମ୍ଭ ହୋଇଯିବ। ଜୁଲାଇ ୨୯ରେ କ୍ରିକେଟ୍ ମ୍ୟାଚ୍ କାର୍ଯ୍ୟସୂଚୀ ଶେଷ ହେବ। ମହିଳା ବିଭାଗର ଫାଇନାଲ ଓ କାଂସ୍ୟ ପଦକ ମ୍ୟାଚ୍ ଜୁଲାଇ ୨୦ରେ ଓ ପୁରୁଷ ବିଭାଗର ଜୁଲାଇ ୨୯ରେ ଆୟୋଜିତ ହେବ ବୋଲି ଜଣାପଡ଼ିଛି।

ଟି-୨୦ ଫର୍ମାଟ୍‌ରେ ମ୍ୟାଚ୍‌ଗୁଡ଼ିକ ଖେଳାଯିବ। ଉଭୟ ପୁରୁଷ ଓ ମହିଳା ବିଭାଗରେ ବିଶ୍ୱ ମାନ୍ୟତାର ଶ୍ରେଷ୍ଠ-୬ଟି ଦଳ ଅଲିମ୍ପିକ୍ସକୁ ଯୋଗ୍ୟତା ଅର୍ଜନ କରିବେ। ପ୍ରତ୍ୟେକ ଦଳରେ ୧୫ଜଣ ହିସାବରେ ମୋଟ୍ ୧୮୦ଜଣ ପୁରୁଷ ଓ ମହିଳା କ୍ରିକେଟ୍ ଖେଳାଳି ଏହି ମେଗା ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ। କ୍ରିକେଟ୍ ମ୍ୟାଚ୍‌ଗୁଡ଼ିକ ଲସ୍ ଆଞ୍ଜେଲ୍ସଠାରୁ ୫୦ କିଲୋମିଟର ଦୂର ପୋମେନା ସହରର ଫେୟାର ଗ୍ରାଉଣ୍ଡ ଷ୍ଟାଡିୟମରେ ଖେଳାଯିବାକୁ ସ୍ଥିର ରହିଛି। ଏଠାରେ ଉଲ୍ଲେଖଯୋଗ୍ୟ, ୧୨୮ ବର୍ଷ ତଳେ ୧୯୦୦ ମସିହାରେ ପ୍ୟାରିସରେ ଆୟୋଜିତ ଅଲିମ୍ପିକ୍ସରେ କ୍ରିକେଟ୍‌କୁ ପ୍ରଥମଓ ଶେଷଥର ସାମିଲ କରାଯାଇଥିଲା। ଏଥିରେ ୨ଟି ଦଳ ଗ୍ରେଟ୍ ବ୍ରିଟେ ଓ ଫ୍ରାନ୍ସ ଅଂଶଗ୍ରହଣ କରିଥିଲେ। ଗ୍ରେଟ୍ ବିଟେନ ଏଥିରେ ସ୍ୱର୍ଣ୍ଣପଦକ ଜିତିଥିଲା।

## ଷ୍ଟୋକ୍ସ: ଗୋଟିଏ ଭେନ୍ୟୁରେ ସର୍ବାଧିକ ମ୍ୟାନ୍ ଅଫ୍ ଦି ମ୍ୟାଚ୍



ଲର୍ଡ୍ସ,୧୫।୭ (ଏଜେନ୍ସି): ଇଂଲଣ୍ଡ ବିପକ୍ଷ ତୃତୀୟ ଟେଷ୍ଟରେ ମ୍ୟାନ୍ ଅଫ୍ ଦି ମ୍ୟାଚ୍ ବିବେଚିତ ହୋଇଥିବା ଇଂଲଣ୍ଡ ଅଧିନାୟକ ଲର୍ଡ୍ସ କ୍ରିକେଟ ଗ୍ରାଉଣ୍ଡରେ ଏହି ପୁରସ୍କାର ସର୍ବାଧିକ ୪ଥର ଜିତିଛନ୍ତି। ଏହି ମ୍ୟାଚ୍‌ରେ ସେ ୭୭ ରନ୍, ୫ ୱିକେଟ ନେବା ସହ ପନ୍ତଙ୍କୁ ରନ୍‌ଆଉଟ କରିଥିଲେ। ସେହିପରି ୨୦୧୫ରେ ନ୍ୟୁଜିଲାଣ୍ଡ ବିପକ୍ଷ ଟେଷ୍ଟରେ ସେ ୧୯୩ ରନ୍ ଓ ୩ ୱିକେଟ, ୨୦୧୭ ୱେଷ୍ଟଇଣ୍ଡିଜ୍ ବିପକ୍ଷ ଟେଷ୍ଟରେ ୬୦ ରନ୍ କରିବା ସହ ୬ ୱିକେଟ, ୨୦୧୯ରେ ଅଷ୍ଟ୍ରେଲିଆ ବିପକ୍ଷ ଟେଷ୍ଟରେ ୧୨୮ ରନ୍ କରି ମ୍ୟାନ୍ ଅଫ୍ ଦି ମ୍ୟାଚ୍ ବିବେଚିତ ହୋଇଥିଲେ। ଗୋଟିଏ ଭେନ୍ୟୁରେ ସର୍ବାଧିକ ମ୍ୟାନ୍ ଅଫ୍ ଦି ମ୍ୟାଚ୍ ପୁରସ୍କାର ପାଇବାରେ ଷ୍ଟୋକ୍ସ ରେକର୍ଡ କରିଛନ୍ତି।

# ଲର୍ଡ୍ସରେ କାହିଁକି ହାରିଲା ଭାରତ

ଲର୍ଡ୍ସ,୧୫।୭ (ଏଜେନ୍ସି)

ଆଣ୍ଡରସନ-ତେନ୍ଦୁଲକର ଟ୍ରଫିର ତୃତୀୟ ମୁକାବିଲାରେ ଇଂଲଣ୍ଡ ନିକଟରୁ ୨୨ ରନ୍‌ରେ ହାରିଛି ଭାରତ। ଏତେ ଭଲ ଖେଳ, ପ୍ରଭାବୀ ପ୍ରଦର୍ଶନ ଓ ଜୋରଦାର ଲଢ଼େଇ କରିବା ପରେ ମଧ ଦଳର ପରାଜୟ ଖେଳାଳି ଓ ସମର୍ଥକଙ୍କୁ କରିଛି ନିରାଶ। ଏପରି ଅବସ୍ଥାରେ ଭାରତ କାହିଁକି ହାରିଲା ତାହାର କାରଣ ଖୋଜା ଚାଲିଛି। 'ସମସ୍ତ ବିଭାଗରେ ପ୍ରଭାବୀ ଖେଳିଥିଲେ ମଧ ଆଉ କିଛି ବାଉଣ୍ଡରୀ ମିଳିଥିଲେ ଆମେ ଏହି ମ୍ୟାଚ୍ ଜିତିପାରିଥାନ୍ତୁ' ବୋଲି କହିଛନ୍ତି ଭାରତର ଅଧିନାୟକ ଶୁବମନ ଗିଲ୍। କିନ୍ତୁ ଏହା ପରାଜୟର କାରଣ ହୋଇ ନ ପାରେ? ଇଂଲଣ୍ଡ ଦଳ ଯେପରି ଉତ୍ସାହ ନେଇ ଏହି ମ୍ୟାଚ୍ ଖେଳିଥିଲା ତାହା କ'ଣ ଭାରତୀୟଙ୍କ ପାଖରେ ଥିଲା କି? ଖେଳାଳିମାନେ ସଟ୍ ଚୟନରେ ନିୟନ୍ତ୍ରଣ ରଖିପାରିଥିଲେ କି? ସଟ୍ ଚୟନ ନିଷ୍ପତ୍ତି ନେବାରେ କିଛି ଖେଳାଳି ତ୍ରୁଟି କରି ନ ଥିଲେ କି? ଏଭଳି ଅନେକ ପ୍ରଶ୍ନର ଉତ୍ତର ପାଇଲେ ଭାରତୀୟ ଦଳର ନାଟକୀୟ ପରାଜୟର କାରଣ ସହଜରେ ମିଳିଯିବ। ଏଠାରେ ଭାରତ ହାରିଯାଇଥିଲେ ମଧ ଖେଳାଳିମାନେ ସିରିଜ୍‌ରେ ପାଇଥିବା ଆତ୍ମବିଶ୍ୱାସରୁ ନିଶ୍ଚିତ ଲଢ଼ୁଆ ଖେଳିବେ ବୋଲି ଆଶା କରାଯାଉଛି। ଏବେ ଇଂଲଣ୍ଡ ଟେଷ୍ଟ ସିରିଜ୍‌ରେ ୨-୧ରେ ଆଗୁଆ ରହିଛି। ଜୁଲାଇ ୨୩ରୁ ଚତୁର୍ଥ ଟେଷ୍ଟ ଖେଳାଯିବ। ପ୍ରଥମ ଓ ତୃତୀୟ ଟେଷ୍ଟରେ ଭାରତ ହାରିଥିଲେ ମଧ ମ୍ୟାଚ୍ ପ୍ରତିଦ୍ୱନ୍ଦ୍ୱିତାମୂଳକ ହୋଇଥିଲା। କିନ୍ତୁ ଏହି ମ୍ୟାଚ୍ ଦୁଇଟିରେ ଖେଳାଳିଙ୍କ ନିକଟରେ କିଛି ତ୍ରୁଟି ରହିବାରୁ ଭାରତ ଅଳ୍ପକେ ମ୍ୟାଚ୍ ହାରିଯାଇଥିଲା।

ଭାରତୀୟ ଦଳର କିଛି ଖେଳାଳିଙ୍କ ପ୍ରଦର୍ଶନକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି। ଦ୍ୱିତୀୟ ଇନିଂସରେ କରୁନ ନାୟାର ବଲ ଖେଳିବାକୁ ନ ଯାଇ ଏଲ୍‌ବିଡବ୍ଲ୍ୟୁ ହେବା, ଶୁବମନ ଗିଲ୍ ଅଯଥାରେ ବିବାଦ ସୃଷ୍ଟିକରିବା, ଇଂଲଣ୍ଡ ଖେଳାଳିଙ୍କୁ ସ୍ଲେଜିଂ କରିବାକୁ ଉତ୍ସାହିତ କରିବା ଆଦି ଘଟଣା ଭାରତ ସପକ୍ଷରେ ଯାଇନାହିଁ। ଅନ୍ୟପକ୍ଷରେ କହିବାକୁ ଗଲେ, ଭାରତୀୟ ମାନେ ଅଧିକ ଆକ୍ରମଣାତ୍ମକ ଖେଳ ପ୍ରଦର୍ଶନ କରିବାକୁ ଯାଇ ଗୋଟିକ ପରେ ଗୋଟିଏ ତ୍ରୁଟି କରିଛନ୍ତି। ଏଣୁ ଇଂଲଣ୍ଡ ରଚନା କରିଥିବା ଚକ୍ରବ୍ୟୁହରେ ଭାରତ ଫସିଯାଇଛି। ଏକଦା ଭାରତ ଦ୍ୱିତୀୟ ଇନିଂସରେ ୮୨ ରନ୍‌ରେ ୭ମ ଓ ୧୧୨ ରନ୍‌ରେ ୮ମ ୱିକେଟ ହରାଇବା ପରେ ରବୀନ୍ଦ୍ର ଜାଡେଜାଙ୍କ ସହ ବ୍ୟାଟିଂ କରିବାକୁ ଆସିଥିଲେ ଯଶପ୍ରୀତ୍ ବୁମ୍‌ରା। ସେ ଅତ୍ୟନ୍ତ ସତର୍କତାର ସହ ଖେଳି ଇଂଲଣ୍ଡକୁ ନିରାଶ କରିବା ସହ ଭାରତୀୟ ଶିବିରରେ ବିଜୟ ଆଶା ସଞ୍ଚାର କରିଥିଲେ। ବୁମ୍‌ରାଙ୍କୁ ଆଉଟ କରିବାକୁ ଇଂଲଣ୍ଡ ଅଧିନାୟକ ବେନ୍ ଷ୍ଟୋକ୍ସ ଚକ୍ରବ୍ୟୁହ ରଚନା କରିଥିଲେ। ସର୍ଟପିଚ୍ ବଲ୍‌କୁ ଛାଡି ବୁମ୍‌ରା ପ୍ରାୟ ଅନ୍ୟ ସଟ୍ ଖେଳିବାକୁ ଚେଷ୍ଟା କରି ନଥିଲେ। ରୁଟ୍‌ଙ୍କ ସହ ଦୀର୍ଘ ସମୟ ଆଲୋଚନା କରିବା ପରେ ତାଙ୍କୁ କେବଳ ସର୍ଟପିଚ୍ ବଲ ପକାଇଥିଲେ ଷ୍ଟୋକ୍ସ। ଏହା ଫଳରେ ବୁମ୍‌ରା ସଟ୍ ମାରିବାକୁ ଯାଇ କ୍ୟାଚ୍ ଆଉଟ ହୋଇଥିଲେ। ଇଂଲଣ୍ଡ ତାହାର ଯୋଜନାରେ ସଫଳ ହୋଇଥିଲା। ବୁମ୍‌ରାଙ୍କ ସ୍ଥାନରେ ଖେଳିବାକୁ ଆସିଥିବା ସିରାଜ ଯେତେ ଭଲ ଖେଳିଥିଲେ ମଧ ସେ କିଛି ନା କିଛି ତ୍ରୁଟି କରିବେ ବୋଲି ଆଶଙ୍କା ରହିଥିଲା। କିନ୍ତୁ ସେ ବିଶେଷ କିଛି ତ୍ରୁଟି କରି ନ ଥିଲେ। ସ୍ପିନର ସୋଏବ ବସିରଙ୍କ ଏକ ବଲ୍‌କୁ ରକ୍ଷଣାତ୍ମକ ଭାବେ ଖେଳିଥିଲେ ମଧ ତାହା ଦୁର୍ଭାଗ୍ୟଜନକ ଭାବେ ସିରାଜଙ୍କ ଗୋଡଭିତରେ ଯାଇ ଲେଗ୍ ଷ୍ଟମ୍ପ୍ ଭାଙ୍ଗିଦେଇଥିଲା। ଏହି ଷ୍ଟମ୍ପ୍ ଭାଙ୍ଗିବା ସହ ଇଂଲଣ୍ଡ ନାଟକୀୟ ବିଜୟ ହାସଲ କରିଥିଲା।



ଋଷଭ ପନ୍ତଙ୍କ ରନ୍‌ଆଉଟ୍

ଏସବୁ ବ୍ୟତୀତ ଭାରତର ହାରିବାରେ ଦୁଇଟି ବଡ଼ କାରଣ ରହିଛି। ଏହା ମଧ୍ୟରୁ ପ୍ରଥମଟି ହେଉଛି ମ୍ୟାଚ୍‌ର ଦ୍ୱିତୀୟ ଦିନ ସକାଳେ ଇଂଲଣ୍ଡ ପ୍ରଥମ ଇନିଂସରେ ବଲ ପରିବର୍ତ୍ତନ। ଏହି ସମୟରେ ବୁମ୍‌ରା ଘାତକ ବୋଲିଂ କରି ୩ ଜଣଙ୍କୁ ଆଉଟ କରିଥିଲେ। ଫଳରେ ଇଂଲଣ୍ଡ ୪ ୱିକେଟରେ ୨୬୦ରୁ ୭ ୱିକେଟରେ ୨୭୧ ରନ୍‌ରେ ପହଞ୍ଚିଥିଲା। କିନ୍ତୁ ବଲ ପରିବର୍ତ୍ତନ ହେବା ଫଳରେ ବ୍ରାଇଡନ କାର୍ସଙ୍କ ନେତୃତ୍ୱରେ ଇଂଲଣ୍ଡର ନିମ୍ନଭାଗ ଭଲ ବ୍ୟାଟିଂ କରି ଦଳୀୟ ସ୍କୋରକୁ ୩୮୭ରେ ପହଞ୍ଚାଇଥିଲେ। ଏହି ବଲ ପରିବର୍ତ୍ତନରେ ଆଦୌ ଖୁସି ନ ଥିଲେ ଭାରତୀୟ ଦଳର ଖେଳାଳିମାନେ।

ଦ୍ୱିତୀୟଟି କାରଣଟି ହେଲା ଋଷଭ ପନ୍ତଙ୍କ ରନ୍‌ଆଉଟ। ଭାରତର ପ୍ରଥମ ଇନିଂସରେ ରାହୁଲ ଓ ପନ୍ତ୍ ଦମ୍‌ଦାର ବ୍ୟାଟିଂ କରି ଇଂଲଣ୍ଡକୁ ବ୍ୟାକ୍‌ଫୁଟ୍‌କୁ ଠେଲିଦେଇଥିଲେ। ଲଞ୍ଚ ପୂର୍ବରୁ ପନ୍ତ୍ ଏକ କଷ୍ଟସାଧ ବା ବିପଜ୍ଜନକ ରନ୍ ନେବାକୁ ଚେଷ୍ଟା କରିଥିଲେ। ଏହାର ଫାଇଦା ମିଳିଥିଲା ଇଂଲଣ୍ଡକୁ। ଏହି ସମୟରେ ବୋଲିଂ କରୁଥିବା ଷ୍ଟୋକ୍ସଙ୍କ ଡାଇରେକ୍ଟ ଥ୍ରୋ'ରେ ରନ୍‌ଆଉଟ ହୋଇଥିଲେ ପନ୍ତ୍। ପନ୍ତ୍‌ଙ୍କ ଆଉଟ ସହ ସବୁକିଛି ବଦଳିଯାଇଥିଲା।

ଖେଳ ହେଉ ଅବା ଅନ୍ୟକିଛି ଘଟଣାରେ ତ୍ରୁଟି ରହିବା ସ୍ୱାଭାବିକ୍। କିନ୍ତୁ ଏହାକୁ ସୁଧାରିବାରେ ଶ୍ରେଷ୍ଠ ଖେଳାଳିମାନେ ସମର୍ଥ ହୋଇଥାନ୍ତି। ଏବେ ଭ୍ରମଣକାରୀ ଭାରତୀୟ ଦଳ ନିଜର ତ୍ରୁଟି ସୁଧାରିପାରିଲେ ପରବର୍ତ୍ତୀ ମୁକାବିଲାରେ ସଫଳ ହୋଇପାରିବ।

## ଜାପାନ ଓପନ୍: ଆରମ୍ଭରୁ ଋତୁପର୍ଣ୍ଣା-ଶ୍ୱେତପର୍ଣ୍ଣା ବିଦା

ଭୁବନେଶ୍ୱର, ୧୫।୭ (ସମିସ): ଟୋକିଓରେ ମଙ୍ଗଳବାରଠାରୁ ଆରମ୍ଭ ହୋଇଥିବା ଜାପାନ ଓପନ୍ ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତାରେ ଓଡ଼ିଶାର ପଣ୍ଡା ଭଗିନୀ ଋତୁପର୍ଣ୍ଣା ଓ ଶ୍ୱେତପର୍ଣ୍ଣାଙ୍କୁ ନିରାଶ ହେବାକୁ ପଡ଼ିଛି। ମହିଳା ଡବଲ୍ସର ପ୍ରଥମ ରାଉଣ୍ଡରେ ଋତୁପର୍ଣ୍ଣା-ଶ୍ୱେତପର୍ଣ୍ଣା ଯୋଡ଼ି ୧୩-୨୧, ୬-୨୧ ସିଧାସଳଖ ଗେମ୍‌ରେ ଘରୋଇ ଜାପାନ ଯୋଡ଼ି କୋକୋନା ଇଶିକାୱା ଓ ମାଇକୋ କାୱଜୋଓଙ୍କ ନିକଟରୁ ପରାସ୍ତ ହୋଇଛନ୍ତି।

ଟେଷ୍ଟ କ୍ରିକେଟ୍‌ରେ ଦ୍ୱିତୀୟ ସର୍ବନିମ୍ନ ସ୍କୋର

# ୱେଷ୍ଟଇଣ୍ଡିଜ ୨୭ରେ ଅଲ୍‌ଆଉଟ୍

କିଙ୍ଗସଟନ୍, ୧୫।୭ (ଏଜେନ୍ସି): ଭ୍ରମଣକାରୀ ଅଷ୍ଟ୍ରେଲିଆ ବିପକ୍ଷରେ ସ୍ଥାନୀୟ ସାବିନା ପାର୍କରେ ଚାଲିଥିବା ଅନ୍ତିମ ତଥା ତୃତୀୟ ଟେଷ୍ଟରେ ୨୦୪ ରନର ଲକ୍ଷ୍ୟକୁ ପିଛା କରିଥିବା ୱେଷ୍ଟଇଣ୍ଡିଜ ଅତ୍ୟନ୍ତ ଦୟନୀୟ ପ୍ରଦର୍ଶନ କରି ମାତ୍ର ୨୭ ରନରେ ଅଲ୍‌ଆଉଟ୍ ହୋଇଛି। ବାମହାତୀ ଦ୍ରୁତ ବୋଲର ମିଚେଲ ଷ୍ଟାର୍କଙ୍କ ରେକର୍ଡ ୬ ୱିକେଟ୍ ସଫଳତା ଓ ସ୍କଟ୍ ବୋଲାଣ୍ଡଙ୍କ ହ୍ୟାଟ୍ରିକ ଯୋଗୁ ଅଷ୍ଟ୍ରେଲିଆ ଏହି ମ୍ୟାଚକୁ ୧୭୬ ରନରେ ଜିତିବା ସହ ଟେଷ୍ଟ ସିରିଜକୁ ୩-୦ରେ କ୍ଲିନସୁଇପ୍ କରିନେଇଛି। ପ୍ୟାଟ୍ କମିନ୍ସଙ୍କ ନେତୃତ୍ୱାଧୀନ ଅଷ୍ଟ୍ରେଲିଆ ପୂର୍ବରୁ ପ୍ରଥମ ଦୁଇ ଟେଷ୍ଟକୁ ଯଥାକ୍ରମେ ୧୫୯ ରନ ଓ ୧୩୩ ରନରେ ବିଜୟୀ ହୋଇଥିଲା।



ମିଚେଲ ଷ୍ଟାର୍କ
୭.୩-୪-୯-୬



ସ୍କଟ୍ ବୋଲାଣ୍ଡ
୨-୧-୨-୩

ପିଙ୍କ୍ ବଲ୍ ଓ ଦିବା-ରାତ୍ର ବିଶିଷ୍ଟ ଏହି ଟେଷ୍ଟରେ ଅଷ୍ଟ୍ରେଲିଆ ପ୍ରଦତ୍ତ ୨୦୪ ରନର ଲକ୍ଷ୍ୟକୁ ପିଛା କରିଥିବା ଘରୋଇ ୱେଷ୍ଟଇଣ୍ଡିଜ ତୃତୀୟ ଦିବସରେ ଦ୍ୱିତୀୟ ପାଳିରେ ମାତ୍ର ୧୪.୩ ଓଭର ଖେଳି ୨୭ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ଦଳର ୭ଜଣ ଖେଳାଳି ଖାତା ଖୋଲିପାରି ନ ଥିବାବେଳେ ଜଷ୍ଟିନ ଗ୍ରେଭସ ସର୍ବାଧିକ ୧୧ ରନ କରିଥିଲେ। ୱେଷ୍ଟଇଣ୍ଡିଜ ଅଳ୍ପକେ ଟେଷ୍ଟ ଇତିହାସର ସର୍ବନିମ୍ନ ସ୍କୋର ଭଳି ଅଲୋଡ଼ା ରେକର୍ଡରୁ ବର୍ତ୍ତିଯାଇଛି। ୧୯୫୫ରେ ଇଂଲଣ୍ଡ ବିପକ୍ଷରେ ନ୍ୟୁଜିଲାଣ୍ଡ ମାତ୍ର ୨୬ ରନରେ ଅଲ୍‌ଆଉଟ୍ ହୋଇ ଏହି ଅଲୋଡ଼ା ରେକର୍ଡର ଅଧିକାରୀ ରହିଛି। ସେହିଭଳି ଷ୍ଟାର୍କ ଟେଷ୍ଟ କ୍ରିକେଟ୍‌ରେ ସବୁଠୁ କମ୍ ବଲ୍ ପକାଇ ୫ ୱିକେଟ୍ ସଫଳତା ପାଇଛନ୍ତି। ସେ ଦ୍ୱିତୀୟ ପାଳିରେ ବୋଲିଂ କରିଥିବା ପ୍ରଥମ ୧୫ଟି ବଲରେ ୱେଷ୍ଟଇଣ୍ଡିଜର ୫ଜଣ ବ୍ୟାଟରଙ୍କୁ ଆଉଟ୍ କରିଥିଲେ। ପୂର୍ବରୁ ଏର୍ନି ତୋସହାକ (ବନାମ ଭାରତ, ୧୯୪୭), ଷ୍ଟୁଆର୍ଟ ବ୍ରଡ୍ (ବନାମ ଅଷ୍ଟ୍ରେଲିଆ ୨୦୧୫) ଓ ସ୍କଟ୍ ବୋଲାଣ୍ଡ (ବନାମ ଇଂଲଣ୍ଡ, ୨୦୨୧) ପ୍ରତ୍ୟେକ ପାଳିରେ ୧୯ଟି ବଲ୍ ପକାଇଥିବାବେଳେ ୫ ୱିକେଟ୍ ସଫଳତା ପାଇଥିଲେ। ୱେଷ୍ଟଇଣ୍ଡିଜ ୨ୟ ପାଳିର ପ୍ରଥମ ଓଭରରେ ଷ୍ଟାର୍କ ୩ଟି ୱିକେଟ ନେଇଥିଲେ। ଇର୍ଫାନ ପଠାନଙ୍କ ପରେ ସେ ବିଶ୍ୱର ୨ୟ ବୋଲର ଭାବେ ଟେଷ୍ଟ କ୍ରିକେଟରେ ପାଳିର ପ୍ରଥମ ଓଭରରେ ୩ଜଣଙ୍କୁ ଆଉଟ୍ କରିଛନ୍ତି। ଏହିକ୍ରମରେ ଷ୍ଟାର୍କ ମଧ ଟେଷ୍ଟରେ ୪୦୦ ୱିକେଟ୍ ମାଇଲଖୁଣ୍ଟ ଛୁଇଁଛନ୍ତି।

**ଟେଷ୍ଟରେ ସର୍ବନିମ୍ନ ସ୍କୋର**

| ଦଳ | ସ୍କୋର | ଓଭର | ପ୍ରତିପକ୍ଷ | ବର୍ଷ |
|---|---|---|---|---|
| ନ୍ୟୁଜିଲାଣ୍ଡ | ୨୬ | ୨୭.୦ | ଇଂଲଣ୍ଡ | ୧୯୫୫ |
| ୱେଷ୍ଟଇଣ୍ଡିଜ | ୨୭ | ୧୪.୩ | ଅଷ୍ଟ୍ରେଲିଆ | ୨୦୨୫ |
| ଦ.ଆଫ୍ରିକା | ୩୦ | ୧୮.୪ | ଇଂଲଣ୍ଡ | ୧୮୯୬ |
| ଦ.ଆଫ୍ରିକା | ୩୦ | ୧୨.୩ | ଇଂଲଣ୍ଡ | ୧୯୨୪ |
| ଦ.ଆଫ୍ରିକା | ୩୫ | ୨୨.୪ | ଇଂଲଣ୍ଡ | ୧୮୯୯ |
| ଦ.ଆଫ୍ରିକା | ୩୬ | ୨୩.୨ | ଅଷ୍ଟ୍ରେଲିଆ | ୧୯୩୨ |
| ଅଷ୍ଟ୍ରେଲିଆ | ୩୬ | ୨୩.୦ | ଇଂଲଣ୍ଡ | ୧୯୦୨ |
| ଭାରତ | ୩୬ | ୨୧.୨ | ଅଷ୍ଟ୍ରେଲିଆ | ୨୦୨୦ |
| ଆୟର୍ଲାଣ୍ଡ | ୩୮ | ୧୫.୪ | ଇଂଲଣ୍ଡ | ୨୦୧୯ |
| ନ୍ୟୁଜିଲାଣ୍ଡ | ୪୨ | ୩୯.୦ | ଅଷ୍ଟ୍ରେଲିଆ | ୧୯୪୬ |

ବି.ଦ୍ର: ୧୮୯୬ ଓ ୧୮୯୯ରେ ଦ.ଆଫ୍ରିକା ଖେଳିଥିବା ଟେଷ୍ଟରେ ଓଭରରେ ୫ଟି ବଲ୍ ବୋଲିଂ ହେଉଥିଲା।

## ଚତୁର୍ଥ ଟେଷ୍ଟ ଲାଗି ଇଂଲଣ୍ଡ ଦଳରୁ ବାଦ୍ ପଡ଼ିଲେ ବସିର୍



ଲିଆମ ଡାଓସନ

ଲର୍ଡ୍ସ,୧୫।୭ (ଏଜେନ୍ସି): ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡରେ ଜୁଲାଇ ୨୩ରୁ ଖେଳାଯିବାକୁ ଥିବା ଭାରତ ବିପକ୍ଷ ଚତୁର୍ଥ ଟେଷ୍ଟ ଲାଗି ଇଂଲଣ୍ଡ ଏକ ୧୪ଜଣିଆ ଦଳ ଘୋଷଣା କରିଛି। ପୂର୍ବରୁ ଘୋଷିତ ଦଳରରୁ ଆଙ୍ଗୁଠି ଭାଙ୍ଗିଥିବା ସ୍ପିନର ସୋଏବ ବସିର, ଜେମି ଓଭରଟନ ଓ ସାମ୍ କୁକ୍‌ଙ୍କୁ ଦଳ ବାଦ୍ ଦେଇଛି। ଏମାନଙ୍କ ସ୍ଥାନରେ କେବଳ ଜଣେ ସ୍ପିନର ବାମହାତୀ ଲିଆମ ଡାୱସନଙ୍କୁ ଦଳରେ ସାମିଲ କରାଯାଇଛି। ଜୁଲାଇ ୨୦୧୭ରେ ଦକ୍ଷିଣ ଆଫ୍ରିକା ସହ ଶେଷ ଟେଷ୍ଟ ମ୍ୟାଚ୍ ଖେଳିଥିବା ଡାୱସନ ଗତ ଦୁଇଟି କାଉଣ୍ଟି ସିଜନରେ ସେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ୩୫ ବର୍ଷୀୟ ଡାୱସନ ଏଯାଏ ୩ଟି ଟେଷ୍ଟ ଖେଳି ୭ଟି ୱିକେଟ ଅକ୍ତିଆର କରିଛନ୍ତି। ଦଳର ଦୁଇ ଫାଷ୍ଟ ବୋଲର ଓଭରଟନ ଓ କୁକ୍ ଏବେ ନିଜ ନିଜର ଟିମ୍ ପକ୍ଷରୁ କାଉଣ୍ଟି ଖେଳିବାକୁ ଛାଡି ଦିଆଯାଇଛି। ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ତୃତୀୟ ଟେଷ୍ଟ ଶେଷସୁଦ୍ଧା ଇଂଲଣ୍ଡ ୨-୧ରେ ଆଗୁଆ ରହିଛି। ସିରିଜ୍‌ର ଚତୁର୍ଥ ଟେଷ୍ଟ ଜୁଲାଇ ୨୩ରୁ ଖେଳାଯିବ। ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡରେ ଏହି ମ୍ୟାଚ୍ ଜୁଲାଇ ୨୭ ଯାଏ ଖେଳାଯିବାର କାର୍ଯ୍ୟକ୍ରମ ରହିଛି।


**ଇଂଲଣ୍ଡ ଦଳ**

ଜ୍ୟାକ୍ କ୍ରଲୀ, ବେନ୍ ଡକେଟ, ଓଲି ପୋପ୍, ଜୋ ରୁଟ୍, ହ୍ୟାରୀ ବ୍ରୁକ୍, ବେନ୍ ଷ୍ଟୋକ୍ସ (ଅଧିନାୟକ), ଜେମି ସ୍ମିଥ୍ (ୱିକେଟରକ୍ଷକ), କ୍ରିସ୍ ଓକ୍ସ, ଜୋଫ୍ରା ଆର୍ଚର, ବ୍ରାଇଡନ କାର୍ସ, ଜୋଶ ଟଙ୍ଗ୍, ଗସ୍ ଆଟକିନସନ, ଜ୍ୟାକବ ବେଥେଲ ଓ ଲିଆମ ଡାୱସନ।

ସର୍ବଭାରତୀୟ ସିନିଅର ର୍ୟାଙ୍କିଙ୍ଗ୍ ବ୍ୟାଡମିଣ୍ଟନ ଉଦ୍‌ଯାପିତ

# ମହିଳାରେ ଇଶାରାଣୀ, ପୁରୁଷରେ ଗିନ୍‌ପଲ୍ ଚାମ୍ପିଅନ

ଭୁବନେଶ୍ୱର,୧୫।୭ (ସମିସ):




କଳିଙ୍ଗ ଷ୍ଟାଡିୟମ୍‌ରେ ଅନୁଷ୍ଠିତ ନ୍ୟାସନାଲ ସିନିଅର ର୍ୟାଙ୍କିଙ୍ଗ୍ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟ ମଙ୍ଗଳବାର ଉଦ୍‌ଯାପିତ ହୋଇଯାଇଛି। ଏହି ପ୍ରତିଯୋଗିତାର ମହିଳା ଏକକରେ ଆସାମର ଇଶାରାଣୀ ବରୁଆ ଓ ପୁରୁଷ ଏକକରେ ଦିଲ୍ଲୀର ଏସ୍ ଗିନ୍‌ପଲ ଚାମ୍ପିଅନ ହୋଇଛନ୍ତି। ମଙ୍ଗଳବାର ଖେଳାଯାଇଥିବା ମହିଳା ଫାଇନାଲରେ ତୃତୀୟ ସିଡ୍ ଇଶାରାଣୀ ୨୩-୨୧, ୨୧-୧୦ରେ ଟପ୍ ସିଡ୍ ଉତ୍ତରପ୍ରଦେଶର ମାନସି ସିଂଙ୍କୁ ପରାସ୍ତ କରିଥିଲେ। ସେହିପରି ପୁରୁଷ ଫାଇନାଲରେ ଏକାଦଶ ସିଡ୍ ଦିଲ୍ଲୀର ଏସ୍ ଗିନ୍‌ପଲ ୨୧-୧୭, ୨୧-୧୬ରେ ୧୫ତମ ସିଡ୍ ମନରାଜ ସିଂଙ୍କୁ ପରାସ୍ତ କରି ଟାଇଟଲ ଜିତିଥିଲେ।

ପୂର୍ବରୁ ଖେଳାଯାଇଥିବା ମହିଳା ଯୁଗଳରେ ଦ୍ୱିତୀୟ ସିଡ୍ ତାମିଲନାଡୁର ଶ୍ରେୟା ବାଲାଜୀ ଓ ଦୀପ୍ତା ଏସ୍‌ଙ୍କ ଯୋଡି ୨୧-୧୩, ୧୮-୨୧, ୨୧-୯ରେ ଉତ୍ତରାଖଣ୍ଡର ଅନୟା ବିସ୍ତ ଓ ଆଞ୍ଜେଲ ପୁନେରାଙ୍କୁ ହରାଇ ଟାଇଟଲ ଜିତିଛନ୍ତି। ସେହିପରି ପୁରୁଷ ଯୁଗଳରେ ଉତ୍ତରାଖଣ୍ଡର ଧ୍ରୁବ ରାୱତ ଓ ଆସାମର ସୁରଜ ଗୋଆଲା, ମିଶ୍ରିତ ଯୁଗଳରେ କର୍ଣ୍ଣାଟକର ନିତୀନ ଏଚ୍‌ଭି ଓ ତାମିଲନାଡୁର ଶ୍ରୀନୀଧି ଏନ୍‌ଙ୍କ ଯୋଡି ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି।

ଭାରତୀୟ ଓ ଓଡ଼ିଶା ବ୍ୟାଡ୍‌ମିଣ୍ଟନ ସଂଘ ଏବଂ ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ଆନୁକୂଲ୍ୟରେ ଏହି ପ୍ରତିଯୋଗିତା ଜୁଲାଇ ୮ରୁ ଆରମ୍ଭ ହୋଇଥିଲା। ମଙ୍ଗଳବାର ଉଦ୍‌ଯାପନ ଉତ୍ସବରେ ରାଜ୍ୟ କ୍ରୀଡ଼ା ସଚିବ ଭାସ୍କରଜ୍ୟୋତି ଶର୍ମା, ବିଏମ୍‌ସି କମିଶନର ତଥା ରାଜ୍ୟ ବ୍ୟାଡ୍‌ମିଣ୍ଟନ ସଂଘ ସଭାପତି ରାଜେଶ ପ୍ରଭାକର ପାଟିଲ, କ୍ରୀଡ଼ା ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର, କ୍ରୀଡ଼ା ବିଭାଗ ଅତିରିକ୍ତ ସଚିବ ବିଜୟାନନ୍ଦ ନାୟକ, ରାଜ୍ୟ ବ୍ୟାଡ୍‌ମିଣ୍ଟନ ସଂଘ ସମ୍ପାଦକ ନିଲିନ କୁମାର ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ ବୋଲି ଆୟୋଜକଙ୍କ ପକ୍ଷରୁ ସୁରୁଲାଲ ମଟାରୀ ସୂଚନା ଦେଇଛନ୍ତି।

ପ୍ରଥମ ୟୁଥ୍ ଟେଷ୍ଟ

## ହମ୍‌ଜାଙ୍କ ଶତକ

ବେକେନହାମ୍, ୧୫।୭ (ଏଜେନ୍ସି): ଏଠାରେ ଚାଲିଥିବା ପ୍ରଥମ ୟୁଥ୍ (୧୯ ବର୍ଷରୁ କମ୍) ଟେଷ୍ଟ ମ୍ୟାଚରେ ଭାରତ ଘରୋଇ ଇଂଲଣ୍ଡ ସାମ୍ନାରେ ୩୫୦ ରନର ଲକ୍ଷ୍ୟ ଧାର୍ଯ୍ୟ କରିଛି। ଏହାକୁ ପିଛା କରିଥିବା ଇଂଲଣ୍ଡ ଅନ୍ତିମ ତଥା ୪ର୍ଥ ଦିବସ ଶେଷ ଖବର ସୁଦ୍ଧା ଦ୍ୱିତୀୟ ପାଳିରେ ୪୬ ଓଭରରେ ୪ ୱିକେଟ ହରାଇ ୨୨୨ ରନ ସଂଗ୍ରହ କରିଛି। ଦୁଇ ପୂର୍ବତନ ମହାନ ଖେଳାଳି ମାଇକେଲ୍ ଭନ୍ ଓ ଆଣ୍ଡ୍ରିଉ ଫ୍ଲିଣ୍ଟଫଙ୍କ ପୁଅ ଯଥାକ୍ରମେ ଆର୍ଚି ଭନ ଓ ରକି ଫ୍ଲିଣ୍ଟଫ୍ ୨ୟ ପାଳିରେ ନିରାଶ କରିଛନ୍ତି। ଓପନିଂ ଆସିଥିବା ଆର୍ଚି ମାତ୍ର ୩ ରନ କରି ଆଉଟ୍ ହୋଇଥିଲେ। ସେହିଭଳି ରକି ୧୧ ରନ କରି ପ୍ୟାଭିଲିୟନ ଫେରିଥିଲେ। ତେବେ ଅଧିନାୟକ ହମ୍‌ଜା ଶେଖ୍ ୧୩୩ ବଲରେ ୧୦୩ ରନର ଅପରାଜିତ ଶତକୀୟ ପାଳି ଖେଳି ଇଂଲଣ୍ଡ ପାଇଁ ଲଢ଼େଇ ଜାରି ରଖିଛନ୍ତି। ତାଙ୍କ ସହ ଥୋମାସ ରିଉ ୧୭ ବଲରେ ୩୯ ରନ କରି ଅପରାଜିତ ରହିଛନ୍ତି। ମ୍ୟାଚରେ ଆଉ ୧୬ ଓଭର ବାକି ଥିବାବେଳେ ଇଂଲଣ୍ଡକୁ ବିଜୟ ଲାଗି ଆଉ ୧୨୩ ରନ ଆବଶ୍ୟକ ହେଉଛି।

# ଆଜିଠୁ ୪ଟି ଜୋନରେ ସାହାଣୀ କପ୍ ଫୁଟ୍‌ବଲ୍

ଭୁବନେଶ୍ୱର, ୧୫।୭ (ସମିସ): ରାଜ୍ୟ ଫୁଟ୍‌ବଲର ଅନ୍ୟତମ ସମ୍ମାନଜନକ ପ୍ରତିଯୋଗିତା ସାହାଣୀ କପ୍‌ର ୬୪ତମ ସଂସ୍କରଣ ବୁଧବାରଠାରୁ ଆରମ୍ଭ ହେବ। ଫୁଟ୍‌ବଲ ଆସୋସିଏସନ ଅଫ୍ ଓଡ଼ିଶା (ଫାଓ) ଓ ରାଜ୍ୟ କ୍ରୀଡ଼ା ବିଭାଗର ମିଳିତ ଆନୁକୂଲ୍ୟରେ ଆୟୋଜିତ ଏହି ଟୁର୍ଣ୍ଣାମେଣ୍ଟର ଚଳିତ ସଂସ୍କରଣ ୪ଟି ଜୋନରେ ଖେଳାଯିବ। ଏଥିରେ ସମସ୍ତ ଜିଲ୍ଲା ସହ ମୋଟ୍ ୩୩ ଦଳ ଅଂଶଗ୍ରହଣ କରିବେ। କେନ୍ଦୁଝର ଜୋନ୍‌ର ଗ୍ରୁପ୍-ଏ'ରେ ସୁନ୍ଦରଗଡ଼, ସୁବର୍ଣ୍ଣପୁର, ବାଲେଶ୍ୱର ଓ ଢେଙ୍କାନାଳ ଗ୍ରୁପ୍-ବି'ରେ କେନ୍ଦୁଝର, ଯାଜପୁର, ରାଉରକେଲା ଷ୍ଟିଲ ପ୍ଲାଣ୍ଟ (ଆର୍‌ଏସ୍‌ପି) ଓ ଅନୁଗୋଳ ଦଳ ରହିଛି। ସେହିଭଳି କେନ୍ଦ୍ରାପଡ଼ା ଜୋନର ଗ୍ରୁପ୍-ଏ'ରେ କଟକ, ପାରାଦୀପ୍ ପୋର୍ଟ ଟ୍ରଷ୍ଟ, ଖୋର୍ଦ୍ଧା ଓ ପୁରୀ ଏବଂ ଗ୍ରୁପ୍-ବି'ରେ କେନ୍ଦ୍ରାପଡ଼ା, ଜଗତସିଂପୁର, ଭଦ୍ରକ ଓ ଝାରସୁଗୁଡ଼ା ସ୍ଥାନ ପାଇଛି। ବ୍ରହ୍ମପୁର ଜୋନରେ ଗଞ୍ଜାମ, ଗଜପତି, ନବରଙ୍ଗପୁର ଓ ଭୁବନେଶ୍ୱର ଗ୍ରୁପ୍-ଏ'ରେ ଏବଂ ମୟୂରଭଞ୍ଜ, କୋରାପୁଟ, ମାଲକାନଗିରି ଓ ରାୟଗଡ଼ା ଗ୍ରୁପ୍-ବି'ରେ ରହିଛନ୍ତି। ବୌଦ୍ଧ ଜୋନରେ ୯ଟି ଦଳ ରହିଛନ୍ତି। ଗ୍ରୁପ୍-ଏ'ରେ ବରଗଡ଼, କଳାହାଣ୍ଡି, ଦେଓଗଡ଼ ଓ ନୟାଗଡ଼ ଏବଂ ଗ୍ରୁପ୍-ବି'ରେ ବୌଦ୍ଧ, ନୂଆପଡ଼ା, ବଲାଙ୍ଗିର, କନ୍ଧମାଳ ଓ ସମ୍ବଲପୁର ସ୍ଥାନ ପାଇଛି। ବ୍ରହ୍ମପୁର ଓ କେନ୍ଦ୍ରାପଡ଼ା ଜୋନରେ ଦୁଇଟି ଯାକ ସେମିଫାଇନାଲ ଖେଳାଯିବ। ସେହିଭଳି ଦୁଇ ମ୍ୟାଚ୍‌ବିଶିଷ୍ଟ ଫାଇନାଲ ବୌଦ୍ଧ ଓ କେନ୍ଦୁଝର ଜୋନରେ ଆୟୋଜିତ ହେବ। ଶେଷରେ ଏଗ୍ରିଗେଟ୍ ସ୍କୋର ଭିତ୍ତିରେ ଫାଓ ପକ୍ଷରୁ ଚାମ୍ପିଅନ ଦଳକୁ ଏକ ଲକ୍ଷ ଓ ରନର୍ସଅପ୍ ଦଳକୁ ୫୦ ହଜାର ଟଙ୍କା ପ୍ରଦାନ କରାଯିବ। ଏହି ଟୁର୍ଣ୍ଣାମେଣ୍ଟରେ ୫୦ ରେଫରି ମ୍ୟାଚ୍ ପରିଚାଳନାରେ ସହଯୋଗ କରିବେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS